

‘ଏକ ଚତୁର ନାର୍’ରେ ଦିବ୍ୟା
▶ପୃଷ୍ଠା ୨ ଦେଖନ୍ତୁ...

RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

ସକାଳ
THE SAKALA
PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-55 ◆TUESDAY ◆19 AUGUST 2025 ◆PAGE-12 ◆₹ 6.00 | BHUBANESWAR | ◆ବର୍ଷ-୪୩ ◆ସଂଖ୍ୟା-୫୫ ◆ମଙ୍ଗଳବାର ◆୧୯ ଅଗଷ୍ଟ ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦

# ରେଳ ଧାରଣାରୁ ଉତ୍ପାଦନ ହେବ ବିଜୁଳି

■ **ନୂଆଦିଲ୍ଲୀ, ୧୮।୮ (ଏଜେନ୍ସି):** ଏଣିକି ରେଳ ଧାରଣାରୁ ମଧ୍ୟ ବିଦ୍ୟୁତ୍ ଉତ୍ପାଦନ ହୋଇପାରିବ। ଭାରତୀୟ ରେଳବାଇ ପକ୍ଷରୁ ବାରାଣାସୀରେ ଏକ୍ଷେତ୍ରରେ ପାଇଲଟ ପ୍ରକଳ୍ପ ଆରମ୍ଭ କରାଯାଇଛି, ଯାହା ଆଗାମୀ ଦିନରେ ଦେଶରେ ଶକ୍ତି ଉତ୍ପାଦନର ଚିତ୍ର ବଦଳାଇ ପାରିବ। ଏପର୍ଯ୍ୟନ୍ତ ଆମେ ରେଳ ଧାରଣାରେ ଟ୍ରେନ ଚାଲୁଥିବା ଦେଖିଛୁ, କିନ୍ତୁ କେବେ ଭାବିନାହୁଁ ଯେ ଏହି ଟ୍ରାକ୍‌ରୁ ମଧ୍ୟ ବିଦ୍ୟୁତ ଉତ୍ପାଦନ ହୋଇପାରିବ। ରେଳବାଇ ଏହାର ଟ୍ରାକ ମଝିରେ ସୌର ପ୍ୟାନେଲ ସ୍ଥାପନ କରିବା ଆରମ୍ଭ କରିଛି,



**ଟ୍ରାକରେ ଲାଗିଲା ସୌର ପ୍ୟାନେଲ୍**

**ବାରାଣସୀ ଲୋକୋମୋଟିଭ୍ ୱାର୍କ୍ସରୁ ପାଇଲଟ୍ ପ୍ରକଳ୍ପ ଆରମ୍ଭ**

ଯେଉଁଥିରୁ ଉତ୍ପାଦିତ ବିଦ୍ୟୁତ୍‌ରୁ ଟ୍ରେନ୍‌କୁ ବିଜୁଳି ଶକ୍ତି ମିଳୁଛି। ଏହି ପ୍ରଯୁକ୍ତିବିଦ୍ୟା କେବଳ ପରିବେଶ ଅନୁକୂଳ ନୁହେଁ, ବରଂ ରେଳବାଇକୁ ଆତ୍ମନିର୍ଭର କରିବା ଦିଗରେ ବଡ଼ ସଫଳତା ସାବ୍ୟସ୍ତ ହେବ। ସ୍ୱାଧୀନତା ଦିବସ ଅବସରରେ, ବାରାଣସୀ ଲୋକୋମୋଟିଭ୍ ୱାର୍କ୍ସ (ବିଏଲ୍‌ଡବ୍ଲ୍ୟୁ) ଏକ ଐତିହାସିକ ପଦକ୍ଷେପ ସ୍ୱରୂପ ସକ୍ରିୟ ରେଳ ଧାରଣା ମଝିରେ ଦେଶର ପ୍ରଥମ ଅପସାରଣୀୟ ସୌର ପ୍ୟାନେଲ ସିଷ୍ଟମ ସ୍ଥାପନ କରିଛି। ଏହି ପ୍ରକଳ୍ପ ଲାଇନ ନମ୍ବର-୧୯ ରେ ଆରମ୍ଭ ▶ପୃଷ୍ଠା-୭

# ଜନ୍ମାଷ୍ଟମୀ ଶୋଭାଯାତ୍ରାରେ ଅଘଟଣ; ବିଦ୍ୟୁତ୍ ଆଘାତରେ ୫ ମୃତ

■ **ହାଇଦରାବାଦ୍, ୧୮।୮ (ଏଜେନ୍ସି):** ହାଇଦରାବାଦ୍‌ରେ ଜନ୍ମାଷ୍ଟମୀ ଉତ୍ସବ ପାଳନ ବେଳେ ଏକ ବଡ଼ ଅଘଟଣ ଘଟିଛି। ଉତ୍ସବ ପାଳନ କରିବାକୁ ଏକ ରଥ ଯାଉଥିବା ବେଳେ ହାଇଭୋଲ୍ଟେଜ ବିଜୁଳି ତାର ସଂସ୍ପର୍ଶରେ ଆସିଥିଲା। ଫଳରେ ବିଦ୍ୟୁତ ଆଘାତରେ ୫ ଜଣ ଲୋକ ମୃତ୍ୟୁବରଣ କରିଥିବା ବେଳେ ୪ ଜଣ ଆହତ ହୋଇଛନ୍ତି। ରାମନାଥପୁରର ଗୋକୁଳନଗରରେ ରବିବାର ବିଳମ୍ବିତ ରାତିରେ ଶ୍ରଦ୍ଧାଳୁ ଶୋଭାଯାତ୍ରାରେ ଯାଉଥିବା ବେଳେ ଏହି ଅଘଟଣ ଘଟିଥିଲା। ଶୋଭାଯାତ୍ରାରେ ରଥକୁ ଏକ ବାହନ ଉପରେ ନିଆଯାଉଥିଲା। ତେବେ ବାହନ ଖରାପ ହେବା କାରଣରୁ ଶ୍ରଦ୍ଧାଳୁ



ରଥକୁ ଉଠାଇ ନେଉଥିଲେ। କିନ୍ତୁ କରେଣ୍ଟ ଲାଗିବା କାରଣରୁ ଶ୍ରଦ୍ଧାଳୁ ଦୂରକୁ ଛିଟ୍‌କି ପଡ଼ିଥିାଲେ। ଫଳରେ ଲୋକଙ୍କ ମଧ୍ୟରେ ଆତଙ୍କ ଖେଳିଯାଇଥିଲା। ଶୋଭାଯାତ୍ରାରେ ସାମିଲ ହୋଇଥିବା ଲୋକ ଏପଟେ ସେପଟେ ଦୌଡିବାକୁ ଲାଗିଥିଲେ। ସୂଚନା ପାଇବା ପରେ ପୁଲିସ ଘଟଣାସ୍ଥଳରେ ପହଞ୍ଚି ଉଦ୍ଧାର କାର୍ଯ୍ୟ ଆରମ୍ଭ କରିଥିଲା। ଆହତଙ୍କୁ ପ୍ରାଥମିକ ଚିକିତ୍ସା ଦିଆଯାଇଥିଲା। ପରେ ସେମାନଙ୍କୁ ନିକଟସ୍ଥ ହସ୍ପିଟାଲରେ ଭର୍ତ୍ତି କରାଯାଇଥିଲା। କିନ୍ତୁ ଡାକ୍ତର ୫ ଜଣ ଲୋକଙ୍କୁ ମୃତ ଘୋଷଣା କରିଥିଲେ। ଏହି ଘଟଣାରେ କେନ୍ଦ୍ର କୋଇଲା ଓ ଖଣିଜ ମନ୍ତ୍ରୀ ଜି କିଶନ ରେଡ୍ଡୀ ଶ୍ରୀନିବାସନଙ୍କ ସମେତ ୪ଜଣ ଆହତ ହୋଇଛନ୍ତି।

## ବିରୋଧୀ ଦଳଙ୍କ ଯୋଜନା

# ସିଇସିଙ୍କ ବିରୋଧରେ ଆଣିବେ ମହାଭିଯୋଗ

■ **ନୂଆଦିଲ୍ଲୀ, ୧୮।୮ (ଏଜେନ୍ସି):** ବିହାରରେ ଚାଲିଥିବା ସ୍ୱତନ୍ତ୍ର ଭୋଟର ତାଲିକା ସଂଶୋଧନ ବା ଏସ୍‌ଆଇଆର୍ ଏବଂ ‘ଭୋଟ ଚୋରି’ ଅଭିଯୋଗକୁ ନେଇ ବିବାଦ ବଢ଼ିବାରେ ଲାଗିଛି। ନିର୍ବାଚନ କମିସନ ଏବଂ ବିରୋଧୀ ଦଳ ମୁହାଁମୁହିଁ ହୋଇଛନ୍ତି। ବିରୋଧୀ ଦଳ ଉଠାଇଥିବା ଅଭିଯୋଗର ଯାଞ୍ଚ କରିବା ବଦଳରେ କଂଗ୍ରେସ ନେତା ରାହୁଲ ଗାନ୍ଧୀଙ୍କୁ ସତ୍ୟପାଠ ଦାଖଲ କରିବା ଲାଗି କମିସନଙ୍କ ଆହ୍ୱାନ ଜଟିଳ ପରିସ୍ଥିତି ସୃଷ୍ଟି କରିଛି। ମୁଖ୍ୟ ନିର୍ବାଚନ କମିସନର ଜ୍ଞାନେଶ କୁମାରଙ୍କ ଏଭଳି ଆଭିମୁଖ୍ୟରେ କ୍ଷୁବ୍ଧ ବିରୋଧୀ ଦଳ ତାଙ୍କ ବିରୋଧରେ ସଂସଦରେ ମହାଭିଯୋଗ ପ୍ରସ୍ତାବ ଆଣିବାକୁ ଯୋଜନା କରିଛନ୍ତି। ଆଜି ବିରୋଧୀ ମେଣ୍ଟ ଇଣ୍ଡିଆ ବ୍ଲକ୍‌ର ସଂସଦୀୟ ଦଳ ବୈଠକରେ ଏହା ଉପରେ ଆଲୋଚନା କରାଯାଇଛି। ସତ୍ୟପାଠ ଦାଖଲ ପାଇଁ ଆହ୍ୱାନ ଦେଇ ଜ୍ଞାନେଶ କୁମାର ବିରୋଧୀ ଦଳ ବିରୋଧରେ ଯୁଦ୍ଧ ଘୋଷଣା କରିଛନ୍ତି ବୋଲି ସେମାନେ ଅଭିଯୋଗ କରିଛନ୍ତି। ଏଭଳି ବ୍ୟକ୍ତି ହାତରେ ନିର୍ବାଚନ କମିସନ ସୁରକ୍ଷିତ ନୁହେଁ ବୋଲି ଅଭିଯୋଗ କରି ସେମାନେ ଜ୍ଞାନେଶ କୁମାରଙ୍କୁ ହଟାଇବା ଲାଗି ପ୍ରସ୍ତାବ ଆଣିବେ ବୋଲି ସୂଚନା ଦେଇଛନ୍ତି। ତେବେ ମୁଖ୍ୟ ନିର୍ବାଚନ କମିସନରଙ୍କୁ ହଟାଇବାକୁ ହେଲେ ସଂସଦର ଉଭୟ ଗୃହରେ ଦୁଇ ତୃତୀୟାଂଶ ସଭ୍ୟଙ୍କ ସମର୍ଥନ ଦରକାର। କିନ୍ତୁ ବିରୋଧୀ ଦଳ ପାଖରେ ଏହି ସଂଖ୍ୟା ନଥିବାରୁ ଏହା କେବଳ ଏକ ଚାପ ରଣନୀତି ବୋଲି କୁହାଯାଉଛି।

ବିହାର ଭୋଟର ତାଲିକା ପ୍ରସଙ୍ଗରେ ସଂସଦର ଉଭୟ ଗୃହରେ ଆଜି ମଧ୍ୟ ଅଚଳାବସ୍ଥା ଜାରି ରହିଛି। ଆଜି ବିରୋଧୀ ଦଳ ପକ୍ଷରୁ ଏଠାରେ ଏକ ମିଳିତ ସାମ୍ବାଦିକ ସମ୍ମିଳନୀରେ ମୁଖ୍ୟ ନିର୍ବାଚନ କମିସନରଙ୍କର ଆଭିମୁଖ୍ୟର ତୀବ୍ର ସମାଲୋଚନା ▶ପୃଷ୍ଠା-୭



**ବଢୁଛି ଭୋଟର ଜାଲିଆତି ବିବାଦ**

**ସଂସଦରେ ଅଚଳାବସ୍ଥା ଜାରି**

### ୬୫ ଲକ୍ଷ ଭୋଟରଙ୍କ ନାମ ଜାରିକଲେ କମିସନ

■ **ନୂଆଦିଲ୍ଲୀ, ୧୮।୮ (ଏଜେନ୍ସି):** ସୁପ୍ରିମକୋର୍ଟଙ୍କ ନିର୍ଦ୍ଦେଶ କ୍ରମେ ନିର୍ବାଚନ କମିସନ ବିହାରର ଚିଠା ଭୋଟର ତାଲିକାରୁ ହଟାଯାଇଥିବା ୬୫ ଲକ୍ଷ ଲୋକଙ୍କ ନାମ ତାଲିକା ଜାରି କରିଛନ୍ତି। ଗତ ୧ ତାରିଖରେ ଇସି ଯେଉଁ ଚିଠାତାଲିକା ଜାରି କରିଥିଲେ, ।।ସେଥିରୁ ୬୫ ଲକ୍ଷଙ୍କ ନାମ ହଟାଇ ଦେଇଥିଲେ। ଏହାକୁ ନେଇ ବିରୋଧୀ ଦଳ ହଙ୍ଗାମା କରିବା ସହିତ ସୁପ୍ରିମକୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲେ। ଏହାର ଶୁଣାଣି କରି ସୁପ୍ରିମକୋର୍ଟ ହଟାଯାଇଥିବା ନାମ ତାଲିକା ଜାରି କରିବାକୁ ନିର୍ବାଚନ କମିସନଙ୍କୁ ନିର୍ଦ୍ଦେଶ ଦେଇଥିଲେ। ଆଜି ସକାଳେ ନିର୍ବାଚନ କମିସନ ଏହି ୬୫ ଲକ୍ଷ ଭୋଟରଙ୍କ ନାମ ତାଲିକା ଜାରି କରିଛନ୍ତି। ବିହାରର ମୁଖ୍ୟ ନିର୍ବାଚନ ଅଧିକାରୀଙ୍କ କାର୍ଯ୍ୟାଳୟ ପକ୍ଷରୁ ଏହି ତଥ୍ୟ ଜାରି କରାଯାଇଛି। ଏହି ତାଲିକା ରାଜ୍ୟର କେତେକ ଜିଲ୍ଲାରେ ବୁଥ୍ ସାମନାରେ ଲଗାଯାଇଛି। ▶ପୃଷ୍ଠା-୭

# ଓଡ଼ିଶାରେ ଏସ୍‌ଆଇଆର୍ ଶୀଘ୍ର

## ୨୪ ବର୍ଷ ପରେ ହେବ ଭୋଟର ତାଲିକା ସଂଶୋଧନ

■ **ଭୁବନେଶ୍ୱର, ୧୮।୮ (ସମିସ):** ବିହାରରେ ସ୍ୱତନ୍ତ୍ର ଭୋଟର ତାଲିକା ସଂଶୋଧନ (ଏସ୍‌ଆଇଆର୍) ପ୍ରସଙ୍ଗରେ ସାରା ଦେଶ ହୁଲସ୍ଥୁଲ। ଏସ୍‌ଆଇଆର୍‌ରେ ଭୋଟର ସୂଚୀରୁ ୬୫ ଲକ୍ଷ ଭୋଟରଙ୍କୁ ବାଦ ଦେବା ପ୍ରସଙ୍ଗରେ ନିର୍ବାଚନ କମିସନ ଓ ବିରୋଧୀ ମୁହାଁମୁହିଁ ହୋଇଛନ୍ତି। ଏହି ପ୍ରସଙ୍ଗ ସଡ଼କରୁ ସଂସଦ ଓ ଏବେ ସୁପ୍ରିମକୋର୍ଟରେ ପହଞ୍ଚିଛି। ଏହି ପରିପ୍ରେକ୍ଷୀରେ ଦେଶର ଅନ୍ୟାନ୍ୟ ରାଜ୍ୟ ସହ ଖୁବ୍ ଶୀଘ୍ର ଓଡ଼ିଶାରେ ଏସ୍‌ଆଇଆର୍ ଅର୍ଥାତ୍ ସ୍ୱତନ୍ତ୍ର ଭୋଟର ତାଲିକା ସଂଶୋଧନ କାର୍ଯ୍ୟ ଆରମ୍ଭ ହେବ ବୋଲି ସୂଚନା ଦେଇଛନ୍ତି ରାଜ୍ୟ ମୁଖ୍ୟ ନିର୍ବାଚନ ଅଧିକାରୀ ଆର୍.ଏସ୍.ଗୋପାଳନ୍। ଶେଷଥର ପାଇଁ ୨୦୦୨ରେ ରାଜ୍ୟରେ ଭୋଟର ତାଲିକା ସଂଶୋଧନ ହୋଇଥିଲା ଓ ୨୪ ବର୍ଷ ପରେ ପୁଣିଥରେ ରାଜ୍ୟରେ ଭୋଟର ତାଲିକା ସଂଶୋଧନ କରାଯିବ ବୋଲି ଶ୍ରୀ ଗୋପାଳନ କହିଛନ୍ତି।

ଆଜି ସାମ୍ବାଦିକ ସମ୍ମିଳନୀରେ ମୁଖ୍ୟ ନିର୍ବାଚନ ଅଧିକାରୀ ଏସ୍‌ଆଇଆର୍‌ର ପ୍ରସ୍ତୁତି ସମ୍ପର୍କରେ ଗଣମାଧ୍ୟମକୁ ସୂଚନା ଦେଇଛନ୍ତି। ଏହି ଅବସରରେ ସେ ବିଭିନ୍ନ ରାଜନୈତିକ ଦଳ ନିର୍ବାଚନରେ ଅସଙ୍ଗତି ସମ୍ପର୍କରେ ଆଣିଥିବା ଅଭିଯୋଗର ଉତ୍ତର ଦିଆଯାଇଥିବା ଉଲ୍ଲେଖ କରି ଭୋଟ ଚୋରିକୁ ଏକ କାଳ୍ପନିକ ବିଷୟ ବୋଲି କହିଛନ୍ତି। ଗତ ନିର୍ବାଚନ ସମୟରେ ରାଜ୍ୟର ବିଭିନ୍ନ ନିର୍ବାଚନମଣ୍ଡଳୀରେ ୪୨ ଲକ୍ଷ ଭୋଟକୁ ନେଇ ମୁଖ୍ୟ ବିରୋଧୀଦଳ ବିଜେଡ଼ି ଜାତୀୟ ନିର୍ବାଚନ କମିସନଙ୍କ ନିକଟରେ ଅଭିଯୋଗ କରିଥିଲା । ଏପରିକି ରାଜ୍ୟର ସମସ୍ତ ସଂସଦୀୟ କ୍ଷେତ୍ରରେ ଇଭିଏମ୍‌ରେ ପଡ଼ିଥିବା ଭୋଟ ସଂଖ୍ୟା ଅପେକ୍ଷା ଗଣତି ହୋଇଥିବା ଭୋଟ ସଂଖ୍ୟା ଅଧିକ ଥିବାର ତଥ୍ୟଭିତ୍ତିକ ପ୍ରମାଣ ବିଜେଡି ଦାଖଲ କରିଥିଲା। ସେହିପରି ସଂସଦୀୟ କ୍ଷେତ୍ରର ଭୋଟ ସଂଖ୍ୟା ଅପେକ୍ଷା ଏହା ମଧ୍ୟରେ ଆସୁଥିବା ବିଧାନସଭାର ସମୁଦାୟ ଭୋଟ ସଂଖ୍ୟା ମଧ୍ୟରେ ଉଲ୍ଲେଖନୀୟ ତାରତମ୍ୟ ଓ ନିର୍ବାଚନ ସମୟ ଶେଷ ହୋଇଯିବା ପରେ ୭ ପ୍ରତିଶତରୁ ୩୦ ▶ପୃଷ୍ଠା-୭

**ରାଜନୈତିକ ଦଳ ଏଜେଣ୍ଟଙ୍କୁ ଦିଆଯାଇଛି ୧୭-ସି ଫର୍ମ**

# ନବୀନ ସୁସ୍ଥ; କ୍ୟାବିନକୁ ସ୍ଥାନାନ୍ତର

■ **ଭୁବନେଶ୍ୱର, ୧୮।୮ (ସମିସ):** ଡିହାଇଡ୍ରେସନ୍ ଯୋଗୁଁ ଚିକିତ୍ସା ନିମନ୍ତେ ଏକ ଘରୋଇ ଡାକ୍ତରଖାନାରେ ଭର୍ତ୍ତି ହୋଇଥିବା ବିଜେଡି ସୁପ୍ରିମୋ ତଥା ବିରୋଧୀଦଳ ନେତା ନବୀନ ପଟ୍ଟନାୟକ ଏବେ ସୁସ୍ଥ। ତାଙ୍କର ସ୍ୱାସ୍ଥ୍ୟାବସ୍ଥାରେ ଉନ୍ନତି ଘଟିଛି ଓ ତାଙ୍କୁ କ୍ୟାବିନକୁ ସ୍ଥାନାନ୍ତର କରାଯାଇଥିବା ଡାକ୍ତରଖାନା କର୍ତ୍ତୃପକ୍ଷ ମେଡିକାଲ ବୁଲେଟିନ୍‌ରେ ସୂଚନା ଦେଇଛନ୍ତି। ଡାକ୍ତରମାନଙ୍କ ପର୍ଯ୍ୟବେକ୍ଷଣରେ କିଛି ସମୟ ରହିବା ପରେ ବାସଭବନକୁ ଫେରିବେ ବୋଲି ଡାକ୍ତରଖାନା କର୍ତ୍ତୃପକ୍ଷ କହିଛନ୍ତି।

ଅପରପକ୍ଷରେ ନିଜେ ଶ୍ରୀ ପଟ୍ଟନାୟକ ନିଜ ସୁସ୍ଥତାର ସୂଚନା ରାଜ୍ୟବାସୀଙ୍କୁ ଦେଇଛନ୍ତି। ହସ୍ପିଟାଲ୍‌ରୁ ଏକ ଭିଡିଓ ବାର୍ତ୍ତା ଜାରି କରି ସେ ସମ୍ପୂର୍ଣ୍ଣ ସୁସ୍ଥ ଥିବା କହିଛନ୍ତି। ତାଙ୍କର ଅସୁସ୍ଥତାଜନିତ ସୂଚନା ପାଇ ଶୁଭକାମନା ଜଣାଇଥିବା ସମସ୍ତଙ୍କୁ ନବୀନ ଧନ୍ୟବାଦ ଜଣାଇଛନ୍ତି ଓ ଦେଖା କରିବାକୁ ଚାହୁଁଥିବା ବ୍ୟକ୍ତିମାନେ ନବୀନ ନିବାସରେ ତାଙ୍କୁ ଦେଖା କରିବାକୁ ଅନୁରୋଧ କରିଛନ୍ତି। ଡାକ୍ତରମାନେ ତାଙ୍କର ବହୁତ ଭଲ ଚିକିତ୍ସା ▶ପୃଷ୍ଠା-୭



**ଭେଟିବାକୁ ଚାହୁଁଥିଲେ ନବୀନ ନିବାସକୁ ନିମନ୍ତ୍ରଣ**

### ଆରୋଗ୍ୟ କାମନା କଲେ ରାଜନାଥ

■ **ଭୁବନେଶ୍ୱର, ୧୮।୮ (ସମିସ):** ଡାକ୍ତରଖାନାରେ ଚିକିତ୍ସାଧୀନ ନବୀନଙ୍କ ସ୍ୱାସ୍ଥ୍ୟାବସ୍ଥା ବୁଝିବା ସହ ତାଙ୍କ ଆଶୁ ଆରୋଗ୍ୟ କାମନା କରିଛନ୍ତି ବିଜେପିର ବରିଷ୍ଠ ନେତା ତଥା କେନ୍ଦ୍ର ପ୍ରତିରକ୍ଷା ମନ୍ତ୍ରୀ ରାଜନାଥ ସିଂହ। ଏହି ଅବସରରେ ଉପରାଷ୍ଟ୍ରପତି ପଦ ଲାଗି ଏନ୍‌ଡିଏ ପ୍ରାର୍ଥୀ ସି.ପି.ରାଧାକ୍ରିଷ୍ଣନ୍‌ଙ୍କୁ ସମର୍ଥନ ଦେବାକୁ ସେ ନବୀନଙ୍କୁ ଅନୁରୋଧ କରିଥିବା ମଧ୍ୟ ସୂଚନା ମିଳିଛି। ତେବେ ଏସମ୍ପର୍କରେ ନବୀନ କ’ଣ କହିଛନ୍ତି ସେ ସମ୍ପର୍କରେ ସ୍ପଷ୍ଟ ଜଣାପଡ଼ି ନାହିଁ।

ମହାରାଷ୍ଟ୍ର ରାଜ୍ୟପାଳ ତଥା ବିଜେପି ନେତା ସିପି ରାଧାକ୍ରିଷ୍ଣନଙ୍କୁ ଉପରାଷ୍ଟ୍ରପତି ପଦ ପାଇଁ ଜାତୀୟ ଗଣତାନ୍ତ୍ରିକ ମେଣ୍ଟ (ଏନ୍‌ଡିଏ) ରବିବାର ନିଜର ପ୍ରାର୍ଥୀ ଭାବେ ଘୋଷଣା କରିଛି। ଏନ୍‌ଡିଏର ପ୍ରାର୍ଥୀ ଯେପରି ବିନା ▶ପୃଷ୍ଠା-୭

**ଏନ୍‌ଡିଏ ଉପରାଷ୍ଟ୍ରପତି ପ୍ରାର୍ଥୀଙ୍କ ପାଇଁ ଲୋଡ଼ିଲେ ସମର୍ଥନ**

# ଖୁବ୍‌ଶୀଘ୍ର ୧୮୪୦ ଡାକ୍ତର ନିଯୁକ୍ତି

■ **ଭୁବନେଶ୍ୱର, ୧୮।୮ (ସମିସ):** ରାଜ୍ୟରେ ଖୁବଶୀଘ୍ର ନିଯୁକ୍ତି ପାଇବେ ୧୮୪୦ ଡାକ୍ତର ଓ ୫୦୦୦ରୁ ଅଧିକ ପାରା ମେଡ଼ିକାଲ କର୍ମଚାରୀ। ସୋମବାର ଲୋକସେବା ଭବନରେ ରାଜ୍ୟ ସ୍ୱାସ୍ଥ୍ୟ ବିଭାଗର ସମୀକ୍ଷା ଅବସରରେ ଏହି ସବୁ ପଦ ପୂରଣ ସହ ଆଦିବାସୀ ଅଧ୍ୟୁଷିତ ଅଞ୍ଚଳରେ ଅଧିକ ଡ଼ାକ୍ତର ନିଯୁକ୍ତି ନିମନ୍ତେ ନିର୍ଦ୍ଦେଶ ଦେଇଛନ୍ତି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ।

ବୈଠକରେ ବିଭିନ୍ନ ମେଡିକାଲ କଲେଜରେ ଖାଲି ପଡିଥିବା ଆସିଷ୍ଟାଣ୍ଟ ପ୍ରଫେସର, ଆସୋସିଏଟ ପ୍ରଫେସର ଏବଂ ପ୍ରଫେସର ପଦ ଖୁବଶୀଘ୍ର ପୂରଣ ଉପରେ ଗୁରୁତ୍ୱ ଦିଆଯାଇଛି। ଏହା ସହିତ ପ୍ରତ୍ୟେକ ଦୁର୍ଘଟଣା ପ୍ରବଣ ଅଞ୍ଚଳରେ ସମନ୍ୱିତ ଟ୍ରମା କେୟାର କେନ୍ଦ୍ର ସ୍ଥାପନ, ଦୁର୍ଗମ ଓ କଠିନ ଅଞ୍ଚଳଗୁଡ଼ିକରେ ନିଯୁକ୍ତ ଡ଼ାକ୍ତରମାନଙ୍କର ପ୍ରୋତ୍ସାହନ ରାଶି ବୃଦ୍ଧି, ଆୟୁଷ ଡାକ୍ତରଙ୍କ ବିଭିନ୍ନ ସମସ୍ୟା ସମାଧାନ ନିମନ୍ତେ ମଧ୍ୟ ମୁଖ୍ୟମନ୍ତ୍ରୀ ଶ୍ରୀ ମାଝୀ ପରାମର୍ଶ ଦେଇଛନ୍ତି।



**▶▶ ପୂରଣ ହେବ ମେଡିକାଲ କଲେଜରେ ପ୍ରଫେସର ପଦ**

**▶▶ ଆଦିବାସୀ ଅଧ୍ୟୁଷିତ ଅଞ୍ଚଳକୁ ଯିବେ ଅଧିକ ଡାକ୍ତର**

ଅନ୍ୟପକ୍ଷରେ ଡାକ୍ତରଙ୍କ ସମସ୍ୟା, ନିଯୁକ୍ତି, ବେତନ, ମେଡିକାଲ ଶିକ୍ଷାରେ ସିଟ ବୃଦ୍ଧି ଭଳି ବିଭିନ୍ନ ବିଷୟ ଉପରେ ଆଲୋଚନା କରି ଉପଯୁକ୍ତ ପଦକ୍ଷେପ ନେବାପାଇଁ ବିଭାଗୀୟ ସଚିବଙ୍କୁ ନିର୍ଦ୍ଦେଶ ଦେଇଛନ୍ତି ମୁଖ୍ୟମନ୍ତ୍ରୀ। ଏହି ଅବସରରେ ସ୍ୱାସ୍ଥ୍ୟ ମନ୍ତ୍ରୀ ଡ. ମୁକେଶ ମହାଲିଙ୍ଗ, ମୁଖ୍ୟ ଶାସନ ସଚିବ ମନୋଜ ଆହୁଜା, ଅର୍ଥ ବିଭାଗ ପ୍ରମୁଖ ଶାସନ ସଚିବ ସଂଜୀବ ମିଶ୍ର, ମୁଖ୍ୟମନ୍ତ୍ରୀଙ୍କ ପ୍ରମୁଖ ଶାସନ ସଚିବ ଶାଶ୍ୱତ ମିଶ୍ର, ସ୍ୱାସ୍ଥ୍ୟ ବିଭାଗ କମିଶନର ତଥା ସଚିବ ଅଶ୍ୱଥି ଏସ, ଜାତୀୟ ସ୍ୱାସ୍ଥ୍ୟ ମିଶନ ନିର୍ଦ୍ଦେଶିକା ଡ. ବୃନ୍ଦା ଡି, ଓଡ଼ିଶା ଷ୍ଟେଟ୍ ମେଡିକାଲ୍ କର୍ପୋରେସନ୍ ଲିମିଟେଡ୍‌ର ପରିଚାଳନା ନିର୍ଦ୍ଦେଶିକା ଡ. ପୋମା ଟୁଡୁ ପ୍ରମୁଖ ବୈଠକରେ ଉପସ୍ଥିତ ଥିଲେ।

## ଔଷଧ ନିଗମର ନିଷ୍ପତ୍ତିକୁ ନେଇ ସାଧାରଣରେ ସନ୍ଦେହ

# ଦାଗୀ ସଂସ୍ଥାକୁ ଅନୁଗ୍ରହ

■ **ଭୁବନେଶ୍ୱର, ୧୮।୮ (ସମିସ):** ଟ୍ରାକ୍ ରେକର୍ଡ ଭଲ ନ ଥିବା ଏକ ସଂସ୍ଥା ସହ ଚୁକ୍ତି ଅବଧି ବଢ଼ାଇ ପୁଣି ଥରେ ବିବାଦ ଘେରକୁ ଆସିଛି ଓଡ଼ିଶା ରାଜ୍ୟ ଔଷଧ ନିଗମ ଲିମିଟେଡ (ଓଏସ୍‌ଏମ୍‌ସିଏଲ୍)। ରାଜ୍ୟର ସମସ୍ତ ମେଡିକାଲ କଲେଜ ଓ ହସ୍ପିଟାଲ ଗୁଡିକର ବାୟୋମେଡିକାଲ ଉପକରଣ ମରାମତି ପାଇଁ ହୋଇଥିବା ଟେଣ୍ଡରକୁ କାର୍ଯ୍ୟକାରୀ କରିବା ପରିବର୍ତ୍ତେ ଚେନ୍ନାଇର କେଟିପିଏଲ୍ ସଂସ୍ଥାର ଅବଧି ୬ ମାସ ବୃଦ୍ଧିକୁ ନେଇ ପୁଣି ଓଏସ୍‌ଏମ୍‌ସିଏଲ୍‌କୁ କାଠଗଡ଼ାରେ ଠିଆ କରିଛି। ଯାହାକୁ ନେଇ ସାଧାରଣରେ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇଛି। ଖରାପ ସେବା କାରଣରୁ ଅନ୍ୟ ରାଜ୍ୟଗୁଡ଼ିକ ଯେଉଁ ସଂସ୍ଥା ସହ ଚୁକ୍ତି ବାତିଲ କରୁଛି, ସେହି ସଂସ୍ଥାର ଚୁକ୍ତି ଅବଧିକୁ ଓଡ଼ିଶା ସରକାର ବଢ଼ାଇ ଚାଲିବା ସ୍ୱାଭାବିକ ସନ୍ଦେହ ପ୍ରକାଶ ପାଇଛି।

ଅଭିଯୋଗ ଅନୁସାରେ ଉତ୍ତରାଖଣ୍ଡ ସରକାର କେଟିପିଏଲ ସହ ଚୁକ୍ତିକୁ ଗତ ନଭେମ୍ବର ମାସରେ ବାତିଲ୍ କରିଛନ୍ତି। ସେହିପରି ରାଜସ୍ଥାନ ମେଡିକାଲ ସର୍ଭିସ କର୍ପୋରେସନ ଲିମିଟେଡ ମଧ୍ୟ କେଟିପିଏଲର ଚୁକ୍ତିକୁ ସ୍ଥଗିତ ରଖିଛନ୍ତି। ଏପରିସ୍ଥଳେ ଓଏସ୍‌ଏମ୍‌ସିଏଲ୍‌ର ଚୁକ୍ତି ଅବଧି ବୃଦ୍ଧିକୁ ନେଇ ପ୍ରଶ୍ନ ଉଠିଛି।

ସୂଚନା ଅନୁଯାୟୀ କେଟିପିଏଲ୍ ୫ବର୍ଷ ତଳେ ଟେଣ୍ଡର ହାତେଇଥିବା ବେଳେ ତାହାର ଅବଧି ଗଲା ଡିସେମ୍ବରରେ ସରିଥିଲା। ଜାନୁଆରୀରେ ନୂଆ ଟେଣ୍ଡର ପାଇଁ ବିଜ୍ଞପ୍ତି ପ୍ରକାଶ ପାଇଥିଲା। କିନ୍ତୁ ନୂଆ ଟେଣ୍ଡର ପ୍ରକ୍ରିୟା ଆଗକୁ ନବଢ଼ାଇ କେଟିପିଏଲ୍‌ର କାର୍ଯ୍ୟ ଅବଧିକୁ ଓଏସ୍‌ଏମ୍‌ସିଏଲ୍ କର୍ତ୍ତୃପକ୍ଷ ବୃଦ୍ଧି କରିଥିବା ଜଣାପଡ଼ିଛି। କେଟିପିଏଲ୍ ବିରୋଧରେ ପୂର୍ବରୁ ଏନ୍‌ଏଚ୍‌ଆରସି ନିୟମ ଖିଲାପ ▶ପୃଷ୍ଠା-୭

**ଉତ୍ତରାଖଣ୍ଡ, ରାଜସ୍ଥାନରେ ନିଆଯାଇଛି କାର୍ଯ୍ୟାନୁଷ୍ଠାନ**

**ରାଜ୍ୟରେ କାମ କରୁନାହିଁ ୨୦ ପ୍ରତିଶତ ଉପକରଣ**

## ବରଗଡ଼ରେ ବିଜେଡିର ବିଶାଳ ଚାଷୀ ସମାବେଶ

# ରାଜରାସ୍ତାରେ ଚାଷୀଙ୍କ ରଣହୁଙ୍କାର

■ **ବରଗଡ଼, ୧୮।୮ (ସମିସ):** ଚାଷୀମାନଙ୍କ ବିଭିନ୍ନ ସମସ୍ୟାର ସମାଧାନ ଦାବି ନେଇ ଆଜି ବରଗଡ଼ରେ ବିଜେଡି ପକ୍ଷରୁ ବିଶାଳ ଚାଷୀ ସମାବେଶ ଓ ବିକ୍ଷୋଭ ପ୍ରଦର୍ଶନ କରାଯାଇଛି। ପ୍ରଶାସନର ତମାମ ବାଧା ସତ୍ତ୍ୱେ ହଜାର ହଜାର ଚାଷୀ ରାଜରାସ୍ତାକୁ ଓହ୍ଲାଇବା ସହ ସରକାରଙ୍କ ଚାଷୀମାରଣ ନୀତି ବିରୋଧରେ ଗର୍ଜନ କରିଛନ୍ତି। ବିରୋଧୀ ଦଳ ଉପନେତା ପ୍ରସନ୍ନ ଆଚାର୍ଯ୍ୟଙ୍କ ସହ ହଜାରହଜାର ଚାଷୀ ଓ ବିଜେଡିନେତା ଓ କର୍ମୀ ସ୍ଥାନୀୟ ଗଣେଶରାମ ଭବନରୁ ବିଶାଳ ପଟୁଆରରେ ବାହାରି ଥାନା ଛକ ଓ କଚେରି ଦେଇ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ ପହଞ୍ଚିଥିଲେ। ସେଠାରେ ଜିଲ୍ଲାପାଳ ଆଦିତ୍ୟ ଗୋଏଲଙ୍କ ଜରିଆରେ ରାଷ୍ଟ୍ରପତିଙ୍କ ଉଦ୍ଦେଶ୍ୟରେ ଏକ ଦାବିପତ୍ର ପ୍ରଦାନ କରାଯିବା ପରେ ସ୍ଥାନୀୟ ଗାନ୍ଧୀଛକରେ ପ୍ରତିବାଦ ସଭା କରାଯାଇଥିଲା। ସେଥିରେ ବିଜେଡି ନେତା ଓ ଚାଷୀମାନେ ଡବଲ୍-



**ସ୍ୱତଃପ୍ରବୃତ୍ତ ଭାବେ ଯୋଗଦେଲେ ହଜାରହଜାର ଚାଷୀ**

**ଜିଲ୍ଲାପାଳଙ୍କ ଜରିଆରେ ରାଷ୍ଟ୍ରପତିଙ୍କୁ ଦେଲେ ଦାବିପତ୍ର**

ଇଞ୍ଜିନ୍ ସରକାରର ଚାଷୀ ବିରୋଧୀ, ଚାଷୀ ଦମନକାରୀ ନୀତି ଉପରେ ପ୍ରବଳ ବର୍ଷିଥିଲେ। ଜଟିଳ ପଞ୍ଜୀକରଣ ବ୍ୟବସ୍ଥାକୁ ସରଳ କରିବା, ପଞ୍ଜୀକରଣ ଅବଧି ବୃଦ୍ଧି କରିବା, ବିଫଳ ପ୍ରଧାନମନ୍ତ୍ରୀ ଫସଲ ବୀମା ଯୋଜନାରେ କମ୍ପାନୀମାନଙ୍କୁ ଲାଭ ଦେଇ ଚାଷୀଙ୍କୁ ଲୁଟ କରା ନଯାଉ, ଧାନ ବିକ୍ରିରେ କଟନିଛଟନି ଓ ଦଲାଲରାଜ୍ ବନ୍ଦ କରିବା, ଅଦିନିଆ ବର୍ଷାରେ କ୍ଷୟକ୍ଷତି ହୋଇଥିବା ଚାଷୀଙ୍କୁ ଇନ୍‌ପୁଟ୍ ସବସିଡି ତୁରନ୍ତ ପ୍ରଦାନ, ଲକ୍ଷଲକ୍ଷ ନାମମାତ୍ର ଚାଷୀ, ଭାଗଚାଷୀ ଓ ଭୂମିହୀନ କୃଷି ଶ୍ରମିକଙ୍କୁ ସିଏମ କିଷାନ ଯୋଜନାରେ ସାମିଲ, ସ୍ୱାମୀନାଥନ କମିଟି ଆଧାରରେ ଧାନର ସର୍ବନିମ୍ନ ସହାୟକ ମୂଲ୍ୟ ବୃଦ୍ଧି, ବିହନ ଓ ସାରର ଅଭାବୀ ବିକ୍ରି ବନ୍ଦ କରିବା, ଆନୁଷଙ୍ଗିକ କୃଷି ଓ ଅର୍ଥକାରୀ ଫସଲ ଉପରେ ଗୁରୁତ୍ୱ ପ୍ରଦାନ ପାଇଁ ଦାବି କରାଯାଇଥିଲା। ଶୀଘ୍ର ଏହି ସମସ୍ୟାର ସମାଧାନ କରାନଗଲେ, ▶ପୃଷ୍ଠା-୭

ସମ୍ପୂର୍ଣ୍ଣା

ସକାଳ THE SAKALA
www.sakalaepaper.com

ଆଜି ଆସିଥିଲେ

# ସଂଗ୍ରାମୀ ସରଳା



ବିଂଶ ଶତାବ୍ଦୀରେ ଓଡ଼ିଶାର ଯେଉଁ କେତେଜଣ ମହୀୟସୀ ମହିଳା ସ୍ୱାଧୀନତା ଆନ୍ଦୋଳନ ଓ ସାହିତ୍ୟ କ୍ଷେତ୍ରରେ ଅବତୀର୍ଣ୍ଣା ହୋଇ ଆମ ସମାଜକୁ ଦିଗ୍‌ଦର୍ଶନ ଦେବା ସହ ନାରୀସମାଜକୁ ଉପରକୁ ଉଠାଇବା ପାଇଁ ଅହରହ ଉଦ୍ୟମ କରିଥିଲେ, ତନ୍ମଧ୍ୟରେ ସରଳା ଦେବୀ ଥିଲେ ଅନ୍ୟତମ। ୧୯୦୪ ମସିହା ଆଜିର ଦିନରେ ଜଗତସିଂହପୁର ଜିଲ୍ଲା ନରିଲୋ ଗ୍ରାମରେ ସେ ଜନ୍ମଗ୍ରହଣ କରିଥିଲେ। ପିଲାବେଳୁ ସରଳା ଥିଲେ ଶାନ୍ତ, ସରଳ, ଦୃଢ଼ମନା ଓ ସ୍ପଷ୍ଟବାଦିନୀ। ଆଗରୁ ଚଳି ଆସୁଥିବା ପାରମ୍ପରିକ ଜୀବନଶୈଳୀ ଅପେକ୍ଷା ସେ ନିଜ ସହଜତାକୁ ନେଇ ଚଳିବାକୁ ବେଶୀ ପସନ୍ଦ କରୁଥିଲେ। ସେ ମୁଣ୍ଡରେ ଲୁଗା ଦେଉ ନ ଥିଲେ ଓ ଛୁଆଁ ଅଛୁଆଁ ଭେଦଭାବକୁ ପସନ୍ଦ କରୁ ନ ଥିଲେ। ଘରୋଇ ଶିକ୍ଷକଙ୍କ ଦ୍ୱାରା ସେ ଷଷ୍ଠ ଶ୍ରେଣୀ ଯାଏଁ ପାଠ ପଢ଼ିଥିଲେ। ତଥାପି ଅନ୍ୟାନ୍ୟ ଭାଷା ଜାଣିବା ପାଇଁ ତାଙ୍କ ମନରେ ପ୍ରବଳ ଆଗ୍ରହ ଥିଲା। ୧୪ ବର୍ଷ ବୟସରେ ସେ ଜଣେ ଜମିଦାରଙ୍କ ପୁତ୍ର ଭାଗିରଥୀ ମହାପାତ୍ରଙ୍କୁ ବିବାହ କରିଥିଲେ। ସ୍ୱାମୀ ଭାଗୀରଥୀ ଜଣେ ସ୍ୱାଧୀନଚେତା ବ୍ୟକ୍ତି ଥିଲେ। ୧୫ ବର୍ଷ ବୟସରେ ସେ କୁଳବଧୂ ପରଦା ଆଢ଼େଇ ପଦାକୁ ବାହରିଥିଲେ। ଜାଲିଆନାୱାଲାବାଗ୍ ହତ୍ୟାକାଣ୍ଡ ପ୍ରତିବାଦ ଶୋଭାଯାତ୍ରାରେ ସରଳା ନିଜକୁ ସାମିଲ କରିଥିଲେ। ଏଥିରେ ତାଙ୍କ ସ୍ୱାମୀ ତାଙ୍କୁ ପୂର୍ଣ୍ଣ ସମର୍ଥନ କରିଥିଲେ। ଗାନ୍ଧିଜୀଙ୍କର ଓଡ଼ିଶା ଗସ୍ତ ସମୟରେ ତାଙ୍କର ଅହିଂସା ନୀତି ପ୍ରତି ସରଳା ଆକୃଷ୍ଟ ହୋଇଥିଲେ। ଗାନ୍ଧିଜୀଙ୍କ ହିନ୍ଦୀ ଭାଷଣକୁ ସେ ଓଡ଼ିଆରେ ଭାଷାନ୍ତର କରି ସମସ୍ତଙ୍କୁ ଚକିତ କରି ଦେଇଥିଲେ। ଏହି ସଭାରେ ସେ ନିଜର ସମସ୍ତ ଅଳଙ୍କାରକୁ ସ୍ୱରାଜ ପାଣ୍ଠିକୁ ଦାନ କଲେ ଓ ଜୀବନରେ କେବେ ଅଳଙ୍କାର ପିନ୍ଧିବେ ନାହିଁ ବୋଲି ପ୍ରତିଜ୍ଞା ନେଲେ। ଓଡ଼ିଶାର ଅସହଯୋଗ ଆନ୍ଦୋଳନରେ ଯୋଗ ଦେଇଥିବା ନାରୀ ନେତ୍ରୀଙ୍କ ମଧ୍ୟରେ ସରଳା ଥିଲେ ଅଗ୍ରଗଣ୍ୟା। ଇଞ୍ଚୁଡ଼ିଠାରେ ହୋଇଥିବା ଲବଣ ସତ୍ୟାଗ୍ରହରେ ସେ ମୁଖ୍ୟ ଭୂମିକା ଗ୍ରହଣ କରିଥିଲେ। ନାରୀମାନଙ୍କ ମଧ୍ୟରେ ଦେଶପ୍ରେମ ଓ ଜାତୀୟତା ଭାବର ଉଦ୍ରେକ ପାଇଁ ସେ ଓଡ଼ିଶାର ବିଭିନ୍ନ ଅଞ୍ଚଳ ବୁଲି ବୁଲି ସେମାନଙ୍କୁ ଉଦ୍‌ବୋଧନ ଦେଉଥିଲେ। ସେ ଥିଲେ ଓଡ଼ିଶା ବିଧାନସଭାର ପ୍ରଥମ ମହିଳା ବିଧାୟିକା। ବିଧାନସଭାରେ ନାରୀ ଶିକ୍ଷା, ବାଲ୍ୟ ବିବାହ ଆଇନ ସଂଶୋଧନ, ପୋଇଲି ପ୍ରଥା ଉଚ୍ଛେଦ ବିଧାନସଭାରେ ବିଲ୍ ଆଗତ କରି ସଫଳ ହୋଇଥିଲେ। ଓଡ଼ିଆ ଭାଷାକୁ ସରକାରୀ ଭାଷା ରୂପେ ଗ୍ରହଣ କରିବାର ପ୍ରୟାସରେ ସେ ଥିଲେ ପ୍ରଥମ ଓ ଅଗ୍ରଗଣ୍ୟ ମହିଳା। ସେ ବିଧାନସଭାରେ ଗୋଟିଏ ଦିନ ବାଚସ୍ପତି ଦାୟିତ୍ୱ ମଧ୍ୟ ତୁଲାଇଥିଲେ। ସାହିତ୍ୟର ବିଭିନ୍ନ ବିଭାଗ ଗଳ୍ପ, କବିତା, ଅନୁବାଦ, ଜୀବନୀ ପ୍ରବନ୍ଧରେ ସେ ଲେଖନୀ ଚାଳନା କରିଛନ୍ତି। ୧୯୮୬ ମସିହା ଅକ୍ଟୋବର ୪ରେ ୮୨ ବର୍ଷ ବୟସରେ ତାଙ୍କର ଦେହାନ୍ତ ହୋଇଥିଲା।

## ଆଜିର ଇତିହାସ

- ୧୯୧୯- ଆଫଗାନିସ୍ତାନ ବ୍ରିଟେନଠାରୁ ସ୍ୱାଧୀନ ହେଲା।
- ୧୯୪୯- ଭୁବନେଶ୍ୱର ଓଡ଼ିଶାର ରାଜଧାନୀ ହେଲା।
- ୧୯୭୩- ଫ୍ରାନ୍ସ ପରମାଣୁ ପରୀକ୍ଷା କଲା।
- ୧୯୭୮- ଇରାନ୍‌ର ଏକ ସିନେମା ହଲ୍‌ରେ ନିଆଁ ଲାଗିବାରୁ ୪୨୨ ଜଣଙ୍କ ମୃତ୍ୟୁ।
- ୨୦୦୯- ଇରାକ୍‌ରେ ସିରିଜ୍ ବୋମା ବିସ୍ଫୋରଣ ଯୋଗୁଁ ୧୦୧ ଜଣ ଲୋକଙ୍କ ପ୍ରାଣହାନି।

# ବିଶ୍ୱ ମାନବତା ଦିବସ



ମାନବିକତା ଏବଂ ସୌହାର୍ଦ୍ଦପୂର୍ଣ୍ଣ ବ୍ୟବହାର ଯୋଗୁ ମାନବ ସମାଜ ତିଷ୍ଠି ରହିଛି। ଜଣେ ବ୍ୟକ୍ତି ନିର୍ଭିକରେ ରହିବା ପାଇଁ ଆଉ ଜଣଙ୍କର ମାନବିକତା ଲୋଡ଼ା। ମାନବିକତା ହିଁ ସମାଜରେ ସଂସ୍କାର ଆଣେ। ତେଣୁ ଏହି ମାନବିକତାକୁ ଜୀବିତ ରଖିବା ଉଦ୍ଦେଶ୍ୟରେ ପ୍ରତିବର୍ଷ ଅଗଷ୍ଟ ୧୯ ତାରିଖକୁ ବିଶ୍ୱ ମାନବତା ଦିବସ ବା 'ୱାର୍ଲ୍ଡ ହ୍ୟୁମାନିଟାରିଆନ୍ ଡେ' ଭାବେ ପାଳନ କରାଯାଉଛି। ୨୦୦୩ ଅଗଷ୍ଟ ମାସ ୧୯ ତାରିଖରେ ଇରାକ୍‌ର ରାଜଧାନୀ ବାଗଦାଦ୍‌ରେ ବିଭିନ୍ନ ଦେଶର ମୋଟ ୨୧ ଜଣ ମାନବାଧିକାର କର୍ମୀ ପ୍ରାଣ ହରାଇଥିଲେ। ମୃତକଙ୍କ ମଧ୍ୟରେ ଜାତିସଂଘର ସ୍ୱତନ୍ତ୍ର ମହାସଚିବ ସର୍ଗିଓ ଭିଏରା ଡି ମିଲୋ ଥିଲେ। ଏହି ଦୁର୍ଭାଗ୍ୟପୂର୍ଣ୍ଣ ଘଟଣାର ଠିକ୍ ପାଞ୍ଚ ବର୍ଷ ପରେ ଜାତିସଂଘର ସାଧାରଣ ପରିଷଦ ଅଗଷ୍ଟ ୧୯ ତାରିଖକୁ ବିଶ୍ୱ ମାନବତା ଦିବସ ଭାବେ ପାଳନ କରିବାକୁ ଘୋଷଣା କରିଥିଲା। ମିଳିତ ଜାତିସଂଘର ସାଧାରଣ ପରିଷଦ ଏହି ଦିବସ ପାଳନ ଜରିଆରେ ସମସ୍ତଙ୍କୁ ଏକାଠି କରିବାର ଉଦ୍ୟମ ଜାରି ରଖିଛି। ଏହାର ପ୍ରାଥମିକ ଉଦ୍ଦେଶ୍ୟ ହେଉଛି, ସଂକଟ ପ୍ରଭାବିତ ଲୋକଙ୍କର ଜୀବନଧାରଣ, କଲ୍ୟାଣ ଓ ସମ୍ମାନକୁ ସମର୍ଥନ କରିବା ଏବଂ ସେମାନଙ୍କୁ ସହାୟତା ପ୍ରଦାନ କରୁଥିବା ଲୋକଙ୍କ ସୁରକ୍ଷା ଓ ନିରାପତ୍ତା ସୁନିଶ୍ଚିତ କରାଇବା। ମଣିଷ ଯେତେଯେତେ ପ୍ରଗତି ଆଡକୁ ମାଡ଼ିଚାଲିଛି ସେତେସେତେ ସେ ମାନବିକତାଠାରୁ ଦୂରେଇ ଯାଉଛି। ଆଜିକାଲି ଲୋକେ ଅଜଣା ଲୋକଙ୍କୁ ସାହାଯ୍ୟ କରିବା ଅପେକ୍ଷା ତ ଦୂର କଥା ନିଜ ରକ୍ତ ସମ୍ପର୍କୀୟଙ୍କୁ ସାହାଯ୍ୟ ସହାନୁଭୂତି ଯୋଗାଇବା ପାଇଁ କୁଣ୍ଠାବୋଧ କରୁଛନ୍ତି। ଗୋଟିଏ ଦେଶ ମାନବିକତା ଭୁଲି ଅନ୍ୟ ଦେଶ ସହିତ ଯୁଦ୍ଧ କରୁଛି। ସେହିଭଳି ନିଜ ଦେଶରୁ ପ୍ରାଣ ଭୟରେ ପଳାଇ ଆସି ଅନ୍ୟ ଦେଶରେ ଆଶ୍ରୟ ନେଇଥିବା ଶରଣାର୍ଥୀମାନଙ୍କୁ ଅକଥନୀୟ ନିର୍ଯାତନା ଦେଇ ତଡ଼ିଦେବା ଘଟଣା ବିଶ୍ୱରେ ମାନବିକତା ହଜିଗଲାଣି ବୋଲି ହୃଦୟଙ୍ଗମ ହୁଏ। ତଥାପି ମରିନାହିଁ ମାନବିକତା। କିଛି ହାତଗଣତି ଲୋକ ଏହାକୁ ବଞ୍ଚାଇ ରଖିଛନ୍ତି। ବିଶ୍ୱ ମାନବତା ଦିବସ ପାଳନ କରିବାର ଉଦ୍ଦେଶ୍ୟ ସାଧାରଣ ଲୋକଙ୍କ ମଧ୍ୟରେ ମାନବତା ମୂଲ୍ୟବୋଧର ବିକାଶ କରିବା ସହ ଲୋକେ ପରସ୍ପରକୁ ବିପଦଆପଦରେ କିପରି ସାହାଯ୍ୟ ସହଯୋଗ କରିବା ପାଇଁ ଆଗେଇ ଆସିବେ ସେ ଦିଗପ୍ରତି ଅବଗତ କରାଇବା। ତେବେ ବିଶ୍ୱଶାନ୍ତି ତଥା ମାନବତାର ପ୍ରଚାର ପ୍ରସାର କରୁଥିବା କର୍ମୀମାନଙ୍କୁ ସ୍ୱୀକୃତି ଦେବା ତଥା ଏକ୍ଷେତ୍ରରେ କାର୍ଯ୍ୟ କରି ପ୍ରାଣ ହରାଉଥିବା କାର୍ଯ୍ୟକର୍ତ୍ତାଙ୍କୁ ସମ୍ମାନ ଦେବା, ସେମାନଙ୍କ ସ୍ମୃତିଚାରଣ ଏହି ଦିବସ ପାଳନର ମୁଖ୍ୟ ଲକ୍ଷ୍ୟ ବା ଉଦ୍ଦେଶ୍ୟ।

# ବିଶ୍ୱ ଫଟୋଗ୍ରାଫି ଦିବସ




ବିନା ଶବ୍ଦ, ବିନା ଭାଷାରେ ଯିଏ କଥା କୁହେ ସେ ହେଉଛି ଫଟୋ। ଏଇ ଫଟୋ ହିଁ ପୁରୁଣା ସ୍ମୃତିକୁ ସାଇତି ରଖିବାର ଏକ ଉତ୍କୃଷ୍ଟ ମାଧ୍ୟମ। ସମୟ ବିତିଯାଏ କିନ୍ତୁ ଅତୀତର ସାଥୀ ହେଇ ରହିଯାଏ ଏଇ ଫଟୋ। ଆଜିର ଡିଜିଟାଲ ଓ ସ୍ମାର୍ଟଫୋନ ଯୁଗରେ ସମସ୍ତେ ଫଟୋଗ୍ରାଫର ସାଜିଥିଲେ ବି ଫଟୋଗ୍ରାଫି ବା ଚିତ୍ରୋତ୍ତୋଳନ ଏଭଳି ଏକ କଳା ଯେଉଁଥିରେ ଆବଶ୍ୟକ ହୋଇଥାଏ ଆବେଗ, ଉତ୍କଣ୍ଠା, କୌତୂହଳ ଓ ସୃଜନଶୀଳତାର ମିଶ୍ରିତ ପ୍ରତିଫଳନ। ଫଟୋକୁ ସାଇତି ରଖିଥିବା ମଣିଷ ହେଉ କି ଫଟୋର ସେହି ସୁନ୍ଦର ମୁହୂର୍ତ୍ତକୁ ଠିକ୍ ସମୟରେ ନିଜ କ୍ୟାମେରା ଲେନ୍ସରେ ତୋଳି ଧରିଥିବା ମଣିଷମାନଙ୍କ ପାଇଁ ବିଶ୍ୱ ଫଟୋଗ୍ରାଫି ଦିବସ ବେଶ୍ ଗୁରୁତ୍ୱ ରଖେ। ଫଟୋଗ୍ରାଫିରେ ସଉକ ରଖିଥିବା ତଥା ଏହି ବୃତ୍ତିକୁ ଆପଣେଇ ନେଇଥିବା ଫଟୋଗ୍ରାଫରମାନଙ୍କୁ ସମ୍ମାନ ଦେବା ଉଦ୍ଦେଶ୍ୟରେ ପ୍ରତିବର୍ଷ ଅଗଷ୍ଟ ମାସର ୧୯ ତାରିଖକୁ 'ବିଶ୍ୱ ଫଟୋଗ୍ରାଫି ଦିବସ' ଭାବରେ ପାଳନ କରାଯାଉଛି। କେବଳ ଯେ, ଡିଏସ୍‌ଏଲ୍‌ଆର୍, ଏସ୍‌ଏଲ୍‌ଆର୍ ଭଳି ବଡ଼ ବଡ଼ କ୍ୟାମେରା କିମ୍ବା ଲେନ୍ସ ବ୍ୟବହାର କରିଦେଲେ ଜଣେ ଭଲ ଫଟୋଗ୍ରାଫର ହୋଇଯିବ ତାହା ନୁହେଁ, ସାଧାରଣ ସ୍ମାର୍ଟଫୋନ୍‌ରେ ବି ଉତ୍କୃଷ୍ଟମାନର ଫଟୋ ଉଠାଇହେବ। ଏଥିପାଇଁ କେବଳ ଆବଶ୍ୟକ ଭିନ୍ନ ଦୃଷ୍ଟିକୋଣ ଓ ଫଟୋଗ୍ରାଫି ଜ୍ଞାନ। ଯୁଦ୍ଧର ଭୟାବହତା ହେଉ କି ଦାଦନ ଶ୍ରମିକଙ୍କ ନିର୍ଯାତନାର ଦୁଃଖ, ଆମାଜନ୍ ଜଙ୍ଗଲର ଆଦିମ ଅଧିବାସୀଙ୍କ ଜୀବନଧାରା ହେଉ କି ହିମାଳୟର ବରଫାଚ୍ଛନ୍ନ ଅଞ୍ଚଳକୁ କ୍ୟାମେରାରେ ସାଇତି ରଖିଥାନ୍ତି ଫଟୋଗ୍ରାଫରମାନେ। ପୂର୍ବରୁ ଲୋକେ ଷ୍ଟୁଡିଓ ଯାଇ ଫଟୋ ଉଠାଉଥିଲେ। ସ୍ମାର୍ଟଫୋନ୍‌ର ଜମାନାରେ ଏବେ ପ୍ରତି ଲୋକଙ୍କ ହାତରେ କ୍ୟାମେରା। ଫଟୋ ଉଠାଇବା ପାଇଁ ଆଉ ଷ୍ଟୁଡିଓ ଯିବାର ଆବଶ୍ୟକତା ନାହିଁ କି କୁଆଡ଼େ ବୁଲି ଗଲାବେଳେ ସାଙ୍ଗରେ କ୍ୟାମେରା ନେଇ ଯିବାର ଲୋଡ଼ା ନାହିଁ। ବର୍ତ୍ତମାନ ଯିଏ ଯୋଉଠି ଚାହୁଁଛି ଫଟୋ ଉଠାଇ ପାରୁଛି ଓ ସେଲ୍‌ଫି ନେଇପାରୁଛି। ୧୮୩୯, ଜାନୁଆରୀ ୯ ତାରିଖରେ ବିଶ୍ୱରେ ପ୍ରଥମ କରି ଫଟୋଗ୍ରାଫି ଆରମ୍ଭ ହୋଇଥିଲା। ଜୋସେଫ୍ ନାଇସଫୋର୍ ଓ ଲୁଇସ୍ ଡାଗୁଏରେ ନାମରେ ଦୁଇ ଜଣ ବୈଜ୍ଞାନିକ 'ଡେଗୁଏରୋଟାଇପ୍ ପ୍ରକ୍ରିୟା'ର ଆରମ୍ଭ କରିଥିଲେ। 'ଡେଗୁଏରୋଟାଇପ୍ ପ୍ରକ୍ରିୟା' ହେଉଛି ଫଟୋଗ୍ରାଫିର ପ୍ରଥମ ପ୍ରକ୍ରିୟା। ଏହି ଉଦ୍ଭାବନର ଘୋଷଣା ଫ୍ରାନ୍ସ ସରକାର ୧୯ ଅଗଷ୍ଟ ୧୮୩୯ ମସିହାରେ କରିଥିଲେ। ଏହାକୁ ମନେ ପକାଇବା ପାଇଁ ପ୍ରତିବର୍ଷ ୧୯ ଅଗଷ୍ଟ ଦିନ 'ୱାର୍ଲ୍ଡ ଫଟୋଗ୍ରାଫି ଡେ' ପାଳନ କରାଯାଇଥାଏ। ଏହା ଫଟୋଗ୍ରାଫର୍‌ମାନଙ୍କୁ ବିଭିନ୍ନ କୌଶଳ, ରଚନା ଓ ଶୈଳୀ ସହ ପରୀକ୍ଷାନିରୀକ୍ଷା କରିବାକୁ ଉତ୍ସାହିତ କରିଥାଏ। ତେବେ ୨୦୧୦ରେ ଫଟୋଗ୍ରାଫି ଦିବସ ଲୋକପ୍ରିୟତା ହାସଲ କରିଥିଲା। ଏହି ଦିନ ୨୭୦ ଜଣ ଫଟୋଗ୍ରାଫର୍ ଏକ ବିଶ୍ୱସ୍ତରୀୟ ଏକ ଅନ୍‌ଲାଇନ୍ ଗ୍ୟାଲେରୀରେ ନିଜର ଫଟୋଗୁଡ଼ିକୁ ସେୟାର୍ କରିଥିଲେ। ୧୦୦ରୁ ଊର୍ଦ୍ଧ୍ୱ ଦେଶର ଲୋକେ ଏହି ୱେବ୍‌ସାଇଟ୍ ପ୍ରଦର୍ଶନ କରିଥିଲେ। ଏହି ଦିବସ ପାଳନ ଅବସରରେ ବିଭିନ୍ନ ସଂସ୍ଥା ପକ୍ଷରୁ ଅନ୍‌ଲାଇନ୍ ଓ ଅଫ୍‌ଲାଇନ୍ ଫଟୋଗ୍ରାଫି ପ୍ରତିଯୋଗିତାମାନ ଆୟୋଜନ କରାଯାଇଥାଏ।



# ନାଁ ନ ଥିବା ରେଳଷ୍ଟେସନ

ପ୍ରତିଦିନ ଲକ୍ଷାଧିକ ଲୋକ ଟ୍ରେନ୍‌ରେ ଯାତ୍ରା କରିଥାନ୍ତି। ସେହିପରି ପ୍ରତ୍ୟେକ ଷ୍ଟେସନର ନାଁ ଥିବା ସ୍ୱାଭାବିକ କଥା। ହେଲେ ଭାରତରେ ଏମିତି ବି ଏକ ରେଳ ଷ୍ଟେସନ ଅଛି, ଯାହାର କୌଣସି ନାଁ ନାହିଁ। ସେଥିପାଇଁ ଏହା ବେନାମୀ ରେଳ ଷ୍ଟେସନ ଭାବେ ପରିଚିତ। ୨୦୦୮ ମସିହାରୁ ଏହି ଷ୍ଟେସନକୁ ଟ୍ରେନ୍ ଆତଯାତ ଲାଗି ରହିଛି। ପଶ୍ଚିମବଙ୍ଗର ବର୍ଦ୍ଧମାନଠାରୁ ୩୫ କିଲୋମିଟର ଦୂରରେ ଏହା ଅବସ୍ଥିତ। ଏହି ବେନାମୀ ରେଳ ଷ୍ଟେସନକୁ ଦିନ ତମାମ ଅନେକ ଟ୍ରେନ ଆସେ। ତା'ସହ ମାଲବାହୀ ଟ୍ରେନ ବି। ଷ୍ଟେସନର ନାଁ ନ ଥିଲେ ବି ଟିକେଟ୍ କଟାଯାଏ। ବିନା ନାଁର ଏହି ଷ୍ଟେସନ ୧୭ ବର୍ଷ ଧରି ଚାଲୁଛି। ତେବେ ରେଳ ଷ୍ଟେସନର ନାଁ ନ ଥିବା ପଛରେ ଦୁଇଟି ଗାଁର(ରୈନା ଓ ରୈନାଗର) ବିବାଦ ଥିବା କୁହାଯାଏ। ଭାରତୀୟ ରେଳ ପକ୍ଷରୁ ଯେତେବେଳେ ଏହାକୁ ତିଆରି କରାଗଲା, ଏହାର ନାଁ ରୈନାଗର ରଖିଲା। ହେଲେ ସ୍ଥାନୀୟ ଲୋକ ଏହାକୁ ଆପତ୍ତି କଲେ ଏବଂ ଷ୍ଟେସନର ନାଁ ବଦଳାଇବାକୁ କହିଲେ। ମାମଲା ଏତେ ବେଶି ବଢ଼ିଲା ଯେ, ଏହା ଅଦାଲତରେ ପହଞ୍ଚିଲା। ସେବେଠୁ ହିଁ ଏହି ରେଳ ଷ୍ଟେସନ ବିନା ନାଁରେ ଚାଲୁଛି। ଏହି ଷ୍ଟେସନରେ ଫଳକ ଲାଗିଛି, ହେଲେ ଫଳକରେ କୌଣସି ନାଁ ଲେଖାଯାଇ ନାହିଁ। ଅବଶ୍ୟ ଅଜଣା ଲୋକେ ଏଠାକାର ଲୋକଙ୍କୁ ସେମାନେ କେଉଁ ଷ୍ଟେସନରେ ଅଛନ୍ତି ପଚାରି ବୁଝନ୍ତି। ସେହିପରି ଏହି ଷ୍ଟେସନରେ କେବଳ ବାଙ୍କୁଡ଼ା ମାସାଗ୍ରାମ ଯାତ୍ରୀବାହୀ ଟ୍ରେନ୍ ଅଟକି ଥାଏ। ଅନ୍ୟପଟେ ଏହି ଷ୍ଟେସନରେ ବିକ୍ରି ହେଉଥିବା ଟିକେଟ୍‌ରେ ପୁରୁଣା ନାଁ ରୈନାଗର ଲେଖା ଅଛି।

# 'ଏକ ଚତୁର ନାର'ରେ ଦିବ୍ୟା-ନୀଲ




ଟି-ସିରିଜ୍ ଏବେ ଏକ ନୂଆ ଫିଲ୍ମ ନେଇ ଆସୁଛି। ଏଥିରେ ଦିବ୍ୟା ଖୋସଲା ଓ ନୀଲ ନିତିନ୍ ମୁକେଶ ଲିଡ୍ ରୋଲରେ ନଜର ଆସିବେ। ଇତିମଧ୍ୟରେ ଫିଲ୍ମର ପ୍ରଥମ ଝଲକ ଦର୍ଶକ ଦେଖିବାକୁ ପାଇଛନ୍ତି। ଫିଲ୍ମ ନିର୍ମାତା ଏହାର ଦୁଇଟି ମୋସନ୍ ପୋଷ୍ଟର୍ ଜାରି କରିଛନ୍ତି। ଗୋଟିଏ ପୋଷ୍ଟର୍‌ରେ ଦିବ୍ୟା ଓ ନୀଲ ଗୋଟିଏ ଟେବୁଲ ପାଖରେ ଠିଆ ହୋଇ ରହିଛନ୍ତି। ଟେବୁଲରେ ଟମାଟୋ ଓ କ୍ୟାପ୍ସିକମ୍ ଆଦି ରହିଛି। ଦିବ୍ୟା ବାମ ହାତରେ ଗାଜର କାଟୁଥିବାବେଳେ କ୍ୟାମେରା ଆଡ଼କୁ ଅନାଇଥିବାର ଦେଖାଯାଇଛନ୍ତି। ନୀଲ ହ୍ୟାଫ୍ ଜ୍ୟାକେଟ୍ ପିନ୍ଧି ହାତରେ ବନ୍ଧୁକ ଧରି ନଜର ଆସିଛନ୍ତି। ସେହିଭଳି ଦ୍ୱିତୀୟ ପୋଷ୍ଟରରେ ଦିବ୍ୟା ଆଖିରେ କଳା ଚଷମା ପିନ୍ଧିଛନ୍ତି। ତାଙ୍କ କେଶ ଏକ ଫୋନ୍‌ରେ ଗୁଡ଼ାଇ ହୋଇ ରହିଛି। ଫୋନ୍‌ର ଡିସ୍‌ପ୍ଲେରେ ନୀଲ ଡରିଯାଇଥିବାର ଦେଖାଯାଇଛନ୍ତି। ଫିଲ୍ମର ଟାଇଟଲ ଓ ପୋଷ୍ଟରରୁ ଏହା ଏକ କମେଡି ଡ୍ରାମା ହେବ ବୋଲି ଅନୁମାନ କରାଯାଉଛି। ତେବେ ଫିଲ୍ମର ପୋଷ୍ଟର୍ ସାମ୍ନାକୁ ଆସିବା ପରେ ଦର୍ଶକେ ଏହାକୁ ନେଇ ବେଶ୍ ଉତ୍ସାହିତ ଅଛନ୍ତି। ଟି-ସିରିଜ୍ ଦ୍ୱାରା ନିର୍ମିତ ଏହି ଫିଲ୍ମର ନିର୍ଦ୍ଦେଶନା ଦାୟିତ୍ୱରେ ଉମେଶ ଶୁକ୍ଲା ରହିଛନ୍ତି। ଏହା ୧୨ ସେପ୍ଟେମ୍ବରରେ ପରଦାକୁ ଆସିବ।

# ଅଭିବାଦନ ପାଇଁ ଚର୍ଚ୍ଚାରେ ପ୍ରଧାନଶିକ୍ଷକ



ପେନସିଲଭାନିଆର ଜଣେ ପ୍ରଧାନଶିକ୍ଷକ ତାଙ୍କର ନିଆରା ଅଭିବାଦନ ଶୈଳୀ ପାଇଁ ଚର୍ଚ୍ଚା ସାଉଁଟୁଛନ୍ତି। ଛାତ୍ରଛାତ୍ରୀଙ୍କ ସହିତ ତାଙ୍କର ସକାଳ ଅଭିବାଦନ ହିଁ ସମସ୍ତଙ୍କ ଦୃଷ୍ଟିଆକର୍ଷଣ କରିଛି। ଲାନକାଷ୍ଟର ସ୍ଥିତ ପ୍ରୋଭିଡେନ୍ସ ଏଲିମେଣ୍ଟାରି ସ୍କୁଲର ପ୍ରଧାନ ଶିକ୍ଷକ ହେଉଛନ୍ତି ଜାକ ବାଉରମାଷ୍ଟର। ସେ ପିଲାମାନେ କ୍ଲାସ୍‌କୁ ପ୍ରବେଶ କରିବା ପୂର୍ବରୁ କାହା ସହିତ ହାତ ମିଳାଇ ତ ପୁଣି କାହାକୁ ହାଇ ଫାଇଭ୍ କରି ସ୍ୱାଗତ କରିଥାନ୍ତି। ଏହାର ଏକ ଭିଡିଓ ସାମାଜିକ ଗଣମାଧ୍ୟମରେ ସେୟାର୍ ହେବା ପରେ ସମସ୍ତଙ୍କ ନଜରକୁ ଆସିଛି। ଜଣ ଜଣ କରି ସେ ପ୍ରତ୍ୟେକ ଛାତ୍ରଙ୍କ ସହ ଯେଉଁଭଳି ଭାବେ ଅଭିବାଦନ କରୁଛନ୍ତି, ଲାଗୁଛି ସତେ ଯେପରି ସେ ସେମାନଙ୍କର ଶିକ୍ଷକ ନୁହଁନ୍ତି, ବରଂ ସାଙ୍ଗ। ପ୍ରିନ୍ସିପାଲଙ୍କ ପିଲାଙ୍କ ପ୍ରତି ଏଭଳି ବ୍ୟବହାର ସ୍କୁଲ ପରିବେଶକୁ ଆନନ୍ଦମୟ କରି ଦେଇଛି। ତେବେ ଭିଡିଓର ଶୀର୍ଷକରେ ଲେଖା ଯାଇଛି, "ସ୍କୁଲ ଏପରି ଏକ ସ୍ଥାନ ଯେଉଁଠି ସମ୍ପର୍କ ତିଆରି ହୁଏ, ତେଣୁ ପିଲାଙ୍କ ହୃଦୟ ଜିତିବାକୁ ସେମାନଙ୍କ ଭଳି ହେବାକୁ ପଡ଼ିବ।" ଅବଶ୍ୟ ପ୍ରଧାନଶିକ୍ଷକଙ୍କ ଏଭଳି କାର୍ଯ୍ୟ ପିଲାଙ୍କୁ ସ୍କୁଲ ଯିବା ଲାଗି ଏକପ୍ରକାର ଉତ୍ସାହିତ କରିପାରିଛି। ଅନ୍ୟପଟେ ପ୍ରଧାନଶିକ୍ଷକଙ୍କ ଏହି ସ୍ୱଭାବକୁ ଲୋକମାନେ ଖୁବ୍ ପସନ୍ଦ କରିବା ସହ ପ୍ରଶଂସା କରୁଛନ୍ତି।

# ଦରମା ମିଳିବାର ପାଞ୍ଚ ମିନିଟ୍‌ରେ ଦେଲେ ଇସ୍ତଫା




ପ୍ରଥମ ଦରମା ମିଳିବାର ପାଞ୍ଚ ମିନିଟ୍ ମଧ୍ୟରେ କେହି କେବେ ଚାକିରିରୁ ଇସ୍ତଫା ଦେବା କଥା ଚିନ୍ତା କରି ନ ଥିବେ। ତେବେ ଏମିତି ଏକ ଘଟଣା ଘଟିଛି। ଯାହାକି ସମସ୍ତଙ୍କର ଦୃଷ୍ଟିଆକର୍ଷଣ କରିଛି। ଜଣେ ଭାରତୀୟ ଏଚ୍‌ଆର୍ ପ୍ରଫେସନାଲ ଲିଙ୍କଡ୍‌ଇନ୍ ପୋଷ୍ଟରେ ଏହି ଘଟଣା ବାବଦରେ ସେୟାର୍ କରିଛନ୍ତି। ଏଥିରେ ଜଣେ ଯୁବକଙ୍କୁ ପ୍ରଥମ ଦରମା ମିଳିବାର ପାଞ୍ଚ ମିନିଟ୍ ପରେ ସେ ଇସ୍ତଫା ଦେଇଥିବା କଥା କୁହାଯାଇଛି। ସମ୍ପୃକ୍ତ ଏଚ୍‌ଆର୍ କହିଛନ୍ତି, ସକାଳ ୧୦ଟାରେ ଉକ୍ତ କର୍ମଚାରୀଙ୍କ ସାଲାରି କ୍ରେଡିଟ୍ ହୋଇଥିଲା ଏବଂ ୧୦ଟା ୫ରେ ସେ ତାଙ୍କର ଇସ୍ତଫାପତ୍ର ମେଲ୍‌କୁ ପଠାଇ ଦେଇଥିଲେ। ଏହା କେତେ ଦୂର ଠିକ୍ ବୋଲି ଏଚ୍‌ଆର୍ ପ୍ରଶ୍ନ କରିଛନ୍ତି। ସମ୍ପୃକ୍ତ ଏଚ୍‌ଆର୍ କହିଛନ୍ତି, 'କମ୍ପାନି ଏହି କର୍ମଚାରୀଙ୍କୁ ନିଯୁକ୍ତି ସୁଯୋଗ ଦେଲା, ତାଙ୍କ ଉପରେ ଭରସା କଲା ଏବଂ ତାଙ୍କୁ ତାଙ୍କ କ୍ୟାରିୟର୍‌ରେ ଆଗକୁ ବଢ଼ିବାର ସୁଯୋଗ ଦେଲା। କେବଳ ସେତିକି ନୁହେଁ, ତାଙ୍କୁ ଟିମ୍‌ରେ ସାମିଲ କରାଯାଇ ସପ୍ତାହେ ପର୍ଯ୍ୟନ୍ତ ଟ୍ରେନିଂ ମଧ୍ୟ ଦିଆଗଲା। ଏତେ ସବୁ କରାଯିବା ପରେ ପାଞ୍ଚ ମିନିଟ୍‌ରେ ଚାକିରି ଛାଡ଼ିବା କ'ଣ ନୈତିକତା ଦୃଷ୍ଟିକୋଣରୁ ଠିକ୍!' ସେହିପରି ଏଚ୍‌ଆର୍ ଜଣକ ଆହୁରି କହିଛନ୍ତି, 'ଯଦି କାମ କି ପରିବେଶ ଠିକ୍ ନ ଲାଗେ, କର୍ମଚାରୀ ଖୋଲାଖୋଲି ଭାବେ ଆଲୋଚନା କରିବା ଦରକାର। ଭାବିଚିନ୍ତି କମ୍ପାନିରୁ ବାହାରିବା ଉଚିତ। କୌଣସି ଚାକିରି ସହଜ ହୋଇ ନ ଥାଏ। ପ୍ରତ୍ୟେକ ଚାକିରିରେ ଧୈର୍ଯ୍ୟ ଓ ପରିଶ୍ରମର ଆବଶ୍ୟକତା ଥାଏ।' ପ୍ରକୃତ ଉନ୍ନତି ପ୍ରଥମ ଦରମାରେ ନୁହେଁ, ଲଗାତାର ପ୍ରଚେଷ୍ଟା ଓ ଧୈର୍ଯ୍ୟରୁ ଆସିଥାଏ ବୋଲି ଏଚ୍‌ଆର୍ ଜଣକ କହିଛନ୍ତି। ଅନ୍ୟପଟେ ଏହି ଘଟଣାକୁ ନେଇ କିଛି ଲୋକ ଏଚ୍‌ଆର୍‌ର ପକ୍ଷରେ ଥିବାବେଳେ ଆଉ କେତେ ଜଣ ସମ୍ପୃକ୍ତ ଯୁବକଙ୍କୁ ସମର୍ଥନ କରିଛନ୍ତି।

## ଆଜିର ରାଶିଫଳ

**ମେଷ:** ପାରିବାରିକ ସମସ୍ୟା ଦେଖାଦେବ। ସ୍ୱାସ୍ଥ୍ୟ ପ୍ରତି ଯତ୍ନବାନ ହେବେ। ବ୍ୟବସାୟ ପାଇଁ ନୂଆ ଯୋଜନା ପ୍ରସ୍ତୁତ କରିବେ। ପ୍ରେମ ସମ୍ପର୍କରେ ସମସ୍ୟା ସୃଷ୍ଟି ହେବ।

**ବୃଷ:** ବନ୍ଧୁ ତଥା ଭାଇଙ୍କ ସହଯୋଗ ମିଳିବ। ବ୍ୟବସାୟରେ ଉନ୍ନତି ପରିଲକ୍ଷିତ ହେବ। ସାମାଜିକ ପ୍ରତିଷ୍ଠା ବଢ଼ିବ। ପ୍ରତିଯୋଗିତାମୂଳକ ପରୀକ୍ଷାରେ ବିଦ୍ୟାର୍ଥୀ କୃତକାର୍ଯ୍ୟ ହେବେ।

**ମିଥୁନ:** ଦିନଟି ଶୁଭଫଳ ପ୍ରଦାନ କରିବ। ଆର୍ଥିକ ମାମଲାରେ ସୁଧାର ଆସିବ। ସହକର୍ମୀଙ୍କ ସହଯୋଗରୁ ଅଫିସ୍ କାର୍ଯ୍ୟରେ ସଫଳତା ମିଳିବ। ଧାର୍ମିକ କାର୍ଯ୍ୟରେ ସାମିଲ ହେବେ। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

**କର୍କଟ:** ଆତ୍ମବିଶ୍ୱାସ ବୃଦ୍ଧି ପାଇବ। ଦୀର୍ଘଦିନରୁ ଅଟକି ରହିଥିବା କାର୍ଯ୍ୟ ପୂରା ହେବ। ପାରିବାରିକ ଜୀବନ ସୁଖମୟ ହେବ। ପରିବାର ସହିତ ସୁଖଦ ସମୟ ଅତିବାହିତ କରିବେ।

**ସିଂହ:** ସୃଜନାତ୍ମକ କାର୍ଯ୍ୟରେ ସଫଳତା ମିଳିବ। ସ୍ୱାସ୍ଥ୍ୟ ସମସ୍ୟା ଦେଖା ଦେବ। ମନ ପ୍ରସନ୍ନ ରହିବ। ପ୍ରେମ ସମ୍ବନ୍ଧ ମଜଭୁତ୍ ହେବ। ବିଦ୍ୟାର୍ଥୀ ମନୋରଞ୍ଜନ କାର୍ଯ୍ୟରେ ସମୟ ଅତିବାହିତ କରିବେ।

**କନ୍ୟା:** ଶିକ୍ଷା କ୍ଷେତ୍ରରେ ସଫଳତା ପ୍ରାପ୍ତି ହେବ। ରାଜନୀତିରେ ସାମିଲ ହେବେ। ଆର୍ଥିକ ସ୍ଥିତିରେ ସୁଧାର ଆସିବ। ବୈବାହିକ ଜୀବନରେ ସମସ୍ୟା ଆସିବ। ସାଙ୍ଗଙ୍କ ସହ ଦୂରସ୍ଥାନକୁ ଯାତ୍ରା କରିବେ।

**ତୁଳା:** ଅଫିସ୍ କାର୍ଯ୍ୟରେ ବିଦେଶ ଯାତ୍ରା ଯୋଗ ଅଛି। ଧାରକରଜକୁ ଦୂରେଇ ରହିବେ। ମାଆଙ୍କ ସ୍ୱାସ୍ଥ୍ୟ ସମସ୍ୟାରେ ଉନ୍ନତି ପରିଲକ୍ଷିତ ହେବ। ପ୍ରେମିକ-ପ୍ରେମିକାଙ୍କ ପାଇଁ ଦିନଟି ଭଲ।

**ବିଛା:** କର୍ମଚଞ୍ଚଳ ରହିବେ। ମନ ପ୍ରଫୁଲ୍ଲିତ ରହିବ। ଆୟଠୁ ବ୍ୟୟ ଅଧିକ ହେବ। ଅଯଥା ଖର୍ଚ୍ଚରୁ ଦୂରେଇ ରହିବେ। ଘର ପାଇଁ ନୂଆ ଜିନିଷ କିଣିବେ। କଳା, ସାହିତ୍ୟ କ୍ଷେତ୍ରରେ ସଫଳତା ମିଳିବ।

**ଧନୁ:** ଦିନଟି ମିଶ୍ରଫଳ ପ୍ରଦାନ କରିବ। ଧାର୍ମିକ କାର୍ଯ୍ୟ କରିବେ। ସମାଜରେ ମାନ, ପ୍ରତିଷ୍ଠା ବଢ଼ିବ। ସମାଜସେବାରେ ନିଜକୁ ନିୟୋଜିତ କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖା ଦେବ।

**ମକର:** ଶାରୀରିକ ଯନ୍ତ୍ରଣା ଭୋଗିବେ। ସ୍ୱାସ୍ଥ୍ୟ ପ୍ରତି ଯତ୍ନବାନ ହେବେ। ବୁଲାବୁଲି ପାଇଁ ଯୋଜନା ପ୍ରସ୍ତୁତ କରିବେ। ଖେଳାଳିଙ୍କୁ ସଫଳତା ମିଳିବ। ବ୍ୟବସାୟରେ କ୍ଷତି ଘଟିବ।

**କୁମ୍ଭ:** ନିବେଶରୁ ଲାଭ ମିଳିବ। କାର୍ଯ୍ୟରୁ ଆଶାଜନକ ଫଳ ମିଳିବ। ଆତ୍ମବିଶ୍ୱାସର ସହ କାର୍ଯ୍ୟ ସମ୍ପାଦନ କରିବେ। ଅଫିସ୍‌ରେ ପଦୋନ୍ନତି ସମ୍ଭାବନା ଅଛି।

**ମୀନ:** ସନ୍ତାନଙ୍କ ଭବିଷ୍ୟତ ପାଇଁ ନୂଆ ଯୋଜନା କରିବେ। ବିଦ୍ୟାର୍ଥୀ ପଢ଼ାରେ ମନଯୋଗ ଦେବେ। ପଡ଼ୋଶୀଙ୍କ ସହ ବିବାଦ ଦେଖା ଦେବ। ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ଉତ୍ତମ ବୁଝାମଣା ରହିବ।

### ଓଟିଇଟି ପ୍ରଶ୍ନପତ୍ର ପ୍ରଘଟ ଘଟଣା

## ସନାତନ ଓ ରାମଜୀଙ୍କୁ ରିମାଣ୍ଡରେ ନେବ କ୍ରାଇମବ୍ରାଞ୍ଚ

କଟକ, ୧୮ ।୮ (ସମିସ): ମାଧ୍ୟମିକ ଶିକ୍ଷା ପରିଷଦ (ବୋର୍ଡ) ଦ୍ୱାରା ପରିଚାଳିତ ହେଉଥିବା ସ୍ୱତନ୍ତ୍ର ଓଟିଇଟି ପରୀକ୍ଷାର ପ୍ରଶ୍ନପତ୍ର ପ୍ରଘଟ ଘଟଣାରେ କ୍ରାଇମବ୍ରାଞ୍ଚ ପକ୍ଷରୁ ପୁଣି ଦୁଇ ଅଭିଯୁକ୍ତ ସନାତନ ବିଷୋୟୀ ଓ ରାମଜୀ ପ୍ରସାଦ ଗୁପ୍ତାଙ୍କୁ ଦିନିକିଆ ରିମାଣ୍ଡରେ ଆଣି ପଚରାଉଚରା କରାଯିବ। ଏହି ଦୁଇଜଣଙ୍କୁ ୨ଦିନ ରିମାଣ୍ଡ ପାଇଁ କ୍ରାଇମବ୍ରାଞ୍ଚ ପକ୍ଷରୁ କଟକ ଜେଏମ୍ଏଫ୍‌ସି-୩ ଅଦାଲତରେ ଆବେଦନ କରାଯାଇଥିଲା। ଅଦାଲତ ଆସନ୍ତାକାଲି ଗୋଟିଏ ଦିନ ରିମାଣ୍ଡରେ ନେବା ପାଇଁ ଅନୁମତି ପ୍ରଦାନ କରିଛନ୍ତି। ଏହା ପୂର୍ବରୁ ଡାଟାଏଣ୍ଟ୍ରି ଅପରେଟର୍ ଜିତନ ମହାରଣା ଓ ଶିକ୍ଷକ ନେତା ବିଜୟ କୁମାର ମିଶ୍ରଙ୍କୁ କ୍ରାଇମବ୍ରାଞ୍ଚ ଦୁଇ ଦିନିଆ ରିମାଣ୍ଡରେ ନେଇ ବହୁ ଗୁରୁତ୍ୱପୂର୍ଣ୍ଣ ତଥ୍ୟ ପାଇଥିଲା। କୋରାପୁଟ ଜିଲ୍ଲାର ପୂର୍ବତନ କ୍ୟାଡର୍ ଶିକ୍ଷକ ସଂଘର ସଭାପତି ସନାତନ ବିଶୋଇଙ୍କ ପାଖକୁ ମଧ୍ୟ ଲିକ୍ ହୋଇଥିବା ପ୍ରଶ୍ନପତ୍ରର ନକଲ ଯାଇଥିଲା। ଗିରଫ ହୋଇଥିବା କଟକ ବାଦାମବାଡ଼ି ଅଞ୍ଚଳର ଅନ୍ୟତମ ଅଭିଯୁକ୍ତ ରାମଜୀ ପ୍ରସାଦ ଗୁପ୍ତା ଏହି କାରବାରରେ ଦଲାଲ ଭୂମିକା ଗ୍ରହଣ କରିଥିଲେ। ଏଣୁ ଉଭୟଙ୍କୁ ଜେରା ପରେ ଘଟଣା ସମ୍ପର୍କରେ ଅଧିକ ତଥ୍ୟ ହାସଲ ପାଇଁ ଯୋଜନା କରିଛି କ୍ରାଇମବ୍ରାଞ୍ଚ।

**୭ ଅଭିଯୁକ୍ତଙ୍କ ଜାମିନ ଶୁଣାଣି ଘୁଞ୍ଚିଲା**

ସେହିଭଳି ଏହି କେଳେଙ୍କାରୀରେ ଗିରଫ ହୋଇଥିବା ବୋର୍ଡର ପ୍ରାକ୍ତନ ଉପସଭାପତି ନୀହାର ରଂଜନ ମହାନ୍ତିଙ୍କ ସମେତ ସମସ୍ତ ୭ ଅଭିଯୁକ୍ତଙ୍କ ଜାମିନ ମାମଲାର ଶୁଣାଣି ଆସନ୍ତା ୨୨ ତାରିଖକୁ ଘୁଞ୍ଚିଛି। କଟକ ଅତିରିକ୍ତ ଦୌରା ଅଦାଲତରେ ଅଭିଯୁକ୍ତମାନଙ୍କର ଜାମିନ ଆବେଦନ ମାମଲାରେ କ୍ରାଇମବ୍ରାଞ୍ଚ ପକ୍ଷରୁ କେସ ଡାଏରୀ ଦାଖଲ ପାଇଁ ଆଉ କିଛି ସମୟ ଲୋଡ଼ାଯାଇଥିଲା। ଅଦାଲତ ଏଥିପାଇଁ ଅନୁମତି ପ୍ରଦାନ କରିବା ସହ ଜାମିନ ଆବେଦନଗୁଡ଼ିକର ପରବର୍ତ୍ତୀ ଶୁଣାଣି ଆସନ୍ତା ୨୨କୁ ଧାର୍ଯ୍ୟ କରିଛନ୍ତି।

## ଶୌଚ ପାଇଁ ଯାଇଥିବା ନାବାଳିକାଙ୍କୁ ଗଣଦୁଷ୍କର୍ମ

**ସମ୍ବଲପୁରରେ ପୁଣି ଲଜ୍ଜା!**

- ମୁଖ୍ୟ ଅଭିଯୁକ୍ତ ଗିରଫ, ୨ ନାବାଳକ ଅଟକ
- ଫେରାର୍ ୨ ଅଭିଯୁକ୍ତଙ୍କୁ ଖୋଜୁଛି ପୁଲିସ୍

ସମ୍ବଲପୁର, ୧୮।୮(ସମିସ): ସମ୍ବଲପୁରରେ ପୁଣି ଲଜ୍ଜା। ଯୁଯୁମୁରା ଥାନା ଅଞ୍ଚଳରେ ଜଣେ ନାବାଳିକାକୁ ଗଣଦୁଷ୍କର୍ମ କରାଯିବା ଭଳି ଏକ ଆପରାଧିକ ଘଟଣା ଘଟିଛି। ନାବାଳିକାଜଣଙ୍କ ଶୌଚ ହେବାକୁ ଯାଇଥିବା ବେଳେ ୫ ଜଣ ଦୁର୍ବୃତ୍ତ ତାକୁ ଟେକିନେଇ ଗଣଦୁଷ୍କର୍ମ କରିଛନ୍ତି। ଏହି ଘଟଣାରେ ପୁଲିସ୍ ମୁଖ୍ୟ ଅଭିଯୁକ୍ତକୁ ଗିରଫ କରିବା ସହ ୨ ନାବାଳକଙ୍କୁ ଧରିଛି। ଅନ୍ୟ ୨ ଅଭିଯୁକ୍ତ ଫେରାର୍ ହୋଇଯାଇଥିବା ଜଣାଯାଇଛି। ସେମାନଙ୍କୁ ଧରିବା ପାଇଁ ପୁଲିସ ତନାଘନା ଚଳାଇଛି। ମୁଖ୍ୟ ଅଭିଯୁକ୍ତଜଣଙ୍କ ହେଲା, ଯୁଯୁମୁରା ଥାନା ଝାଙ୍କରପାଲି ପଞ୍ଚାୟତର ସୁଶାନ୍ତ ମିର୍ଦ୍ଧା(୨୧)। ଆଜି ତାକୁ କୋର୍ଟଚାଲାଣ କରାଯାଇଛି। ସେହିପରି, ଧରାପଡ଼ିଥିବା ୨ ନାବାଳକଙ୍କୁ କିଶୋର ନ୍ୟାୟ ବୋର୍ଡରେ ଉପସ୍ଥାପନ କରାଯାଇଛି। ସମ୍ବଲପୁର ଏସ୍‌ପି ମୁକେଶ କୁମାର ଭାମୁ ଆଜି ଏକ ସାମ୍ବାଦିକ ସମ୍ମିଳନୀରେ ଏହି ସୂଚନା ଦେଇଛନ୍ତି।

ପୁଲିସ୍ ସୂଚନାନୁଯାୟୀ, ଯୁଯୁମୁରା ବ୍ଲକ୍ ଅଞ୍ଚଳରେ ପୀଡ଼ିତା ୧୪ ବର୍ଷୀୟା ନାବାଳିକା ସପରିବାରେ ରୁହନ୍ତି। ନାବାଳିକାଜଣଙ୍କ ନବମ ଶ୍ରେଣୀ ଛାତ୍ରୀ। ରବିବାର ସନ୍ଧ୍ୟା ପ୍ରାୟ ସାଢ଼େ ୬ଟାରେ ସେ ପଡ଼ା ନିକଟସ୍ଥ ନାଳକୁ ଶୌଚ ପାଇଁ ଯାଇଥିଲେ। ଏହି ସମୟରେ ତାଙ୍କୁ ୫ଜଣ ଅଭିଯୁକ୍ତ ନିକଟସ୍ଥ ଏକ ସ୍ଥାନକୁ ନେଇ ଗଣଦୁଷ୍କର୍ମ କରିଥିଲେ। ପରେ ସେଠାରୁ ଫେରାର୍ ହୋଇଯାଇଥିଲେ। ନାବାଳିକାଜଣଙ୍କ ଏ ସଂପର୍କରେ ପରିବାରଲୋକଙ୍କୁ ଜଣାଇବା ପରେ ଯୁଯୁମୁରା ଥାନାରେ ଅଭିଯୋଗ ହୋଇଥିଲା। ଅଭିଯୋଗ ଓ ପୀଡ଼ିତାଙ୍କ ବୟାନ ଆଧାରରେ ପୁଲିସ ନମ୍ବର ୧୭୪/୨୫ରେ ଏକ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଥିଲା। ରେଢ଼ାଖୋଲ ଏସ୍‌ଡିପିଓଙ୍କ ନେତୃତ୍ୱରେ ବିଭିନ୍ନ ସ୍ଥାନରେ ଚଢ଼ଉ କରି ପୁଲିସ ବିଳମ୍ବିତ ରାତିରେ ମୁଖ୍ୟ ଅଭିଯୁକ୍ତ ସହ ମୋଟ ୩ଜଣଙ୍କୁ ଧରିଥିଲା। ସେମାନଙ୍କ ମଧ୍ୟରେ ମୁଖ୍ୟ ଅଭିଯୁକ୍ତ ସୁଶାନ୍ତ ମିର୍ଦ୍ଧା ସହ ଅନ୍ୟ ୨ ନାବାଳକ ରହିଛନ୍ତି। ତେବେ ଅନ୍ୟ ଦୁଇ ଅଭିଯୁକ୍ତଙ୍କୁ ଧରିବା ପାଇଁ ପୁଲିସ ଚଢ଼ଉ ଜାରି ରଖିଛି। ଏସ୍‌ପି ଶ୍ରୀ ଭାମୁ କହିଛନ୍ତି, ଏହା ଏକ ସ୍ପର୍ଶକାତର ଓ ସମ୍ବେଦନଶୀଳ ଘଟଣା। ପୁଲିସ ଏହାକୁ ଅତ୍ୟନ୍ତ ଗୁରୁତ୍ୱର ସହ ଗ୍ରହଣ କରିଛି। ଖୁବ୍‌ଶୀଘ୍ର ସମସ୍ତ ଅଭିଯୁକ୍ତଙ୍କୁ ଗିରଫ କରାଯିବା ସହ ଚାର୍ଜସିଟ୍ ଦାଖଲ ପୂର୍ବକ ଅଭିଯୁକ୍ତମାନଙ୍କ ବିରୋଧରେ ପୁଲିସ ଦୃଢ଼ ପ୍ରମାଣ ଉପସ୍ଥାପନ କରିବାକୁ ଉଦ୍ୟମ କରିବ ବୋଲି ସେ ସୂଚନା ଦେଇଛନ୍ତି।

## ଅବପାତରେ ପରିଣତ ହେଲା ଲଘୁଚାପ

- ୭ ଜିଲ୍ଲାକୁ ପ୍ରବଳ ବର୍ଷା ସତର୍କତା
- ୨୪ ବେଳକୁ ପୁଣି ଏକ ଲଘୁଚାପ

ଭୁବନେଶ୍ୱର, ୧୮।୮ (ସମିସ): ବଙ୍ଗୋପସାଗରରେ ସୃଷ୍ଟି ହୋଇଥିବା ଲଘୁଚାପ ଅଧିକ ଘନୀଭୂତ ହୋଇ ସଦୃଶ ଲଘୁଚାପ ଓ ପରେ ଅବପାତରେ ପରିଣତ ହୋଇଛି। ବର୍ତ୍ତମାନ ଏହା ପଶ୍ଚିମ କେନ୍ଦ୍ରୀୟ ଓ ତତ୍‌ସଂଲଗ୍ନ ଉତ୍ତର ପଶ୍ଚିମ ବଙ୍ଗୋପସାଗର ଏବଂ ଉତ୍ତର ଆନ୍ଧ୍ରପ୍ରଦେଶ ଓ ଦକ୍ଷିଣ ଓଡ଼ିଶା ଉପକୂଳରେ ସକ୍ରିୟ ରହିଥିବା ବେଳେ ଆସନ୍ତା ୧୨ ଘଣ୍ଟା ମଧ୍ୟରେ ଏହା ପଶ୍ଚିମ ଉତ୍ତର-ପଶ୍ଚିମ ଦିଗକୁ ଗତି କରିବାର ସମ୍ଭାବନା ରହିଛି। ମଙ୍ଗଳବାର ସକାଳେ ଅବପାତଟି ଉତ୍ତର ଆନ୍ଧ୍ରପ୍ରଦେଶ ଓ ଦକ୍ଷିଣ ଓଡ଼ିଶା ଦେଇ ଗତି କରିବ। ଏହା ପ୍ରଭାବରେ ଦକ୍ଷିଣ ଓଡ଼ିଶାର ବିଭିନ୍ନ ସ୍ଥାନରେ ପ୍ରବଳ ବର୍ଷା ହୋଇପାରେ ବୋଲି ପାଣିପାଗ ବିଭାଗ ଆକଳନ କରିଛି। ମଙ୍ଗଳବାର ନବରଙ୍ଗପୁର, ନୂଆପଡ଼ା, କଳାହାଣ୍ଡି, କୋରାପୁଟ, ମାଲକାନଗିରି, ବଲାଙ୍ଗିର ଓ ରାୟଗଡ଼ା ପାଇଁ ପ୍ରବଳରୁ ଅତି ପ୍ରବଳ ବର୍ଷା ଜନିତ ସତର୍କ ସୂଚନା ଜାରି କରାଯାଇଛି। ଅନ୍ୟପଟେ ରାଜ୍ୟର ଅନ୍ୟସ୍ଥାନରେ ଧୀରେଧୀରେ ବର୍ଷାର ପ୍ରଭାବ ହ୍ରାସ ପାଇବାର ସମ୍ଭାବନା ରହିଛି। ମାତ୍ର, ପୁଣି ୨୩-୨୪ ତାରିଖ ବେଳକୁ ଆଉ ଏକ ଲଘୁଚାପ ସମ୍ଭାବନା ଥିବାରୁ ରାଜ୍ୟରେ କ୍ରମାଗତ ଭାବେ ବର୍ଷା ଜାରି ରହିବ ବୋଲି ପାଣିପାଗ ବିଭାଗ କହିଛି। ଲଘୁଚାପ ପ୍ରଭାବରେ ଓଡ଼ିଶା ଉପକୂଳ ସାଗର ପ୍ରବଳ ଅଶାନ୍ତ ରହିଛି। ଏହାକୁ ଦୃଷ୍ଟିରେ ରଖି ଆସନ୍ତା ୨୦ ତାରିଖ ପର୍ଯ୍ୟନ୍ତ ସମୁଦ୍ର ମଧ୍ୟକୁ ନ ଯିବା ପାଇଁ ମତ୍ସ୍ୟଜୀବୀମାନଙ୍କୁ ପରାମର୍ଶ ଦିଆଯାଇଛି।

ଅପରପକ୍ଷେ, ଲଗାଣ ବର୍ଷା ଯୋଗୁଁ ଦକ୍ଷିଣ ଓଡ଼ିଶା ବ୍ୟାପକ ପ୍ରଭାବ ପଡ଼ିଛି। ବିଶେଷକରି ମାଲକାନଗିରି ଜିଲ୍ଲାରେ ପ୍ରବଳ ବର୍ଷା ଯୋଗୁଁ ଜନଜୀବନ ଅସ୍ତବ୍ୟସ୍ତ ହୋଇପଡ଼ିଛି। ଅତ୍ୟଧିକ ବର୍ଷା ଯୋଗୁଁ ମାଲାକାନଗିରିରୁ ମୋଟୁକୁ ସଂଯୋଗ କରୁଥିବା ୩୨୬ନମ୍ବର ଜାତୀୟ ରାଜପଥର କାଙ୍ଗୁରୁକୋଣ୍ଡା ପୋଲ ଉପରେ ବନ୍ୟାପାଣି ପ୍ରବାହିତ ହେଉଛି। ଗତ ୨୪ଘଣ୍ଟା ମଧ୍ୟରେ କୋରାପୁଟ କୋଟପାଡ଼ର ସର୍ବାଧିକ ୧୩୩ ମିମି ବର୍ଷା ରେକର୍ଡ କରାଯାଇଛି। କୋରାପୁଟରେ ମଧ୍ୟ ଆଜି ସାଢ଼େ ୫ଟା ସୁଦ୍ଧା ୬୪ମିମି ବର୍ଷା ରେକର୍ଡ ହୋଇଛି। ପାରଳାଖେମୁଣ୍ଡିରେ ୪୯ମିମି ବର୍ଷା ରେକର୍ଡ ହୋଇଥିବା ବେଳେ ନବରଙ୍ଗପୁରରେ ୩୩ ମିମି ବର୍ଷା ରେକର୍ଡ ହୋଇଛି।

ମୌସୁମୀ ଋତୁ ଅର୍ଥାତ୍ ଜୁନ୍ ୧ରୁ ଆଜି ପର୍ଯ୍ୟନ୍ତ ରାଜ୍ୟରେ ୭୨୬ ମିମି ବର୍ଷା ରେକର୍ଡ ହୋଇଛି। ଏହି ସମୟ ସୁଦ୍ଧା ସ୍ୱାଭାବିକ ବର୍ଷା ୭୭୨.୮ ମିମି ତୁଳନାରେ ରାଜ୍ୟରେ ୬ ପ୍ରତିଶତ କମ୍ ବର୍ଷା ରେକର୍ଡ ହୋଇଛି। ୨୦ ଜିଲ୍ଲାରେ ସ୍ୱାଭାବିକ ବର୍ଷା, ୨ ଜିଲ୍ଲାରେ ସ୍ୱାଭାବିକଠାରୁ ଅଧିକ ଏବଂ ୮ ଜିଲ୍ଲାରେ ନିଅଣ୍ଟିଆ ବର୍ଷା ରେକର୍ଡ କରାଯାଇଛି।

## ଗଣେଶ ଚତୁର୍ଥୀ ପୂର୍ବରୁ 'ନିଗମ' ଲଡୁ!

- ତାଲିକା ଧରି ଦିଲ୍ଲୀ ଗଲେ ମନମୋହନ
- ଦିଲ୍ଲୀ ବୈଠକରେ ଚୂଡ଼ାନ୍ତ ହେବ ନାମ

ଭୁବନେଶ୍ୱର, ୧୮।୮ (ସମିସ): ଗଣେଶ ଚତୁର୍ଥୀ ଓ ନୂଆଖାଇ ପୂର୍ବରୁ ଦଳୀୟ ଆଶାୟୀଙ୍କୁ ବିଜେପି ଦେବ ଉପହାର। ନିଗମ, ବୋର୍ଡ଼ରେ କିଛି ନେତାଙ୍କୁ ଥଇଥାନ କରାଯିବ। ଏଥିନିମନ୍ତେ ଆପାତତଃ ଚୂଡ଼ାନ୍ତ କୁହାଯାଉଥିବା ନାମ ସୂଚୀ ଧରି ସୋମବାର ପୁଣି ଦିଲ୍ଲୀ ଗସ୍ତରେ ଯାଇଛନ୍ତି ରାଜ୍ୟ ବିଜେପି ସଭାପତି ମନମୋହନ ସାମଲ। ସଭାପତି ଭାବେ ଦାୟିତ୍ୱ ନେବା ପରେ ମନମୋହନ ବାରମ୍ବାର ଦିଲ୍ଲୀ ଗସ୍ତ କରୁଥିବା ବେଳେ ଆଜିର ଗସ୍ତକୁ ବେଶ୍ ଗୁରୁତ୍ୱପୂର୍ଣ୍ଣ ବୋଲି କୁହାଯାଉଛି। ବିଶେଷକରି, ମନମୋହନଙ୍କ ଏହି ଗସ୍ତ ରାଜ୍ୟ ବିଜେପି ପଦାଧିକାରୀ କମିଟି ଏବଂ ବୋର୍ଡ, ନିଗମ ନିଯୁକ୍ତି ନେଇ ଉଦ୍ଦିଷ୍ଟ ବୋଲି ଦଳୀୟ ସୂତ୍ରରୁ ଜଣାପଡ଼ିଛି। ଦିଲ୍ଲୀରେ ଦଳର ଶୀର୍ଷ ନେତୃତ୍ୱ, ରାଜ୍ୟର ସାଂସଦମାନଙ୍କ ସହ ଆଲୋଚନା ପରେ ଏ ନାମଗୁଡ଼ିକ ଚୂଡ଼ାନ୍ତ ହେବ ବୋଲି କୁହାଯାଉଛି।

ସୋମବାର ମନମୋହନ ଦିଲ୍ଲୀରେ ଗୃହମନ୍ତ୍ରୀ ଅମିତ ଶାହଙ୍କ ସହ ସାକ୍ଷାତ କରିଛନ୍ତି। ଏହି ସାକ୍ଷାତ ଅବସରରେ ଓଡ଼ିଶା ସମ୍ପର୍କରେ ଏକାଧିକ ପ୍ରସଙ୍ଗରେ ଶ୍ରୀ ଶାହଙ୍କ ସହ ମନମୋହନ ଆଲୋଚନା କରିଛନ୍ତି। ଆଲୋଚନା ବେଳେ ଉପରାଷ୍ଟ୍ରପତି ନିର୍ବାଚନ ସହ ରାଜ୍ୟରେ ବିଜେପି ସାଂଗଠନିକ ସମ୍ପ୍ରସାରଣ ଏବଂ ନିଗମ, ବୋର୍ଡ ନିଯୁକ୍ତି ନେଇ ଆଲୋଚନା ହୋଇଥିବା ସୂଚନା ମିଳିଛି। ରାଜ୍ୟ ବିଜେପି ପ୍ରଭାରୀ ବିଜୟ ପାଲ୍ ସିଂ ତୋମାରଙ୍କ ସୂଚନା ଅନୁଯାୟୀ, ଓଡ଼ିଶାରେ ନିଗମ ଓ ବୋର୍ଡରେ ନିଯୁକ୍ତି ଲାଗି ଇତିମଧ୍ୟରେ ୨-୩ଟି ବୈଠକ ମଧ୍ୟ ବସିସାରିଲାଣି। ଆଗକୁ ବିଜେପି ରାଷ୍ଟ୍ରୀୟ ସାଧାରଣ ସମ୍ପାଦକ ତରୁଣ ଚୁଗ୍ ଓ ସେ ନିଜେ ଏନେଇ ରାଜ୍ୟ ବିଜେପି କୋର କମିଟି ସହ ଆଲୋଚନା କରିବେ। ଅତଏବ୍ କୋର୍ କମିଟି ସଦସ୍ୟଙ୍କ ସହ ବୈଠକ ପୂର୍ବରୁ ମନମୋହନଙ୍କ ଆଜିର ଗସ୍ତ ବେଶ୍ ଗୁରୁତ୍ୱପୂର୍ଣ୍ଣ ବୋଲି କୁହାଯାଉଛି। ମନମୋହନଙ୍କ ଏହି ଗସ୍ତ ଅବସରରେ ନିଗମ, ବୋର୍ଡ ନିଷ୍ପତ୍ତି ଚୂଡ଼ାନ୍ତ ହେବା ଏକରକମ ଧାର୍ଯ୍ୟ ବୋଲି ବିଜେପିର ବିଶ୍ୱସ୍ତ ସୂତ୍ରରୁ ଜଣାପଡ଼ିଛି। ଅପରପକ୍ଷେ ଆଗାମୀ ଉପରାଷ୍ଟ୍ରପତି ନିର୍ବାଚନ ସଂକ୍ରାନ୍ତରେ ମନମୋହନ ରାଜ୍ୟ ବିଜେପି ସାଂସଦମାନଙ୍କ ସହ ଆଲୋଚନା କରିବେ ବୋଲି ମଧ୍ୟ ସୂଚନା ମିଳିଛି।

### ଫକୀରମୋହନ କଲେଜ ଛାତ୍ରୀ ଆତ୍ମଦାହ ଘଟଣା

## ୩ ଦିନିଆ ରିମାଣ୍ଡରେ ସମୀର

ଭୁବନେଶ୍ୱର/ବାଲେଶ୍ୱର,୧୮ ।୮ (ସମିସ): ଫକୀର ମୋହନ ସ୍ୱୟଂଶାସିତ ମହାବିଦ୍ୟାଳୟଛାତ୍ରୀ ସୌମ୍ୟାଶ୍ରୀ ବିଶିଆତ୍ମଦାହ ଘଟଣାରେ କ୍ରାଇମବ୍ରାଞ୍ଚ ଆଜି ମୁଖ୍ୟ ଅଭିଯୁକ୍ତ ପ୍ରଫେସର୍ ସମୀର ସାହୁଙ୍କୁ ତିନିଦିନିଆ ରିମାଣ୍ଡରେ ନେଇଛି। ସମୀରଙ୍କଠାରୁ ଘଟଣା ବାବଦରେ ଅଧିକ ତଥ୍ୟ ହାସଲ ପାଇଁ କ୍ରାଇମବ୍ରାଞ୍ଚ ପକ୍ଷରୁ କୋର୍ଟରେ ତିନିଦିନିଆ ରିମାଣ୍ଡ ଆବେଦନ କରାଯାଇଥିଲା। କୋର୍ଟ ଏହାକୁ ମଞ୍ଜୁର କରିଛନ୍ତି। ତଦନୁଯାୟୀ, ଆଜିଠାରୁ ଆସନ୍ତା ୨୦ ତାରିଖ ପର୍ଯ୍ୟନ୍ତ କ୍ରାଇମବ୍ରାଞ୍ଚ ତାଙ୍କୁ ରିମାଣ୍ଡରେ ନେଇ ପଚରାଉଚରା ଆରମ୍ଭ କରିଛି। ଆଜି ପ୍ରଥମ ଦିନରେ କ୍ରାଇମବ୍ରାଞ୍ଚ ସମୀରଙ୍କୁ ଗୁଡ଼େଇତୁଡ଼େଇ ବିଭିନ୍ନ ପ୍ରଶ୍ନ କରିଛି। ସୂଚନାନୁଯାୟୀ, ସମୀର ଗିରଫ ହେବା ପରେ ତାଙ୍କୁ ୧୪ ଦିନିଆ ବିଚାର ବିଭାଗୀୟ ଜେଲ ହାଜତକୁ ପଠାଇ ଦିଆଯାଇଥିଲା। ତାଙ୍କ ପକ୍ଷରୁ ଜିଲ୍ଲା ଦୌରାଜଜ୍‌ଙ୍କ କୋର୍ଟରେ ଗତ ୧ ତାରିଖରେ ଜାମିନ ଆବେଦନ କରାଯାଇଥିଲା। ହେଲେ କ୍ରାଇମବ୍ରାଞ୍ଚ ପକ୍ଷରୁ ଆବଶ୍ୟକ ସିଡି ଦାଖଲ କରାଯାଇନଥିବା କାରଣରୁ ଜାମିନ ଆବେଦନ ଉପରେ ଶୁଣାଣି ହୋଇପାରିନଥିଲା। ସୋମବାର ସମୀରଙ୍କ ଜାମିନ ଆବେଦନ ଉପରେ ଶୁଣାଣି ହୋଇଛି। ଏହି ସମୟରେ କ୍ରାଇମବ୍ରାଞ୍ଚ ତାଙ୍କୁ ରିମାଣ୍ଡରେ ନେବା ପାଇଁ ଆବେଦନ କରିଥିଲା।

## ମୋବାଇଲ୍ ନ ଦେବାରୁ ବ୍ରାହ୍ମଣୀକୁ ଡେଇଁଲେ ଯୁବତୀ

କବାଟବନ୍ଧ/ଯଖପୁରା,୧୮।୮ (ସମିସ): ଚଣ୍ଡିଖୋଲ-ଡୁବୁରୀ ୫୩ନମ୍ବର ଜାତୀୟ ରାଜପଥ ବ୍ରାହ୍ମଣୀ ବ୍ରିଜ ଉପରୁ ଜଣେ ଯୁବତୀ ନଦୀକୁ ଡେଇଁଥିବା ଜଣାପଡ଼ିଛି। ଯୁବତୀଜଣଙ୍କ ଦାନଗଦି ବ୍ଲକ ଅନ୍ତର୍ଗତ ଜଖପୁରା ଥାନା ଅଧିନ ପଙ୍କପାଳ ପଞ୍ଚାୟତର ବୋଲି ଜଣାପଡ଼ିଛି। ଖବର ଅନୁସାରେ, ଯୁବତୀଜଣଙ୍କ ଏକ ମୋବାଇଲ ଫୋନ ପାଇଁ ଜିଦ କରିଥିଲେ। ଘରଲୋକେ ଫୋନ ନ ଦେବାରୁ ସେ ଘରୁ ରାଗି ଆସିଥିଲେ। ଏହା ପରେ ତାଙ୍କ ଜେଜେ ବାପା ମଧ୍ୟ ତାଙ୍କ ପଛେପଛେ ଆସିଥିଲେ। ବ୍ରାହ୍ମଣୀ ବ୍ରିଜ ଉପରୁ ହଠାତ ନଦୀକୁ ଡେଇଁ ପଡ଼ିଥିଲେ। ଏହା ପରେ ତାଙ୍କ ଜେଜେ ମଧ୍ୟ ଉଦ୍ଧାର କରିବା ପାଇଁ ଡେଇଁଥିଲେ। ତେବେ ଯୁବତୀଜଣଙ୍କୁ ତାଙ୍କ ଜେଜେ ଉଦ୍ଧାର କରି ନଦୀ ମଝିରେ ଥିବା ଶୁଖିଲା ସ୍ଥାନରେ ରହିଥିଲେ। ଖବର ପାଇ ଚଢ଼େଇଧରା ଅଗ୍ନିଶମ ବାହିନୀ ଘଟଣାସ୍ଥଳରେ ପହଞ୍ଚି ଉଭୟଙ୍କୁ ଉଦ୍ଧାର କରିଥିଲେ। ଫାୟାର ଅଫିସର ଉଦ୍ଧବ ଚରଣ ସାହୁଙ୍କ ନିର୍ଦ୍ଦେଶକ୍ରମେ ମୁଖ୍ୟ ଆଗ୍ନିକ କରୁଣାକର ମଲ୍ଲିକ, ଫାୟାର ଯୋଦ୍ଧା କୃପାସିନ୍ଧୁ ସ୍ୱାଇଁ, ଜିତୁ ରଞ୍ଜନ ପରିଡ଼ା, ତାପସ ମୁଳିଆ, ବସନ୍ତ ମହାନ୍ତି, ବିନୋଦ ପାତ୍ର, ସୁମନ୍ତ ଦାସ ପ୍ରମୁଖ ଉଦ୍ଧାର କାର୍ଯ୍ୟରେ ନିୟୋଜିତ ଥିଲେ। ଉଦ୍ଧାର ପରେ ତାଙ୍କୁ ଚିକିତ୍ସା ପାଇଁ ମେଡିକାଲକୁ ନିଆଯାଇଛି।

## ଭିଜିଲାନ୍ସ ଜାଲରେ ଜଳସେଚନ ବିଭାଗ ଅଧୀକ୍ଷଣ ଯନ୍ତ୍ରୀ

- ଏକକାଳୀନ ୮ଟି ସ୍ଥାନରେ ଚଢ଼ଉ, କୋଟି କୋଟି ଟଙ୍କାର ସମ୍ପତ୍ତି ଠାବ
- ଘରୁ ୧.୨୫ ଲକ୍ଷ ନଗଦ ଟଙ୍କା ଜବତ, ଆକାଉଣ୍ଟରେ ରହିଛି ୫୨ଲକ୍ଷ

ଭୁବନେଶ୍ୱର/ଅନୁଗୋଳ,୧୮ ।୮ (ସମିସ): ଭିଜିଲାନ୍ସ ଜାଲରେ ଫସିଛନ୍ତି ଜଳସେଚନ ବିଭାଗ ଅଧୀକ୍ଷଣ ଯନ୍ତ୍ରୀ ସୁରେନ୍ଦ୍ର ବେହେରା। ଆୟ ବହିର୍ଭୂତ ସମ୍ପତ୍ତି ଠୁଳ ଅଭିଯୋଗରେ ଯନ୍ତ୍ରୀ ସୁରେନ୍ଦ୍ରଙ୍କ ଅଫିସ ସମେତ ଏକକାଳୀନ ୮ଟି ସ୍ଥାନରେ ଚଢ଼ଉ କରିଛି ଭିଜିଲାନ୍ସ। ସୁନ୍ଦରଗଡ଼ ଟାଉନ୍‌ରେ ଥିବା ୩ ତାଲା ଘର, ରାଉରକେଲା ଗୋପବନ୍ଧୁ ନଗରରେ ଥିବା ଦୁଇ ତାଲା ଘର, ଭୁବନେଶ୍ୱର ଘାଟିକିଆ ଫେଜ୍-୩ରେ ଥିବା ୨ଟି ଫ୍ଲାଟ୍, ଗଞ୍ଜାମ ପୁରୁଷୋତ୍ତମପୁରରେ ଥିବା ପୈତୃକ ବାସଭବନ, ଗଞ୍ଜାମ, ପୁରୁଷୋତ୍ତମପୁର ବେହେରା ସାହିରେ ଥିବା ଶଶୁର ଘର, ଅନୁଗୋଳରେ ଥିବା ସରକାରୀ କ୍ୱାର୍ଟର୍ସ ଏବଂ ଅଫିସ ରୁମ୍‌ରେ ଚଢ଼ଉ କରାଯାଇଥିଲା। ଚଢ଼ଉ ବେଳେ ତାଙ୍କର କୋଟିକୋଟି ଟଙ୍କାର ସମ୍ପତ୍ତି ଠାବ କରିଛନ୍ତି ଭିଜିଲାନ୍ସ ଟିମ୍। ତାଙ୍କ ଘରୁ ନଗଦ ୧.୨୫ ଲକ୍ଷ ଟଙ୍କା ଜବତ ହୋଇଥିବା ବେଳେ ବ୍ୟାଙ୍କ୍ ଏବଂ ଇନ୍ସୁ୍ୟରାନ୍ସରେ ସେ ୫୧ଲକ୍ଷ ୯୭ ହଜାର ୩୪୦ ଟଙ୍କା ରଖିଥିବା ଭିଜିଲାନ୍ସ ଟିମ୍ ଜାଣିବାକୁ ପାଇଛି। ତାଙ୍କ ଘରେ ୧୭.୪୩ ଲକ୍ଷ ଟଙ୍କାର ଆସବାବପତ୍ର ରହିଥିବା ଭିଜିଲାନ୍ସ ପ୍ରକାଶ କରିଛି। ଏଥିସହ ଭୁବନେଶ୍ୱର ଘାଟିକିଆ ଆକ୍ସିସ୍ ବ୍ୟାଙ୍କ୍ ଶାଖାରେ ଗୋଟିଏ ଲକର୍ ରହିଛି। ଏହି ଲକ୍‌ର ତାଙ୍କ ଜଣେ ଘନିଷ୍ଠ ସମ୍ପର୍କୀୟ ନାମରେ ରହିଛି। ଏଥିରେ ସୁନାଗହଣା ରହିଥିବା ସନ୍ଦେହ କରାଯାଉଥିବାରୁ ଏହାକୁ ଖୋଜିବା ପ୍ରକ୍ରିୟା ଆରମ୍ଭ କରିଛି ଭିଜିଲାନ୍ସ।

ଏହି ଚଢ଼ଉରେ ୩ଜଣ ଡିଏସପି, ୧୦ଜଣ ଇନ୍ସପେକ୍ଟର୍, ୪ଜଣ ଏଏସ୍‌ଆଇ ଏବଂ ଅନ୍ୟ କର୍ମଚାରୀ ସାମିଲ ହୋଇଥିଲେ। ତାଙ୍କ ନାମରେ ସୁନ୍ଦରଗଡ଼ ଟାଉନରେ ୧.୧୧ କୋଟିର ଗୋଟିଏ ୩ ତାଲା କୋଠା



ରହିଛି। ଗୋପବନ୍ଧୁନଗର ଏମ୍/୨୦ରେ ଗୋଟିଏ ଦୁଇ ତାଲା କୋଠା ରହିଥିବା ବେଳେ ଘାଟିକିଆ ଫେଜ୍-୩ ଅରୋଭିଲାରେ ଦୁଇଟି ଫ୍ଲାଟ୍ ରହିଛି। ତାଙ୍କ ନାମରେ ସୁନ୍ଦରଗଡ଼ରେ ଗୋଟିଏ, ରାଉରକେଲାରେ ଗୋଟିଏ ଏବଂ ଗଞ୍ଜାମ ପୁରୁଷୋତ୍ତମପୁରରେ ୨ଟି ପ୍ଲଟ୍ ରହିଛି। ଏହି ସବୁ ପ୍ଲଟ୍‌ର ମୂଲ୍ୟ ଆକଳନ କରୁଛି ଭିଜିଲାନ୍ସର ଟେକ୍ନିକାଲ ଟିମ୍।

ସୁନ୍ଦରଗଡ଼ ଆଇଟିଡିଏରେ ସହକାରୀ ନିର୍ବାହୀ ଯନ୍ତ୍ରୀ ଭାବେ ୨୦୧୬ରୁ ୨୦୨୨ ପର୍ଯ୍ୟନ୍ତ ଅବସ୍ଥାପିତ ଥିଲେ ସୁରେନ୍ଦ୍ର। ସେହି ସମୟରେ ବି ତାଙ୍କ ବିରୋଧରେ ଦୁର୍ନୀତିର ଅନେକ ଅଭିଯୋଗ ହୋଇଥିଲା। ସମସ୍ତ ବିଭାଗୀୟ କାର୍ଯ୍ୟ ନିଜେ ଠିକା କରିବା ସହ ଅନେକ ପୁରୁଣା କାମରେ ଚୂନ ମାରି ନୂଆ କାମ ଦେଖାଇ କୋଟିକୋଟି ଟଙ୍କା ବିଲ କରି ଉଠାଇ ନେବା ଭଳି ଅଭିଯୋଗ ରହିଥିଲା। ପରେ ତତ୍କାଳୀନ ଜିଲ୍ଲାପାଳ ନିଖିଲ ପବନ କଲ୍ୟାଣଙ୍କ ନିର୍ଦ୍ଦେଶରେ ତଦନ୍ତ ଚାଲିଥିବା ବେଳେ ତାଙ୍କ ବଦଳି ହୋଇଥିଲା। ଏହାପରେ ସେ ଭିଜିଲାନ୍ସ ସ୍କାନରକୁ ଆସିଥିଲେ।

### ନବୀନଙ୍କ ସହ ସାକ୍ଷାତ ନ କରାଇଦେବା ଗୁଜବ

## ଭିତରକୁ ନ ଯିବାକୁ ଡାକ୍ତର ଅନୁରୋଧ କରିଥିଲେ: ଭକ୍ତ

ଭୁବନେଶ୍ୱର,୧୮।୮(ସମିସ): ହସ୍ପିଟାଲରେ ଚିକିତ୍ସାଧୀନ ଥିବା ବିରୋଧୀଦଳ ନେତା ନବୀନ ପଟ୍ଟନାୟକଙ୍କୁ ଭେଟିବାରେ ବାରଣ କରାଯିବା ସଂକ୍ରାନ୍ତ ଗୁଜବରେ ପୂର୍ଣ୍ଣଚ୍ଛେଦ ଟାଣିଛନ୍ତି ପିସିସି ସଭାପତି ଭକ୍ତଚରଣ ଦାସ। ବିଭିନ୍ନ ଗଣମାଧ୍ୟମରେ ନବୀନଙ୍କ ସହ ତାଙ୍କୁ ଭେଟାଇନଦେବାନେଇଯାହାପ୍ରଚାରହେଉଛି ତାହାସମ୍ପୂର୍ଣ୍ଣନିରାଧାର ବୋଲି ଭକ୍ତ କହିଛନ୍ତି । ସୋମବାର ବିଭିନ୍ନ ଗଣମାଧ୍ୟମ ପ୍ରତିନିଧିଙ୍କ ସହ ଆଲୋଚନା କାଳରେ ଭକ୍ତ କହିଛନ୍ତି ଯେ ବିରୋଧୀଦଳ ନେତା ନବୀନ ପଟ୍ଟନାୟକଙ୍କ ଅସୁସ୍ଥତା ଖବର ଶୁଣି ସେ ହସ୍ପିଟାଲକୁ ଯାଇଥିଲେ। ଆଇସିୟୁ ନିକଟରେ ଗୋଟିଏ କୋଠରୀରେ ବିଜେଡି ନେତା ରଣେନ୍ଦ୍ର ପ୍ରତାପ ସ୍ୱାଇଁ, ଅରୁଣ ସାହୁଙ୍କ ସମେତ ଅନ୍ୟାନ୍ୟ ନେତାମାନେ ଉପସ୍ଥିତ ଥିଲେ। ସେ ଯାଇ ସେଠାରେ ବସିଥିଲେ। ହସ୍ପିଟାଲର କିଛି ଡାକ୍ତର ଓ ଅଧୀକ୍ଷକ ସେଠାକୁ ଆସି ସେମାନଙ୍କୁ ନବୀନଙ୍କ ସ୍ୱାସ୍ଥ୍ୟ ସମ୍ପର୍କରେ ସୂଚନା ଦେଇଥିଲେ। ସେ ଆଇସିୟୁକୁ ଯିବାକୁ ଚାହିଁବାରୁ ଡାକ୍ତରମାନେ ତାଙ୍କୁ ଆଇସିୟୁ କୋଠରୀ ପର୍ଯ୍ୟନ୍ତ ତାଙ୍କୁ ନେଇ ଯାଇଥିଲେ। ମାତ୍ର ଭିତରକୁ କାହାରିକୁ ଛଡ଼ାଯାଉ ନାହିଁ ଓ ଜଣେ ବ୍ୟକ୍ତି ଗଲେ ଅନ୍ୟମାନେ ମଧ୍ୟ ଯିବା ପାଇଁ ଜିଦି କରିବେ ବୋଲି ଡାକ୍ତରମାନେ ଅତ୍ୟନ୍ତ ନମ୍ରତାର ସହ କହିବାରୁ ସେ ଆଇସିୟୁକୁ ଯାଇ ନ ଥିଲେ। ତେବେ ନବୀନ ବାବୁ ଭଲ ଅଛନ୍ତି। ବିରୋଧୀ ରାଜନୈତିକ କାର୍ଯ୍ୟ ଅଲଗା କଥା। ତାଙ୍କର ମହତ୍ୱ ବହୁତ ଅଛି। ଓଡ଼ିଶାରେ ସେ ଜଣେ ମହାନ ବ୍ୟକ୍ତିତ୍ୱ। ତାଙ୍କୁ ସମ୍ମାନ ଦେବା ଓ ଭଲମନ୍ଦ ଜଣିବା ପ୍ରଦେଶ କଂଗ୍ରେସ କମିଟିର କର୍ତ୍ତବ୍ୟ। ସେ ଦୃଷ୍ଟିକୋଣରୁ ଜଣେ ସାଂଗଠନିକ ମୁଖ୍ୟ ଭାବେ ସେ ହସ୍ପିଟାଲକୁ ଯାଇଥିଲେ ବୋଲି ଭକ୍ତ କହିଛନ୍ତି ।

ସେ ପୁଣି କହିଛନ୍ତି ଯେ ସେ ସେଠାରେ ବସିଥିବା ସମୟରେ ସୁଜାତା କାର୍ତ୍ତିକେୟନ ଆସିଥିଲେ ଓ ମୋତେ ଅତ୍ୟନ୍ତ ସମ୍ଭ୍ରମତାର ସହ ନବୀନଙ୍କ ସ୍ୱାସ୍ଥ୍ୟ, ଚିକିତ୍ସା ସମ୍ପର୍କରେ ସୂଚନା ଦେଇଥିଲେ। ଏହି ସମୟରେ ଭି.କେ.ପାଣ୍ଡିଆନ ଆସିଥିଲେ ଓ ମୋ ସହ ମଧ୍ୟ ଅତ୍ୟନ୍ତ ସମ୍ମାନର ସହ କଥା ହୋଇଥିଲେ।

## ଷ୍ଟେସନ୍‌ରୁ ୨୦ ପର୍ସିଆନ୍ ବିଲେଇ ଉଦ୍ଧାର

ଝାରସୁଗୁଡ଼ା, ୧୮।୮ (ସମିସ): ଝାରସୁଗୁଡ଼ା ଜିଲ୍ଲା ବ୍ରଜରାଜନଗର ଷ୍ଟେସନ୍‌ରୁ ଆର୍‌ପିଏଫ୍ ଆଜି ୨୦ଟି ବିଦେଶୀ ପର୍ସିଆନ୍ ବିଲେଇ ଉଦ୍ଧାର କରିଛି। ମୁମ୍ବାଇ ସାଲିମାର୍ ଏକ୍ସପ୍ରେସ୍ ଟ୍ରେନ୍‌ରେ ଛୋଟବଡ଼ ମିଶାଇ ୨୦ଟି ପର୍ସିଆନ ଓ ବେଙ୍ଗଲ କ୍ୟାଟ୍‌କୁ ଏକ



ଦମ୍ପତି ମୁମ୍ବାଇରୁ କୋଲକାତାରୁ ସାନ୍ତ୍ରାଗାଛିକୁ ନେଇ ଯାଉଥିଲେ। ସାନ୍ତ୍ରାଗାଛିର ଏକ ଫାର୍ମରେ ବିକ୍ରି କରିବାର ଉଦ୍ଦେଶ୍ୟରେ ଏହି ବିଦେଶୀ ବିଲେଇ ଟ୍ରେନ୍ ଯୋଗେ ଚାଲାଣ କରାଯାଉଥିଲା। ମୁମ୍ବାଇର ଅମିନ ସୈୟଦ ନିଜ ସ୍ତ୍ରୀ ଏବଂ ଚାରିମାସର ଶିଶୁଙ୍କ ସହ ଏହି ବିଲେଇମାନଙ୍କୁ ଟ୍ରେନରେ ନେଇ ଯାଉଥିଲେ।

ଚଳନ୍ତା ଟ୍ରେନ୍‌ରେ ଅମିନ ସିଗାରେଟ୍ ଟାଣୁଥିଲେ। ସାଥୀ ଯାତ୍ରୀ ଏନେଇ ମନା କରିବାରୁ ତାଙ୍କ ସହ କଳହ କରିଥିଲେ। ଏନେଇ ଜଣେ ଯାତ୍ରୀ ରେଳ ଅଭିଯୋଗରେ ଅଭିଯୋଗ କରିଥିଲେ। ଟ୍ରେନ୍‌ଟି ରବିବାର ରାତି ପ୍ରାୟ ସାଢ଼େ ୨ଟାରେ ବ୍ରଜରାଜନଗର ଷ୍ଟେସନରେ ପହଞ୍ଚିବା ପରେ ଆର୍‌ପିଏଫ୍ ଉକ୍ତ ଦମ୍ପତିଙ୍କୁ ଅଟକ ରଖିଥିଲା। ଯାଞ୍ଚ କରିବାରୁ ତାଙ୍କ ପାଖରୁ ଏହି ପର୍ସିଆନ ବିଲେଇ ଉଦ୍ଧାର କରାଯାଇଥିଲା। କାହିଁକି ଏବଂ କେଉଁ ଉଦ୍ଦେଶ୍ୟରେ ଅମିନ ବିଲେଇମାନଙ୍କୁ ଟ୍ରେନ୍‌ରେ ନେଇ ଯାଉଥିଲେ, ସେନେଇ ଆର୍‌ପିଏଫ୍ ପକ୍ଷରୁ ତଦନ୍ତ କରାଯିବା ସହ ସିଗାରେଟ୍ ପିଇବା ଅଭିଯୋଗରେ ଅମିନଙ୍କୁ ରେଳବାଇ କୋର୍ଟରେ ହାଜର କରାଯାଇ ୧୫୦୦ ଟଙ୍କାର ଜରିମାନା କରାଯାଇଛି। ସେହିପରି ରେଳବାଇ ବାଣିଜ୍ୟ ବିଭାଗକୁ ଯୋଗାଯୋଗ କରିବା ପରେ ପ୍ରାୟ ୩୫ ହଜାର ଟଙ୍କା ଜରିମାନା କରାଯାଇଛି। ସମସ୍ତ ତଦନ୍ତ ପ୍ରକ୍ରିୟା ଶେଷ ହେବା ପରେ ଅମିନ ଏବଂ ତାଙ୍କ ପରିବାରକୁ ବିଲେଇ ସହ ଛଡ଼ାଯିବ ବୋଲି ଜଣେ ଆର୍‌ପିଏଫ୍ ଅଧିକାରୀ ସୂଚନା ଦେଇଛନ୍ତି।

### କଂଗ୍ରେସର ମାରାଥନ୍ ବୈଠକ

## ୪ରେ ନିର୍ବାଚନ ଅଧିକାରୀଙ୍କ କାର୍ଯ୍ୟାଳୟ ଘେରିବ ଦଳ

- ରାଜ୍ୟର ଘରେ ଘରେ ପହଞ୍ଚିବ ଭୋଟ୍ ଚୋରି ପ୍ରସଙ୍ଗ
- ସଂଗଠନ ସୁଦୃଢ଼ ସହ ଲଢ଼େଇ ଜୋରଦାର ପାଇଁ ରଣନୀତି

ଭୁବନେଶ୍ୱର, ୧୮।୮ (ସମିସ): ଗୋଟିଏ ଦିନରେ ଦଳର ରାଜନୈତିକ ବ୍ୟାପାର କମିଟି ସହ ୬ଟି ଗୁରୁତ୍ୱପୂର୍ଣ୍ଣ ବୈଠକ କରିଛି ରାଜ୍ୟ କଂଗ୍ରେସ। ପିସିସି ପ୍ରଭାରୀ, ସହପ୍ରଭାରୀ ଓ ପିସିସି ସଭାପତିଙ୍କ ଉପସ୍ଥିତିରେ ଆଗାମୀ ଦିନ ପାଇଁ ରଣନୀତି ପ୍ରସ୍ତୁତ କରିଛି ଦଳ। ମୁଖ୍ୟତଃ ବିରୋଧୀ ଦଳ ନେତା ରାହୁଲ ଗାନ୍ଧୀ ଉଠାଇଥିବା ଭୋଟ୍ ଚୋରି ପ୍ରସଙ୍ଗ କିପରି ଘରେ ଘରେ ଲୋକଙ୍କ ନିକଟରେ ପହଞ୍ଚିବ, ତାକୁ ଗୁରୁତ୍ୱ ଦେଇଛି ରାଜ୍ୟ କଂଗ୍ରେସ। ଏଥିପାଇଁ ସବୁ ବରିଷ୍ଠ ନେତାଙ୍କ ସହ ଛାମୁଆ ସଂଗଠନଗୁଡ଼ିକୁ ଲଢ଼େଇ ଓ ଲୋକସଚେତନତାକୁ ଜୋରଦାର କରିବାକୁ ଦଳ ନିଷ୍ପତ୍ତି ନେଇଛି।

ସୋମବାର ସକାଳେ ଦଳର ଗୁରୁତ୍ୱପୂର୍ଣ୍ଣ ରାଜନୈତିକବ୍ୟାପାରକମିଟିବୈଠକବସିଥିଲା। ପରେ ଏସ୍‌ଟି ସେଲ୍, ଏସ୍‌ସି ସେଲ୍, ମହିଳା କଂଗ୍ରେସ, ଯୁବ ଓ ଛାତ୍ର କଂଗ୍ରେସ ଓ ସେବା ଦଳ ସଂଗଠନର କର୍ମକର୍ତ୍ତାଙ୍କ ସହ ବୈଠକ ହୋଇଥିଲା। ଏହି ସବୁ ବୈଠକରେ କଂଗ୍ରେସ ଦଳକୁ ରାଜ୍ୟରେ ମଜଭୁତ କରିବା ସହ ଆସନ୍ତା ପଞ୍ଚାୟତ ନିର୍ବାଚନରେ କିପରି ଦଳର ପ୍ରଦର୍ଶନ ଭଲ ରହିବ, ସେନେଇ ଆଲୋଚନା ହୋଇଥିଲା। ଏଥିପାଇଁ ରାହୁଲ ଗାନ୍ଧୀଙ୍କ ଦ୍ୱାରା ଉଠାଯାଇଥିବା ଭୋଟ୍ ଚୋରି ପ୍ରସଙ୍ଗକୁ ଲୋକଙ୍କ ନିକଟରେ ପହଞ୍ଚାଇବାକୁ ଗୁରୁତ୍ୱ ଦିଆଯାଇଥିଲା। ଏଥିପାଇଁ ଆସନ୍ତା ୪ତାରିଖରେ




ଦଳ ପକ୍ଷରୁ ରାଜ୍ୟ ମୁଖ୍ୟ ନିର୍ବାଚନ ଅଧିକାରୀଙ୍କ କାର୍ଯ୍ୟାଳୟ ଘେରଉ କରାଯିବା ନେଇ ବୈଠକରେ ନିଷ୍ପତ୍ତି ହୋଇଥିଲା। ସେହିପରି ମହିଳା କଂଗ୍ରେସ ଆଗାମୀ ଦିନରେ ରାଜ୍ୟରେ ଜାରି ରହିଥିବା ମହିଳା ହିଂସା ବିରୋଧରେ ଜୋରଦାର ଲଢ଼େଇ କରିବା ସହ ନାରୀୟ ନ୍ୟାୟ ପାଇଁ ଆନ୍ଦୋଳନ ଜାରି ରଖିବ ବୋଲି ରଣନୀତି ହୋଇଛି। ଏହା ବ୍ୟତୀତ ଆଗାମୀ ଦିନରେ ଛାତ୍ର ସଂସଦ ନିର୍ବାଚନକୁ ଦୃଷ୍ଟିରେ ରଖି ଛାତ୍ର କଂଗ୍ରେସ ପକ୍ଷରୁ କଲେଜ ଓ ବିଶ୍ୱବିଦ୍ୟାଳୟରେ ପ୍ରସ୍ତୁତ ଆରମ୍ଭ କରିବାକୁ କୁହାଯାଇଛି। ଯୁବ କଂଗ୍ରେସ ପକ୍ଷରୁ ବିଭିନ୍ନ ପ୍ରସଙ୍ଗରେ ଜାରି ରହିଥିବା ଆନ୍ଦୋଳନାତ୍ମକ ପନ୍ଥାକୁ ଆହୁରି କ୍ରିୟାଶୀଳ କରିବାକୁ ନିଷ୍ପତ୍ତି ହୋଇଥିବା ବେଳେ ସାମାଜିକ ନ୍ୟାୟ କ୍ଷେତ୍ରରେ ମଧ୍ୟ କଂଗ୍ରେସ ପକ୍ଷରୁ ବ୍ୟାପକ କାର୍ଯ୍ୟାକ୍ରମ ହାତକୁ ନିଆଯିବ ବୋଲି ନିଷ୍ପତ୍ତି ହୋଇଛି।

ଏଆଇସିସି ପକ୍ଷରୁ ରାଜ୍ୟ କଂଗ୍ରେସର ଉତ୍ଥାନ ଉପରେ ଗୁରୁତ୍ୱ ଦିଆଯାଉଥିବା ନେଇ ଚର୍ଚ୍ଚା ମଧ୍ୟରେ ଜିଲ୍ଲା ସଭାପତି ନିଯୁକ୍ତି ପାଇଁ ନିକଟରେ ସଂଗଠନ ସୃଜନ ମାଧ୍ୟମରେ ନିଯୁକ୍ତ ସଂଯୋଜକମାନେ ମଧ୍ୟ ଖୁବ୍‌ଶୀଘ୍ର ଜିଲ୍ଲା ସଭାପତି ନିଯୁକ୍ତି ନେଇ ପ୍ରକ୍ରିୟା ଆରମ୍ଭ କରିବାକୁ ସୂଚନା ମିଳିଛି। ଏହାସହ ଜିଲ୍ଲା ସଭାପତି ନିଯୁକ୍ତ ପରେ ବ୍ଲକ୍ ସଭାପତି ନିଯୁକ୍ତ ହେବା ଏବଂ ସର୍ବୋପରି ବୁଥ୍‌ସ୍ତରରେ କିପରି କଂଗ୍ରେସକୁ ପୁଣିଥରେ ଶକ୍ତିଶାଳୀ କରାଯାଇପାରିବ, ତା' ଉପରେ ଦଳ ଗୁରୁତ୍ୱ ଦେଉଛି।

## ଖଇନି ନ ଦେବାରୁ ବୃଦ୍ଧଙ୍କୁ ହାଣି ହତ୍ୟା

ରାଉରକେଲା, ୧୮।୮(ସମିସ): ସୁନ୍ଦରଗଡ଼ ଜିଲ୍ଲା ବଡ଼ଗାଁ ଥାନା ଅଧୀନ କଣ୍ଟିଆମୁରା ଗାଁର ଜଣେ ୫୮ବର୍ଷୀୟ ବୃଦ୍ଧଙ୍କୁ କଟୁରୀରେ ହାଣି ହତ୍ୟା କରାଯାଇଛି। ରାଜଗାଙ୍ଗପୁର ଥାନା ପୁଲିସ ହତ୍ୟାକାରୀକୁ ଗିରଫ କରିବା ସହ ହତ୍ୟାରେ ବ୍ୟବହୃତ କଟୁରୀକୁ ଜବତ କରିଛି। ଗିରଫ ଯୁବକ ହେଲେ, ଝାଡ଼ଖଣ୍ଡ ରାଜ୍ୟ ଲୋହରଡେଗା ଜିଲ୍ଲା ଚନ୍ଦ୍ରା ଥାନା ଅଧୀନ ତୋଟ ଗାଁର ଶୁଖରାମ ଓରାମ (୩୩)। ସୂଚନାନୁସାରେ, ବଡ଼ଗାଁ ଥାନା ଅଧୀନ କଣ୍ଟିଆମୁରା ଗାଁର ମଙ୍ଗଲୁ କିଷାନ(୫୮) ରାଜଗାଙ୍ଗପୁର ପିଡବ୍ଲୁଡି ଡାକବଙ୍ଗଳାରେ ପିଅନ ଭାବେ କାମ କରୁଥିଲେ। ଆଜି ଶୁଖରାମ ଓରାମ (୩୩) ସେଠାକୁ ଯାଇ ମଙ୍ଗଲୁ କିଷାନଙ୍କୁ ଖଇନି ମାଗିଥିଲା। ମାତ୍ର ମଙ୍ଗଲୁ କିଷାନ ଖଇନି ଦେବାକୁ ମନା କରିଦେବାରୁ ଉଭୟଙ୍କ ମଧ୍ୟରେ ବଚସା ହୋଇଥିଲା। କ୍ରମେ ପରିସ୍ଥିତି ଉଗ୍ରରୂପ ଧାରଣ କରିଥିଲା। ଶୁଖରାମ ରାଗିଯାଇ ନିକଟରେ ପଡିଥିବା ଏକ କଟୁରୀରେ ମଙ୍ଗଲୁଙ୍କୁ ମରଣାନ୍ତକ ଆକ୍ରମଣ କରିଥିଲା। ଗୁରୁତର ମଙ୍ଗଲୁଙ୍କୁ ରାଜଗାଙ୍ଗପୁର ହସ୍‌ପିଟାଲ ନିଆଯାଇଥିଲା। ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ରାଜଗାଙ୍ଗପୁର ପୁଲିସ୍ ଏକ ହତ୍ୟା ମାମଲା ରୁଜୁ କରିଛି।

## ମାହାଙ୍ଗା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଗୁରୁତର ତ୍ରୁଟି

# ଦୁର୍ଘଟଣା ଆହତଙ୍କୁ ମାଙ୍କଡ଼ କାମୁଡ଼ା ଇଞ୍ଜେକ୍‌ସନ

ମାହାଙ୍ଗା,୧୮ା୮ (ସମିସ)

ସାଧାରଣ ଲୋକଟିଏ ଦେହ ଖରାପ ହେବା ହେଉ କିମ୍ବା କୌଣସି ଦୁର୍ଘଟଣାର ଶିକାର ହେଉ ଜୀବନ ବଞ୍ଚାଇବା ପାଇଁ ପୁରା ବିଶ୍ୱାସର ସହିତ ପ୍ରଥମେ ସ୍ୱାସ୍ଥ୍ୟ କେନ୍ଦ୍ରକୁ ଯାଇଥାଏ ଏବଂ ଡାକ୍ତରଙ୍କ ପରାମର୍ଶ ଅନୁଯାଇ ଚିକିତ୍ସାକୁ ପ୍ରାଥମିକତା ଦେଇ ସବୁ କଥାକୁ ଭଗବାନ ପରି ମାନିନେଇଥାଏ। ଏବେ ଏହି ବିଶ୍ୱାସ ଭାଙ୍ଗିଯାଉଛି ସାଧାରଣ ଲୋକଙ୍କ ମନରୁ। ମାହାଙ୍ଗା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଦୁର୍ଘଟଣା ଆହତଙ୍କୁ ଠିକ ଭାବରେ ନ ବୁଝି ମାଙ୍କଡ କାମୁଡା ଇଞ୍ଜେକସନ ଦେଇଦବା ଓ କଟକ ଯାଇ ଅନ୍ୟ ଇଞ୍ଜେକସନ ନେବା ପାଇଁ ପରାମର୍ଶ ଦେବା ସାଧାରଣ ଲୋକଟିଏ ମନରୁ ଡାକ୍ତର ଓ ଡାକ୍ତରଖାନା ପ୍ରତି ଥିବା ବିଶ୍ୱାସ ଦିନକୁ ଦିନ ହରାଇ ବସୁଛି। ସୂଚନାଯୋଗ୍ୟ, ଗତ ୧୫ ତାରିଖରେ ମାହାଙ୍ଗାର ତୁଳସୀପୁର ଅଞ୍ଚଳର ଶରତ କୁମାର ନାୟକ ପଲ୍ଲିସାହି ଦେଇ ଯାଉଥିବା ବେଳେ ହଠାତ୍ ଗୋଟିଏ ମାଙ୍କଡ ସହିତ ବାଇକ ଦୁର୍ଘଟଣା ହୋଇ ଗାଡିରୁ ତଳକୁ ପଡିଯିବାରୁ ତାଙ୍କର ମୁହଁ ଓ ହାତରେ ଆଘାତ ଲାଗିଥିଲା। ସେ ତୁରନ୍ତ ଚିକିତ୍ସା ନିମନ୍ତେ ମାହାଙ୍ଗା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରକୁ ଯାଇ ଡାକ୍ତରଙ୍କୁ ସବୁ କଥା କହିଥିଲେ। ଡାକ୍ତର କିନ୍ତୁ ତାଙ୍କୁ ମାଙ୍କଡ କାମୁଡିଛି କି ବାଡେଇ ହୋଇଛି କିଛି ନ ବୁଝି ଚିଠାରେ ଇଞ୍ଜେକ୍ସନ ନେବାକୁ ପରାମର୍ଶ ଦେଇଥିଲେ ଓ କଟକ ଯାଇ ଅନ୍ୟ ଇଞ୍ଜେକ୍ସନ ନେବାକୁ କହିଥିଲେ। ମେଡିକାଲରୁ ଇଞ୍ଜେକ୍ସନ ନେବା ପରେ ଔଷଧ ଦୋକାନରୁ ଔଷଧ କିଣିଥିଲେ। ତେବେ ତାଙ୍କର ସ୍ୱାସ୍ଥ୍ୟବସ୍ଥା ଗୁରୁତର ନ ଥିବାରୁ ତାଙ୍କୁ କଟକ କଣ ପାଇଁ ଯିବାକୁ କୁହାଗଲା ଏନେଇ ସେ ସନ୍ଦେହ କରିଥିଲେ। ପରେ ଏ ସମ୍ପର୍କରେ ଔଷଧ ଦୋକାନୀଙ୍କୁ ପଚାରିବାରୁ ଜାଣିବାକୁ ପାଇଲେକି ତୁମକୁ ମାଙ୍କଡ କାମୁଡିଛି ଏବଂ ତୁମ ଚିଠାରେ ମାଙ୍କଡ କାମୁଡା ଇଞ୍ଜେକ୍ସନ ଲେଖା ହୋଇଛି। ଏକଥା ଶୁଣି ପୁନର୍ବାର ଶରତ ନାୟକ ଯାଇ ଡାକ୍ତରଙ୍କୁ କହିଥିଲେ କି ମତେ ମାଙ୍କଡ କାମୁଡି ନାହିଁ ମୋ ଗାଡି ସହିତ ବାଡେଇ ହୋଇଯିବାରୁ ମୁଁ ପଡିଯାଇଥିଲି। ଆପଣ ମତେ ମାଙ୍କଡ କାମୁଡା ଇଞ୍ଜେକ୍ସନ କାହିଁକି ଦେଲେ। ଡାକ୍ତର ଏକଥା ଶୁଣିବା ପରେ ତାଙ୍କ ଚିଠାରୁ ସେଗୁଡିକୁ କାଟିଦେଇ କିଛି ଅସୁବିଧା ନାହିଁ ବୋଲି କହିଥିଲେ। ଯାହାକୁ ନେଇ ଏବେ ସାଧାରଣରେ ଏବେ ଆଲୋଚନାର ବିଷୟ ପାଲଟିଛି। ତେବେ ଦୁର୍ଘଟଣାରେ ଶିକାର ହୋଇ ଡାକ୍ତରଖାନରେ ଉପଯୁକ୍ତ ଚିକିତ୍ସା ପାଇବା ପରିବର୍ତ୍ତେ ପୀଡିତ ଚିନ୍ତାଗ୍ରସ୍ତ ହେଉଥିବା ଅଭିଯୋଗ ହେଉଛି। ଗ୍ରାମାଞ୍ଚଳରେ ରୋଗୀ ସେବା ନାମରେ କିଭଳି ଡାକ୍ତରମାନେ ନିଜ ମନଇଚ୍ଛା ଔଷଧ ଲେଖି ଚିକିତ୍ସା କରୁଛନ୍ତି ତାହା ଏବେ ସାଧାରଣରେ ଚର୍ଚ୍ଚାର ବିଷୟ ପାଲଟିଛି। ସ୍ୱାସ୍ଥ୍ୟ ବିଭାଗର ଅଧିକାରୀ ଏଥିପ୍ରତି ଦୃଷ୍ଟି ଦେଇ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସାଧାରଣରେ ଦାବି ହେଉଛି।

## ସୁବର୍ଣ୍ଣ ଜୟନ୍ତୀ ଉପଲକ୍ଷେ ରକ୍ତଦାନ ଶିବିର



ଟାଙ୍ଗୀ,୧୮ା୮ (ସମିସ): ଟାଙ୍ଗୀ ଚୌଦ୍ୱାର ବ୍ଲକ ଭଟିମୁଣ୍ଡା ଉଚ୍ଚ ବିଦ୍ୟାଳୟର ସୁବର୍ଣ୍ଣ ଜୟନ୍ତୀ ଉପଲକ୍ଷେ ବିଦ୍ୟାଳୟ ପରିସରରେ ରକ୍ତଦାନ ଶିବିର ରବିବାର ଅନୁଷ୍ଠିତ ହୋଇଯାଇଛି। ବିଦ୍ୟାଳୟର ପୁରାତନ ଛାତ୍ର ସଂସଦର ଆନୁକୂଲ୍ୟରେ ଓ କେନ୍ଦ୍ରୀୟ ରେଡକ୍ରସ ରକ୍ତଭଣ୍ଡାର କଟକର ସହଯୋଗରେ ୪୨ଜଣ ରକ୍ତଦାତା ରକ୍ତଦାନ କରିଥିଲେ। ଉକ୍ତ କାର୍ଯ୍ୟକ୍ରମରେ ସଂସଦର ସମସ୍ତ ପୁରାତନ ଛାତ୍ର ଓ ଜୁନିୟର ରେଡ଼କ୍ରସ୍ ୟୁନିଟର ସମସ୍ତ ସଦସ୍ୟ ସହଯୋଗ କରିଥିଲେ। ସୂଚନାଯୋଗ୍ୟ ଉକ୍ତ ବିଦ୍ୟାଳୟର ଡିସେମ୍ବର ୨୬ରୁ ୨୮ ପର୍ଯ୍ୟନ୍ତ ସୁବର୍ଣ୍ଣ ଜୟନ୍ତୀ ପାଳନ କରାଯିବ ବୋଲି ଜାଣିବାକୁ ମିଳିଛି।

## ଅବସରପ୍ରାପ୍ତ ଶିକ୍ଷକଙ୍କ ପରଲୋକ

କଣ୍ଟାପଡ଼ା,୧୮ା୮ (ସମିସ): କଣ୍ଟାପଡ଼ା ବ୍ଲକ ଗୋବିନ୍ଦପୁର ଥାନା ଅନ୍ତର୍ଗତ ଗୋବିନ୍ଦପୁର ଗ୍ରାମର ଛାତ୍ରବତ୍ସଳ ଶିକ୍ଷକ ବିଭୂତି ଭୂଷଣ ସେନାପତି (୭୫)ଙ୍କ ହୃଦଘାତରେ ଭୁବନେଶ୍ୱରର ଏକ ଘରୋଇ ହସ୍ପିଟାଲରେ ପରଲୋକ ହୋଇଯାଇଛି। ସେ ଜଣେ ଛାତ୍ରବତ୍ସଳ ଶିକ୍ଷକ ଭାବେ ଅଞ୍ଚଳରେ ବେଶ ପରିଚିତ ଥିଲେ। ସ୍ୱର୍ଗତ ସେନାପତିଙ୍କ ମୃତ୍ୟୁଖବର ପାଇ ବହୁ ପୁରାତନ ଛାତ୍ର ଓ ମାନ୍ୟଗଣ୍ୟ ବ୍ୟକ୍ତି ତାଙ୍କ ପରିବାରକୁ ଶାନ୍ତ୍ୱନା ଦେବା ସହ ତାଙ୍କର ଶେଷ ଦର୍ଶନ କରିଥିଲେ। ପରେ ଗାଁ ମଶାଣିରେ ତାଙ୍କର ଶେଷକୃତ୍ୟ ସଂପନ୍ନ ହୋଇଥିଲା।

## ଅସହାୟଙ୍କୁ ଉପକରଣ ବଣ୍ଟନ ଓ ଚାରାରୋପଣ




ନିଶ୍ଚିନ୍ତକୋଇଲି,୧୮ା୮ (ସମିସ): ବାଲିଆପଦା ପଞ୍ଚାୟତସ୍ଥିତ ଖଣ୍ଡସାହିଠାରେ ଥିବା ଶ୍ରୀଜଗନ୍ନାଥ ଚାରିଟେବୁଲ ଟ୍ରଷ୍ଟ ପକ୍ଷରୁ ବରିଷ୍ଠ ଅକର୍ମଣ୍ୟ ଓ ଅସହାୟଙ୍କୁ ଟ୍ରାଇସାଇକଲ, ହୁଇଲ ଚେୟାର, ଆଶା ବାଡ଼ି ଓ ଅସ୍ଥାୟୀ ଉଚ୍ଚା ପାଇଖାନା ବିତରଣ କରାଯାଇଛି। ଏହି ଅବସରରେ ବିଶିଷ୍ଟ ସ୍ୱାଧୀନତା ସଂଗ୍ରାମୀ ତଥା ପୂର୍ବତନ ରାଜ୍ୟପାଳ ସୁରେନ୍ଦ୍ରନାଥ ଦ୍ୱିବେଦୀ ମାର୍ଗରେ ଏକ ମେଗା ଚାରାରୋପଣ କାର୍ଯ୍ୟକ୍ରମ ଶୁଭାରମ୍ଭ ହୋଇଛି। ଟ୍ରଷ୍ଟ ପକ୍ଷରୁ ବିଭିନ୍ନ ସ୍ଥାନରେ ୧୦ ହଜାର ଚାରାରୋପଣ କରାଯିବ ବୋଲି ନିଷ୍ପତ୍ତି ନିଆଯାଇଛି। ଟ୍ରଷ୍ଟର ସଭାପତି ସୁରରାଜ ଦାଶଙ୍କ ପୌରହିତ୍ୟରେ ଏହି କାର୍ଯ୍ୟକ୍ରମରେ କଂଗ୍ରେସ ନେତା ନାରାୟଣ ଦ୍ୱିବେଦୀ ଯୋଗଦେଇ ବାବାଜୀ କାଣ୍ଡି, ଦମୟନ୍ତୀ ଜେନା, ସୁରେନ୍ଦ୍ର ପାତ୍ର, ଅଲେଖ ଦାସ, ସୁରେନ୍ଦ୍ର ମହାନ୍ତି ପ୍ରମୁଖଙ୍କୁ ବିଭିନ୍ନ ଉପକରଣ ବାଣ୍ଟିବା ସହିତ ଚାରାରୋପଣର ଶୁଭାରମ୍ଭ କରିଥିଲେ। ଟ୍ରଷ୍ଟର ସମ୍ପାଦକ ସତ୍ୟନାରାୟଣ ମିଶ୍ରଙ୍କ ସଂଯୋଜନାରେ ଉକ୍ତ କାର୍ଯ୍ୟକ୍ରମକୁ ପ୍ରଣତକିଶୋର ମିଶ୍ର, ପ୍ରଣବ ମିଶ୍ର, ନରେନ୍ଦ୍ର ମିଶ୍ର, ରାମେଶ୍ୱରୀ ପ୍ରସାଦ ଦ୍ୱିବେଦୀ, ସୁଧାଂଶୁ ମିଶ୍ର, ଅଭୟାନନ୍ଦ ମିଶ୍ର, ଅଲେଖ ସାମଲ, ନିରୂପମା ଦାସ, ବରଦାପ୍ରସନ୍ନ ରଥ, ଅଞ୍ଜନ ମିଶ୍ରଙ୍କ ସମେତ ଟ୍ରଷ୍ଟର ୪୦ରୁ ଉର୍ଦ୍ଧ୍ୱ ସଭ୍ୟ ସଭ୍ୟା ମାନେ ପରିଚାଳନାରେ ସହଯୋଗ କରିଥିଲେ।

## ସେବା ସମବାୟ ସମିତି କାର୍ଯ୍ୟାଳୟ ଉପରକୁ ବୋମାମାଡ଼



କଟକ,୧୮ା୮ (ସମିସ): ଘୋଳପୁର ସେବା ସମବାୟ ସମିତି କାର୍ଯ୍ୟାଳୟ ଉପରକୁ ବୋମାମାଡ଼ ହୋଇଛି। ବୋମାମାଡ଼ରେ ଘରର ଛାତ ସିମେଣ୍ଟ କଂକ୍ରିଟ ଛାଡ଼ିବା ସହିତ ସଟର ଭାଙ୍ଗିଯାଇଥିବା ଅଭିଯୋଗ ହୋଇଛି। ଅଭିଯୋଗରୁ ପ୍ରକାଶ ଯେ ବାଙ୍କୀ ଥାନା ଅନ୍ତର୍ଗତ ସୁବର୍ଣ୍ଣପୁର ଫାଣ୍ଡି ନିକଟସ୍ଥ କନ୍ତପହଁରା ଗ୍ରାମପଞ୍ଚାୟତର ଘୋଳପୁର ସେବା ସମବାୟ ସମିତି କାର୍ଯ୍ୟାଳୟ ଉପରକୁ କେହି ଦୁର୍ବୃତ୍ତ ତିନିଟି ବୋମାମାଡ଼ କରି ଫେରାର ହୋଇଯାଇଛନ୍ତି। ଗତକାଲି ରାତିରେ କାର୍ଯ୍ୟାଳୟରେ ରାତ୍ର ଜଗୁଆଳି ଶୋଇଥିବା ସମୟରେ ଗୋଟିଏ ପରେ ଗୋଟିଏ କରି ତିନିଟି ବୋମା କାର୍ଯ୍ୟାଳୟ ଉପରକୁ ମାଡ କରିଥିଲେ ଦୁର୍ବୃତ୍ତ। ବୋମାମାଡ଼ରେ ଘର ଛାତରୁ ସିମେଣ୍ଟ କଂକ୍ରିଟ ଖସି ପଡିଥିବା ବେଳେ ଅନ୍ୟ ଗୋଟିଏ କୋଠରୀର ସଟର ଭାଙ୍ଗିଯାଇଛି। ବୋମା ମାଡ଼ର ଶବ୍ଦ ଶୁଣି ରାତ୍ରୀ ଜଗୁଆଳି ଘର୍ ବାହାରକୁ ଚାଲି ଆସି ଖବର ଦେବା ପରେ ସମିତି ସମ୍ପାଦକ ଘଟଣାସ୍ଥଳରେ ପହଞ୍ଚିଥିଲେ। ଆଜି ସେବା ସମବାୟ ସମିତି କାର୍ଯ୍ୟାଳୟ ଖୋଲିବା ମାତ୍ରେ ସମିତି ସମ୍ପାଦକ ବାଙ୍କୀ ଥାନାରେ ଏ ସମ୍ପର୍କରେ ଲିଖିତ ଅଭିଯୋଗ କରିଛନ୍ତି। ବାଙ୍କୀ ଏଆରସିଏସ ଘୋଳପୁର ସେବା ସମବାୟ ସମିତିରେ ପହଞ୍ଚି ଘଟଣାର ଅନୁଧ୍ୟାନ କରିଛନ୍ତି। ତେବେ ବୋମାମାଡର ପ୍ରକୃତ କାରଣ ଜଣାପଡ଼ି ନାହିଁ।

## ଚୌଦ୍ୱାର କଲେଜର ପ୍ରତିଷ୍ଠା ଦିବସ




ଚୌଦ୍ୱାର,୧୮ା୮ (ସମିସ): ଚୌଦ୍ୱାର କଲେଜର ୪୭ତମ ପ୍ରତିଷ୍ଠା ଉତ୍ସବ କଲେଜର ଗୋପବନ୍ଧୁ କକ୍ଷରେ ପାଳିତ ହୋଇଯାଇଛି। କଲେଜ ପୁରାତନ ଛାତ୍ର ସଂସଦ ପକ୍ଷରୁ ଆୟୋଜିତ ତଥା ସଂସଦ ସଭାପତି ବିବେକାନନ୍ଦ ଜେନାଙ୍କ ଅଧ୍ୟକ୍ଷତା ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ପୂର୍ବତନ ବିଧାୟକ ପ୍ରଭାତ ରଞ୍ଜନ ବିଶ୍ୱାଳ ମୁଖ୍ୟଅତିଥି ଭାବେ ଯୋଗଦେଇଥିଲେ। କଲେଜ ଅଧ୍ୟକ୍ଷା ରଶ୍ମୀ ରାଉତରାୟ, ବିଶିଷ୍ଟ ସାମ୍ବାଦିକ ତଥା ସ୍ତମ୍ଭକାର ପ୍ରଦୋଷ ପଟ୍ଟନାୟକ, ଅବସରପ୍ରାପ୍ତ ଆଇଜି ତ୍ରୈଲୋକ୍ୟନାଥ ଖୁଣ୍ଟିଆ ପ୍ରମୁଖ ଅତିଥି ଭାବେ ଯୋଗ ଦେଇଥିଲେ। ପ୍ରାରମ୍ଭରେ କଲେଜର ପ୍ରତିଷ୍ଠାତା ସ୍ୱର୍ଗତ ରାଜକିଶୋର ରାମଙ୍କ ପ୍ରତିମୂର୍ତ୍ତିରେ ଅତିଥିମାନେ ମାଲ୍ୟାର୍ପଣ କରିଥିଲେ। ସଂସଦ ସଂପାଦକ କେଶବ ଚରଣ ସାହୁ ବିବରଣୀ ପାଠ କରିଥିଲେ। ରବିନ୍ଦ୍ର କୁମାର ମହାପାତ୍ର ମଞ୍ଚ ପରିଚାଳନା କରିଥିଲେ। ଝୁଲେନ୍ଦ୍ର ନାୟକ, କ୍ଷୀରୋଦ ବେହେରା, ମୁରଲୀଧର ବେଉରା, ଶ୍ରୀନିବାସ ସାହୁ, ରେଣୁବାଳା ସ୍ୱାଇଁ, କବିତା ମାନଧାତା, ଅମିତା ଦାସ, କ୍ଷୀରାଦ ଚନ୍ଦ୍ର ବେହେରା, ବିଭୁତି ଭୁଷଣ ସାହୁ, ଅଞ୍ଜନ ଜେନାଙ୍କ ସମେତ ସଂସଦର ସଦସ୍ୟମାନେ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ପୁରାତନ ଛାତ୍ର ତଥା ସ୍ଥାନୀୟ କାଉନସିଲର ଆଶୁତୋଷ ଦାସ ଧନ୍ୟବାଦ ଦେଇଥିଲେ।

## ରାମନଗର ଦୁର୍ଗାପୂଜା କମିଟି ପକ୍ଷରୁ ମାଟି ଅନୁକୂଳ



ଫୁଲନଖରା,୧୮ା୮ (ସମିସ): ଆସନ୍ତା ଦୁର୍ଗାପୂଜା ଉପଲକ୍ଷେ କଟକ ମହାନଗର ନିଗମ ୫୯ ନଂ ୱାର୍ଡ ଅନ୍ତର୍ଗତ ରାମନଗର ଦୁର୍ଗାପୂଜା କମିଟି ପକ୍ଷରୁ ପବିତ୍ର ଜନ୍ମାଷ୍ଟମୀ ଦିନ ମା'ଙ୍କ ମୃଣ୍ମୟ ମୂର୍ତ୍ତି ନିର୍ମାଣ ନିମନ୍ତେ ବୈଦିକ ରୀତିନୀତି ଅନୁଯାୟୀ ମାଟି ଉଠା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ନିକଟସ୍ଥ ସିଡୁଆ ନଦୀ ପଠାରେ ପଣ୍ଡିତ ପ୍ରମୋଦ ପଣ୍ଡା ଓ ପଣ୍ଡିତ ସୀତାକାନ୍ତ ହୋତାଙ୍କ ଦ୍ୱାରା ପୂଜାର୍ଚ୍ଚନା କରାଯାଇଥିଲା। ପୂଜାର କର୍ତ୍ତା ଭାବରେ ଶରତ ନାୟକ ଉପସ୍ଥିତ ଥିଲେ। ପରେ ମା'ଙ୍କ ମୃଣ୍ମୟ ମୂର୍ତ୍ତି ନିମନ୍ତେ ଉଠାଯାଇଥିବା ମୃତ୍ତିକାକୁ ଏକ ବିରାଟ ଶୋଭାଯାତ୍ରାରେ ମୂର୍ତ୍ତି ନିର୍ମାଣସ୍ଥଳକୁ ଅଣାଯାଇଥିଲା। ଦୁର୍ଗାପୂଜା କମିଟିର ସଭାପତି କାଳନ୍ଦୀ ଦାସ, ସଂପାଦକ ହୃଦାନନ୍ଦ ବେହେରା, ଉପଦେଷ୍ଟା ଶ୍ରୀ ସନ୍ନ୍ୟାସୀ ଜୀ, ଗ୍ରାମ୍ୟ କମିଟି ସଭାପତି ପ୍ରକାଶ ନାୟକ, ସଂପାଦକ ଲକ୍ଷ୍ମୀଧର ସେଠୀ, ଧରଣୀଧର ବେହେରା, ଛବି ବେହେରା ପ୍ରମୁଖ ପରିଚାଳନା କରିଥଲେ।

## ଆଜି ବିଜେଡି ପକ୍ଷରୁ ସାଲେପୁର ବନ୍ଦ

ସାଲେପୁର,୧୮ା୮ (ସମିସ): ଏବେ ସାଲେପୁର ଅଞ୍ଚଳକୁ ଏନ୍‌ଏସି ମାନ୍ୟତା ଦାବିକୁ ନେଇ ସାଲେପୁରରେ ରାଜନୀତି ସରଗରମ ହୋଇଉଠିଛି। ସରକାରଙ୍କ ପକ୍ଷରୁ ଘୋଷଣା କରାଯାଇଥିବା ୧୨ଟି ଅଞ୍ଚଳକୁ ଏନ୍‌ଏସି ମାନ୍ୟତା ପ୍ରଦାନ କରାଯାଇଥିବାବେଳେ ସାଲେପୁର ସହରକୁ ଏନ୍‌ଏସି ମାନ୍ୟତା ପ୍ରଦାନ କରାଯାଇ ନ ଥିବାରୁ ଆସନ୍ତାକାଲି ବିଜେଡି ପକ୍ଷରୁ ସାଲେପୁର ବନ୍ଦ ଡାକରା ଦିଆଯାଇଥିବାବେଳେ ଏହି ବନ୍ଦ ଡାକରାକୁ ବହୁ ସଂଖ୍ୟାରେ ଯୋଗଦେଇ ସଫଳ କରିବା ପାଇଁ ସାଲେପୁର ଅଞ୍ଚଳବାସୀଙ୍କୁ ଡାକବାଜି ଯନ୍ତ୍ରରେ ସଚେତନ କରାଯାଉଛି। ସାଲେପୁର ବିଧାୟକ ପ୍ରଶାନ୍ତ ବେହେରା ନିଜର ସାମାଜିକ ଗଣମାଧ୍ୟମରେ ସାଲେପୁର ବନ୍ଦକୁ ସଫଳ କରିବା ପାଇଁ ଅଞ୍ଚଳବାସୀଙ୍କୁ ନିବେଦନ କରିଛନ୍ତି। ଅପରପକ୍ଷରେ ବିଜେପି ନେତା ଅରିନ୍ଦମ ରାୟ ସାଲେପୁର ବନ୍ଦ ଡାକରା ଏକ ହାସ୍ୟାସ୍ପଦ ଘଟଣା ବୋଲି ପ୍ରକାଶ କରିଛନ୍ତି। ଅପରପକ୍ଷରେ ସାଲେପୁର ନିର୍ବାଚନ ମଣ୍ଡଳୀର ସ୍ୱାଧୀନ ବିଧାୟକ ପ୍ରାର୍ଥୀ ବିଶେଶ୍ୱର ସ୍ୱାଇଁ ଏନ୍‌ଏସିକୁ ନେଇ ଉଭୟ ବିଜେଡି ଓ କଂଗ୍ରେସ ଯେଉଁ ରାଜନୀତି ଚଳାଇଛନ୍ତି, ତାହା ହାସ୍ୟାସ୍ପଦ ବୋଲି ସେ ପ୍ରକାଶ କରିଛନ୍ତି।

## ସର୍ପାଘାତରେ ମହିଳାଙ୍କ ମୃତ୍ୟୁ

ନିଆଳି,୧୮ା୮ (ସମିସ): ନିଆଳି ଥାନା ଅନ୍ତର୍ଗତ ପୋଖରୀଗାଁ ପଞ୍ଚାୟତ ରାଣିପଡାରେ ଜୈନିକା ମହିଳାଙ୍କର ସାପ କାମୁଡାରେ ଜୀବନ ଯାଇଥିବା ଜଣାଯାଇଛି। ରାଣୀପଡାର ରେଣୁ ଦାସ (୭୦) ରବିବାର ରାତ୍ରିରେ ତାଙ୍କ ଘରେ ଶୋଇଥିବା ବେଳେ ରାତ୍ରି ପ୍ରାୟ ୩ଟା ସମୟରେ ଏକ ବିଷାକ୍ତ ସାପ ତାଙ୍କୁ କାମୁଡି ଦେଇଥିଲା। ସେ ତତ୍‌କ୍ଷଣାତ୍ ଉଠି ପଡିବା ପରେ ଉକ୍ତ ସାପକୁ ସେହି ଘରେ ଦେଖିଥିଲେ। ପରେ ରେଣୁକୁ ଅଡଶପୁର ସ୍ୱାସ୍ଥ୍ୟକେନ୍ଦ୍ରକୁ ନିଆଯାଇଥିବା ବେଳେ ତାଙ୍କୁ ପ୍ରାଥମିକ ଚିକିତ୍ସାପରେ ଅବସ୍ଥା ସଙ୍କଟାପନ୍ନ ହେବାରୁ କଟକ ବଡ ମେଡିକାଲକୁ ସ୍ଥାନାନ୍ତରିତ କରାଯାଇଥିଲା। ସକାଳ ପ୍ରାୟ ୬ଟା ସମୟରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ପୁଲିସ ଏକ ଅପମୃତ୍ୟୁ ମାମଲା ରୁଜୁ କରିବା ସହ ଶବ ବ୍ୟବଚ୍ଛେଦ ପାଇଁ ପଠାଇଥିବା ବେଳେ ରେଣୁଙ୍କ ପରିବାରକୁ ଆର୍ଥିକ ସହାୟତା ପାଇଁ ଦାବି ହୋଇଛି।

## ରକ୍ତଦାନ ଶିବିର; ୧୦୧ ୟୁନିଟ ରକ୍ତ ସଂଗ୍ରହ



କନ୍ଦରପୁର,୧୮ା୮ (ସମିସ): କଟକ ସଦରର ଅଗ୍ରଣୀ ସାମାଜିକ ସଂଗଠନ "ୟୁନିଅନ ଫର୍ କଟକ ସଦର ଡେଭଲପମେଣ୍ଟ' ପକ୍ଷରୁ ସଭାପତି ଶିକ୍ଷାବିତ ପ୍ରଫେସର ମନୋଜ ନାୟକଙ୍କ ତତ୍ତ୍ୱାବଧାନରେ ସୋମବାର ବୟାଳିଶ ମୌଜା କଳପଡା କଲ୍ୟାଣୀ ମଣ୍ଡପଠାରେ ଏକ ରକ୍ତଦାନ ଶିବିର ଅନୁଷ୍ଠିତ ହୋଇଯାଇଛି। ଶିବିରରେ ୧୦୧ ଜଣ ରକ୍ତଦାତା ଜୀବନଦାତା ରକ୍ତଦାନ କରିଥିଲେ। ଶିବିର ପରିଚାଳନାରେ ୟୁନିଅନର ବରିଷ୍ଠ ଉପଦେଷ୍ଟା ବିଜୟ ନାୟକଙ୍କ ସମେତ ସୁଦର୍ଶନ ଜେନା, ପ୍ରକାଶ ମାଝୀ, ସୁଧିର ଶତପଥୀ, ସର୍ବେଶ୍ୱର ସ୍ୱାଇଁ, ଉଦୟ ସାସମଲ, ଦିଲ୍ଲୀପ ନାୟକ, ଶେଷଦେବ ଦାସ, ସୁଶାନ୍ତ ପରିଡା, ଆଶିଷ ମହାନ୍ତି, ଜ୍ଞାନ ରଞ୍ଜନ ମହାନ୍ତି, ଟିକି ଭୋଇ, ପ୍ରସନ୍ନ ବେହେରା, ଆନନ୍ଦ ବେହେରା, କିଶାନ ଆଚାର୍ଯ୍ୟ, ସୁମନ ଜେନା ପ୍ରମୁଖ ରକ୍ତଦାତାଙ୍କୁ ଉତ୍ସାହିତ କରିଥିଲେ।

## ଅବସରପ୍ରାପ୍ତ ଶିକ୍ଷକ ସଂଘ ବୈଠକ

ଚୌଦ୍ୱାର,୧୮ା୮ (ସମିସ): ଚୌଦ୍ୱାର ଅବସରପ୍ରାପ୍ତ ଶିକ୍ଷକ ସଂଘର ବୈଠକ ଶିକ୍ଷକ ଭବନରେ ଅନୁଷ୍ଠିତ ହୋଇଯାଇଛି। ସଭାପତି ନରହରି ନାୟକଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ପ୍ରତିଷ୍ଠାତା ସୁକାନ୍ତ କୁମାର ମହାନ୍ତି ଅତିଥି ଭାବେ ଯୋଗ ଦେଇଥିଲେ। ଜୟକୃଷ୍ଣ ସ୍ୱାଇଁ ବିବରଣୀ ପାଠ କରିଥିଲେ। ଅବସରପ୍ରାପ୍ତ ଶିକ୍ଷକ ପେନସନ ପାଇବାରେ ବିଳମ୍ବ ହେଉଥିବା ନେଇ ବିଶେଷ ଆଲୋଚନା କରାଯାଇଥିଲା। ନିରାକାର ମହାନ୍ତି, ଚୈତନ୍ୟ ସାହୁ, ବଜେନ୍ଦ୍ର ନାୟକ, ଉତ୍ତମ ସ୍ୱାଇଁ, ପବିତ୍ର ସ୍ୱାଇଁ, ବୀଣାପାଣି ମହାପାତ୍ର, ତ୍ରିଲୋଚନ ପଣ୍ଡା ପ୍ରମୁଖ ବୈଠକରେ ଅଂଶଗ୍ରହଣ କରିଥିଲେ। ଶିବପ୍ରସାଦ ପତି କାର୍ଯ୍ୟକ୍ରମ ସଂଯୋଜନା କରିଥିବା ବେଳେ ଗୌତମ ଅଚାର୍ଯ୍ୟ ଧନ୍ୟବାଦ ଦେଇଥିଲେ।

## କଲେଜରେ ହର ଘର ତ୍ରିରଙ୍ଗା କାର୍ଯ୍ୟକ୍ରମ

ନିଶ୍ଚିନ୍ତକୋଇଲି,୧୮ା୮ (ସମିସ): ଉଚ୍ଚଶିକ୍ଷା ବିଭାଗର ନିର୍ଦ୍ଦେଶ କ୍ରମେ ନତକାଇ ପଞ୍ଚାୟତ ବାଣୀନଗର ଠାରେ ଥିବା ବଲ୍ଲଭୀଦେବୀ ମହିଳା ଡ଼ିଗ୍ରୀ ମହାବିଦ୍ୟାଳୟ ଆନୁକୂଲ୍ୟରେ ହରଘର ତ୍ରିରଙ୍ଗା ଶୋଭାଯାତ୍ରା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି।



କଲେଜ ଅଧ୍ୟକ୍ଷା ଡ.ପୁଷ୍ପିତା ଜେନାଙ୍କ ନେତୃତ୍ୱରେ ଏହି ଶୋଭାଯାତ୍ରାରେ +୩ ବିଭାଗର ଛାତ୍ରୀ, ଅଧ୍ୟାପକ ଅଧ୍ୟାପିକା, କର୍ମଚାରୀ, ରେଡ଼କ୍ରସ ଓ ଜାତୀୟ ସେବା ଯୋଜନାର ସ୍ୱେଚ୍ଛାସେବୀ ହାତରେ ଏକ ୫୦ମିଟର ଲମ୍ବର ତ୍ରିରଙ୍ଗା ଧରି ବଣୁଆ ସାହି, ସାଲିନ୍ ଛକ, ନତକାଇ ଆଦି ଗ୍ରାମ ପରିକ୍ରମା କରି ଘରେ ଘରେ ଦେଶପ୍ରେମର ବାର୍ତ୍ତା ପହଞ୍ଚାଇଥିଲେ। ଜାତୀୟ ସେବା ଯୋଜନାର କାର୍ଯ୍ୟକ୍ରମ ପରିଚାଳକ ଅଧ୍ୟାପକ ଡ. ଜୟନ୍ତୀ ସାହୁଙ୍କ ସଂଯୋଜନାରେ ଏଥିରେ ଅଧ୍ୟାପକ ସୂର୍ଯ୍ୟମଣୀସ୍ୱାଇଁ, ସୁବାଶିଷ ଦାସ, ଅଧ୍ୟାପିକା ଶୁଭଶ୍ରୀ ନାୟକ, ଦେବଜାନୀ ରାଉତ, ବଟକୃଷ୍ଣ ରାଉତ, ସୁକାନ୍ତ ବେଜ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

## ନିମ୍ନମାନର କାମକୁ ନେଇ ଛାତ୍ରଛାତ୍ରୀଙ୍କ ଧାରଣା



ନେମାଳ,୧୮ା୮ (ସମିସ): ଆଜି ମହାପୁରୁଷ ଅଚ୍ୟୁତାନନ୍ଦ ମହାବିଦ୍ୟାଳୟ ଛାତ୍ରଛାତ୍ରୀମାନେ ବିଭିନ୍ନ ସମସ୍ୟାଙ୍କୁ ନେଇ କଲେଜ କାର୍ଯ୍ୟାଳୟ ସମ୍ମୁଖରେ ଧାରଣାରେ ବସିବା ସହ ବିଭିନ୍ନ ନାରାବାଜି ଦେଇଥିଲେ। କଲେଜ ଘର ନନ ଟ୍ରେଡ଼ ସିମେଣ୍ଟ, ନନ ବ୍ରାଣ୍ଡ କଲର, ନିମ୍ନମାନର ରଡ଼, ଗୋଡି, ଇଟାରେ ତିଆରି ହେଉଥିବା ବିଷୟରେ ବାରମ୍ବାର ଉପରିସ୍ଥ ଅଧିକାରୀଙ୍କୁ ଅବଗତ କରାଯାଇଥିଲେ ମଧ୍ୟ କୌଣସି ସୁଫଳ ମିଳି ନ ଥିଲା। ଯେଉଁ ଠିକାଦାର କାର୍ଯ୍ୟ କରୁଛନ୍ତି ତାଙ୍କୁ କାର୍ଯ୍ୟ ସମ୍ପର୍କରେ ପଚାରିବାରୁ ପିଲାଙ୍କୁ ଗାଳିଗୁଲଜ କରୁଥିବା ଅଭିଯୋଗ ହୋଇଛି। ଏହାର ବିହିତ ପଦକ୍ଷେପ ନ ନେଲେ ଛାତ୍ରଛାତ୍ରୀମାନେ ଆଗାମୀ ଦିନରେ ରାଜରାସ୍ତାକୁ ଓହ୍ଲାଇବେ ବୋଲି ଚେତାବନୀ ଦେଇଛନ୍ତି।

## ତନ୍ତୁବାୟ ସହଯୋଗ ସମିତିରେ ଅଧିକାରୀ-ବୁଣାକାରଙ୍କ ଆଲୋଚନା

ତିଗିରିଆ,୧୮ା୮ (ସମିସ)



ତିଗିରିଆ ବ୍ଲକ ଅନ୍ତର୍ଗତ ନୂଆପାଟଣା ସ୍ଥିତ ନମ୍ବର-୧ ତନ୍ତୁବାୟ ସହଯୋଗ ସମିତି ଲିଃ ପରିଦର୍ଶନରେ ରାଜ୍ୟ ପର୍ଯ୍ୟଟନ ବିଭାଗ କମିଶନର ତଥା ସମ୍ପାଦକ ବଲବନ୍ତ ସିଂହ, ହସ୍ତତନ୍ତ ବିଭାଗ ନିର୍ଦ୍ଦେଶକ ପ୍ରେମଚାନ୍ଦ ଚୌଧୁରୀ, ଜିଲ୍ଲାପାଳ ଦତ୍ତାତ୍ରେୟ ଭାଉସାହେବ ସିନ୍ଧେ, ଉପଜିଲ୍ଲାପାଳ ପ୍ରହ୍ଲାଦ ନାରାୟଣ ଶର୍ମା ପ୍ରମୁଖ ଆସି ସ୍ଥାନୀୟ ବୁଣାକାରଙ୍କ ସହ ଆଲୋଚନା ସହ ସେମାନଙ୍କ ବିଭିନ୍ନ ସମସ୍ୟା ଓ ତାର ପ୍ରତିକାର ସମ୍ପର୍କିତ ମତ ବିନିମୟ କରିଥିଲେ। ସମସ୍ତ ପଦାଧିକାରୀ ସହଯୋଗ ସମିତିର ରଙ୍ଗଶାଳା ପରିଦର୍ଶନ କରି ଉପସ୍ଥିତ ବୁଣାକାରଙ୍କୁ ବାନ୍ଧ ଶାଢ଼ୀରେ ରଙ୍ଗ କିପରି ହୁଏ, ବ୍ୟବହୃତ ପ୍ରାକୃତିକ ରଙ୍ଗ କେଉଁଠାରୁ ଆସେ, ସଂରକ୍ଷିତ କିଭଳି ହୁଏ ଓ ରଙ୍ଗ ସଂଗ୍ରହରେ ପରିଲକ୍ଷିତ ସମସ୍ୟା ସମ୍ପର୍କରେ ପଚାରି ବୁଝିଥିଲେ। ସମିତିର ସଭାପତି କେଶବ ଚନ୍ଦ୍ର ପାତ୍ର ଓ ସୁନାମଧନ୍ୟ ବୁଣାକାର ଅର୍ଜୁନ ପାଳ ଅଧିକାରୀଙ୍କୁ ରଙ୍ଗର ପ୍ରକାର ଅନୁଯାୟୀ ସ୍ଥାନୀୟ ଜଙ୍ଗଲ ସମେତ ରାଜ୍ୟର ବିଭିନ୍ନ ଜିଲ୍ଲା ତଥା ଦେଶର ଭିନ୍ନ ଭିନ୍ନ ରାଜ୍ୟରୁ ସଂଗ୍ରହ କରାଯାଏ ବୋଲି ପ୍ରକାଶ କରିଥିଲେ। ପଞ୍ଜାବ ରାଜ୍ୟର ଡାଳିମ୍ବ ଚୋପାର ରଙ୍ଗ ବ୍ଲାକିଶ ୟେଲୋ ହୋଇଥିବା ବେଳେ ଆନ୍ଧ୍ରପ୍ରଦେଶ ରାଜ୍ୟର ଡାଳିମ୍ବ ଚୋପାର ରଙ୍ଗ ଲାଇଟ ୟେଲୋ ହୋଇଥାଏ ବୋଲି ପ୍ରକାଶ କରିଥିଲେ। ଏହି ଆଧାରରେ ବିଭିନ୍ନ ସ୍ଥାନରୁ ରଙ୍ଗର ଆବଶ୍ୟକତା ଅନୁଯାୟୀ ସଂଗ୍ରହ ହୋଇଥାଏ ବୋଲି ପ୍ରକାଶ କରିଥିଲେ। ଏଥିସହିତ ନୂଆପାଟଣା ଅଞ୍ଚଳରେ ଜଳରେ ହାର୍ଡନେସ ଅଧିକ ରହିବା ସହ ଜଳରେ ଆଲଡିହାଇଡ଼ କିଟୋନ ସମେତ ଅନ୍ୟାନ୍ୟ ବିଷାକ୍ତ କଣିକାର ମାତ୍ରା ଅଧିକ ଥିବାରୁ ରଙ୍ଗ ପ୍ରସ୍ତୁତ ପାଇଁ ଏହି ଜଳ ଅନୁପଯୁକ୍ତ ବୋଲି ଉପସ୍ଥିତ ଅଧିକାରୀଙ୍କୁ ପ୍ରକାଶ କରିଥିଲେ। ଉପରୋକ୍ତ ଅସୁବିଧା ଦୂର ପାଇଁ ଅଞ୍ଚଳରେ ଏକ ସଫ୍ଟୱାଟର ପ୍ଲାଣ୍ଟ, ସାଇଣ୍ଟିଫିକାଲ ନାଚୁରାଲ ଡାଇଙ୍ଗ ୟୁନିଟ, ଏହାକୁ ସଂରକ୍ଷିତ ରଖିବା ଓ ପ୍ରଦର୍ଶନ ପାଇଁ ସଂରକ୍ଷିତ ସ୍ଥାନ ନିର୍ମାଣ ପାଇଁ ପ୍ରସ୍ତାବ ଦେଇଥିଲେ। ପରେ ଅଧିକାରୀମାନେ ସହଯୋଗ ସମିତିର ବୟନ ଗୃହକୁ ଯାଇ ବୟନ କାର୍ଯ୍ୟ ଦେଖିବା ସହ ଉତ୍ପାଦିତ ଶାଢ଼ୀର ନିର୍ମାଣ ଶୈଳୀରେ କିଭଳି ପରିବର୍ତ୍ତନ ଆଣିପାରିଲେ ତାହା ବର୍ତ୍ତମାନର ବଜାର ଚାହିଦା ମେଣ୍ଟାଇବା ସହ ବୁଣାକାର ଆର୍ଥିକ ସ୍ଥଳରେ ସ୍ୱଚ୍ଛଳ ହେବେ, ଯୁବପୀଢ଼ି ବୟନ ପାଇଁ ଆକର୍ଷିତ ହେବା ସହ ଅଞ୍ଚଳରେ ପର୍ଯ୍ୟଟନ ଶିଳ୍ପ ବୃଦ୍ଧି ପାଇବ ସେ ସମ୍ପର୍କରେ ଆଲୋଚନା କରିଥିଲେ। ଏ ସମ୍ପର୍କରେ ସଭାପତି ଶ୍ରୀ ପାତ୍ର ଓ ବୁଣାକାର ଶ୍ରୀ ପାଳ ଅଧିକାରୀଙ୍କୁ ବୟନରେ ସେମି ଅଟୋମେଟିକ ଜାକାଡର୍‌ର ବ୍ୟବହାର, ରଙ୍ଗ, ବାନ୍ଧ ଓ ବୁଣା କୌଶଳରେ ଉନ୍ନତି ପାଇଁ ସମୟ ଅନ୍ତରାଳରେ ମେଗା ଟ୍ରେନିଂ ଶିବିରର ଆୟୋଜନ ପାଇଁ ପ୍ରସ୍ତାବ ଦେଇଥିଲେ। ସମସ୍ତ ତଥ୍ୟ, ଆବଶ୍ୟକତା, ଅସୁବିଧାକୁ ଶୁଣିବା ସହ ଏହାର ସମାଧାନ ପାଇଁ ଆବଶ୍ୟକ ପଦକ୍ଷେପ ଗ୍ରହଣ ପାଇଁ ଅଧିକାରୀମାନେ ପ୍ରତିଶ୍ରୁତି ଦେଇଥିବା ଜଣାପଡିଛି। କାର୍ଯ୍ୟକ୍ରମରେ ଅନ୍ୟମାନଙ୍କ ମଧ୍ୟରେ ତହସିଲଦାର ଅକ୍ଷୟ ପରିଡା, ବିଡ଼ିଓ ମନସ୍ୱିନୀ ଦାସଙ୍କ ସମେତ ବୟନ ବିଭାଗ ସମେତ ଅନ୍ୟାନ୍ୟ ବିଭାଗର ଅଧିକାରୀମାନେ ଉପସ୍ଥିତ ଥିଲେ। ଆଲୋଚନାରେ ନୂଆପାଟଣା ଅଞ୍ଚଳରେ ଥିବା ୨୯ଟି ତନ୍ତୁବାୟ ସହଯୋଗ ସମିତିର ସଭାପତି, ସମ୍ପାଦକଙ୍କ ସମେତ ନୂଆପାଟଣା ନମ୍ବର-୧ ତନ୍ତୁବାୟ ସହଯୋଗ ସମିତିର ବୁଣାକାରମାନେ ଉପସ୍ଥିତ ଥିଲେ।

# କଟକ ସିଟି



## ‘ସକାଳ’ ପ୍ରଭାବ; ଚେତିଲା ସ୍ୱାସ୍ଥ୍ୟ ବିଭାଗ

# ଏସ୍‌ସିବିରେ ପୁଣି ହେବ ଯକୃତ ପ୍ରତିରୋପଣ

କଟକ, ୧୮।୮ (ସମିସ)

ଗତବର୍ଷ ସେପ୍ଟେମ୍ବର ମାସରେ ବଡ ମେଡିକାଲରେ ଶେଷଥର ଯକୃତ ପ୍ରତିରୋପଣ କରାଯାଇଥିଲା। ଏହା ପରଠାରୁ ପ୍ରତିରୋପଣ ୟୁନିଟ ଏକ ପ୍ରକାର ଅଚଳ ହୋଇପଡ଼ିଥିଲା। ପ୍ରତିରୋପଣ ଆଶାରେ ରଖି କିଛି ରୋଗୀ ମୃତ୍ୟୁ ମୁଖରେ ପଡ଼ିବା ସହ ଯକୃତ ପ୍ରତିରୋପଣ ୟୁନିଟ ପୁନଃକାର୍ଯ୍ୟକ୍ଷମ ନେଇ ‘ସକାଳ’ରେ ନିୟମିତ ଖବର ପ୍ରକାଶ ପାଇଥିଲା। ଏପରିକି ଘଟଣାର ଗୁରୁତ୍ୱ ଦୃଷ୍ଟିରୁ ହାଇକୋର୍ଟରେ ମାମଲା ରୁଜୁ ହୋଇଛି। ଏକ ବର୍ଷ ପରେ ସ୍ୱାସ୍ଥ୍ୟ ବିଭାଗ ଚେତିବା ସହ ବଡ ମେଡିକାଲରେ ଯକୃତ ପ୍ରତିରୋପଣ ଜାରି ରଖିବାକୁ ପ୍ରଚେଷ୍ଟା ଆରମ୍ଭ କରିଛନ୍ତି। ସୋମବାର ସନ୍ଧ୍ୟାରେ ଭୁବନେଶ୍ୱର ଡିଏମଇଟି କାର୍ଯ୍ୟାଳୟରେ ଏକ ଗୁରୁତ୍ୱପୂର୍ଣ୍ଣ ବୈଠକ ଡକାଯାଇଥିଲା। ଯେଉଁଥିରେ ସ୍ୱାସ୍ଥ୍ୟ ସଚିବ ଏସ୍.ଅଶ୍ୱସ୍ତି ହାଇଦ୍ରାବାଦର ଏସିଆନ ଇନିଷ୍ଟିଚ୍ୟୁଟ ଅଫ ଗ୍ୟାଷ୍ଟ୍ରୋଏଣ୍ଟେରୋଲୋଜିର ବରିଷ୍ଠ ଉପସଭାପତି ସନ୍ତୋଷ କୁମାର ସାହୁଙ୍କ ସହ ଦୀର୍ଘ ସମୟ ଆଲୋଚନା କରିଛନ୍ତି। ଏଆଇଜି ସହ ପୁଣି ଥରେ ଏମଓୟୁ ସ୍ୱାକ୍ଷର କରାଯିବ। ପୁଣି ଥରେ ରୋଗୀଙ୍କ ସ୍କ୍ରିନିଂ ହେବା ସହ ପ୍ରତିରୋପଣ ପ୍ରକ୍ରିୟା କିପରି ତ୍ୱରାନ୍ୱିତ ହେବ ସେ ବାବଦରେ ପୁଙ୍ଖାନୁପୁଙ୍ଖ ଆଲୋଚନା କରାଯାଇଛି।

କୋଟିକୋଟି ଟଙ୍କା ବ୍ୟୟରେ କଟକ ବଡ ମେଡିକାଲରେ ଯକୃତ ପ୍ରତିରୋପଣ ୟୁନିଟ ପ୍ରତିଷ୍ଠା ହୋଇଥିଲା। ଗତବର୍ଷ ସେପ୍ଟେମ୍ବର ପରଠାରୁ ଉକ୍ତ ୟୁନିଟ ଏକପ୍ରକାର ଅକ୍ଷମ ହୋଇ ପଡ଼ିଛି। ପ୍ରତିରୋପଣ କରାଯିବା ତ ଦୂରର କଥା ୟୁନିଟ ଭିତରୁ ପର୍ଯ୍ୟାୟକ୍ରମେ ମେସିନ ଗାଏବ ହୋଇ ଚାଲିଛି। ଏପରିକି ପ୍ରତିରୋପଣ ଅପେକ୍ଷାରତ ରୋଗୀ ଜଣକ ପରେ ଜଣେ ଆଖି ବୁଜୁଛନ୍ତି। ଏସ୍‌ସିବି କର୍ତ୍ତୃପକ୍ଷଙ୍କ ଅବହେଳା ଯୋଗୁଁ ରାଜ୍ୟ ସ୍ୱାସ୍ଥ୍ୟ ଜଗତ ପାଇଁ ଘଡିସନ୍ଧି ମୁହୂର୍ତ୍ତ ସୃଷ୍ଟି ହୋଇଥିଲା। ତେବେ ପ୍ରାୟ ଏକ ବର୍ଷ ପରେ ସ୍ୱାସ୍ଥ୍ୟ ବିଭାଗ ଏସସିବିରେ ପୁଣି ଥରେ ଯକୃତ ପ୍ରତିରୋପଣ ଆରମ୍ଭ କରିବା ଦିଗରେ ଦୃଷ୍ଟି ଦେଇଛି।

ଅତିରିକ୍ତ ଡିଏମଇଟି ଡାକ୍ତର ଉମାକାନ୍ତ ଶତପଥୀଙ୍କ କହିବା ଅନୁସାରେ, ଏଆଇଜି ସହ ଆଲୋଚନା ଫଳପ୍ରଦ ହୋଇଛି। ରାଜ୍ୟ ସରକାର ଏଆଇଜି ସହ ଯେଉଁ ଏମଓୟୁ ସ୍ୱାକ୍ଷର କରିଥିଲେ ତାହାର ଅବଧି ଶେଷ ହୋଇସାରିଛି। ଏଣୁ ପୁଣି ଥରେ ଏମଓୟୁ ସ୍ୱାକ୍ଷର କରାଯିବ। ପ୍ରତିରୋପଣ ପ୍ରକ୍ରିୟା ତ୍ୱରାନ୍ୱିତ କରାଯିବ। ତେବେ ଏସ୍‌ସିବିରେ ଯକୃତ ପ୍ରତିରୋପଣ ସମ୍ପୂର୍ଣ୍ଣ ବନ୍ଦ ହୋଇ ନଥିଲା ବୋଲି ଡାକ୍ତର ଶତପଥୀ ମତ ଦେଇଛନ୍ତି। ଅନ୍ୟପକ୍ଷରେ ଆଜିର ବୈଠକ ପରେ ଏସସିବି ମେଡିକାଲରେ ଯକୃତ ପ୍ରତିରୋପଣ ପୁର୍ନବାର କାର୍ଯ୍ୟ କରିବା ନେଇ ଏଆଇଜି ପକ୍ଷରୁ କେତେକ ଗୁରୁତ୍ୱପୂର୍ଣ୍ଣ ପ୍ରସ୍ତାବ ଦିଆଯାଇଥିବା ଜଣାପଡ଼ିଛି। ଯକୃତ ପ୍ରତିରୋପଣ ଏକ ଦୀର୍ଘମିଆଦୀ ଚିକିତ୍ସା ପଦ୍ଧତି। ସ୍କ୍ରିନିଂ ଠାରୁ ଆରମ୍ଭ କରି ପ୍ରତିରୋପଣ ପର୍ଯ୍ୟନ୍ତ ଏକ ସ୍ୱତନ୍ତ୍ର ଡାକ୍ତରୀ ଦଳ ରୋଗୀଙ୍କୁ ନିରୀକ୍ଷଣରେ ରଖିଥାଏ। ହେଲେ ବଡ ମେଡିକାଲରେ ଏବେ ସେଭଳି ଡାକ୍ତରୀ ଦଳ ହିଁ ନାହିଁ। ଯେଉଁ ଡାକ୍ତରୀ ଦଳକୁ ଯକୃତ ପ୍ରତିରୋପଣ ନିମନ୍ତେ ସ୍ୱତନ୍ତ୍ର ପ୍ରଶିକ୍ଷଣ ଦିଆଯାଇଥିଲା, ସେହି ଦଳ ମଧ୍ୟ ନିଷ୍କ୍ରିୟ। ବିଶେଷକରି ସ୍ଥାୟୀ ଏବଂ ଅଭିଜ୍ଞ ଡାକ୍ତରୀ ଦଳର ଆବଶ୍ୟକତା ପୂରଣ କରିବାକୁ ଏଆଇଜି ପକ୍ଷରୁ ପରାମର୍ଶ ଦିଆଯାଇଛି।

**ସ୍ୱାସ୍ଥ୍ୟ ସଚିବଙ୍କ ସହ ଏଆଇଜି କର୍ତ୍ତୃପକ୍ଷଙ୍କ ଆଲୋଚନା**

**ପୁନଃସ୍ୱାକ୍ଷର ହେବ ଏମ୍‌ଓୟୁ କରାଯିବ ରୋଗୀଙ୍କ ସ୍କ୍ରିନିଂ**

**ସ୍ଥାୟୀ ଓ ଅଭିଜ୍ଞ ଡାକ୍ତର ନିଯୁକ୍ତି ଦିଗରେ ପ୍ରାଥମିକତା**

### ସ୍ୱାସ୍ଥ୍ୟ ସଚିବଙ୍କ ଉଦ୍ୟମକୁ ପ୍ରଶଂସା

ବଡ ମେଡିକାଲରେ ଯକୃତ ପ୍ରତିରୋପଣ ବନ୍ଦ ରହିବା ଘଟଣାରେ ହାଇକୋର୍ଟ ଉଦ୍‌ବେଗ ପ୍ରକାଶ କରିଥିଲେ। ତେବେ ଇତି ମଧ୍ୟରେ ପ୍ରତିରୋପଣ ପ୍ରକ୍ରିୟାକୁ ପୁର୍ନବାର ତ୍ୱରାନ୍ୱିତ କରିବା ଦିଗରେ ରାଜ୍ୟ ସ୍ୱାସ୍ଥ୍ୟ ସଚିବ ଏସ୍. ଅଶ୍ୱସ୍ତିଙ୍କ ଉଦ୍ୟମକୁ ପ୍ରଶଂସା କରାଯାଇଛି। ରାଜ୍ୟର ପ୍ରତ୍ୟେକ ରୋଗୀ କିପରି ଉନ୍ନତ ଚିକିତ୍ସା ସେବାରୁ ବଞ୍ଚିତ ନହେବେ ସେନେଇ ସମସ୍ତ ପ୍ରଚେଷ୍ଟା କରାଯାଉଛି ବୋଲି ସ୍ୱାସ୍ଥ୍ୟସଚିବ ହାଇକୋର୍ଟରେ ଦାଖଲ କରିଥିବା ସତ୍ୟପାଠରେ ଦର୍ଶାଇଥିଲେ। ଏପରିକି ଜଟିଳ ଯକୃତ ରୋଗରେ ଆକ୍ରାନ୍ତଙ୍କ ପ୍ରତିରୋପଣ ନିମନ୍ତେ ଦେଶର ଦୁଇ ପ୍ରତିଷ୍ଠିତ ହସ୍ପିଟାଲ ସହ ଆଲୋଚନା କରିବାଠାରୁ ଆରମ୍ଭ କରି ପ୍ରତିରୋପଣ ୟୁନିଟର ବିକାଶ ନିମନ୍ତେ ପଦକ୍ଷେପ ନେବା ଦିଗରେ ସ୍ୱାସ୍ଥ୍ୟ ସଚିବଙ୍କ ଉଦ୍ୟମ ପ୍ରଶଂସନୀୟ ବୋଲି କୁହାଯାଉଛି।

# ଯୁବକଙ୍କୁ ଡିଜିଟାଲ୍ ଆରେଷ୍ଟ ଘଟଣାରେ ୩ ଗିରଫ



**କୋଟିଏ ୯ ଲକ୍ଷ ଟଙ୍କା ଲୁଟି ନେଇଥିଲେ ସାଇବର ଠକ**

କଟକ, ୧୮।୮ (ସମିସ): ସାଇବର ଲୁଟେରାମାନେ ଜଣେ ଯୁବକଙ୍କୁ ଏକ ଭିନ୍ନ ଧରଣର ଡିଜିଟାଲ୍ ଆରେଷ୍ଟ କରି ୧କୋଟି ୯ଲକ୍ଷ ୪୬ହଜାର ଟଙ୍କା ଠକି ନେଇଛନ୍ତି। ଏହି ଘଟଣାକୁ ତଦନ୍ତ କରି ସାଇବର ଥାନା ପୁଲିସ ୩ଜଣ ସାଇବର ଲୁଟେରାଙ୍କୁ ଗିରଫ କରିଛି। ଲୁଟେରାମାନେ ହେଲେ କୋଲକାତାର ବର୍ମା କୁସୱା(୨୧), ଦୀନେଶ ଖଣ୍ଡେଲ୍‌ୱାଲ୍(୫୬) ଏବଂ ଜୟକୁମାର ସ’(୩୨)। ଏମାନଙ୍କ ନିକଟରୁ ୩ଟି ମୋବାଇଲ୍ ଫୋନ୍, ୨ଟି ନକଲି ସିମ୍‌କାର୍ଡ, ୧୯ଟି କ୍ରେଡିଟ୍ ଓ ଡେବିଟ୍ କାର୍ଡ ଏବଂ ୪୦ଟି ବ୍ୟାଙ୍କ ଆକାଉଣ୍ଟ ଜବତ କରାଯାଇଛି। ଏଥି ସହିତ ୩ଲକ୍ଷ ୧୬ହଜାର ଟଙ୍କା ଜମା ଥିବା ଏକ ବ୍ୟାଙ୍କ ଆକାଉଣ୍ଟକୁ ଅଚଳ କରି ଦିଆଯାଇଛି।

ପୁଲିସ ସୂଚନା ଅନୁସାରେ, କଟକର ଅଭିଯୋଗକାରୀ ଶଙ୍କରପ୍ରସାଦ ମିଶ୍ର ୯୮୯୮୦୫୩୨୭୭ନମ୍ବରରୁ ୨୦୨୪ ଡିସେମ୍ବର ୧୮ ତାରିଖରେ ଏକ କଲ୍ ଆସିଥିଲା। କଲ୍ କରିଥିବା ବ୍ୟକ୍ତିଜଣକ ନିଜକୁ ଟ୍ରାଇ(ଟେଲିକମ୍ ରେଗୁଲେଟାରୀ ଅଥରିଟି ଅଫ୍ ଇଣ୍ଡିଆ)ର କର୍ମଚାରୀ ବୋଲି ପରିଚୟ ଦେଇଥିଲେ। ନିଜ ନାମ ରାଜିବ୍ ସିହ୍ନା ବୋଲି କହିଥିଲେ। ଏହାପରେ ଶଙ୍କର କଣ ହେଲା ବୋଲି ପଚାରିବାରୁ ସେ କହିଥିଲେ ଯେ, ତୁମ ନାମରେ ଏକ ସାଇବର ଠକେଇ ମାମଲା ରୁଜୁ କରାଯାଇଛି। ତୁମେ ନକଲି ଆଧାରକାର୍ଡ ଦେଇ ସିମ୍ କାର୍ଡ ବ୍ୟବହାର କରୁଥିବା ଟ୍ରାଇ ଜାଣିବାକୁ ପାଇଛି। ଏହା ଶୁଣିବା ପରେ ଶଙ୍କର ଡରି ଯାଇଥିଲେ। ସିଧା ଏଭଳି କରିନଥିବା ପ୍ରକାଶ କରିଥିଲେ। ଏହାପରେ ଆଉ ଏକ ନମ୍ବରରୁ ତାଙ୍କ ହ୍ୱାଟର୍ସଆପକୁ କଲ୍ ଆସିଥିଲା, କୋର୍ଟରେ ତାଙ୍କର ମାମଲା ବିଚାର କରାଯିବ। ସେ ଭିଡ଼ିଓ କଲ୍‌ରେ ରହିବାକୁ ଜଣେ ଅଧିକାରୀ ନିର୍ଦ୍ଦେଶ ଦେଇଥିଲେ। ଏହାପରେ କୌଣସି ଉପାୟ ନପାଇ ଶଙ୍କର ଭିଡ଼ିଓ କଲ୍‌ରେ ରହିଥିଲେ। ଅନ୍ୟପଟେ କୋର୍ଟ ପରିସରରେ ଏହି ମାମଲା ବିଚାର କରାଯାଉଥିଲା। ବିଚାରପତି ମାମଲାକୁ ଶୁଣୁଥିବା ବେଳେ ଟ୍ରାଇ ପକ୍ଷରୁ ମାମଲାକୁ ଜଣେ ଆଇନଜୀବୀ ଲଢୁଥିଲେ। ଶଙ୍କରଙ୍କୁ ଜେରା କରାଯାଇଥିଲା। ଏହା ପରେ ସିବିଆଇ ଅଫିସରୁ ଆଉ ଏକ କଲ୍ ଆସିଥିଲା। ସେଥିରେ କୁହାଯାଇଥିଲା ତାଙ୍କ ବ୍ୟାଙ୍କ ଆକାଉଣ୍ଟ ସମ୍ପର୍କିତ ତଥ୍ୟ ପ୍ରଦାନ କରିବାକୁ ଶଙ୍କର ନିଜର ବ୍ୟାଙ୍କ ସମ୍ପର୍କିତ ସମସ୍ତ ତଥ୍ୟ ପ୍ରଦାନ କରି ଦେଇଥିଲେ। ଏହାପରେ ତାଙ୍କ ଆକାଉଣ୍ଟରେ ଜମା ଥିବା ୧କୋଟି ୯ଲକ୍ଷ ୪୬ହଜାର ଟଙ୍କା ସାଇବର ଠକମାନେ ଠକି ନେଇଥିଲେ। କୌଣସି ଉପାୟ ନପାଇ ଶଙ୍କର କଟକ ସାଇବର ଥାନାର ଦ୍ୱାରସ୍ଥ ହୋଇଥିଲେ। ସାଇବର ଥାନା ପୁଲିସ ତଦନ୍ତ ଚଳାଇ ଆଜି ୩ଜଣ ସାଇବର ଲୁଟେରାଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଥିଲା। ଜାମିନ୍ ନାମଞ୍ଜୁର ହେବାରୁ ୩ ସାଇବର ଲୁଟେରାଙ୍କୁ ଜେଲ୍ ହାଜତକୁ ପଠାଇ ଦିଆଯାଇଛି।

## ‘ଭାରତ ମସଲା’ ପକ୍ଷରୁ ୭୯ତମ ସ୍ୱାଧୀନତା ଦିବସ




କଟକ, ୧୮।୮ (ସମିସ): ଭାରତ ମସଲା ପକ୍ଷରୁ ୭୯ତମ ସ୍ୱାଧୀନତା ଦିବସ ବାରଙ୍ଗ ରାମଦାସପୁର ସ୍ଥିତ କମ୍ପାନୀ ପରିସରରେ ଅନୁଷ୍ଠିତ ହୋଇଯାଇଛି। ଏଥିରେ ମୁଖ୍ୟଅତିଥିଭାବେ ଭାରତୀୟ ନୌସେନାର ଅବସରପ୍ରାପ୍ତ କମାଣ୍ଡର ଏସଏନ ମହାନ୍ତି ଯୋଗଦେଇ ପତାକା ଉତ୍ତୋଳନ କରିବା ସହ ସ୍ୱାଧୀନତାରେ ବଳିଦାନ ଦେଇଥିବା ସଂଗ୍ରାମୀଙ୍କ ସ୍ମୃତିଚାରଣ କରିଥିଲେ। ଭାରତ ମସଲାର ଅଧ୍ୟକ୍ଷ ସୁରେନ୍ଦ୍ରନାଥ ପଣ୍ଡା ଏଥିରେ ଯୋଗଦେଇ ଭାରତର ସ୍ୱାଧୀନତା ସଂଗ୍ରାମ ଓ ସଂଗ୍ରାମରେ ସଂଘର୍ଷ କରିଥିବା ସଂଗ୍ରାମୀଙ୍କୁ ନମନ ଜଣାଇ ଦେଶକୁ ପ୍ରଗତି ପଥରେ ଆଗେଇ ନେବା ପାଇଁ ପ୍ରତିଜ୍ଞାବଦ୍ଧ ହେବାକୁ ଆହ୍ୱାନ ଦେଇଥିଲେ। ଏଥିରେ ଅନ୍ୟମାନଙ୍କ ମଧ୍ୟରେ ଭାରତ ମସଲାର ନିର୍ଦ୍ଦେଶକ ଦିଗନ୍ତ ପଣ୍ଡା, ଜିଏମ ଅଶ୍ୱିନୀ ଦାସ, ଜିଏମ ଅପରେସନ ଅରୁଣ ନାୟକ, ଜିଏମ ପ୍ରଡ଼କ୍ସନ ନବକୃଷ୍ଣ ପ୍ରଧାନ, ପିଆରଓ ଆଶିଷ ମନ୍ଥନଙ୍କ ସମେତ କମ୍ପାନୀର କର୍ମଚାରୀ ଉପସ୍ଥିତ ଥିଲେ।

## ମୁଖ୍ୟମନ୍ତ୍ରୀ ବାୟୁ ସ୍ୱାସ୍ଥ୍ୟସେବା ଯୋଜନା

# ମାଲକାନଗିରିରେ ଏସ୍‌ସିବିର ୭ ଡାକ୍ତର



କଟକ, ୧୮।୮ (ସମିସ): ଉପାନ୍ତ ଅଞ୍ଚଳରେ ବିଶେଷଜ୍ଞ ଡାକ୍ତରୀ ଚିକିତ୍ସା ସେବା ଯୋଗାଇ ଦେବା ଲକ୍ଷ୍ୟରେ ‘ମୁଖ୍ୟମନ୍ତ୍ରୀ ବାୟୁ ସ୍ୱାସ୍ଥ୍ୟ ସେବା ଯୋଜନା’ ଅଧୀନରେ କଟକ ଏସସିବି ମେଡିକାଲର ଏକ ସାତଜଣିଆ ଡାକ୍ତରୀ ଦଳ ମାଲକାନଗିରି ସଦର ମୁଖ୍ୟ ଡାକ୍ତରଖାନାରେ ପହଞ୍ଚି ରୋଗୀମାନଙ୍କ ଚିକିତ୍ସା କରିଛନ୍ତି। ୧୮ ରୁ ୨୧ ଅଗଷ୍ଟ ପର୍ଯ୍ୟନ୍ତ ସୁପର ସ୍ପେଶାଲିଷ୍ଟ ଡାକ୍ତରମାନେ ମୁଖ୍ୟମନ୍ତ୍ରୀ ବାୟୁ ସ୍ୱାସ୍ଥ୍ୟ ସେବା ଯୋଜନାରେ ଜିଲ୍ଲାର ରୋଗୀଙ୍କ ଚିକିତ୍ସା କରିବେ। ଆଜି ପ୍ରଥମ ଦିନରେ କାର୍ଡିଓଲୋଜି, ନ୍ୟୁରୋଲୋଜି, ଗାଷ୍ଟ୍ରୋଏଣ୍ଟେରୋଲୋଜି, ଏଣ୍ଡୋକ୍ରାଇନୋଲୋଜି ଓ ନେଫ୍ରୋଲୋଜି ଭଳି ବିଭାଗର ୨୦୦ରୁ ଅଧିକ ରୋଗୀଙ୍କ ଚିକିତ୍ସା କରାଯାଇଛି। ଆସନ୍ତାକାଲି ୧୭ ଜଣଙ୍କର ସର୍ଜରୀ କରାଯିବାକୁ ସ୍ଥିର କରାଯାଇଛି। ଏହି ଡାକ୍ତରୀ ଦଳରେ ସର୍ଜରୀ ସ୍ପେଶାଲିଷ୍ଟ ଏସସିବି ଆସିଷ୍ଟାଣ୍ଟ ପ୍ରଫେସର ଡାକ୍ତର ଜ୍ୟୋତିର୍ମୟ ନାୟକ, ବରିଷ୍ଠ କାର୍ଡିଓଲୋଜି ଆଂଶୁ ଟଙ୍କ, ସିନିୟର ନେଫ୍ରୋଲୋଜି ଡାକ୍ତର ଧିରଜ କୁମାର ଲେଙ୍କା, ସିନିୟର ନ୍ୟୁରୋଲୋଜି ଡାକ୍ତର ସଂଘମିତ୍ରା ସାହୁ, ସିନିୟର୍ ଏଣ୍ଡୋକ୍ରାଇନୋଲୋଜି ଡାକ୍ତର ସୀତାକାନ୍ତ ପଣ୍ଡା, ସିନିୟର ଗାଷ୍ଟ୍ରୋଏଣ୍ଟେରୋଲୋଜି ଡାକ୍ତର ରାକେଶ ମହାନ୍ତି, ଆସିଷ୍ଟାଣ୍ଟ ପ୍ରଫେସର ଆନାସ୍ଥେସିଓଲୋଜି ଡାକ୍ତର ରାଜକୁମାର ମହାପାତ୍ର ପ୍ରମୁଖ ରହିଛନ୍ତି।

## ମହାତ୍ମା ଗାନ୍ଧୀଙ୍କ କୃଷ୍ଣାଶ୍ରମ ଆଗମନର ଶତବାର୍ଷିକୀ ପ୍ରସ୍ତୁତି



କଟକ, ୧୮।୮ (ସମିସ): ଜାତିର ପିତା ମହାତ୍ମା ଗାନ୍ଧୀଙ୍କ କଟକସ୍ଥିତ କୃଷ୍ଣାଶ୍ରମ ଆଗମନର ଶତବାର୍ଷିକୀ ସମାରୋହ ଆୟୋଜନ କରାଯିବ। ୧୯୨୫ ଅଗଷ୍ଟ ୨୦ ତାରିଖରେ ଗାନ୍ଧିଜୀ ଏସିଆର ଏହି ବୃହତ କୃଷ୍ଣାଶ୍ରମ ଆସି ଅନ୍ତେବାସୀଙ୍କ ସେବା କରିବା ସହ ଜନସାଧାରଣଙ୍କୁ ସ୍ୱାଧୀନତା ସଂଗ୍ରାମରେ ସାମିଲ ହେବା ନିମନ୍ତେ ବାର୍ତ୍ତା ଦେଇ ପଦଯାତ୍ରା କରି ଫେରିଥିଲେ। ଏହି ଅଭୁଲା ସ୍ମୃତିର ସ୍ମାରକୀ ସ୍ୱରୂପ ଏକ ଶତ ବାର୍ଷିକୀ ସମାରୋହ କୃଷ୍ଣାଶ୍ରମ ପ୍ରାଙ୍ଗଣରେ ଅନୁଷ୍ଠିତ ହେବ। ଉକ୍ତ କାର୍ଯ୍ୟକ୍ରମରେ ରାଜ୍ୟପାଳଙ୍କ ସମେତ ବରିଷ୍ଠ ମନ୍ତ୍ରୀ, ସାଂସଦ, ବିଧାୟକ ମାନେ ଯୋଗଦେବାର କାର୍ଯ୍ୟକ୍ରମ ରହିଛି। ସମସ୍ତ ଚୂଡାନ୍ତ ପ୍ରସ୍ତୁତି ସ୍ୱରୂପ ଆଜି ଅପରାହ୍ନରେ କଟକ ମହାନଗର ନିଗମ ଆୟୁକ୍ତ, କିରଣ ଦୀପ କୌର ସାହୋଟାଙ୍କ ଅଧ୍ୟକ୍ଷତାରେ ଏକ ବୈଠକ ବିଜୁ ଭବନଠାରେ ଅନୁଷ୍ଠିତ ହୋଇଯାଇଛି। ସମସ୍ତ ଦିଗରେ ଯତ୍ନବାନ ସହ ତଥା ସମନ୍ୱୟ ରକ୍ଷା ପୂର୍ବକ କାର୍ଯ୍ୟ କରିବା ପାଇଁ ବୈଠକରେ ଉପସ୍ଥିତ ଅଧିକାରୀ ଓ ଯନ୍ତ୍ରୀଙ୍କୁ ଆୟୁକ୍ତ ନିର୍ଦ୍ଦେଶ ଦେଇଥିଲେ।

## ବାଇକ୍‌ରୁ ପଡ଼ି ମହିଳା ଗୁରୁତର

କଟକ, ୧୮।୮ (ସମିସ): ଲିଙ୍କରୋଡରେ ଆଜି ସନ୍ଧ୍ୟାରେ ଏକ ଦୁର୍ଘଟଣା ଘଟିଛି। ବାଇକରୁ ଗଳିପଡ଼ି ଜଣେ ମହିଳା ଗୁରୁତର ହୋଇଛନ୍ତି। ସନ୍ଧ୍ୟା ପ୍ରାୟ ୭ଟା ସମୟରେ ମହିଳା ଜଣକ ଏକ ବାଇକରେ ବସି ବାଦାମବାଡି ଅଭିମୁଖେ ଆସୁଥିଲେ। ତେବେ ଲିଙ୍କ୍‌ରୋଡ ନିଶାମଣି ସିନେମା ହଲ ସମ୍ମୁଖରେ ହଠାତ ବାଇକ ଚାଳକ ଜଣକ ବ୍ରେକ ମାରିଥିଲେ। ଏଥିଯୋଗୁଁ ବାଇକରେ ବସିଥିବା ମହିଳା ଜଣକ ଭାରସାମ୍ୟ ହରାଇ ତଳକୁ ଗଳିପଡ଼ିଥିଲେ। ଫଳରେ ମହିଳାଙ୍କ ମୁଣ୍ଡ, ମୁହଁ ସମେତ ଶରୀରର ଅନ୍ୟ ସ୍ଥାନରେ ଗଭୀର କ୍ଷତ ହୋଇଛି। ସ୍ଥାନୀୟ ଲୋକଙ୍କ ସହାୟତାରେ ତାଙ୍କୁ ରକ୍ତ ଜୁଡୁବୁଡୁ ଅବସ୍ଥାରେ ଉଦ୍ଧାର କରି ମେଡିକାଲରେ ଭର୍ତ୍ତି କରାଯାଇଛି।

## ଶ୍ରୀ ମନ୍ଦିରର ଝାଞ୍ଜ ସେବକଙ୍କ ପରଲୋକ

କଟକ, ୧୮।୮ (ସମିସ): ପୁରୀ ଶ୍ରୀମନ୍ଦିରର ଝାଞ୍ଜ ସେବକ ଜନ୍ମେଜୟ ନରେନ୍ଦ୍ର ହରିଚନ୍ଦନ ମହାପାତ୍ରଙ୍କ କଟକ ଯୋବ୍ରା ସ୍ଥିତ ଏକ ଘରୋଇ ହସ୍ପିଟାଲରେ ପରଲୋକ ହୋଇଯାଇଛି। ମୃତ୍ୟୁବେଳକୁ ତାଙ୍କୁ ୮୫ ବର୍ଷ ହୋଇଥିଲା। ଉଚ୍ଚଶିକ୍ଷିତ ହୋଇ ମଧ୍ୟ ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ପ୍ରତି ଅଗାଢ ଭକ୍ତି ଯୋଗୁଁ ଦୀର୍ଘ ୫୫ ବର୍ଷରୁ ଊର୍ଦ୍ଧ୍ୱ ସମୟ ହେବ ଶ୍ରୀମନ୍ଦିରରେ ପ୍ରତିଦିନ ଝାଞ୍ଜ ସେବା କରି ଆସୁଥିଲେ। ଶ୍ରୀ ମନ୍ଦିରରେ ଝାଞ୍ଜ ସେବା ସମାପ୍ତ କରି ପ୍ରତିଦିନ କଟକ ଶିଖରପୁର ସ୍ଥିତ ବୁଢାବାବାଙ୍କ ବିଦ୍ୟାନନ୍ଦ ଆଶ୍ରମ ଆସି ସେଠାରୁ ପୁଣି ସକାଳୁ ପୁରୀକୁ ଝାଞ୍ଜ ସେବା ପାଇଁ ଯାଉଥିଲେ। ସର୍ବତ୍ର ସେ ବ୍ରହ୍ମଚାରୀ ବାବା ଭାବେ ପରିଚିତ ଥିଲେ। ତାଙ୍କ ମରଶରୀରକୁ କଟକରୁ ଏକ ବିରାଟ ପଟୁଆରରେ ନିଆଯାଇ ପୁରୀ ସ୍ୱର୍ଗଦ୍ୱାରରେ ଶ୍ରୀମନ୍ଦିର ରୋଷଶାଳାରୁ ଅଣାଯାଇଥିବା ଅଗ୍ନିରେ ସତ୍କାର କରାଯାଇଥିଲା। ସେ ଅବିବାହିତ ଥିବାରୁ ତାଙ୍କର ପୁତୁରା ବାବୁଲି ହରିଚନ୍ଦନ ମହାପାତ୍ର ମୁଖାଗ୍ନି ଦେଇଥିଲେ। ତାଙ୍କର ପରଲୋକରେ ଶ୍ରୀ ଜଗନ୍ନାଥଙ୍କ ଭକ୍ତ ମହଲରେ ଶୋକର ଛାୟା ଖେଳିଯାଇଛି।



# ଅଟୋରେ ଯୁବତୀଙ୍କୁ ଅସଦାଚରଣ; ଅଟୋ ଚାଳକ ଗିରଫ

କଟକ, ୧୮।୮ (ସମିସ): ଜଗତପୁର ଅଞ୍ଚଳରେ ଜଣେ ନାବାଳିକାଙ୍କୁ ଅସଦାଚରଣ କରିବା ଅଭିଯୋଗରେ ଚାଉଳିଆଗଞ୍ଜ ଥାନା ପୁଲିସ ଆଜି ଜଣେ ଅଟୋ ଚାଳକଙ୍କୁ ଗିରଫ କରିଛି। ଜଗତସିଂହପୁର ଜିଲ୍ଲାର ୫୫ ବର୍ଷୀୟ ଚାଳକ ଜଣକ କଟକ ସିଆରଆରଆଇ ଥାନା ଅଞ୍ଚଳରେ ରହୁଥିଲେ। ଏହି ଘଟଣା ନେଇ ପୁଲିସ ତାଙ୍କୁ ଜେରା କରୁଥିବା ଜଣାପଡ଼ିଛି। ଅନ୍ୟପଟେ ଘଟଣାର ପ୍ରାୟ ଏକ ସପ୍ତାହ ପରେ ଏତଲା ଦିଆଯିବାକୁ ନେଇ ସନ୍ଦେହ ବଢ଼ିଛି। ଅଭିଯୋଗର ସତ୍ୟାସତ୍ୟ ଜାଣିବା ଲାଗି ପୁଲିସ ଘଟଣାସ୍ଥଳ ଆଖପାଖର ସିସିଟିଭି ଫୁଟେଜ ଓ ମୋବାଇଲର ଲୋକେସନ ଯାଞ୍ଚ କରୁଛି।

ପ୍ରାପ୍ତ ସୂଚନା ଅନୁଯାୟୀ, ଜଗତପୁର ଥାନା ଅନ୍ତର୍ଗତ ତରୋଳ ଗାଁର ୧୬ ବର୍ଷର ନାବାଳିକା ଜଣକ ଗତ ୮ ତାରିଖ ସକାଳ ୧୦ଟା ବେଳେ ଜଣେ ସାଙ୍ଗ ସହିତ ଡ୍ରେସ କିଣିବାକୁ ବାଦାମବାଡିକୁ ଆସିଥିଲେ। ଦିନ ପ୍ରାୟ ସାଢେ ୧୨ଟା ବେଳେ କିଣାକିଣି ସାରି ଦୁହେଁ ବାଦାମବାଡିରୁ ଏକ ଅଟୋ ଯୋଗେ ଘରକୁ ଫେରୁଥିଲେ। ଶିଖରପୁର ଦେଇ ଯାଉଥିଲା ବେଳେ ହଠାତ ନାବାଳିକାଙ୍କର ମୁଣ୍ଡ ବୁଲାଇଥିଲା। ତେଣୁ ସେ ଅଟୋ ଚାଳକଙ୍କୁ ଗାଡି ରୋକିବାକୁ କହିଥିଲେ। ନିକଟ ଦୋକାନରୁ ପାଣି ଆଣିବା ପାଇଁ ବାନ୍ଧବୀଙ୍କୁ ପଠାଇଥିଲେ। ବାନ୍ଧବୀ ପାଣି ଆଣିବାକୁ ଯିବା ବେଳେ ପୀଡିତାଙ୍କୁ ଏକୁଟିଆ ପାଇ ଅଟୋ ଚାଳକ ପଛ ସିଟକୁ ପଳାଇ ଆସିଥିଲେ। ମୁଣ୍ଡ ଚିପିଦେବା ବାହାନାରେ ନାବାଳିକାଙ୍କୁ ଅସଦାଚରଣ କରିଥିଲେ। ଅସୁସ୍ଥ ଥିବାରୁ ସେ ଏହାର ବିରୋଧ କରିପାରିଲେ ନାହିଁ। କିଛି ସମୟ ପରେ ପାଣି ନେଇ ବାନ୍ଧବୀ ଆସିବା ପରେ ନାବାଳିକା ସବୁକଥା କହିଥିଲେ। ଏହାପରେ ଦୁହେଁ ଅଟୋ ଚାଳକଙ୍କୁ ଏହି କଥା ନେଇ ପଚାରିବାରୁ ଚାଳକ ଧମକଚମକ ଦେଇଥିଲା। ଏହା ପରେ ଦୁହେଁ ଅଟୋରୁ ଓହ୍ଲାଇ ପଳାଇଥିଲେ। ଘଟଣାର ପ୍ରାୟ ୮ ଦିନ ପରେ ପୀଡିତା ତାଙ୍କ ମାଆଙ୍କୁ ନେଇ ଆସି ଚାଉଳିଆଗଞ୍ଜ ଥାନାରେ ଏତଲା ଦେଇଥିଲେ। ଅଭିଯୋଗ ଆଧାରରେ ପୁଲିସ ପକସୋ ଆକ୍ଟରେ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଥିଲା। ଏହି କ୍ରମରେ ପୀଡିତାଙ୍କର ସୋମବାର ବୟାନ ରେକର୍ଡ କରାଯାଇଛି। ଏହାପରେ ପୁଲିସ ମାମଲାରେ ସମ୍ପୃକ୍ତ ଅଟୋ ସହ ଚାଳକଙ୍କୁ ଧରିଆଣି ଥାନାରେ ଅଟକ ରଖିଛି। ଘଟଣା ନେଇ ପୁଲିସ ତଦନ୍ତ ଜାରି ରଖିଛି। ଅନ୍ୟପଟେ, ଉଭୟ ପୀଡିତା ଓ ତାଙ୍କର ବାନ୍ଧବୀ ଏଭଳି ଏକ ସମ୍ବେଦନଶୀଳ ଘଟଣାକୁ ନେଇ ସପ୍ତାହେ ଧରି ଚୁପ ରହିବା ପରେ ଥାନାରେ ଏତଲା ଦେବାକୁ ନେଇ ସନ୍ଦେହ ସୃଷ୍ଟି କରିଛି। ଶିଖରପୁର ଭଳି ଗହଳିପୂର୍ଣ୍ଣ ଅଞ୍ଚଳରେ ଦିନ ଦ୍ୱିପ୍ରହରରେ ଏଭଳି ଘଟଣା ବିଷୟରେ ରାସ୍ତାରେ ଯାଉଥିବା ଲୋକେ କିଭଳି ସାମାନ୍ୟତମ ସୁରାକ ପାଇଲେନାହିଁ କିମ୍ବା ପୀଡିତା ଓ ତାଙ୍କ ବାନ୍ଧବୀ କାହାକୁ ନ ଜଣାଇବାକୁ ନେଇ ପୁଲିସ ମଧ୍ୟ ସନ୍ଦେହ ଘେରର ରହିଛି। ତେଣୁ ପୁଲିସ ଆଇନ ଅନୁଯାୟୀ ପୀଡିତାଙ୍କର ବୟାନ ରେକର୍ଡ କରିବା ସହିତ ବୟାନ ଆଧାରରେ ଅଟକ ବ୍ୟକ୍ତିଙ୍କୁ ପଚରାଉଚରା ଏବଂ ଘଟଣାସ୍ଥଳର ସିସିଟିଭି ଫୁଟେଜ ଆଣି ଯାଞ୍ଚ କରୁଛି। ତତ୍‌ସହିତ ପୀଡିତା ଓ ଅଟକ ବ୍ୟକ୍ତିଙ୍କର ମୋବାଇଲ ଲୋକେସନ ଯାଞ୍ଚ କରୁଥିବା ସୂଚନା ମିଳିଛି।

**ପ୍ରତ୍ୟକ୍ଷଦର୍ଶୀଙ୍କ ବୟାନ ରେକର୍ଡ କଲା ପୁଲିସ**

**ଘଟଣାର ସପ୍ତାହ ପରେ ଏତଲା ନେଇ ସନ୍ଦେହ**

**ପୀଡ଼ିତାଙ୍କ ବୟାନ ରେକର୍ଡ**

# ଜଗତପୁର ଶିଳ୍ପାଞ୍ଚଳରେ ଆଇନଶୃଙ୍ଖଳା ବିପର୍ଯ୍ୟସ୍ତ

କଟକ, ୧୮।୮ (ସମିସ)




ଜଗତପୁର ଶିଳ୍ପାଞ୍ଚଳରେ ଭୁଶୁଡି ପଡ଼ିଛି ଆଇନଶୃଙ୍ଖଳା ପରିସ୍ଥିତି। ଶିଳ୍ପାଞ୍ଚଳରେ ଚୋରି ବଢ଼ିବା ସହ ଅପରାଧୀ ମାତିଛନ୍ତି। ନିଶା କାରବାରର ପେଣ୍ଠସ୍ଥଳ ପାଲଟିଛି ଶିଳ୍ପାଞ୍ଚଳ। ଏଠାରେ ଥିବା ବସ୍ତି ନିକଟସ୍ଥ ପାନ ଓ ଚାହା ଦୋକାନରେ ନିଶାଦ୍ରବ୍ୟ ବିକ୍ରି ହେବା ଯୋଗୁଁ ଅସାମାଜିକ କାର୍ଯ୍ୟକଳାପ ବଢ଼ିଚାଲିଛି। ଫଳରେ ଶିଳ୍ପୋଦ୍ୟୋଗୀ ଓ ଶ୍ରମିକ ନିଜକୁ ସୁରକ୍ଷିତ ମଣୁନାହାନ୍ତି। ଜଗତପୁର ଥାନାରେ ଶିଳ୍ପୋଦ୍ୟୋଗୀଙ୍କ ପକ୍ଷରୁ କ୍ରମାଗତ ଚୋରି ହେଉଥିବା ନେଇ ଅଭିଯୋଗ କରାଯାଇଥିଲେ ମଧ୍ୟ ପୁଲିସ ନେଉନି ପଦକ୍ଷେପ। ଡିସିପିଙ୍କୁ ଜଣାଇଲେ ମଧ୍ୟ ସୁଫଳ ମିଳୁନି। ଏଥିନେଇ ଶିଳ୍ପୋଦ୍ୟୋଗୀଙ୍କ ମଧ୍ୟରେ ତୀବ୍ର ଅସନ୍ତୋଷ ଦେଖାଦେଇଛି। ଶେଷରେ ମୁଖ୍ୟମନ୍ତ୍ରୀଙ୍କୁ ଏ ବିଷୟରେ ଓଡ଼ିଶା ଶିଳ୍ପ ସଂଘ ଫେରାଦ ହେବ ବୋଲି ଅଧ୍ୟକ୍ଷ ଅବନୀ କାନୁନଗୋ କଡ଼ା ଚେତାବନୀ ଦେଇଛନ୍ତି।

ଅଭିଯୋଗରୁ ପ୍ରକାଶ ଯେ ଜଗତପୁର ନୂଆ ଶିଳ୍ପାଞ୍ଚଳରେ ୫୫୦ ଶିଳ୍ପ ସଂସ୍ଥା ରହିଥିବା ବେଳେ ପୁରୁଣା ଶିଳ୍ପାଞ୍ଚଳରେ ୫୦ଟି ଶିଳ୍ପ ସଂସ୍ଥା ଚାଲୁଛି। ବିଭିନ୍ନ ପ୍ରକାରର ଉତ୍ପାଦ ଏଠାରେ ପ୍ରସ୍ତୁତ ହେଉଛି। ୧୫ ହଜାର ଶ୍ରମିକ କାର୍ଯ୍ୟ କରୁଛନ୍ତି। ସେଥିମଧ୍ୟରୁ ୫ ହଜାର ମହିଳା ଶ୍ରମିକ ଅଛନ୍ତି। ବିଭିନ୍ନ ଟିକସ ବାବଦରେ ସରକାରଙ୍କୁ ପାଖାପାଖି ୫ ଶହ କୋଟି ଟଙ୍କାରୁ ଅଧିକ ଅର୍ଥ ଶିଳ୍ପୋଦ୍ୟୋଗୀମାନଙ୍କ ପକ୍ଷରୁ ପ୍ରଦାନ କରାଯାଉଛି। ହେଲେ ଏହି ସର୍ବପୁରାତନ ଓ ବୃହତ୍ତମ ଶିଳ୍ପାଞ୍ଚଳର ବିପର୍ଯ୍ୟସ୍ତ ଆଇନଶୃଙ୍ଖଳା ପରିସ୍ଥିତି ପ୍ରତି ଦୃଷ୍ଟି ଦିଆଯାଉ ନାହିଁ। ଅସାମାଜିକ ବ୍ୟକ୍ତିମାନେ ଗୋଟିଏ ପରେ ଗୋଟିଏ ଅପରାଧ ଘଟାଇ ଚାଲିଛନ୍ତି। ଚୋର ଦଳ ଶିଳ୍ପସଂସ୍ଥାରୁ ନିର୍ବିଘ୍ନରେ ଚୋରି କରିଚାଲିଛନ୍ତି। ଆର.କେ. ଫୁଡ୍ସରୁ ଗତ ଏକ ବର୍ଷ ମଧ୍ୟରେ ୩ ଥର ଚୋରି ହୋଇଛି। ଏହି ସଂସ୍ଥାରୁ ଲକ୍ଷାଧିକ ଟଙ୍କା ଚୋରି ହେବା ସମ୍ପର୍କରେ ଜଗତପୁର ଥାନାରେ ଏଫଆଇଆର ହୋଇଥିଲେ ମଧ୍ୟ ପୁଲିସ ସମ୍ପୂର୍ଣ୍ଣ ଟଙ୍କା ଜବତ କରିପାରି ନାହିଁ। ସେହିଭଳି ଔଷଧ ପ୍ରସ୍ତୁତକାରୀ ସଂସ୍ଥା ୟୁନିଭର୍ସାଲ କେମିକାଲ୍ସରୁ ଲୁହା ରଡ ଓ ବାର ଚୋରି ହୋଇଛି, ଯାହାର ଆନୁମାନିକ ମୂଲ୍ୟ ୫୦ ହଜାରରୁ ଊର୍ଦ୍ଧ୍ୱ ହେବ। ଏ ସଂକ୍ରାନ୍ତରେ ଜଗତପୁର ଥାନାରେ ଅଭିଯୋଗ କରାଯିବା ସହ ସିସିଟିଭି ଫୁଟେଜ ଦିଆଯାଇଥିଲେ ମଧ୍ୟ ପୁଲିସ ଅଭିଯୋଗ ଗ୍ରହଣ କରି ନାହିଁ। ଏହି ଘଟଣାରେ ସମ୍ପୃକ୍ତ ଦୁର୍ବୃତ୍ତ ଖୁଲମଖୁଲା ବୁଲୁଥିଲେ ମଧ୍ୟ ପୁଲିସ ତାକୁ ଗିରଫ କରୁନାହିଁ। ଫ୍ରଷ୍ଟି ଆଇସକ୍ରିମ ସଂସ୍ଥାର କର୍ମଚାରୀ ଲକ୍ଷାଧିକ ଟଙ୍କା କଲେକ୍ସନ କରି ଗାୟବ କରିଥିଲେ ମଧ୍ୟ ପୁଲିସ ତାକୁ ଧରିବାରେ ସକ୍ଷମ ହୋଇପାରି ନାହିଁ। ପୁନଶ୍ଚ ପ୍ରଗତି ମିଲ୍କ ସଂସ୍ଥାରୁ ୪ଟି ବାଇକ ଚୋରି ହୋଇଛି। ପୁଲିସକୁ ସିସିଟିଭି ଫୁଟେଜ ଦିଆଯାଇଥିଲେ ମଧ୍ୟ ଅପରାଧୀଙ୍କୁ ପୁଲିସ ଧରିବାରେ ସମ୍ପୂର୍ଣ୍ଣ ବିଫଳ ହୋଇଛି। ରାତିରେ ଶିଳ୍ପସଂସ୍ଥା ଭିତରେ ପଶି ମୋବାଇଲ ଲୁଟ କରି ଲୁଟେରା ଚମ୍ପଟ ମାରୁଥିବା ଅଭିଯୋଗ ଉଠିଛି।

- **ବଢୁଛି ଚୋରି, ନିଷ୍କ୍ରିୟ ପୁଲିସ**
- **ଡିସିପିଙ୍କୁ ଅଭିଯୋଗ ପରେ ବି ମିଳୁନି ସୁଫଳ**
- **ମୁଖ୍ୟମନ୍ତ୍ରୀଙ୍କୁ ଫେରାଦ ହେବ ଓଡ଼ିଶା ଶିଳ୍ପ ସଂଘ**

ଜଗତପୁର ଥାନା ପୁଲିସର ଏଭଳି ନିଷ୍କ୍ରିୟତା ବିରୋଧରେ ଡିସିପିଙ୍କୁ ମେଲ ମାଧ୍ୟମରେ ଅବଗତ କରାଯାଇଛି। ମାତ୍ର କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇ ନ ଥିବାରୁ ଡିସିପିଙ୍କୁ ଶିଳ୍ପୋଦ୍ୟୋଗୀ ମାନେ ଭେଟିବାକୁ ସମୟ ମାଗୁଥିଲେ ମଧ୍ୟ ତାଙ୍କୁ ସମୟ ଦିଆଯାଉ ନ ଥିବା ସଂଘ ଅଭିଯୋଗ ଆଣିଛି।

# ସମ୍ପାଦକୀୟ



ପିଲାମାନଙ୍କୁ ଅର୍ଥ ନୁହେଁ, ବରଂ ଖୁସି ସାଉଁଟିବାର ଶିକ୍ଷା ଦିଅନ୍ତୁ। ତା' ହେଲେ ସେମାନେ ଯେକୌଣସି ବିଷୟକୁ ଅର୍ଥ ସହିତ ତୁଳନା ନ କରି ତା'ର ମୂଲ୍ୟ ବୁଝିପାରିବେ।
-ଷ୍ଟିଭ୍ ଜବ୍ସ

ସକାଳ
THE SAKALA

## ଆଶାର ଆଲୋକ ଆଲାସ୍କା

ସବୁ ଆଶା ଓ ନିରାଶା ମଧ୍ୟରେ ଅନୁଷ୍ଠିତ ଆଲାସ୍କା ଶିଖର ବୈଠକ ଶୁକ୍ରବାର ଶେଷ ହୋଇଛି। ଆମେରିକା ଓ ରୁଷିଆର ଦୁଇ ଶୀର୍ଷ ନେତୃତ୍ୱ ଟ୍ରମ୍ପ ଓ ପୁଟିନଙ୍କ ମଧ୍ୟରେ ତିନିଘଣ୍ଟାର ଆଲୋଚନାରୁ ଠୋସ୍ କିଛି ନିର୍ଯାସ କି ବାର୍ତ୍ତା ବିଶ୍ୱବାସୀଙ୍କୁ ମିଳିନଥିଲେ ମଧ୍ୟ ଏହା ଯେ ସକାରାତ୍ମକ, ତାହା ଦୁଇ ନେତାଙ୍କ ପ୍ରତିକ୍ରିୟାରୁ ସ୍ପଷ୍ଟ ହୋଇଛି। କୂଟନୈତିକ ଗୋଟିଚାଳନାରେ ସିଦ୍ଧହସ୍ତ ପୁଟିନ ରୁଷର ସ୍ୱାର୍ଥକୁ ସୁରକ୍ଷିତ ରଖି ଟ୍ରମ୍ପଙ୍କୁ ମନେଇବାକୁ ସମର୍ଥ ହୋଇଛନ୍ତି। 'ଟ୍ରମ୍ପ ଯଦି ୨୦୨୨ରେ ଆମେରିକାର ରାଷ୍ଟ୍ରପତି ପଦରେ ଅବସ୍ଥାନ କରୁଥା'ନ୍ତେ ହୁଏତ ରୁଷ -ୟୁକ୍ରେନ ଯୁଦ୍ଧ ସଂଘଟିତ ହୋଇ ନ ଥା'ନ୍ତା।' ଅନନମୀୟ ଟ୍ରମ୍ପଙ୍କୁ ମନେଇବାରେ ପୁଟିନଙ୍କ ଏହି ବକ୍ତବ୍ୟ ଯଥେଷ୍ଟ ଥିଲା। କାରଣ ଏହି ଶିଖର ବୈଠକ ପୂର୍ବରୁ ୟୁରୋପୀୟ ନେତା ଓ ୟୁକ୍ରେନ ରାଷ୍ଟ୍ରପତି ଜେଲେନ୍ସ୍କିଙ୍କ ସହ ଆଲୋଚନା ବେଳେ ତୁରନ୍ତ ଯୁଦ୍ଧ ବିରାମ ପ୍ରସ୍ତାବରେ ପୁଟିନ ରାଜି ନହେଲେ ପରିସ୍ଥିତି ଭୟାନକ ହେବ ବୋଲି ଟ୍ରମ୍ପ ଧମକ ଦେଇଥିଲେ। କିନ୍ତୁ ଆଲାସ୍କାର ଶିଖର ବୈଠକରେ ଆଲୋଚନାର ଗତି ଏଭଳି ମୋଡ଼ ନେଇଥିଲା ଯେ ଟ୍ରମ୍ପ କହିଥିଲେ, ଯୁଦ୍ଧ ବିରତି କାହିଁକି ଆମେରିକା ସ୍ଥାୟୀ ଶାନ୍ତି ପ୍ରତିଷ୍ଠା ଚାହେଁ। ଯେଉଁ ପ୍ରସଙ୍ଗ ନେଇ ଏହି ଯୁଦ୍ଧର ସୂତ୍ରପାତ ଘଟିଥିଲା ତାହାକୁ ପରୋକ୍ଷରେ ଗ୍ରହଣ କରି ପୁଟିନଙ୍କୁ ମନେଇଛନ୍ତି ଟ୍ରମ୍ପ। ସେ ଇଙ୍ଗିତ. କରିଥିବା ମନ୍ତବ୍ୟଟି ହେଲା ୟୁକ୍ରେନ ନାଟୋର ସଦସ୍ୟ ନ ରହିଲେ ମଧ୍ୟ ତାହାର ସୁରକ୍ଷା ପ୍ରତି ଆମେରିକା ଅଙ୍ଗୀକାରବଦ୍ଧ। ପୁଟିନ ଶିଖର ବୈଠକର ଅଗ୍ରଗତିକୁ ସକାରାତ୍ମକ କହିଥିବା ବେଳେ ଟ୍ରମ୍ପ ୧୦ ରୁ ୧୦ ନମ୍ବର ଦେଇଛନ୍ତି। ସୋମବାର ହ୍ୱାଇଟ ହାଉସରେ ଟ୍ରମ୍ପ ଓ ଜେଲେନ୍ସ୍କିଙ୍କ ମଧ୍ୟରେ ଅନୁଷ୍ଠିତ ବୈଠକରେ ସଫଳତା ଉପରେ ନିର୍ଭର କରେ ଶାନ୍ତି ପ୍ରତିଷ୍ଠାର ସମ୍ଭାବନା।

ଆଲାସ୍କା ଶିଖର ସମ୍ମିଳନୀକୁ ଭାରତ ସ୍ୱାଗତ କରି କହିଛି ଯେ କୂଟନୈତିକ ସ୍ତରରେ ଉଦ୍ୟମ ଓ ଆପୋସ ଆଲୋଚନା ହିଁ ସବୁ ସମସ୍ୟାର ସମାଧାନ କରିପାରିବ। ରୁଷ-ୟୁକ୍ରେନ ଯୁଦ୍ଧର ଶାନ୍ତିପୂର୍ଣ୍ଣ ଅବସାନକୁ ଭାରତ ସମେତ ସମଗ୍ର ବିଶ୍ୱ ଅପେକ୍ଷା କରିଛି। ଶିଖର ବୈଠକ ପରିବର୍ତ୍ତୀ ପ୍ରତିକ୍ରିୟା ମଧ୍ୟ ଭାରତ ସକାଶେ ଆଶା ସଂଚାର କରିଛି। ଚୀନ ପଛକୁ ଭାରତ ହିଁ ରୁଷରୁ ସର୍ବାଧିକ ତୈଳ ସଂଗ୍ରହ କରୁଛି। ଏଥିସକାଶେ ଭାରତ ବିରୋଧରେ ୨୫ ପ୍ରତିଶତ ଅତିରିକ୍ତ ଶୁଳ୍କ ଲାଗୁ କରିଛନ୍ତି ଟ୍ରମ୍ପ, ଯାହାକି ଅଗଷ୍ଟ ୨୭ରୁ ଭାରତୀୟ ରପ୍ତାନି ସାମଗ୍ରୀ ଉପରେ ଲାଗୁ ହେବାର ଥିଲା। ତେବେ ଟ୍ରମ୍ପ ଏନେଇ ଚୂଡ଼ାନ୍ତ ନିଷ୍ପତ୍ତି ନେବାକୁ ଦୁଇ ତିନି ସପ୍ତାହ ସମୟ ନେଇଛନ୍ତି। ତେଣୁ ଆଗାମୀ ଦିନରେ ଏହି ବିବାଦୀୟ ଅତିରିକ୍ତ ଶୁଳ୍କ ପ୍ରସଙ୍ଗ ସମାଧାନର ନିକଟବର୍ତ୍ତୀ ହେବ ବୋଲି ଭାରତ ଆଶା କରେ। ଟ୍ରମ୍ପଙ୍କ ସମୟ ନେବା ପଛରେ ଆଉ ଯେଉଁ ଦିଗଟି ଅସ୍ପଷ୍ଟ ଅଛି, ତାହା ହେଲା ସାଂଘାଇ ସହଯୋଗ ସଂଗଠନ ସମ୍ମିଳନୀରେ ଭାରତର ପ୍ରଧାନମନ୍ତ୍ରୀ ମୋଦୀଙ୍କ ଯୋଗଦାନ। ତାହାର ନିଷ୍କର୍ଷ ଉପରେ ଟ୍ରମ୍ପଙ୍କ ଅତିରିକ୍ତ ଶୁଳ୍କ ନିଷ୍ପତ୍ତି ଅନେକଟା ନିର୍ଭର କରେ ବୋଲି ପର୍ଯ୍ୟବେକ୍ଷକ ମହଲ ମନେ କରନ୍ତି।

ଶିଖର ବୈଠକ ପାଇଁ ଆଲାସ୍କାକୁ ନିରୂପଣ କରିବାର ମଧ୍ୟ କିଛି ଐତିହାସିକ ପୃଷ୍ଠଭୂମି ଅଛି। ୧୭୨୫ରୁ ଆଲାସ୍କା ଥିଲା ସୋଭିଏତ ରୁଷ ଅଧୀନରେ। ଖଣିଜ ସମ୍ପଦ ଠାରୁ ଆରମ୍ଭ କରି ବିପୁଳ ତୈଳସମ୍ପଦ ସେଠାରେ ଗଚ୍ଛିତ ଥିବା ସଂପର୍କରେ ଅବଗତ ହେବା ପୂର୍ବରୁ ଆର୍ଥିକ ଆବଶ୍ୟକତା ପୂରଣ ପାଇଁ ତାହାକୁ ବିକି ଦେବାକୁ ସ୍ଥିର କରିଥିବା ରୁଷ। କ୍ରିମିଆ ଯୁଦ୍ଧରେ ସମ୍ମୁଖୀନ ହୋଇଥିବା ବିପର୍ଯ୍ୟୟର ବାଧ୍ୟବାଧକତାରୁ ରୁଷ ଏହି ନିଷ୍ପତ୍ତି ନେଇଥିଲା। ଆମେରିକା ମଧ୍ୟ ଗୃହଯୁଦ୍ଧ ଅବସାନ ପରେ ଆଲାସ୍କା କ୍ରୟ ପାଇଁ ଯୋଗାଯୋଗ କରିଥିଲା। ୫ ଲକ୍ଷ ୮୦ ହଜାର ୪୧୨ ବର୍ଗ ମାଇଲ୍ ଅଞ୍ଚଳକୁ ୭.୨ ନିୟୁତ ଡଲାର ବିନିମୟରେ ୧୮୭୯ ମାର୍ଚ୍ଚ ୩୦ ତାରିଖରେ ଆମେରିକା କିଣିଥିଲା ସୋଭିଏତ୍ ରୁଷ୍‌ଠାରୁ। ଆଲାସ୍କା ସମ୍ପ୍ରତି ଆମେରିକାର ଉତ୍ତର ଭାଗରେ ଅନ୍ୟତମ ସମୃଦ୍ଧ ରାଜ୍ୟର ମାନ୍ୟତା ଲାଭ କରିଛି। ଏହି ଐତିହାସିକ ଶିଖର ବୈଠକ ପାଇଁ ନିର୍ଦ୍ଧାରିତ ସ୍ଥାନ ପଛରେ ଆମେରିକା ଅହଂକାର ଓ ରୁଷର ପାରମ୍ପରିକ ସଂପର୍କ ଯେ ନିହିତ ଅଛି ତାହାକୁ ଅସ୍ୱୀକାର କରି ହେବ ନାହିଁ।

ୟୁକ୍ରେନକୁ ନାଟୋ ସଦସ୍ୟତା. ପ୍ରଦାନକୁ ବିରୋଧ କରି ରୁଷ ପକ୍ଷରୁ ହୋଇଥିବା ଆକ୍ରମଣ ଏଥିମଧ୍ୟରେ ତିନିବର୍ଷ ଅତିକ୍ରମ କରିଥିଲେ ମଧ୍ୟ ଟ୍ରମ୍ପଙ୍କ ପକ୍ଷରୁ ଆଗତ ଏକାଧିକବାର ଯୁଦ୍ଧ ବିରତି ପ୍ରସ୍ତାବ ଫଳପ୍ରଦ ହୋଇ ନ ଥିଲା। ପ୍ରଥମ ଥର ସକାଶେ ଆମେରିକା ଓ ରୁଷର ଶୀର୍ଷ ନେତୃତ୍ୱ ଆଲାସ୍କାରେ ଏକତ୍ରିତ ହେବା କୂଟନୈତିକ ଓ ଭୂରାଜନୈତିକ ଦୃଷ୍ଟିକୋଣରୁ ଗୁରୁତ୍ୱପୂର୍ଣ୍ଣ। ୟୁକ୍ରେନ ଓ ୟୁରୋପୀୟ ସହଯୋଗୀ ତୁରନ୍ତ ଯୁଦ୍ଧ ବିରାମ ଚାହୁଁଥିଲେ ମଧ୍ୟ ଟ୍ରମ୍ପ କିଭ୍ ଓ ମସ୍କୋ ମଧ୍ୟରେ ପ୍ରତ୍ୟକ୍ଷ ଶାନ୍ତି ରାଜିନାମାକୁ ଗୁରୁତ୍ୱ ଦେଇଥିଲେ। ସେ ସ୍ପଷ୍ଟ କରିଥିଲେ ଯେ ୟୁକ୍ରେନ ତୁଳନାରେ ରୁଷର ଶକ୍ତି ଓ ସାମର୍ଥ୍ୟ ଯଥେଷ୍ଟ ଅଧିକ। କିଭ୍ ପକ୍ଷରୁ ପ୍ରତିରୋଧ ଜାରି ରଖିବା ଅର୍ଥହୀନ। ତେଣୁ ମସ୍କୋ ସହ ରାଜିନାମାରେ ଉପନୀତ ହେବା ଜରୁରୀ। ପୁଟିନ ଓ ଟ୍ରମ୍ପଙ୍କ ମଧ୍ୟରେ ଆଲୋଚନା ବେଳେ ଆଗତ ପ୍ରସ୍ତାବ ଓ ସର୍ତ୍ତ ସଂପର୍କରେ ସେ ଜେଲେନସ୍କିଙ୍କ ସହ ମତ ବିନିମୟ କରିଛନ୍ତି। ଏହାର ସଫଳତା ଉପରେ ପୁଟିନ ଓ ଜେଲେନସ୍କିଙ୍କ ଦ୍ୱିପାକ୍ଷିକ କଥାବାର୍ତ୍ତା ସକାଶେ ପଥ ପରିଷ୍କାର ହେବ। ଲକ୍ଷ ଲକ୍ଷ ନିରୀହ ଲୋକଙ୍କ ଜୀବନ ରକ୍ଷା ପ୍ରସଙ୍ଗରେ ଉଭୟ ପକ୍ଷ କୋହଳ ମନୋଭାବ ପୋଷଣ କରିବା ଉଚିତ। ଫକ୍ସ ନ୍ୟୁଜ୍କୁ ଏକ ସାକ୍ଷାତକାରରେ ଦଖଲ ଅଞ୍ଚଳ ବିନିମୟ ଓ ନିରାପତ୍ତା ପ୍ରସଙ୍ଗରେ ପ୍ରତିଶ୍ରୁତିବଦ୍ଧତା ନେଇ ଅଣାନୁଷ୍ଠାନିକ ଆଲୋଚନା ବେଳେ ଗୁରୁତ୍ୱ ଦିଆଯାଇଥିବାର ସୂଚନା ଦେଇଛନ୍ତି ଟ୍ରମ୍ପ। ଦୁଇପକ୍ଷ ସହମତିର ନିକଟବର୍ତ୍ତୀ ହୋଇଛନ୍ତି। ୟୁକ୍ରେନ ପାଇଁ ଏହା କେତେଦୂର ଗ୍ରହଣଯୋଗ୍ୟ ହେବ ତାହା ଜେଲେନସ୍କିଙ୍କ ଉପରେ ନିର୍ଭର କରେ। ସ୍ଥାୟୀ ଶାନ୍ତି ପ୍ରତିଷ୍ଠା ସକାଶେ ଆଲାସ୍କାରେ କଥାବାର୍ତ୍ତା ଚାଲିଥିବା ବେଳେ ୟୁକ୍ରେନ ବିରୋଧରେ ରୁଷ ଆକ୍ରମଣ ଜାରି ରଖିଥିଲା। ଦୁଇ ପରସ୍ପର ବିରୋଧୀ ମାନସିକତା ମଧ୍ୟରେ ସ୍ଥାୟୀ ଶାନ୍ତି ପ୍ରତିଷ୍ଠା ସମ୍ଭାବନା କେତେଦୂର ଗ୍ରହଣୀୟ ତାହା ମଧ୍ୟ ବିଚାର୍ଯ୍ୟ। ୟୁକ୍ରେନକୁ ନାଟୋ ସଦସ୍ୟତାରୁ ଦୂରେଇ ରଖିବାର ବାଧ୍ୟବାଧକତା ନେଇ ଟ୍ରମ୍ପ ଯେଉଁ ପରୋକ୍ଷ ଇଙ୍ଗିତ ଦେଇଛନ୍ତି ତାହା ଶାନ୍ତି ପ୍ରତିଷ୍ଠାରେ ସହାୟକ ହେବ।

ଭାରତ ତାହାର ସାର୍ବଭୌମ ଅଧିକାରକୁ ତୈଳ ଆଦଦାନୀ ପ୍ରସଙ୍ଗରେ ସାଲିସ କରିନାହିଁ କି ଏ ସଂପର୍କରେ ଆମେରିକାର ଚାପ ସତ୍ତ୍ୱେ ନିଷ୍ପତ୍ତି ବଦଳାଇନାହିଁ। ଆଲାସ୍କା ଶିଖର ବୈଠକ ପରେ ଟ୍ରମ୍ପ ନିଜ ଆଡୁ କହିଥିଲେ ଯେ ରୁଷରୁ ତୈଳ ଆମଦାନୀ ବନ୍ଦ କରିଛି ଭାରତ, ଯାହାକି ଅସତ୍ୟ ଓ ନିରାଧାର। ଏହି ପ୍ରସଙ୍ଗରେ ସେ ଯେଉଁ ୨୫% ଅତିରିକ୍ତ ଶୁଳ୍କ ଆଦାୟ ନିର୍ଦ୍ଦେଶ ଦେଇଥିଲେ ତାହାର ପୁନଃବିଚାର କରୁଥିବା ସୂଚନା ଦେଇଛନ୍ତି। ଭାରତ ଭଳି ଚୀନ ମଧ୍ୟ ରୁଷରୁ ତୈଳ ଆମଦାନୀ କରୁଛି। ଉଭୟଙ୍କ କ୍ଷେତ୍ରରେ ସେ ସାନି ନିଷ୍ପତ୍ତି ନେବା ପାଇଁ ଦୁଇ ତିନି ସପ୍ତାହ ନେଇଛନ୍ତି। ତେଣୁ କିଛି ନୂଆ ସମ୍ଭାବନା ନେଇ ଆଶା କରିବାର ଯଥାର୍ଥତା ଅଛି। ●

## ଅସିମ ମୁନିର ଓ ଅବୋଲକରା ଜିଭ

**ଦୁର୍ଗାପ୍ରସାଦ ଆଚାର୍ଯ୍ୟ**

ବିଶ୍ୱବିଖ୍ୟାତ ମନୋବୈଜ୍ଞାନିକ ତଥା ମନୋଚିକିତ୍ସକ 'ସିଗମଣ୍ଡ ଫ୍ରଏଡ୍' ଯଦି ଏବେ ଜୀବିତ ଥା'ନ୍ତେ, ସେ ପାକିସ୍ତାନର ସାମରିକ ବାହିନୀର ଫିଲ୍ଡ ମାର୍ଶାଲ୍ ପଦକୁ ସଦ୍ୟ ଉନ୍ନୀତ 'ଅସିମ ମୁନିର'ଙ୍କୁ କେତେ ଯେ ଧନ୍ୟବାଦ ଦେଇଥା'ନ୍ତେ କିଏ ଜାଣେ? କାରଣ ଅସୀମ ଅବିମୃଶ୍ୟକାରିତାର ଲଜ୍ଜାଜନକ ଉଦାହରଣମାନ ଆମକୁ ଭେଟି ଦେଇ ଚାଲିଥିବା ଏ ଅସିମ ମୁନିର ନିକଟରେ ଆମେରିକାର ଫ୍ଲୋରିଡ଼ା ସହରରେ ପାକିସ୍ତାନୀ-ଆମେରିକୀୟମାନଙ୍କୁ ଉଦ୍‌ବୋଧନ ଦେଉଥିବା ବେଳେ ତାଙ୍କ ଅମାନିଆ ତୁଣ୍ଡରୁ ଯେଉଁଟି ଉତୁରି ପଡ଼ିଥିଲା, ସେଇଟି ନିଶ୍ଚୟ 'ଫ୍ରଏଡିଆନ୍ ସ୍ଲିପ୍' ପରି ଅକସ୍ମାତ୍ ଜିହ୍ୱାଗ୍ର-ପତିତ ବାକ୍ୟଟିଏ। 'ଫ୍ରଏଡିଆନ୍ ସ୍ଲିପ୍' ହେଉଛି ଅବଚେତନ ମନର କୌଣସି ଏକ ଅବଦମିତ ଭାବନାର ଭାଷିକ ପରିପ୍ରକାଶ। ଘୋର ଭାରତ ବିଦ୍ୱେଷୀ ତଥା ହିନ୍ଦୁ-ବିଦ୍ୱେଷୀ ବିଷଜ୍ୱାଳାରେ ମୁନିରଙ୍କ ଅବଚେତନ ମନ ନୁହେଁ, ଚେତନ ମନଟି ବି ପୂରାପୂରି ନେଳି ପଡ଼ିଯାଇସାରିଛି 'ଅପରେସନ୍ ସିନ୍ଦୂର'ରେ ପାକିସ୍ତାନର ଦୟନୀୟ ପରାଭବ ପରେ। ତେଣୁ ସେ ବିଚରା କିପରି ବା ନିଜର ବିଷଭରା ଜିଭଟିକୁ ଆୟତ୍ତରେ ରଖିପାରିଥା'ନ୍ତେ?

ଆମେରିକାରେ ଆପଣାର ଶୂନ୍ୟଗର୍ଭ ଢମପଣିଆର ଉଦାହରଣଟିଏ ଉପସ୍ଥାପନ କରିବାର ଦାୟରେ ଶତ୍ରୁଦେଶ ଭାରତକୁ କଡ଼ା ଧମକଟିଏ ଦେବା ପାଇଁ ଠିକଣା ବାକ୍ୟ-ବିନ୍ୟାସଟିଏ କରିବାକୁ ମୁନିର ତାଙ୍କ ମଗଜଟି ନିଶ୍ଚୟ ଖଟାଇଥିବେ। କିନ୍ତୁ କ'ଣ ବା କରିବେ ସେ? ତାଙ୍କର ସେ ମଗଜଟି ତ ଆଉ ଆମତୁମମାନଙ୍କ ପରି ନୁହେଁ। ସେଥିରେ ତ ଘୃଣା ଓ ଅସୂୟାର ଓ ତକ୍ଷକ-ଅହନ୍ତାର ପ୍ରାବଲ୍ୟ। ସେଥିରୁ ଯାହା ଉଦ୍‌ଗିରିତ ହେବ, ତାହା କିପରି ବା ଭଦ୍ର, ସଂଯତ ବା ପ୍ରୀତିପ୍ରଦ ହେବ? ମୁନିର-ଜାତୀୟ ମଣିଷମାନଙ୍କ ପ୍ରତିଟି ବକ୍ତବ୍ୟ, ପ୍ରତିଟି ଉଚ୍ଚାରଣରେ ବାରମ୍ବାର 'ଫ୍ରଏଡିଆନ୍ ସ୍ଲିପ୍'ମାନ ଘଟିବା ତେଣୁ ଖୁବ୍ ସ୍ୱାଭାବିକ ନିଶ୍ଚୟ। ତେବେ ସେଦିନ ଫ୍ଲୋରିଡ଼ାର ସେ ସଂଗତରେ ଅସିମ ମୁନିରଙ୍କ ତୁଣ୍ଡରୁ ବାହାରିଯାଇଥିବା ବାକ୍ୟଟି ତାଙ୍କର କଟ୍ଟର ଅନୁଗତ ମଣିଷମାନଙ୍କୁ ବି ସ୍ୱୀକାର କରିବାକୁ ବାଧ୍ୟ କରିଥିବ ଯେ ସେମାନଙ୍କ ଏ ଫିଲଡ୍ ମାର୍ଶାଲ୍ ଶୀର୍ଷସ୍ତରୀୟ ହୁଙ୍କାପିଟା ନିର୍ବୋଧ ଜଣେ। ନହେଲେ କ'ଣ କେବେ ସେ କହିଥା'ନ୍ତେ- 'ଭାରତ ଏକ 'ମର୍ସିଡିଜ୍' ହେଲେ ପାକିସ୍ତାନ ଏକ 'ଡଂପ୍ ଟ୍ରକ୍'। ଅର୍ଥାତ, ଶତ୍ରୁ ଦେଶ ଭାରତ ହେଉଛି ସମ୍ଭ୍ରାନ୍ତ-ଦର୍ଶନ 'ମର୍ସିଡିଜ୍'କାର୍‌ଟିଏ ପରି ଦ୍ରୁତ ବେଗଗାମୀ ଏବଂ ପାକିସ୍ତାନ ଏକ ଅଳିଆ ଆବର୍ଜନାଭରା, ଅସୁନ୍ଦର ଗଢ଼ଣର ମାନ୍ଦା, ଓଜନିଆ ଟ୍ରକ୍‌ଟିଏ।

ଅହଂସ୍ଫୀତ ମୁନିରଙ୍କ ଏ ରୂପକ ଦୁଇଟିର ବ୍ୟଞ୍ଜନାର୍ଥ ଖୋଦ୍ ପାକିସ୍ତାନୀମାନଙ୍କୁ ହତଭମ୍ବ କରିଦେଇଥିବ, ଲଜ୍ଜାବନତ କରି ଦେଇଥିବ। କାରଣ ବିଶ୍ୱସମ୍ମୁଖରେ ତାଙ୍କରି ଫିଲ୍ଡ ମାର୍ଶାଲ୍ ପୂରାପୂରି ଅନାବରଣ କରି ଥୋଇଦେଲେ ପାକିସ୍ତାନକୁ। କହିଦେଲେ ନିର୍ଘାତ ସତଟିଏ, ଯେଉଁଟିକୁ ଲୁଚାଇବାକୁ ଯାଇ କେତେକେତେ ଛଳବଳ କୌଶଳର ଆଶ୍ରୟ ନେଇ ଚାଲିଛି ପାକିସ୍ତାନ ତା'ର ଜନ୍ମ ଅବଧିରୁ ଏ ପର୍ଯ୍ୟନ୍ତ। କିନ୍ତୁ ଆମେ ଭାରତୀୟମାନେ ମୁନିରଙ୍କୁ ଅଶେଷ ଧନ୍ୟବାଦ ଦେବା। ତାଙ୍କର ସେ ଘୃଣାରଞ୍ଜିତ ଅବଚେତନ ମନର ପୃଷ୍ଠାରେ ଅଲିଭା କାଳିରେ ଲେଖି ହୋଇରହିଥିବା ଭାରତ ସଂପର୍କିତ ବ୍ୟାଖ୍ୟାନଗୁଡ଼ିକରୁ ଗୋଟିଏ ନିଛକ ସତ ଉତୁରି ଆସିଛି ସମ୍ଭବତଃ ତାଙ୍କ ଅଜାଣତରେ। ସେ ଯାହା ହେଉ, ମୁନିରଙ୍କ ଏ 'ଫ୍ରଏଡିଆନ୍ ସ୍ଲିପ୍'ଏଇ କେତୋଟି ଦିନ ଧରି ଭାରତୀୟଙ୍କୁ (ବିଶ୍ୱବାସୀଙ୍କୁ ବି) ଦେଇ ଚାଲିଛି ଅସରନ୍ତି ହାସ୍ୟବିନୋଦନର ମୁହୂର୍ତ୍ତ। ସେଥିପାଇଁ ଆମମାନଙ୍କ ଦୃଷ୍ଟିରେ ଏ ମଣିଷ ଜଣକର ଏ ନିରୋଳା ନିର୍ବୋଧତା ଅବଶ୍ୟ ପ୍ରଶଂସନୀୟ।

ମୁନିର ମହୋଦୟଙ୍କ ଏ 'ଫ୍ରଏଡିଆନ୍ ସ୍ଲିପ୍' (ଅବଲୋକରା ଜିହ୍ୱାସ୍ଖଳନ) ପାଇଁ ସେ ଇତିହାସ ପ୍ରସିଦ୍ଧ ଏମିତି କେତେଜଣ ଖାତ ବା ଅଳ୍ପଖ୍ୟାତ ବ୍ୟକ୍ତିମାନଙ୍କ ଗହଣରେ ଏବେ। ଆକ୍ଷରିକ ଅର୍ଥରେ ଫ୍ରଏଡିଆନ୍ ସ୍ଲିପ୍ ନ ହେଲେ ମଧ୍ୟ ଅନେକଙ୍କ ତୁଣ୍ଡରୁ ଆମେ ଶୁଣିଛେ ଏମିତି କେତେ ଜିହ୍ୱାଗ୍ର-ପତିତ ଆମୋଦଦାୟକ, ହାସ୍ୟୋଦ୍ଦୀପକ ବାକ୍ୟ ବା ଖଣ୍ଡବାକ୍ୟମାନ। ଆମେରିକୀୟ ଅଭିନେତ୍ରୀ 'ମେରିଲ୍ ଷ୍ଟ୍ରିପ୍' ଥରେ ତାଙ୍କ ପ୍ରଶଂସକମାନଙ୍କୁ ଧନ୍ୟବାଦ ଦେବାକୁ ଯାଇ କହିଦେଲେ, 'ଆଇ ଉଡ୍ ଲାଇକ୍ ଟୁ ସ୍ୱାଙ୍କ୍ -ନୋ, ନୋ, ଟୁ ଥ୍ୟାଙ୍କ୍ ୟୁ ଅଲ୍'। ଇଂରାଜୀ 'ଥ୍ୟାଙ୍କ୍' ଶବ୍ଦଟି ସହିତ 'ସ୍ୱାଙ୍କ୍' ଶବ୍ଦଟିର ଉଚ୍ଚାରଣଗତ ସାମ୍ୟଟି ଯୋଗୁଁ ଏମିତି ଏକ ଅପ୍ରତିଭ ମୁହୂର୍ତ୍ତର ସାମ୍ନା କରିବାକୁ ହେଇଥିଲା ତାଙ୍କୁ। ଅପ୍ରତିଭ କେମିତି ବା ନ ହେବେ ସେ, କାରଣ 'ଥ୍ୟାଙ୍କ୍'ର ଅର୍ଥଟି ଧନ୍ୟବାଦ ହେଲେ, 'ସ୍ୱାଙ୍କ୍'ର ଅର୍ଥ ହେଉଛି ପିଟିବା ବା ମାଡ଼ଦେବା -ପୂରାପୂରି ଓଲଟା। ମେରିଲ୍ ଷ୍ଟ୍ରିପ୍‌ଙ୍କ ଏ ଉଚ୍ଚାରଣଗତ ତ୍ରୁଟି ଏକପ୍ରକାର 'ମାଲାପ୍ରପିଜିମ୍'। ଉଲ୍ଲେଖ୍ୟ ଯେ ଇଂରାଜୀ ନାଟ୍ୟକାର 'ସେରିଡାନ୍'ଙ୍କ ନାଟକ 'ଦି ରାଇଭାଲସ୍'ର ଚରିତ୍ର 'ଶ୍ରୀମତୀ ମାଲାପ୍ରପ୍'ଙ୍କ ସଂଳାପମାନଙ୍କରେ ମିଳିଥାଏ ଏମିତି ଅନେକ ଉଚ୍ଚାରଣଗତ ତ୍ରୁଟି। ଏଇ ଯେମିତି- 'ହି ଇଜ୍ ଦି ଭେରି ପାଇନ୍‌ଆପ୍‌ଲ ଅଫ୍ ପୋଲାଇଟ୍‌ନେସ୍'। ମାଲାପ୍ରପ୍ 'ପାଇନ୍‌ଆପ୍‌ଲ' (ସପୁରୀ) କହିଦେଲେ 'ପିନାକିଲ୍' (ଶୀର୍ଷ ବା ଶିଖର) କହିବା ପରିବର୍ତ୍ତେ। ତେବେ ସବୁଠୁ ପ୍ରସିଦ୍ଧ ମାଲ୍‌ପ୍ରପିଜିମ୍‌ଟି ହେଉଛି- 'ସି ଇଜ୍ ଆଜ୍ ହେଡ୍‌ଷ୍ଟ୍ରଂଗ ଆଜ୍ ଏନ୍ ଏଲିଗୋରୀ ଅନ୍ ଦି ବ୍ୟାଙ୍କସ୍ ଅଫ୍ ନାଇଲ୍'- ଏଲିଗୋରୀ (ରୂପକାତ୍ମକ କଥା) ସହିତ ଏଲିଗେଟ୍‌ର (କୁମ୍ଭୀର) ର ଉଚ୍ଚାରଣଗତ ସାମାନ୍ୟ ସମାନତା ଯୋଗୁଁ। ମହାନ୍ ନାଟ୍ୟକାର ସେକ୍ସପିୟର ବି ତାଙ୍କ ନାଟକ 'ମଚ୍ ଏଡୋ ଏବାଉଟ୍ ନଥିଙ୍ଗ'ରେ ଆମକୁ ଦେଇଥିଲେ ଶ୍ରୀମତୀ ମାଲାପ୍ରପ୍‌ଙ୍କ ପରି ଚରିତ୍ରଟିଏ। ନାମ ଥିଲା ତାଙ୍କର 'ଡଗ୍‌ବେରି'। ବେଳଅବେଳରେ କାହା କାହା ତୁଣ୍ଡରୁ ଅଜାଣତରେ ବାହାରିଯାଉଥିବା ଏମିତି ହାସ୍ୟୋଦ୍ଦୀପକ ବାକ୍ୟ ସବୁକୁ କେତେକ ବି କହିଥା'ନ୍ତି 'ଡଗ୍‌ବେରିଜିମ୍'।

ଆଉ କେତୋଟିର ଉଦାହରଣ ଦେବା। ଖାସ୍ ମୁନିରଙ୍କୁ କିଛିଟା ଅଧିକ ଆଶ୍ୱସ୍ତି ଦେବା ଉଦ୍ଦେଶ୍ୟରେ। ୧୯୮୮ ମସିହାରେ ଆମେରିକାର ତତ୍‌କାଳୀନ ରାଷ୍ଟ୍ରପତି ଜର୍ଜ ବୁଶ୍ ତାଙ୍କର ପୂର୍ବସୂରୀ ରେଗାନଙ୍କୁ ପ୍ରଶଂସା କରିବାର ମହତ୍ ଉଦ୍ଦେଶ୍ୟ ରଖି କିଛି ପ୍ରଶସ୍ତିମୂଳକ ବାକ୍ୟ ଢାଳି ଦେଇ ଚାଲିଥିବା ବେଳେ ଶେଷଆଡ଼କୁ କହିଦେଲେ -'ଉଇ ହାର୍ଡ୍ ସମ୍ ସେଟ୍‌ବ୍ୟାକ୍ସ' (ପ୍ରତିବନ୍ଧକମାନ)। ତେବେ ଗୁରୁତର ତ୍ରୁଟିଟିଏ କରିଦେଲେ ସେ। କାରଣ 'ସେଟ୍' ନ କହି କହିଦେଲେ ତିନୋଟି ଇଂରାଜୀ ଅକ୍ଷରର ବିପଦଜ୍ଜନକ ଶବ୍ଦଟିଏ, ଯାହା ସେହି 'ସେ' ଉଚ୍ଚାରଣରୁ ଆରମ୍ଭ ହୋଇଥାଏ। ଜର୍ଜ ବୁଶ୍‌ଙ୍କ ପାଇଁ ଏଇଟି ଥିଲା ଅତି ଅପମାନଜନକ ମୁହୂର୍ତ୍ତ। ସେମିତି ଅପମାନଜନକ ମୁହୂର୍ତ୍ତଟିଏ ଭୋଗିଥିଲେ 'ଟେଡ୍ କେନେଡି' ୧୯୧୧ମସିହାରେ। ଆମେରିକାର ଦୂରଦର୍ଶନରେ 'ଦି ବେଷ୍ଟ ଏଣ୍ଡ ଦି ବ୍ରାଇଟେଷ୍ଟ'ମାନଙ୍କ ସଂପର୍କରେ ଛୋଟ ପରାମର୍ଶମୂଳକ ବାର୍ତ୍ତାଟିଏ ଦେଉଥିବା ବେଳେ 'ବେଷ୍ଟ' ଶବ୍ଦଟି ନ କହି କହିଦେଲେ ଅନ୍ୟ ଶବ୍ଦଟି - 'ବେ' ଅକ୍ଷରରେ 'ର' ଫଳାଟିଏ ଯୁକ୍ତ କରି। କିଏ ଜାଣେ ଚର୍ଚ୍ଚିତ ଏଇ କେତେଜଣ 'ଫ୍ରଏଡିଆନ୍ ସ୍ଲିପ୍' ଯେଉଁ ସନ୍ଦର୍ଭରେ ବ୍ୟବହାର କରାଯାଏ, ସେମିତି କରିଛନ୍ତି କି ନାହିଁ? ତେବେ ଗୋଟିଏ କଥା ଏଥିରୁ ନିଶ୍ଚୟ ସ୍ପଷ୍ଟ ଯେ ଯିଏ ଯେଉଁଠି ଯାହା କହୁଥିବେ, ସେତେବେଳେ ପୂରାପୂରି ସଜାଗ ରହିବା ସେମାନଙ୍କର ସବୁଠାରୁ ଗୁରୁଦାୟିତ୍ୱ। କାରଣ ଏ ଜିଭ ଖଣ୍ଡିକ ଅନେକ ଧାର ଥିବା ଛୁରୀକା କିମ୍ବା କରତଟିଏ। କିନ୍ତୁ କିଏ ବା ନ ଜାଣେ ଏ ଫିଲ୍ଡ ମାର୍ଶାଲ୍ ମୁନିର ଜଣକ ତାଳମେଳ କେବେ ହେଲେ ଠିକ୍ ରଖିପାରୁ ନ ଥିବା ଅସଂଯତ ମଣିଷ ଜଣେ ବୋଲି? ମସ୍ତବଡ଼ ଅହଂସ୍ଫୀତ ଅଥଚ ନିରୋଳ ନିର୍ବୋଧ ନ ହୋଇଥିଲେ ସେ କ'ଣ ଆମେରିକାର ମାଟିରେ ବାହୁସ୍ଫୋଟ ମାରି କହିଥା'ନ୍ତେ- 'ପାକିସ୍ତାନ ଉପରେ ବିପଦ ଘନେଇ ଆସିଲେ ସେ ଅଧା ପୃଥିବୀକୁ ଭସ୍ମୀଭୂତ କରିଦେବେ ପରମାଣୁ ବୋମାମାଡ଼ରେ'?

ଏ ଧରଣର ମାଲାପ୍ରପିଜିମ୍ ଓ ଡଗ୍‌ବେରିଜିମ୍ ପରି ଅନ୍ୟ ଏକ କୌତୁହଳପ୍ରଦ ଭାଷିକ ତ୍ରୁଟିଟି ହେଉଛି 'ସ୍ପୁନରିଜିମ୍'। ଉନବିଂଶ ଶତାବ୍ଦୀର ଅକ୍ସଫୋର୍ଡ ବିଶ୍ୱବିଦ୍ୟାଳୟ ପ୍ରଫେସର 'ଉଇଲିୟମ୍ ଆର୍ଚ୍ଚିବାଲ୍ଡ ସ୍ପୁନର' ଅଭ୍ୟାସଗତ ଭାବରେ ଗୋଟିଏ ବାକ୍ୟର ଶବ୍ଦସବୁର ଅକ୍ଷରଗୁଡ଼ିକୁ ଠିକଣା ଶବ୍ଦମାନଙ୍କରୁ କାଢ଼ିନେଇ ଅନ୍ୟ ଶବ୍ଦ ସହିତ ଯୋଡ଼ି ଦେଉଥିଲେ। ଏ ପ୍ରକାର ଉଚ୍ଚାରଣଗତ ତ୍ରୁଟିଟି ଅବଶ୍ୟ କୌଣସି ଦୃଷ୍ଟିରୁ ଫ୍ରଏଡିଆନ୍ ସ୍ଲିପ୍ ପରି ଅର୍ଥବହ ନୁହେଁ। ଏହା କେବଳ ନିର୍ମଳ ହାସ୍ୟକଲ୍ଲୋଳ ସୃଷ୍ଟି କରିଥାଏ। ସ୍ୱୟଂ ସ୍ପୁନର ଥରେ କୌଣସି କାରଣରୁ ଉତ୍ତ୍ୟକ୍ତ ହୋଇ ହାତମୁଠା କରି ଜଣେ ବ୍ୟକ୍ତି ଆଡ଼କୁ ଆଗେଇଯାଇ କହି ପକାଇଲେ, 'ବ୍ଲଡି ଫୁଲ୍ ! ଆଇ ଉଇଲ୍ ଗିଭ୍ ୟୁ ଏ ବ୍ଲସିଂ କ୍ରୋ'। ଅର୍ଥାତ୍ 'କ୍ରସିଂ ବ୍ଲୋ' (ଶକ୍ତ ମୁଥ) ନ କହି କହିଦେଲେ 'ବ୍ଲସିଂ କ୍ରୋ' (ଲାଜୁଆ କୁଆ)। ଆମେ ଓଡ଼ିଆମାନେ ବି ଏଇ ଧରଣର ସ୍ପୁନରିଜିମ୍ ଘଟାଇଥାଉ ଆମ ଉଚ୍ଚାରିତ ବାକ୍ୟମାନଙ୍କରେ। ଏଇ ଯେମିତି: 'ଶୀତ ବୋଲିଲେ ଗୀତ ଛାଡ଼ିଯିବ', 'ଖଜୁରୀ ଗୁଣର କି ଗଛ ଗାଇବି' କି 'ଗୁଣ ଧୋଉଥାଅ, ଅଖା ଗାଉଥାଅ'। ଆମ ପାଟିରେ 'କମଳ' ହୋଇଯାଏ 'କଲମ' କିମ୍ବା 'ତୁମେ ମୋ ପ୍ରିୟ ବନ୍ଧୁଙ୍କ ପତ୍ନୀ' ହେଇଯାଇଥାଏ 'ତୁମେ ମୋ ପତ୍ନୀଙ୍କ ପ୍ରିୟ ବନ୍ଧୁ'। ●

(ଅବସରପ୍ରାପ୍ତ ଇଂରାଜୀ ପ୍ରାଧ୍ୟାପକ)
କୋଡିଆଁ ବାରଙ୍ଗ, ମୋ: ୯୮୫୩୩୫୫୧୦୭

## ସେମାନେ ମଧ୍ୟ ମଣିଷ

**ଅକ୍ଷୟ କୁମାର ମିଶ୍ର**

ସଭ୍ୟତା ଆଗକୁ ବଢ଼ୁଛି। ମଣିଷ ଶିକ୍ଷିତ ହେଉଛି। ମାତ୍ର ଏବେ ବି ଛୁଆଁଅଛୁଆଁର ଭେଦ ଭାବ ଭିତରେ କିଛି ଲୋକ ପେଶି ହୋଇଯାଉଛନ୍ତି। କିଛି ସୁବିଧାଜନକ ସ୍ଥିତିରେ ଥିବା ଲୋକମାନେ ସେମାନଙ୍କର କାମ ସହିତ ଭାଗ୍ୟକୁ ଯୋଡ଼ି ଦେଇ କୁହୁଛନ୍ତି, 'ତା'ର ଜାତି ଯାହା ତା'ର କାମ ସେଇଆ। ଏହା ସେମାନଙ୍କର କୌଳିକ ବୃତ୍ତି। ସେମାନେ ନକଲେ କରିବ କିଏ?' ସେମାନଙ୍କ ମଧ୍ୟରୁ କିଛି ପରମ୍ପରାକୁ ସମ୍ମାନ ଜଣାଇ ବାପା ଦାଦାଙ୍କୁ ଅନୁସରଣ କରି ସେହି କାମ କରନ୍ତି। କିଛି ଲୋକ ବାଧ୍ୟବାଧକତାରେ ସେହି କାମ କରନ୍ତି। ଅଳ୍ପ କିଛି ଲୋକ ଆଗ୍ରହର ସହିତ ସେହି କାମରେ ନିଜକୁ ସମର୍ପି ଦିଅନ୍ତି। ଅନ୍ୟର ଟାହି ଟାପରା ସହନ୍ତି। ଗାଳିଗୁଲଜକୁ ହଜମ କରନ୍ତି। ଆକ୍ଷେପ ପ୍ରତ୍ୟାକ୍ଷେପ ଶୁଣି ଚୁପ୍ ରୁହନ୍ତି।

ସେହିସବୁ ଲୋକମାନଙ୍କ ପାଇଁ ଆମ ରାସ୍ତା, ଘାଟ, ଘର, ଦପ୍ତର ପରିଷ୍କାର ପରିଚ୍ଛନ୍ନ ରହେ। ପରିବେଶକୁ ପ୍ରଦୂଷଣରୁ ମୁକ୍ତ ରଖିବାରେ ଏମାନେ ଯେଉଁ ଭୂମିକା ନିର୍ବାହ କରନ୍ତି ତାହା ବାସ୍ତବିକ ପ୍ରଶଂସନୀୟ। କିନ୍ତୁ ସେମାନେ କେଉଁଠି କେମିତି ବାସ କରନ୍ତି, ସେମାନଙ୍କର ଜୀବନ ଶୈଳୀ କେମିତି, ସେମାନଙ୍କର ଶିକ୍ଷା ଦୀକ୍ଷା ସମ୍ପର୍କରେ ଆମ ସମାଜ କେବେ ଚିନ୍ତା କରେ ନାହିଁ। ନିଜ ଜୀବନକୁ ବାଜି ଲଗାଇ କୀଟ ଦୁର୍ଗନ୍ଧମୟ ପରିବେଶ ଭିତରେ ନିଜ କର୍ମକୁ କର୍ତ୍ତବ୍ୟ ଭାବି ସମ୍ପାଦନ କରିଚାଲନ୍ତି ଏବଂ ଆମ ପାଇଁ ଏକ ସୁସ୍ଥ ପରିବେଶ ଉପହାର ଦିଅନ୍ତି। ବାସୋପଯୋଗୀ ଘରଟିଏ ଏମାନଙ୍କର ପ୍ରାୟ ନଥାଏ। ସବୁଠାରୁ ତଳ ପାହାଚର ମଣିଷ ବୋଲି ଏମାନଙ୍କୁ ବିଚାର କରାଯାଏ।

ଆମେ ଯେଉଁ ଅଳିଆ, ଆବର୍ଜନା, ଅଇଁଠା ପତର, ପରିତ୍ୟକ୍ତ ଖାଦ୍ୟ ପଦାର୍ଥକୁ ରାସ୍ତା କଡ଼ରେ ଢାଳି ଦେଉ ଏମାନେ ତାକୁ ଗୋଟାଇ ବୋହି ନିଅନ୍ତି। ନାଳ ନର୍ଦ୍ଦମା ସଫା କରନ୍ତି। ରାସ୍ତା ଘାଟରେ ପଡ଼ୁଥିବା ମଳ, ବିଲେଇ କୁକୁରର ପଚା ଶବ ଉଠାଇବା ଦାୟିତ୍ୱ ଏମାନଙ୍କ ଉପରେ। ପାଇଖାନା ଟାଙ୍କି ସଫା କରିବାଠାରୁ ଆରମ୍ଭ କରି ସମସ୍ତ ମଇଳା ସଫା କରିବା ଦାୟିତ୍ୱ ଏମାନଙ୍କ ଉପରେ। କେହି କେବେ ଭାବିଛନ୍ତି ଏମାନେ ଯଦି ଏହି କାମ କରି ନ ଥା'ନ୍ତେ ତେବେ କୁଢ଼ କୁଢ଼ ମଇଳା ଆବର୍ଜନା ଭିତରେ ଆମେ କେତେ କାଳ ବଞ୍ଚିଥା'ନ୍ତେ? ଅଥଚ ଏମାନଙ୍କୁ ଛୁଇଁଦେଲେ ଆମ ପବିତ୍ର ଶରୀରଟା କୁଆଡ଼େ ଅପବିତ୍ର ହୋଇଯାଏ। ଏଇ କଥାକୁ ନେଇ ଆଜିବି ବହୁ ଅମାନବୀୟ ଘଟଣା ଘଟୁଛି।

କେତେବେଳେ ହାତରେ ଗ୍ଲୋବ୍ସ ଥାଏ, କେତେବେଳେ ଖାଲି ହାତରେ, କେତେବେଳେ ବିନା ମାସ୍କରେ ଏମାନେ ଏହି ସବୁ ସଫେଇ କାମ କରି ଚାଲନ୍ତି। ଶରୀର ଭିତରକୁ ନାନାଦି ଜୀବାଣୁ ଅବାଧରେ ପ୍ରବେଶ କରେ। ବିଭିନ୍ନ ମାରାତ୍ମକ ରୋଗରେ ଆକ୍ରାନ୍ତ ହୋଇ ଅକାଳରେ ଜୀବନ ହାରନ୍ତି। ପାଇଖାନା ଟାଙ୍କି ସଫା କରିବାକୁ ଯାଇ ବେଳେ ବେଳେ ସେହି ଟାଙ୍କି ଭିତରେ ଏମାନଙ୍କର ଜୀବନ ମଧ୍ୟ ଚାଲିଯାଏ। ସମସ୍ତ ସମ୍ଭାବ୍ୟ ବିପଦକୁ ଖାତିରି ନକରି ଏମାନେ ସିନା ଏହିସବୁ କାର୍ଯ୍ୟରେ ନିଜକୁ ହଜେଇ ଦିଅନ୍ତି, କିନ୍ତୁ ଏମାନଙ୍କ ଦୁଃଖ, ଦୁର୍ଦ୍ଦଶା ପ୍ରତି ସମବେଦନା ଦେଖାଇବାକୁ ନା ଅଛି ସମାଜ ନା ସରକାର। ନା ପାଆନ୍ତି ସାମାଜିକ ମର୍ଯ୍ୟାଦା ନା ଅଛି ଯଥାଯଥ ଆର୍ଥିକ ପ୍ରୋତ୍ସାହନ। ଅଧିକାଂଶ ସଫେଇ କର୍ମଚାରୀ ଶୋଷଣର ଶିକାର ହୁଅନ୍ତି। ଖୁବ୍ କମ୍ ପାରିଶ୍ରମିକ ନେଇ କାମ କରିବାକୁ ବାଧ୍ୟ ହୁଅନ୍ତି। କାମର ସ୍ଥାୟିତ୍ୱ ନଥାଏ କି ଜୀବନର ନିରାପତ୍ତା ନଥାଏ। ନିର୍ଯାତନା ଓ ଶୋଷଣର ଅନ୍ତ ନ ଥାଏ।

ଏଭଳି ସ୍ଥିତିରେ ଏମାନଙ୍କର ଜୀବନ ଧାରଣର ମାନ କେତେ ଉନ୍ନତ ହୋଇଥିବ ତାହା ସହଜରେ ଅନୁମେୟ। ଏପରିକି ଅନ୍ୟର ପାଇଖାନା ସଫା କରୁଥିବା ଲୋକଟିର ନିଜର ଗୋଟିଏ ପାଇଖାନା ନଥାଏ। ରାସ୍ତା କଡ଼ରୁ କିମ୍ବା ଡଷ୍ଟବିନ୍‌ରୁ ଯେଉଁ ସବୁ ଖାଦ୍ୟ ପଦାର୍ଥ ଗୋଟାଇ ନେଇ ଏମାନେ ଫିଙ୍ଗନ୍ତି ସେସବୁ ଏମାନଙ୍କ ପାଇଁ ସପନ। ରୋଗ ଶଯ୍ୟାରେ ପଡ଼ିଲେ ଉଚିତ ଚିକିତ୍ସା ପାଇବା ଏମାନଙ୍କ ଭାଗରେ ଜୁଟେ ନାହିଁ। ମାତ୍ର ଡାକ୍ତରଖାନାକୁ ପରିଷ୍କାର ପରିଚ୍ଛନ୍ନ ରଖିବା ପାଇଁ ଏମାନେ ବିନା ଦ୍ୱିଧାରେ ରୋଗୀର ମଳ, ପରିସ୍ରା ସଫା କରନ୍ତି। ଅଭାବ ଅନଟନ ଭିତରେ ନିଜ ପିଲାଙ୍କୁ ମୁଠାଏ ଭଲ ଖାଦ୍ୟ, ଉତ୍ତମ ଶିକ୍ଷା ଦେବାକୁ ଏମାନେ ବ୍ୟର୍ଥ ହୁଅନ୍ତି। ଫଳରେ କୌଳିକ ବୃତ୍ତି ଭାବରେ ଏମାନଙ୍କର ପିଲାମାନେ ଆପଣେଇ ନେବାକୁ ବାଧ୍ୟ ହୁଅନ୍ତି ବାପା ଦାଦା କରୁଥିବା କାମଟି।

ଏହିସବୁ ପରିବାର ପାଇଁ ଆଉ ଏକ ସମସ୍ୟା ନିଶା। ନିଶାସକ୍ତ ହେବା ଏମାନଙ୍କ ପାଇଁ ସ୍ୱାଭାବିକ ଘଟଣା। ସେମାନେ କୁହନ୍ତି, 'ଏମିତି କିଛି କାମ ଅଛି ନିଶା ସେବନ ନକଲେ ତାହା କରିବା ଅସମ୍ଭବ।' ବିଶେଷ କରି ପାଇଖାନା ଟାଙ୍କି ଭିତରକୁ ଯେଉଁମାନେ ପ୍ରବେଶ କରନ୍ତି ଅସହ୍ୟ ଦୁର୍ଗନ୍ଧରୁ ମୁକ୍ତି ପାଇବା ପାଇଁ ସେମାନେ ମଦ୍ୟପାନ କରନ୍ତି। ଯେତିକି ମଜୁରୀ ପାଆନ୍ତି ତା'ର ଏକ ବଡ଼ ଅଂଶ ନିଶା ସେବନରେ ଖର୍ଚ୍ଚ ହୋଇଯାଏ। ଅଭାବ ସାଙ୍ଗକୁ ପାରିବାରିକ ଅଶାନ୍ତି ଓ ସାମାଜିକ ଉତ୍ପୀଡ଼ନର ପ୍ରଭାବ ପରିବାରର ପିଲାମାନଙ୍କ ଉପରେ ପଡ଼େ। ଫଳରେ ମାନସିକ ଭାରସାମ୍ୟ ହରାଇ ପିଲାଟି ଦିନରୁ ଅନେକେ ଅସାମାଜିକ କାର୍ଯ୍ୟରେ ଲିପ୍ତ ହୋଇଯା'ନ୍ତି।

ପ୍ରଥମେ ସମାଜ ସେମାନଙ୍କୁ ସମ୍ମାନ ଦେବା ଦରକାର। ଜାତି ଯାହା କାମ ତାହା - ଏହି ମାନସିକତା ବଦଳିବା ଦରକାର। ଅସ୍ପୃଶ୍ୟତାକୁ କଠୋର ହାତରେ ଦମନ କରିବା ଆବଶ୍ୟକ। ସେମାନଙ୍କ ଆର୍ଥିକ ମାନଦଣ୍ଡର ଅଭିବୃଦ୍ଧି ନିମନ୍ତେ ଉଚ୍ଚ ଦରମା ସହିତ ସ୍ଥାୟୀ ନିଯୁକ୍ତିର ବ୍ୟବସ୍ଥା ହେବା ଲୋଡ଼ା। ସେମାନଙ୍କର ସୁରକ୍ଷା ପ୍ରତି ଯତ୍ନବାନ ହେବା ଉଚିତ। ମାଗଣା ଚିକିତ୍ସାର ସୁବନ୍ଦୋବସ୍ତ ହେବା ଜରୁରୀ। ରୋଗରେ ପଡ଼ି ହେଉ କିମ୍ବା କାମ କରୁଥିବା ସମୟରେ ମୃତ୍ୟୁବରଣ କଲେ ଅନ୍ୟୂନ କୋଡ଼ିଏ ଲକ୍ଷ ଟଙ୍କାର ଆର୍ଥିକ ଅନୁଦାନ ରାଶି ମିଳିବାର ନିୟମ ହେବା ଆବଶ୍ୟକ। ମନେରଖିବା ଉଚିତ ସୁସ୍ଥ ସୁରକ୍ଷିତ ପରିମଳ ପରିବେଶ ପାଇଁ ଯେଉଁମାନେ କାମ କରୁଛନ୍ତି ସେମାନେ ମଧ୍ୟ ସୁସ୍ଥ ଓ ସମ୍ମାନର ସହିତ ବଞ୍ଚିବା ଆବଶ୍ୟକ। ଘୃଣା, ହତାଦାର, ଟାହିଟାପରା ବଦଳରେ ଟିକିଏ ସ୍ନେହ, ଆଦର, ଭଲପାଇବା ସେମାନଙ୍କର ଜୀବନଧାରାକୁ ବଦଳାଇ ଦେବ। ସେମାନେ ବି ମଣିଷ। ●

କଟକ, ମୋ: ୯୯୩୮୭୬୩୨୩୭

## ମଙ୍ଗଳ ଗ୍ରହରେ ବସତି ସ୍ଥାପନ

**ବିଜ୍ଞାନ ବାର୍ତ୍ତା**

**ଶ୍ରୀନନ**

ଆଗାମୀ ଦିନରେ ମଙ୍ଗଳ ଗ୍ରହରେ ବସତି ସ୍ଥାପନର ସ୍ୱପ୍ନ ଦେଖୁଛନ୍ତି ବୈଜ୍ଞାନିକମାନେ। ଅନେକଙ୍କ ମତରେ ଚନ୍ଦ୍ର ଅପେକ୍ଷା ଏ ଗ୍ରହ ମାନବ ବସତି ପାଇଁ ଅଧିକ ଉପଯୋଗୀ। କାରଣ ଏହାର ଗଠନ ଓ ପରିବେଶ କିଛିମାତ୍ରାରେ ପୃଥିବୀ ସଦୃଶ। ତେଣୁ ଏବେ ଏହାର ଅନ୍ୟାନ୍ୟ ଭୌତିକ ରୂପରେଖ ସହିତ ରାସାୟନିକ ସଂରଚନାର ଅଧ୍ୟୟନ ଚାଲିଛି। ତହିଁରୁ ଜଣାପଡ଼ିଛି ଯେ ମଙ୍ଗଳ ଗ୍ରହର ବାୟୁମଣ୍ଡଳରେ ଥିବା ମୁଖ୍ୟ ଉପାଦନଗୁଡ଼ିକ ହେଲା ଅଙ୍ଗାରକାମ୍ଳ (୯୫.୩%), ଯବକ୍ଷାରଜାନ (୨.୭%) ଆର୍ଗନ(୧.୬%), ଅମ୍ଳଜାନ (୦.୧୩%) ଏବଂ ସ୍ୱଳ୍ପ ପରିମାଣରେ ଅନ୍ୟାନ୍ୟ ବାଷ୍ପ। ପୃଥିବୀ ବାୟୁମଣ୍ଡଳରେ ଏଗୁଡ଼ିକର ମାତ୍ରା ଯଥାକ୍ରମେ ୦.୦୩%, ୭୮.୦୮%, ୦.୯୩%, ୨୦.୯%। ପୁନଶ୍ଚ ମଙ୍ଗଳର ବାୟୁମଣ୍ଡଳ ପୃଥିବୀଠାରୁ ୧୮୦ ଗୁଣ ପତଳା ଏବଂ ଏହାର ମାଧ୍ୟାକର୍ଷଣ ଶକ୍ତି ମଧ୍ୟ ପୃଥିବୀର ୩୮%।

ଅନ୍ୟପକ୍ଷରେ, ମଙ୍ଗଳର ପୃଷ୍ଠଦେଶ ଗଠିତ ହୋଇଛି ସିଲିକନ୍(୨୧.୨%), ଅମ୍ଳଜାନ(୪୨.୪%), ଲୌହ (୧୫.୨%), ମାଗ୍ନେସିୟମ (୪.୧%), ଆଲୁମିନିୟମ୍ (୫.୨%), କାଲସିୟମ (୪.୭%) ଏବଂ ପୋଟାସିୟମ୍ (୦.୬୧%) ରେ। ପୃଥିବୀ ପୃଷ୍ଠର ମୁଖ୍ୟଉପାଦାନଗୁଡ଼ିକ ହେଲା ଅମ୍ଳଜାନ (୪୬.୬%), ସିଲିକନ୍(୨୭.୭୨%), ଆଲୁମିନିୟମ୍ (୮.୧୩%), ଲୌହ (୫.୦%), କାଲ୍‌ସିୟମ୍ (୩.୬୩%), ସୋଡିୟମ୍ (୨.୮୩%), ପୋଟାସିୟମ (୨.୫୯%) ଏବଂ ମାଗ୍ନେସିୟମ (୨.୦୯%)। ମଙ୍ଗଳରେ ଥିବା ଲୌହଗୁଣ୍ଡର ଜାରଣ ଫଳରେ ତହିଁରୁ ସୃଷ୍ଟି ଅକ୍ସାଇଡ୍‌ର ରଙ୍ଗ ଏହାକୁ ଲୋହିତ ଗ୍ରହର ପରିଚୟ ପ୍ରଦାନ କରିଛି।

ସାଧାରଣ ଭାବେ ଏ ଗ୍ରହର ପୃଷ୍ଠଭୂମିର ସଂରଚନା ମଧ୍ୟରେ ରହିଛି ଅନ୍ଧକାରମୟ ଗଡ୍ଡାଣିଆ ସ୍ଥାନ, କିଛି ଚଟକା ସ୍ଥାନ, ଧୂଳି କଣା ଭରା ରାସ୍ତା, ବାଲୁକା ସ୍ତୂପ, ହିମବାହ, ସମ୍ଭବତଃ ପୁରାକାଳର ନଦନଦୀ, ବିଭିନ୍ନ ପ୍ରକାର ଗହ୍ୱର ଇତ୍ୟାଦି। ସିଲିକନ ଓ ଲୌହଗୁଣ୍ଡରେ ସମୃଦ୍ଧ ଏ ପ୍ରକାର ପୃଷ୍ଠଭୂମି ପୃଥିବୀର ଗଛଲତାଙ୍କ ପାଇଁ ଉପଯୋଗୀ ନୁହେଁ। ତେବେ ବୈଜ୍ଞାନିକମାନେ ଏହାର ମୃତ୍ତିକାରେ 'ପାଇଓନିୟର' ନାମକ ଏକ କଠୋର ପରିବେଶ ସହକାରୀ ଚାରା ବଢ଼ାଇବାକୁ ସମର୍ଥ ହୋଇଛନ୍ତି। ପୁନଶ୍ଚ ଏବେ ନାସା ସେଠାକାର ପରିବେଶରେ ବଢ଼ିପାରିଲା ଭଳି ଗଛଲତା ଜୈବ ପ୍ରଯୁକ୍ତ ବିଦ୍ୟା ମାଧ୍ୟମରେ ତିଆରି କରିବା ଲାଗି ପ୍ରକଳ୍ପମାନ ଆରମ୍ଭ କରିଛି। ସେଠାରେ ଅଧିକ ସମୟ ଧରି ରହିବାକୁ ହେଲେ ବ୍ୟୋମଚାରୀମାନଙ୍କୁ ଏହା ଅମ୍ଳଜାନ, ଖାଦ୍ୟ ଓ ଔଷଧ ଯୋଗାଇବାକୁ ସମର୍ଥ ହୋଇପାରିବ। ଅନ୍ୟପକ୍ଷରେ ମଙ୍ଗଳପୃଷ୍ଠରେ ବିଶାଳକାୟ 'ଗ୍ରୀନ୍‌ହାଉସ'ମାନ ସ୍ଥାପନ କରି ତନ୍ମଧ୍ୟରେ ଗଛଲତା ବଢ଼ିବା ପାଇଁ ଉପଯୋଗୀ କୃତ୍ରିମ ବାୟୁମଣ୍ଡଳ ସୃଷ୍ଟି କରିବା ଲାଗି ଉଦ୍ୟମ ଚାଲିଛି।

ସୁଦୂର ଅତୀତରେ ମଙ୍ଗଳ ଗ୍ରହରେ ଜଳଥିବାର ମନେକରାଯାଏ। ଏହା ସେଠାରେ ନଦନଦୀ ରୂପେ ପ୍ରବାହିତ ହେଉଥିଲା। ଏବେ ବି ସେଠାରେ କିଛି ତାହା ଥିବାର ଜଣାପଡୁଛି। ତେବେ ତାହା ମଣିଷର ବ୍ୟବହାର ପାଇଁ ଉପଯୋଗୀ ହେବ ବୋଲି ମନେ ହେଉନାହିଁ। କାରଣ ଏଥିରେ ଭରି ରହିଛି ପରକ୍ଲୋରେଟ୍ସ ଭଳି ନାନାଦି ଲବଣ, ଯାହା ବିଷାକ୍ତ। ଏଥିରେ ଗଛଲତା ବଢ଼ିବା ସମ୍ଭବ ହୋଇ ନପାରେ। ଏଣୁ ଏହାକୁ କିପରି ବିଶୋଧନ କରି ବ୍ୟବହାର ଉପଯୋଗୀ କରାଯାଇ ପାରିବ ସେ ବିଷୟରେ ଚିନ୍ତା କରାଯାଉଛି। ପୁନଶ୍ଚ ସେଠାରେ ବିଶୁଦ୍ଧ ମଧୁର ଜଳ ଉତ୍ପନ୍ନ ଲାଗି କାର୍ଯ୍ୟକ୍ରମ ଆରମ୍ଭ ହେଲାଣି। ମଙ୍ଗଳର ବାୟୁରେ ଥିବା ଅଙ୍ଗାରକାମ୍ଳକୁ ଭାଙ୍ଗି ତହିଁରୁ ଅମ୍ଳଜାନ ପ୍ରସ୍ତୁତ କରିବା ଏବଂ ରକେଟ୍ ଇନ୍ଧନରେ ଥିବା ହାଇଡ୍ରାଜିନ୍‌ରୁ ଉଦ୍‌ଜାନ ପ୍ରସ୍ତୁତ କରି ରାସାୟନିକ ପ୍ରତିକ୍ରିୟା ମାଧ୍ୟମରେ ସେ ଦୁଇଟିର ମିଳନ ଘଟାଇବା ଏହାର ଲକ୍ଷ୍ୟ।

ଶେଷରେ ମଙ୍ଗଳ ଗ୍ରହରେ ବସବାସ କିମ୍ବା ଦୀର୍ଘଦିନ ରହିବାକୁ ହେଲେ ସେଠାରେ ବଡ଼ ବଡ଼ କୃତ୍ରିମ ବାସସ୍ଥଳୀମାନ ନିର୍ମାଣ କରି ସେଥିମଧ୍ୟରେ ପୃଥିବୀ ଅନୁରୂପ ବାୟୁମଣ୍ଡଳ ଏବଂ ମାଧ୍ୟାକର୍ଷଣ ସୃଷ୍ଟି କରିବା ଦରକାର। ଏସବୁ କାର୍ଯ୍ୟ ପାଇଁ ଲାଗିଯିବ ଅନେକ ବର୍ଷ। ●

ଯମପଡ଼ା(କେନ୍ଦ୍ରାପଡ଼ା), ମୋ: ୯୯୩୭୩୦୧୪୬୦

ସକାଳ
THE SAKALA

ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଲେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

# ଇଞ୍ଜେକସନ୍‌ର ମୂଲ୍ୟ ୧୭ କୋଟି!

କଟକ, ୧୮।୮(ସମିସ): ଗୋଟିଏ ଇଞ୍ଜେକସନ ଦେଲେ ପୁଅ ସୁସ୍ଥ ହୋଇଯିବ। ହେଲେ ଇଞ୍ଜେକସନର ମୂଲ୍ୟ ୧୭କୋଟି ଟଙ୍କା। ଡାକ୍ତରଙ୍କଠାରୁ ଏଭଳି କଥା ଶୁଣିବା ପରେ ଏବେ ଚିନ୍ତାରେ ପଡ଼ିଛନ୍ତି ତିନିଘରିଆ ଅଞ୍ଚଳର ଅଭୟ ଚନ୍ଦ୍ର ପ୍ରଧାନ ଓ ତାଙ୍କ ପତ୍ନୀ ବିଷ୍ଣୁପ୍ରିୟା ପ୍ରଧାନ। ତାଙ୍କ ଦେଢ଼ବର୍ଷର ପୁଅ ଆର୍ଯ୍ୟାନ୍ସ ସ୍ପାଇନାଲ ମସ୍କୁଲାର ଆଟ୍ରୋପି ଟାଇପ-୧ରେ ଆକ୍ରାନ୍ତ ହୋଇଛନ୍ତି। ଏହି ରୋଗର ଚିକିତ୍ସା ଏସ୍‌ସିବି, ଶିଶୁଭବନ କିମ୍ବା ଭୁବନେଶ୍ୱରର କୌଣସି ହସ୍ପିଟାଲରେ ସମ୍ଭବନୁହେଁ ବୋଲି ଡାକ୍ତର କହୁଛନ୍ତି। କୋଲକାତାର ଏକ ହସ୍ପିଟାଲରେ ଆର୍ଯ୍ୟାନ୍ସଙ୍କ ଚିକିତ୍ସା କରାଯାଉଥିବା ବେଳେ ୧୭ କୋଟି ଟଙ୍କାର ଦାମୀ ଇଞ୍ଜେକସନ ଆବଶ୍ୟକ ଥିବା ସେଠାକାର ଡାକ୍ତର କଟକର ଏହି ଦମ୍ପତିଙ୍କୁ ଜଣାଇଛନ୍ତି।

- ଦେଢ଼ବର୍ଷର ଶିଶୁ ସ୍ପାଇନାଲ ମସ୍କୁଲାର ଆଟ୍ରୋପି ଟାଇପ-୧ରେ ଆକ୍ରାନ୍ତ
- ଆର୍ଥିକ ସହାୟତା ଆଶାରେ ପରିବାର ଲୋକ

ଘଟଣାରୁ ପ୍ରକାଶ ଯେ ଅସୁସ୍ଥ ଆର୍ଯ୍ୟାନ୍ସଙ୍କ ଭୁବନେଶ୍ୱରର ଏକ ଘରୋଇ ହସ୍ପିଟାଲରେ ଚିକିତ୍ସା କରାଯାଉଥିଲା। ସେଠାରେ ପ୍ରାୟ ୧୯ ଦିନର ଚିକିତ୍ସା ପରେ ଡାକ୍ତର ଜେନେଟିକ୍ ପରୀକ୍ଷା କରାଇବାକୁ କହିଥିଲେ। ପରେ ଆର୍ଯ୍ୟାନ୍ସ ନିମୋନିଆରେ ଆକ୍ରାନ୍ତ ହୋଇ କଟକ ଶିଶୁଭବନରେ ଭର୍ତ୍ତି ହୋଇଥିଲେ। ପ୍ରାୟ ଏକ ମାସ ଧରି ଚିକିତ୍ସା ହେବା ସେ ସୁସ୍ଥ ହୋଇଥିଲେ, ହେଲେ ଆର୍ଯ୍ୟାନ୍ସ ସାଧାରଣ ପିଲାଙ୍କ ପରି ଖାଦ୍ୟ ଖାଇବାରେ କଷ୍ଟ ହେବାରୁ ତାଙ୍କର ନାଜାଲ ଫିଡିଂ କରାଯିବ ବୋଲି ଡାକ୍ତର କହିଥିଲେ। ପରେ ଜେନେଟିକ ରିପୋର୍ଟ ଆସିଥିଲା ଏବଂ ରିପୋର୍ଟ ମୁତାବକ ସେ ସ୍ପାଇନାଲ ମସ୍କୁଲାର ଆଟ୍ରୋପି ଟାଇପ-୧ରେ ଆର୍ଯ୍ୟାନ୍ସ ପୀଡ଼ିତ ଥିବା ଜଣାପଡ଼ିଥିଲା। ଏ ସଂପର୍କରେ ଶିଶୁଭବନର ଡାକ୍ତରଙ୍କୁ ବାପା ଅଭୟ ଅବଗତ କରିଥିଲେ। ମାତ୍ର ଏହାର ଚିକିତ୍ସା ଏଠାରେ ଉପଲବ୍ଧ ନାହିଁ ବୋଲି ଡାକ୍ତର କହିଥିଲେ। ଡାକ୍ତର ତାଙ୍କୁ କୋଲକାତାସ୍ଥିତ ଏସ୍‌ଏସ୍‌କେଏମ୍ ମେଡିକାଲ ନେବାକୁ କହିଥିଲେ। ଆର୍ଯ୍ୟାନ୍ସଙ୍କ ସେଠାରେ ଚିକିତ୍ସା ଆରମ୍ଭ ହୋଇଥିଲା। ସେଠାରେ ଡାକ୍ତର ଚିକିତ୍ସା କରିବା ପରେ ଦାମୀ ଇଞ୍ଜେକ୍ସନ ଯୋଗାଡ଼ କରିବାକୁ। ଇଞ୍ଜେକ୍ସନ ବିଷୟରେ ଅଭୟ ପଚାରିବାରୁ ଏହା ଭାରତରେ ଉପଲବ୍ଧ ନାହିଁ, ଏହାକୁ ବାହାରୁ ଆଣିବାକୁ ହେବ ଏବଂ ଏହାର ମୂଲ୍ୟ ୧୭କୋଟି ଟଙ୍କା ବୋଲି ଡାକ୍ତର କହିଥିଲେ। ଗତ ୪ ତାରିଖ ମୁଖ୍ୟମନ୍ତ୍ରୀଙ୍କ ଅଭିଯୋଗ ଶୁଣାଣିରେ ଅଭୟ ପହଞ୍ଚି ଏ ବିଷୟରେ ମୁଖ୍ୟମନ୍ତ୍ରୀଙ୍କୁ ଅବଗତ କରାଇଥିଲେ। ହେଲେ ଆଜିକୁ ଏକ ସପ୍ତାହ ବିତିଥିଲେ ମଧ୍ୟ ତାଙ୍କୁ କୌଣସି ଉତ୍ତର ମିଳିପାରିନାହିଁ।

# ଏମ୍‌କେସିଜି ମେଡିକାଲ ଅଧ୍ୟକ୍ଷଙ୍କ ଆଦେଶ ହାଇକୋର୍ଟରେ ରଦ୍ଦ

କଟକ, ୧୮।୮ (ସମିସ): ସହକାରୀ ପ୍ରାଧ୍ୟାପକଙ୍କୁ ବିଭାଗୀୟ ଶୃଙ୍ଖଳାଗତ କାର୍ଯ୍ୟାନୁଷ୍ଠାନ ସ୍ୱରୂପ ଚାକିରିରୁ ବହିଷ୍କାର କରିବା କ୍ଷମତା ମେଡିକାଲ କଲେଜ ଓ ହସପିଟାଲ ଡିନ୍ ତଥା ଅଧ୍ୟକ୍ଷଙ୍କ କ୍ଷମତା ପରିସରଭୁକ୍ତ ନୁହେଁ ବୋଲି ହାଇକୋର୍ଟ ଏକ ଗୁରୁତ୍ୱପୂର୍ଣ୍ଣ ରାୟ ଦେଇଛନ୍ତି। ଏଥିସହ ଆବେଦନକାରୀ ଜଣେ ସହକାରୀ ପ୍ରଫେସରଙ୍କୁ ଚାକିରିରୁ ବହିଷ୍କାର ପାଇଁ ମହାରାଜା କୃଷ୍ଣଚନ୍ଦ୍ର ଗଜପତି ମେଡିକାଲ କଲେଜ ଓ ହସପିଟାଲର ଡିନ୍ ଓ ଅଧ୍ୟକ୍ଷଙ୍କ ପକ୍ଷରୁ ଜାରି ଗତ ୨୦୨୪ ଡିସେମ୍ବର ୨୯ର ଆଦେଶକୁ ହାଇକୋର୍ଟ ରଦ୍ଦ କରିଦେଇଛନ୍ତି। ଡା. ପୁରୁଷୋତ୍ତମ ସ୍ୱାଇଁଙ୍କ ତରଫରୁ ରୁଜୁ ଆବେଦନର ଶୁଣାଣି କରି ଜଷ୍ଟିସ ଆଦିତ୍ୟ କୁମାର ମହାପାତ୍ର ଏପରି ନିର୍ଦ୍ଦେଶ ପ୍ରଦାନ କରିଛନ୍ତି। ଆବେଦନକାରୀଙ୍କୁ ଚାକିରିରୁ ବରଖାସ୍ତ କରିବାର କ୍ଷମତା ରାଜ୍ୟ ସରକାରଙ୍କ ଦ୍ୱାରା ଡିନ୍ ଏବଂ ଅଧ୍ୟକ୍ଷଙ୍କୁ ସ୍ପଷ୍ଟ ଭାବରେ ନ୍ୟସ୍ତ କରାଯାଇଛି ବୋଲି ମଧ୍ୟ ରେକର୍ଡରେ କିଛି ନାହିଁ। ଆବେଦନକାରୀ ଦର୍ଶାଇଥିଲେ ଯେ ସେ ସ୍ୱାସ୍ଥ୍ୟବିଭାଗ ନିୟନ୍ତ୍ରଣରେ ଚୁକ୍ତିଭିତ୍ତିକ ଭାବେ କାର୍ଯ୍ୟ କରୁଥିବା ବେଳେ ସରକାର ଏକ ମାସ ପୂର୍ବରୁ ନୋଟିସ୍ ଦେଇ କୌଣସି କାରଣ ନଦର୍ଶାଇ ତାଙ୍କୁ ଚାକିରିରୁ ବହିଷ୍କାର କରିବାର କ୍ଷମତା ରଖିଛନ୍ତି। ହେଲେ ବିନା କାରଣଦର୍ଶାଅ ନୋଟିସ୍‌ରେ ଚାକିରିରୁ ବହିଷ୍କାର ପାଇଁ ଡିନ୍ ଆଦେଶ ଜାରି କରିବା ବେଆଇନ ବୋଲି ଆବେଦନକାରୀ ଦର୍ଶାଇ ହାଇକୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲେ।

"ସହକାରୀ ପ୍ରାଧ୍ୟାପକଙ୍କୁ ଚାକିରିରୁ ବରଖାସ୍ତ କ୍ଷମତା ଡିନ୍ ଓ ଅଧ୍ୟକ୍ଷଙ୍କ କ୍ଷମତା ପରିସରଭୁକ୍ତ ନୁହେଁ"

ମାମଲାରୁ ପ୍ରକାଶ ଯେ ଆବେଦନକାରୀ, ଯିଏ କି ଓଏମଏଚଏସ କ୍ୟାଡରର ଜଣେ ମେଡିକାଲ୍ ଅଫିସର, ତାଙ୍କୁ ୨୨.୦୭.୨୦୨୪ ତାରିଖରେ ଅଫିସ୍ ଆଦେଶ ଅନୁଯାୟୀ ଡେପୁଟେସନ୍/ ଚୁକ୍ତିଭିତ୍ତିକ ଆଧାରରେ ଅର୍ଥୋପେଡିକ୍ ସହକାରୀ ପ୍ରଫେସର୍ ଭାବରେ ନିଯୁକ୍ତି ଦିଆଯାଇଥିଲା। ଗତ ୨୦.୧୨.୨୦୨୪ ମଧ୍ୟରାତ୍ରିରେ ପିଜି କ୍ୟାମ୍ପସ୍‌ରେ ଥିବା ହଷ୍ଟେଲର କ୍ୟାଣ୍ଟିନ ଗଣ୍ଡଗୋଳରେ ଆବେଦନକାରୀଙ୍କ ସମ୍ପୃକ୍ତି ନେଇ ଅଭିଯୋଗ ହୋଇଥିଲା। ଫଳସ୍ୱରୂପ, ଏହି ଅଭିଯୋଗ ଉପରେ ଆଧାର କରି ମେଡିକାଲ କଲେଜ କମିଟି ଶୃଙ୍ଖଳାଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ଆଧାରରେ ତାଙ୍କୁ ବରଖାସ୍ତ ଆଦେଶ ଜାରି ହୋଇଥିଲା। ହେଲେ ପରେ ତାଙ୍କୁ ସ୍ୱାସ୍ଥ୍ୟ ନିର୍ଦ୍ଦେଶାଳୟ ଅଧୀନ ମୂଳ ପଦକୁ ଫେରାଇ ନିଆଯାଇଥିଲା।

# ଆଜି ରଥଯାତ୍ରା ପରବର୍ତ୍ତୀ ସମୀକ୍ଷା ବୈଠକ

ପୁରୀ,୧୮।୮(ସମିସ): ମୁଖ୍ୟ ଶାସନ ସଚିବ ମନୋଜ ଆହୁଜାଙ୍କ ଅଧ୍ୟକ୍ଷତାରେ ମଙ୍ଗଳବାର ରଥଯାତ୍ରା ପରବର୍ତ୍ତୀ ସମୀକ୍ଷା ବୈଠକ ଅନୁଷ୍ଠିତ ହେବ। ଏଥିରେ ପୁଲିସ ଡିଜି, ବିଭିନ୍ନ ବିଭାଗର ବରିଷ୍ଠ ଅଧିକାରୀ, ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକ, ଜିଲ୍ଲାପାଳ, ଏସ୍‌ପି ଏବଂ ବିଭିନ୍ନ ସେବାୟତ ନିଯୋଗର ପ୍ରତିନିଧି ଯୋଗଦେବାର କାର୍ଯ୍ୟକ୍ରମ ରହିଛି। ରଥଯାତ୍ରାକୁ କିଭଳି ଶୃଙ୍ଖଳିତ କରାଯିବ ସେ ନେଇ ବିଶେଷ ଭାବରେ ଆଲୋଚନା ହେବ। ବୈଠକରୁ ନିଷ୍କର୍ଷ ମତାମତ ଆଧାରରେ ରଥଯାତ୍ରା ଯେଭଳି ତ୍ରୁଟିଶୂନ୍ୟ ହୋଇପାରିବ ସେ ନେଇ ସ୍ୱତନ୍ତ୍ର ମାର୍ଗଦର୍ଶିକା ପ୍ରସ୍ତୁତ କରାଯିବ। ଚଳିତବର୍ଷ ରଥଯାତ୍ରାରେ ବ୍ୟାପକ ବିଭ୍ରାଟ ହେବା ପରେ ଆଗାମୀ ଦିନରେ ଯେଭଳି ଏହାର ପୁନରାବୃତ୍ତି ନ ଘଟେ ତାକୁ ଦୃଷ୍ଟିରେ ରଖାଯାଇ ଏହି ବୈଠକ ଡକାଯାଇଛି। ବୈଠକରେ ରଥଯାତ୍ରାରେ ହୋଇଥିବା ବିଶୃଙ୍ଖଳା ଉପରେ ବିସ୍ତୃତ ଆଲୋଚନା କରାଯିବା ସମ୍ଭାବନା ରହିଛି। ସେହିପରି ସପ୍ତାହକ ମଧ୍ୟରେ ଶ୍ରୀମନ୍ଦିର ପରିଚାଳନା କମିଟି ଗଠନ କରାଯିବ ବୋଲି ଆଇନମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ଗତ ୧୫ ତାରିଖରେ ସୂଚନା ଦେଇଥିଲେ। ତେଣୁ ପରିଚାଳନା କମିଟି ଗଠନ ସମ୍ପର୍କରେ ବୈଠକରେ ଆଲୋଚନା ହୋଇପାରେ ବୋଲି ଆଶା କରାଯାଉଛି।

ଅଧ୍ୟକ୍ଷତା କରିବେ ମୁଖ୍ୟ ଶାସନ ସଚିବ

# ଶିଶୁ ବାଟିକା ଖୋଲିଲା; ପିଲାଙ୍କ ୟୁନିଫର୍ମ ପାଇଁ ଅନୁଦାନ ନାହିଁ

ଭୁବନେଶ୍ୱର, ୧୮।୮(ସମିସ): ପ୍ରଥମଥର ପାଇଁ ବିଦ୍ୟାଳୟରେ ଖୋଲିଥିବା ଶିଶୁ ବାଟିକା ପିଲାଙ୍କୁ ପୋଷାକ, ଜୋତା ଓ ମୋଜା ଯୋଗାଇବାକୁ ଅନୁଦାନ ନାହିଁ। ୨୦୨୫-୨୬ ଆର୍ଥିକ ବର୍ଷରେ ଏନେଇ ଅନୁଦାନ ବଣ୍ଟନ କରାଯାଇ ନାହିଁ। ଫଳରେ ଛାତ୍ରଛାତ୍ରୀଙ୍କୁ ପୋଷାକ ବଣ୍ଟନ ପାଇଁ ରାଜ୍ୟ ବଜେଟ୍‌ରୁ ଅନୁଦାନ ଯୋଗାଇଦେବାକୁ ଓଡ଼ିଶା ବିଦ୍ୟାଳୟ ଶିକ୍ଷା କାର୍ଯ୍ୟକ୍ରମ ପ୍ରାଧିକରଣ (ଓସେପା) ପକ୍ଷରୁ ଅନୁରୋଧ କରାଯାଇଛି। ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗର ଅତିରିକ୍ତ ସଚିବଙ୍କ ନିକଟକୁ ଲେଖିଥିବା ଚିଠିରେ ଦର୍ଶାଯାଇଛି ଯେ ଗୋଟିଏ ପିଲାକୁ ପୋଷାକ ସହିତ ଜୋତା, ସକ୍ସ, ଟି-ସାର୍ଟ, ଟ୍ରାକ୍ ପ୍ୟାଣ୍ଟ, ଟୋପି ଓ ଆଇଡେଣ୍ଟି କାର୍ଡ ପ୍ରଦାନ କରିବାକୁ ହଜାରେ ଟଙ୍କା ଆବଶ୍ୟକ। ରାଜ୍ୟରେ ମୋଟ୍ ୩ଲକ୍ଷ ୧୦ହଜାର ୮୩୯ ଜଣ ପିଲା ଶିଶୁବାଟିକାରେ ଅଧ୍ୟୟନ କରୁଛନ୍ତି। ସେମାନଙ୍କ ୟୁନିଫର୍ମ ବାବଦକୁ ୩୧କୋଟି ୮ଲକ୍ଷ ୩୯ ହଜାର ଟଙ୍କା ଆବଶ୍ୟକ। ରାଜ୍ୟ ବଜେଟରୁ ଏହି ଅର୍ଥ ପ୍ରଦାନ କରିବା ପାଇଁ ସୋମବାର ଓସେପା ପକ୍ଷରୁ ଅନୁରୋଧ କରାଯାଇଛି।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ରେଳ ଧାରଣାରୁ...

କରାଯାଇଛି। ଏହି ପାଇଲଟ୍ ପ୍ରକଳ୍ପରେ ଟ୍ରାକ ମଧ୍ୟରେ ଥିବା ସ୍ଲିପର (ରେଳ ଟ୍ରାକକୁ ସମର୍ଥନ କରୁଥିବା ବିମ୍)ରେ ସୌର ପ୍ୟାନେଲ ସ୍ଥାପନ କରାଯାଇଛି। ଏଥିରେ ବିଶେଷ କଥା ହେଉଛି ଏଗୁଡ଼ିକୁ ଏପରି ଭାବରେ ଡିଜାଇନ୍ କରାଯାଇଛି ଯେ ଟ୍ରେନ୍ ଚଳାଚଳରେ କୌଣସି ବାଧା ସୃଷ୍ଟି ହେବନାହିଁ। ଯେତେବେଳେ ଟ୍ରାକ୍ ମରାମତିର ଆବଶ୍ୟକତା ପଡ଼ିବ, ସେଗୁଡ଼ିକୁ ସହଜରେ ହଟାଇହେବ। ଏହି ପ୍ରକଳ୍ପ କେବଳ ସବୁଜ ଶକ୍ତିକୁ ପ୍ରୋତ୍ସାହିତ କରିବ ନାହିଁ, ବରଂ ଏହା ରେଳବାଇର କାର୍ବନ ନିର୍ଗମନକୁ ଶୂନ୍ୟ କରିବା ଲକ୍ଷ୍ୟରେ ଏକ ବଡ଼ ପଦକ୍ଷେପ।

### ସିଇସିଙ୍କ ବିରୋଧରେ...

କରାଯାଇଛି। ସରକାରୀ ଦଳ ଇସାରାରେ କମିସନ କାମ କରୁଛନ୍ତି ବୋଲି କଂଗ୍ରେସ, ସମାଜବାଦୀ ପାର୍ଟି, ଡିଏମ୍‌କେ, ଟିଏମ୍‌ସି, ଶିବସେନା (ଉଦ୍ଧବ), ଏନ୍‌ସିପି (ପାୱାର), ସିପିଏମ୍, ଆପ୍, ଆରଜେଡି, ଜେଏମଏମ୍ ଏବଂ ଅନ୍ୟ ବିରୋଧୀ ଦଳର ନେତାମାନେ ଅଭିଯୋଗ କରିଛନ୍ତି। କଂଗ୍ରେସ ନେତା ଗୌରବ ଗୋଗୋଇ କହିଲେ ଯେ ଅଭିଯୋଗର ଉତ୍ତର ଦେବା କିମ୍ବା ଏହାର ଯାଞ୍ଚ କରିବା ବଦଳରେ କମିସନ ଓଲଟା ଅଭିଯୋଗକର୍ତ୍ତାଙ୍କୁ ସମାଲୋଚନା କରୁଛନ୍ତି। ଟିଏମ୍‌ସି ନେତ୍ରୀ ମହୁଆ ମଇତ୍ର କହିଲେ ଯେ ପଶ୍ଚିମ ବଙ୍ଗରେ ଡୁପ୍ଲିକେଟ ଭୋଟର ପରିଚୟ ପତ୍ର ନେଇ ମୁଖ୍ୟମନ୍ତ୍ରୀ ମମତା ବାନାର୍ଜୀ ଅଭିଯୋଗ ଆଣିଥିଲେ। କିନ୍ତୁ ଏହାର ସମାଧାନ ହୋଇନାହିଁ। ପୂର୍ବତନ ନିର୍ବାଚନ କମିସରନଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ସହିତ ଚଳିତ ଲୋକସଭାକୁ ଭଙ୍ଗ କରିବାକୁ ସେ ଦାବି କରିଛନ୍ତି। ସମାଜବାଦୀ ପାର୍ଟି ନେତା ରାମ ଗୋପାଳ ଯାଦବ କହିଲେ ଯେ ୨୦୨୨ ଭୋଟର ତାଲିକାରେ ୧୮ ହଜାର ଭୋଟରଙ୍କ ନାମ କାଟି ଦିଆଯାଇଛି। ଏସଂପର୍କରେ ତାଙ୍କ ଦଳ ସତ୍ୟପାଠ ଦାଖଲ କରିଥିଲେ ମଧ୍ୟ ଏପର୍ଯ୍ୟନ୍ତ କୌଣସି ପଦକ୍ଷେପ ନିଆଯାଇନାହିଁ। ଆରଜେଡି ନେତା ମନୋଜ ଝା କହିଲେ ଯେ ମୁଖ୍ୟ ନିର୍ବାଚନ ଅଧିକାରୀ ବିଜେପି ମୁଖପାତ୍ର ଭଳି ବ୍ୟବହାର କରୁଛନ୍ତି। ଡିଏମ୍‌କେ ଏବଂ ସିପିଏମ୍ ନେତା ଅଭିଯୋଗ କରିଛନ୍ତି ଯେ ନିର୍ବାଚନ କମିସନ କେନ୍ଦ୍ର ସରକାରଙ୍କର ବି-ଟିମ୍ ଭାବେ କାମ କରୁଛି। ଗତକାଲି ମୁଖ୍ୟ ନିର୍ବାଚନ କମିସନର ଯେଉଁ ସାମ୍ବାଦିକ ସମ୍ମିଳନୀ କରିଥିଲେ ସେଥିରେ ପ୍ରଶ୍ନର ଉତ୍ତର ଦେବା ଅପେକ୍ଷା ରାହୁଲଙ୍କୁ ଟାର୍ଗେଟ କରି ସତ୍ୟପାଠ ଦାଖଲ ପାଇଁ ଚାଲେଞ୍ଜ କରିଥିଲେ। ମୁଖ୍ୟ ନିର୍ବାଚନ କମିସନରଙ୍କ ଏଭଳି ଆଚରଣ ଆଦୌ ଗ୍ରହଣୀୟ ନୁହେଁ ବୋଲି ସେମାନେ କହିଥିଲେ।

### ୬୫ ଲକ୍ଷ ଭୋଟରଙ୍କ...

ଏଥିରେ ଭୋଟରଙ୍କ ନାମ ସହିତ ସେମାନଙ୍କର ନାମ କାହିଁକି କଟାଯାଇଛି, ତାହା ଦର୍ଶାଯାଇଛି। କେଉଁମାନେ ମୃତ, ଅନ୍ୟ ରାଜ୍ୟକୁ ପଳାଇଛନ୍ତି କିମ୍ବା ଅନ୍ୟ ନିର୍ବାଚନମଣ୍ଡଳୀରେ ମଧ୍ୟ ସେମାନଙ୍କର ନାମ ରହିଛି, ତାହା ଏହି ତାଲିକାରେ ଦର୍ଶାଯାଇଛି। ଏସଂକ୍ରାନ୍ତ ନୋଟିସ ସମ୍ବାଦପତ୍ର ଓ ଟିଭିରେ ପ୍ରକାଶ ଓ ପ୍ରସାର କରିବାକୁ ସୁପ୍ରିମ କୋର୍ଟ ନିର୍ଦ୍ଦେଶ ଦେଇଛନ୍ତି। ଆସନ୍ତା ୨୨ ତାରିଖରେ ସୁପ୍ରିମ କୋର୍ଟରେ ମାମଲାର ଶୁଣାଣି ହେବ।

### ଓଡ଼ିଶାରେ ଏସ୍‌ଆଇଆର୍...

ପ୍ରତିଶତ ଭୋଟକୁ ନେଇ ବିଜେଡି ପ୍ରଶ୍ନ ଉଠାଇଥିଲା। ଅନ୍ୟପକ୍ଷରେ ଫର୍ମ ୧୭-ସି ପ୍ରଦାନ ନ କରିବାକୁ ନେଇ ବିଜେଡି ଗୁରୁତର ଅଭିଯୋଗ କରିଥିଲା। ଏ ସମ୍ପର୍କରେ ଜାତୀୟ ନିର୍ବାଚନ କମିସନ ଏଯାବତ୍ କୌଣସି ଉତ୍ତର ଦେଇ ନ ଥିବା ବିଜେଡି ଅଭିଯୋଗ କରି ଆସିଥିବା ବେଳେ ରାଜ୍ୟ ମୁଖ୍ୟ ନିର୍ବାଚନ ଅଧିକାରୀ ଏହାକୁ ଖଣ୍ଡନ କରିଛନ୍ତି।

ଏପିକ ନମ୍ବରକୁ ନେଇ ଅଣଯାଇଥିବା ଅଭିଯୋଗ ଉପରେ ରାଜ୍ୟ ନିର୍ବାଚନ ଅଧିକାରୀ କହିଛନ୍ତି ଯେ ଓଡ଼ିଶାର ୭ ହଜାର ଏପିକ ନମ୍ବର ଥିବା ଭୋଟର କାର୍ଡ ପରିବର୍ତ୍ତନ କରି ନୂଆ ଭୋଟର କାର୍ଡ ଦିଆଯାଇଛି। ଏଥିରୁ କେବଳ ୫ ହଜାର ଏପିକ ନମ୍ବର ବାଙ୍ଗୀରେ ଥିଲା। ଏହା ଗୁଜରାଟର ଭୋଟରଙ୍କ ସହିତ ମିଶୁଥିଲା। ତେଣୁ ଏହାକୁ ବଦଳାଯାଇ ଆଉଥରେ କାର୍ଡ ବଣ୍ଟନ କରାଯାଇଛି। ବାକି ୨ହଜାର ଏପିକ ନମ୍ବର କର୍ଣ୍ଣାଟକ, ଝାଡ଼ଖଣ୍ଡ ପଶ୍ଚିମବଙ୍ଗ ସହିତ ମିଶୁଥିଲା। ଏହି ଏପିକ ନମ୍ବର କେବଳ ଭୋଟ ପରିଚୟ ପତ୍ର ଚିହ୍ନଟ ପାଇଁ ଦିଆଯାଇଛି। ଏହି ଏପିକ ନମ୍ବରରେ କେହି ଭୋଟ ଦେଇପାରିବେ ନାହିଁ। ବର୍ତ୍ତମାନ ସ୍ୱତନ୍ତ୍ର ଏପିକ ନମ୍ବର ନିର୍ବାଚନ କମିସନଙ୍କ ପକ୍ଷରୁ ପ୍ରଦାନ କରାଯିବ। ସେହିପରି ବିଭିନ୍ନ ଅଞ୍ଚଳରେ ଭୋଟର ବିଧାନସଭା ପ୍ରାର୍ଥୀଙ୍କୁ ଭୋଟ ଦେଇଥିଲେ ହେଁ ଲୋକସଭା ପ୍ରାର୍ଥୀଙ୍କୁ ଭୋଟ ଦେଇନାହାନ୍ତି। ଯେଉଁଥିପାଇଁ ଲୋକସଭା ଏବଂ ବିଧାନସଭା ଭୋଟିଂରେ ତାରତମ୍ୟ ଦେଖିବାକୁ ମିଳିଛି। ବିଳମ୍ବିତ ରାତିରେ ଦିଆଯାଉଥିବା ଭୋଟ ହାର ଏବଂ ଭୋଟ ଗ୍ରହଣ ପରଦିନ ଦିଆଯାଉଥିବା ଭୋଟ ହାର ଥିବା ତଫାତ ଏକ ସ୍ୱାଭାବିକ ପ୍ରସଙ୍ଗ ଓ ଭୋଟ ଗ୍ରହଣ ଦିନ ଘଣ୍ଟାକୁ ଘଣ୍ଟା ଯେଉଁ ଭୋଟ ହାର ପ୍ରଦାନ କରାଯାଏ ତାହା ସମ୍ଭାବ୍ୟ ଭୋଟ ହାର ଦିଆଯାଏ। ତାହା ଫୋନ ମାଧ୍ୟମରେ ସଂଗ୍ରହ କରାଯାଇ ଦିଆଯାଇଥାଏ। ଭୋଟ ଗ୍ରହଣ ପର ଦିନ ଯେଉଁ ଭୋଟ ହାର ପ୍ରଦାନ କରାଯାଏ, ତାହା ସଠିକ ଭୋଟ ହାର। ଭୋଟ ଗ୍ରହଣ ସରିବା ପରେ ରାଜନୈତିକ ଦଳର ଏଜେଣ୍ଟଙ୍କୁ ୧୭-ସି ଫର୍ମ ଦିଆଯାଇଥାଏ। ତେଣୁ ରାଜନୈତିକ ଦଳମାନେ ସେମାନଙ୍କ ଏଜେଣ୍ଟଙ୍କ ଠାରୁ ୧୭-ସି ଫର୍ମ ସଂଗ୍ରହ କରନ୍ତୁ ବୋଲି ସେ ପରାମର୍ଶ ଦେଇଛନ୍ତି।

### ଦାଗୀ ସଂସ୍ଥାକୁ...

ଅଭିଯୋଗ ରହି ଆସିଛି। ନିୟମ ଅନୁଯାୟୀ ସଂସ୍ଥା ୨ଶହରୁ ଅଧିକ ବାୟୋମେଡିକାଲ ଓ ୧ଶହ ସର୍ଭିସ ଇଞ୍ଜିନିୟର ନିୟୋଜିତ ନ କରି କମ୍ ଇଞ୍ଜିନିୟର କାମ ଚଳାଇ ଆସୁଛି। ଯାହା ଫଳରେ ଠିକ୍‌ରେ ଉପକରଣ ମରାମତି କାର୍ଯ୍ୟ ହୋଇପାରୁନି। ଏପଟେ ରାଜ୍ୟରେ ପ୍ରାୟ ୮୦ ହଜାର ବାୟୋମେଡିକାଲ ଉପକରଣ ଥିବାବେଳେ ସେଥିରୁ ଶତକଡା ୨୦ ପ୍ରତିଶତ କାମ କରୁନଥିବା ଅଭିଯୋଗ ହେଉଛି। ଏପରିକି ଏସ୍‌ସିବିରେ ଅନେକ ଉପକରଣ ଦିନ ଦିନ ଧରି ଅଚଳ ହେବା ସହ ଭେଣ୍ଟିଲେଟର ଓ ଆଇ ଆଇସିୟୁ ବି ଅଚଳ ହୋଇ ରହୁଛି। କିନ୍ତୁ ଏଭଳି ସ୍ଥିତିରେ କେଟିପିଏଲର କାର୍ଯ୍ୟ ଅବଧି ସରିବା ପରେ ବି ତାହାକୁ ବୃଦ୍ଧି କରାଗଲା, ତାହାକୁ ନେଇ ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି।

### ରାଜରାସ୍ତାରେ ଚାଷୀଙ୍କ...

ଆଗାମୀ ଦିନରେ ଏହି ଆନ୍ଦୋଳନ ଆହୁରି ଉଗ୍ରରୂପ ନେବ ବୋଲି ବିଜେଡି ପକ୍ଷରୁ ଚେତାଇ ଦିଆଯାଇଥିଲା। ଆଜିର ଏହି ସମାବେଶ ଯୋଗୁଁ ବରଗଡ଼ ସହରରେ ଅଦିନିଆ ଧନୁଯାତ୍ରା ପରି ଭିଡ଼ ପରିଲକ୍ଷିତ ହୋଇଥିଲା। ବିଜେଡିର ଚାଷୀ ସମାବେଶ ଡାକରାକୁ ଚାଷୀଙ୍କ ପକ୍ଷରୁ ଅଭୂତପୂର୍ବ ସମର୍ଥନ ଦେଖିବାକୁ ମିଳିଥିଲା। ଚାଷୀଙ୍କ ପୁଞ୍ଜିଭୂତ ଅସନ୍ତୋଷର ପ୍ରତିଫଳନ ଏହି ସମାବେଶରେ ବେଶ୍ ପ୍ରତିଫଳିତ ହୋଇଥିଲା।

ମାତ୍ର ସମାବେଶକୁ ଭଣ୍ଡୁର କରିବା ପାଇଁ ପ୍ରଶାସନ ପକ୍ଷରୁ ବ୍ୟାପକ ଉଦ୍ୟମ କରାଯାଇଥିଲା। ସମାବେଶରେ ଯୋଗ ଦେବାକୁ ଆସୁଥିବା ଚାଷୀଙ୍କ ଗାଡ଼ିଗୁଡ଼ିକୁ ବିଭିନ୍ନ ସ୍ଥାନରେ ପୁଲିସ୍ ଅଟକାଇଥିଲା। ଏହି ଘଟଣାକୁ ବିଜେଡି ପକ୍ଷରୁ ତୀବ୍ର ନିନ୍ଦା କରାଯାଇଛି।

ବିଜେଡି ଜିଲ୍ଲା ସଭାପତି ସୁଶାନ୍ତ ମହାପାତ୍ରଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ବିକ୍ଷୋଭ ସଭାରେ ବିରୋଧୀ ଦଳ ଉପନେତା ପ୍ରସନ୍ନ ଆଚାର୍ଯ୍ୟଙ୍କ ସମେତ ପୂର୍ବତନ ମନ୍ତ୍ରୀ ସ୍ନେହାଙ୍ଗିନୀ ଛୁରିଆ, ରୀତା ସାହୁ, ପ୍ରତାପ ଜେନା, ଟୁକୁନି ସାହୁ, ବିଧାୟକ ନଳିନୀ ପ୍ରଧାନ, ନିରଞ୍ଜନ ପୂଜାରୀ, ସୁଦର୍ଶନ ହରିପାଲ, ଦିବ୍ୟଶଙ୍କର ମିଶ୍ର, ବର୍ଷା ସିଂ ବରିହା, ଅଧିରାଜ ପାଣିଗ୍ରାହୀ, ରୋମାଞ୍ଚ ରଞ୍ଜନ ବିଶ୍ୱାଳ, ରୋହିତ ଯୋଶେଫ ତିର୍କୀ, ଯୋଗେଶ ସିଂ, ପ୍ରଦୀପ ଦିସାରୀ ଏବଂ ପୂର୍ବତନ ବିଧାୟକ ଦେବେଶ ଆଚାର୍ଯ୍ୟ, ଆୟୁବ ଖାନ୍, କିଶୋର ନାଏକ, ରାଜେନ୍ଦ୍ର ଛତ୍ରିଆ, ସରୋଜ ମେହେର, ଦୁଷ୍ମନ୍ତ ନାଏକ, ରୋହିତ ପୂଜାରୀ, ନୀହାର ବେହେରା, ଆକାଶ ମିଶ୍ର, ଗିରିରାଜ ସିଂ, ନାରାୟଣ ଲୁହା, ପୌର ଅଧ୍ୟକ୍ଷା କଳ୍ପନା ମାଝୀ, ମାନିନୀ ଭୋଇ, ଉପାଧ୍ୟକ୍ଷ ରାଜେଶ ଅଗ୍ରୱାଲ, ପ୍ରଦ୍ୟୁମ୍ନ ତ୍ରିପାଠୀ, କରନ ସିକନ୍ଦର, ମୀନାକ୍ଷୀ ମିଶ୍ର, ପ୍ରଫୁଲ୍ଲ ନାଏକ, ଉମେଶ ପଣ୍ଡା, ଗୌରହରି ମିଶ୍ର, ବିକ୍ରମ ସିଂ ଦେଓ, ଦେବାନନ୍ଦ ଗଡତିଆ, ନାରଦ ବରିହା, ଲମ୍ବୋଦର ନିଆଲ, ସିଦ୍ଧାର୍ଥ ଦାଶ, ମନୋଜ ମହାପାତ୍ର, ହୀରାଲାଲ ବେହେରା, କୁମୁଦିନୀ ନାଏକ କିଶୋର ମିଶ୍ର, ସୁନିଲ କିଶାନ, ଦୁର୍ଗା ବାରିକ, ପ୍ରମୁଖ ଉପସ୍ଥିତ ଥିଲେ।

### ନବୀନ ସୁସ୍ଥ...

କରୁଛନ୍ତି ବୋଲି ନବୀନ ଭିଡ଼ିଓବାର୍ତ୍ତାରେ କହିଛନ୍ତି। ଏଠାରେ ଉଲ୍ଲେଖଯୋଗ୍ୟ ଯେ ଡିହାଇଡ୍ରେସନ୍ ଜନିତ ସ୍ୱାସ୍ଥ୍ୟ ସମସ୍ୟା ଯୋଗୁଁ ରବିବାର ସନ୍ଧ୍ୟା ୫ ଟା ୧୫ରେ ନବୀନଙ୍କୁ ଭୁବନେଶ୍ୱରର ଏକ ଘରୋଇ ଡ଼ାକ୍ତରଖାନାରେ ଚିକିତ୍ସା ପାଇଁ ଭର୍ତ୍ତି କରାଯାଇଥିଲା। କିଛି ସମୟର ଚିକିତ୍ସା ପରେ ସେ ସୁସ୍ଥ ହୋଇଥିଲେ ଓ ରାତିରେ ଭିଡ଼ିଓ ବାର୍ତ୍ତାରେ ସେ ସୁସ୍ଥ ହେଉଥିବା ସୂଚନା ଦେଇଥିଲେ। ଗୋଟିଏ ଦିନର ଚିକିତ୍ସା ପରେ ସେ ଏବେ ସୁସ୍ଥ ଅନୁଭବ କରୁଛନ୍ତି। ତାଙ୍କର ଅସୁସ୍ଥତା ଖବର ପାଇ ଦଳମତ ନିର୍ବିଶେଷରେ ବହୁ ରାଜନୈତିକ ବ୍ୟକ୍ତି, ମନ୍ତ୍ରୀ, ବିଧାୟକ, ସାଂସଦଙ୍କ ସହ ସାଧାରଣ ଲୋକ ଡ଼ାକ୍ତରଖାନାରେ ପହଞ୍ଚି ତାଙ୍କର ଆରୋଗ୍ୟ କାମନା କରିଛନ୍ତି। ଅପରପକ୍ଷେ ଝାଡ଼ଖଣ୍ଡ ମୁଖ୍ୟମନ୍ତ୍ରୀ ହେମନ୍ତ ସୋରେନ୍ ଏକ୍ସ ଜରିଆରେ ନବୀନଙ୍କ ଆରୋଗ୍ୟ କାମନା କରିଛନ୍ତି। ସେ କହିଛନ୍ତି, ମହାପ୍ରଭୁ ଜଗନ୍ନାଥ ଆପଣଙ୍କୁ ଶୀଘ୍ର ଭଲ କରିଦିଅନ୍ତୁ।

### ଆରୋଗ୍ୟ କାମନା...

ନିର୍ବାଚନରେ ସର୍ବସମ୍ମତକ୍ରମେ ନିର୍ବାଚିତ ହେବେ, ସେନେଇ ଉଦ୍ୟମ ଆରମ୍ଭ ହୋଇଛି। ଏଥିପାଇଁ ଦଳର ବରିଷ୍ଠ ନେତା ରାଜନାଥ ସିଂଙ୍କୁ ବିଭିନ୍ନ ରାଜନୈତିକ ଦଳ ସହ ଯୋଗାଯୋଗ କରିବାକୁ ବିଜେପି ଦାୟିତ୍ୱ ପ୍ରଦାନ କରିଛି। ଏହି କ୍ରମରେ ରାଜନାଥ ଆଜି ନବୀନଙ୍କ ସହ ଆଲୋଚନା କରି ଏନ୍‌ଡିଏ ପ୍ରାର୍ଥୀଙ୍କୁ ସମର୍ଥନ ଦେବାକୁ ଅନୁରୋଧ କରିଛନ୍ତି।


**RAISUAN HIGHER SECONDARY SCHOOL**
**AT/PO-RAISUAN, DIST-KEONJHAR**
**WALK IN INTERVIEW**

A walk-in-interview will be held in the college premises for engagement of **Guest Faculty in Sanskrit on 25.08.2025 (Monday).** The interested candidates having more than 55% in the Master Degree may attend the same with all relevant testimonials. Preference will be given to M. Phil., Ph.D. & teaching experience holders.

Sd/- Principal
Raisuan Higher Secondary School,
Raisuan

**OFFICE OF THE PRINCIPAL**
**SIDDHARTHA HIGHER SECONDARY SCHOOL, BINKA**
**DIST- SUBARNAPUR, PIN-767019**
email: siddharthacollegebinka@gmail.com
**WALK-IN-INTERVIEW**

A walk-in interview will be held on **Dt.26.08.2025 (Tuesday) at 11.00 AM** in the College premises for the post of **Lecturer in Physics (Management Post).** Candidates must possess a Master's degree having at least 55% marks in the concerned subject and may attend the interview with their complete Bio-Data and all testimonials (Original & Xerox copies).

The undersigned reserves the right to cancel the Walk-in interview without assigning any reason thereof.

Sd/- Principal-cum-secretary
Siddhartha Higher Secondary School,
Binka

**ବ୍ୟାଙ୍କ ଅଫ୍ ଇଣ୍ଡିଆ** Bank of India **BOI**
**ବ୍ୟାଙ୍କ ଅଫ୍ ଇଣ୍ଡିଆ**
ଆଞ୍ଚଳିକ କାର୍ଯ୍ୟାଳୟ: ଷ୍ଟାର ହାଉସ୍, ୧/୧-ଡ଼ି, ଜୟଦେବ ବିହାର, ନୟାପଲ୍ଲୀ, ଭୁବନେଶ୍ୱର, ଓଡ଼ିଶା, ପିନ୍-୭୫୧୦୧୫
**ଦଖଲ ନୋଟିସ୍**
ସିକ୍ୟୁରିଟି ଇଣ୍ଟରେଷ୍ଟ (ଏନ୍‌ଫୋର୍ସମେଣ୍ଟ) ରୁଲ୍ସ ୨୦୦୨ [ରୁଲ୍-୮(୧)]

ନିମ୍ନ ସ୍ୱାକ୍ଷରକାରୀ **ବ୍ୟାଙ୍କ ଅଫ୍ ଇଣ୍ଡିଆର** କ୍ଷମତାପ୍ରାପ୍ତ ଅଧିକାରୀଙ୍କ ଦ୍ୱାରା ସିକ୍ୟୁରିଟାଇଜେସନ୍ ଆଣ୍ଡ ରିକନ୍‌ଷ୍ଟ୍ରକ୍ସନ୍ ଅଫ ଫାଇନାନ୍‌ସିଆଲ ଆସେଟସ୍ ଆଣ୍ଡ ଏନ୍‌ଫୋର୍ସମେଣ୍ଟ ଅଫ୍ ସିକ୍ୟୁରିଟି ଇଣ୍ଟରେଷ୍ଟ ଆକ୍ଟ ୨୦୦୨ ଏବଂ ଧାରା ୧୩ (୧୨) ସହିତ ସିକ୍ୟୁରିଟି ଇଣ୍ଟରେଷ୍ଟ (ଏନ୍‌ଫୋର୍ସମେଣ୍ଟ) ରୁଲ୍ସ ୨୦୦୨ର ରୁଲ୍ ୩ ରେ ଦିଆଯାଇଥିବା କ୍ଷମତା ଅନୁଯାୟୀ ନିମ୍ନଲିଖିତ ଋଣଗ୍ରହୀତା/ବନ୍ଧକଦାତାମାନଙ୍କୁ ଡ଼ିମାଣ୍ଡ ନୋଟିସ୍ ଜାରିକରି କଥିତ ନୋଟିସ୍ ମାଧ୍ୟମରେ ନୋଟିସ୍ ଦର୍ଶିତ ଅର୍ଥରାଶି ସହିତ ସେବାବଦ ସୁଧ ଏବଂ ଖର୍ଚ୍ଚ କଥିତ ନୋଟିସ୍ ତାରିଖ ଠାରୁ **୬୦ ଦିନ** ମଧ୍ୟରେ ପଇଠ କରିବାକୁ କୁହାଯାଇଥିଲା। ଯେହେତୁ ଋଣଗ୍ରହୀତା ଦେୟ ପଇଠ କରିବାରେ ବିଫଳ ହେଲେ, ତେଣୁ ଏହି ନୋଟିସ୍ ମାଧ୍ୟମରେ ଋଣଗ୍ରହୀତା/ବନ୍ଧକଦାତାମାନଙ୍କୁ ଏବଂ ସର୍ବସାଧାରଣଙ୍କୁ ଜଣାଇ ଦିଆଯାଉଅଛି ଯେ, ନିମ୍ନ ସ୍ୱାକ୍ଷରକାରୀଙ୍କ ଦ୍ୱାରା କଥିତ ଆଇନର ଧାରା ୧୩ର ଉପଧାରା (୪) ସହିତ ସିକ୍ୟୁରିଟି ଇଣ୍ଟରେଷ୍ଟ ଏନ୍‌ଫୋର୍ସମେଣ୍ଟ ରୁଲ୍ସ, ୨୦୦୨ର ରୁଲ୍ ୮ ଅନୁଯାୟୀ ନିମ୍ନଲିଖିତ ସମ୍ପତ୍ତି **ସାଙ୍କେତିକ ଦଖଲ**କୁ ନିଆଯାଇଅଛି। ତେଣୁ ବିଶେଷକରି ଋଣଗ୍ରହୀତା/ବନ୍ଧକଦାତାମାନଙ୍କୁ ଏବଂ ସର୍ବସାଧାରଣଙ୍କୁ ସତର୍କ କରାଇ ଦିଆଯାଉଛି ଯେ ନିମ୍ନଲିଖିତ ସମ୍ପତ୍ତି ସହିତ କୌଣସି ପ୍ରକାର କାରବାର କରିବେ ନାହିଁ ଏବଂ ଏହି ସମ୍ପତ୍ତି ଉପରେ କୌଣସି କାରବାର ପାଇଁ ନିମ୍ନରେ ଦର୍ଶାଯାଇଥିବା ଦେୟ ରାଶି ସହିତ ସେବାବଦ ସୁଧ ଏବଂ ଖର୍ଚ୍ଚ ନିମନ୍ତେ **ବ୍ୟାଙ୍କ ଅଫ୍ ଇଣ୍ଡିଆ, ତମାଣ୍ଡୋ ଶାଖା** ନିକଟରେ ଉତ୍ତରଦାୟୀ ରହିବେ। ସରଫେଶୀ ଆକ୍ଟ ଅଧୀନରେ ଡିମାଣ୍ଡ ନୋଟିସ୍ ଜାରି ହେବା ପରେ ପଇଠ ହୋଇଥିବା ରାଶି (ଯଦି କିଛି ଥାଏ) ଆଦାୟ / ସେଟେଲମେଣ୍ଟ ସମୟରେ ଦେୟ ରାଶି ନିର୍ଦ୍ଧାରଣ ପାଇଁ ଗଣନା କରାଯିବ। **ଏତଦ୍ଦ୍ୱାରା ଋଣଗ୍ରହୀତାଙ୍କ ଦୃଷ୍ଟି ଆକର୍ଷଣ କରାଯାଉଅଛି କି କଥିତ ଆକ୍ଟର ଧାରା ୧୩ର ଉପଧାରା (୮)ର ବ୍ୟବସ୍ଥା ଅନୁଯାୟୀ ସେମାନଙ୍କର ସୁରକ୍ଷିତ ବନ୍ଧକ ସମ୍ପତ୍ତିକୁ ସମୟ ଥିବା ପୂର୍ବରୁ ବନ୍ଧକ ମୁକ୍ତ କରନ୍ତୁ।**

| ତମାଣ୍ଡୋ ଶାଖା / ଋଣଗ୍ରହୀତା / ବନ୍ଧକଦାତାଙ୍କ ନାମ ଏବଂ ଠିକଣା | ନୋଟିସ୍ ଅନୁଯାୟୀ ବକେୟା ପରିମାଣ | ଡିମାଣ୍ଡ ନୋଟିସ୍ ତାରିଖ / ଦଖଲ (ସାଙ୍କେତିକ) ନୋଟିସ୍ ତାରିଖ | ସ୍ଥାବର ସମ୍ପତ୍ତିର ବିବରଣୀ |
|---|---|---|---|
| ଋଣଗ୍ରହୀତା ଏବଂ ବନ୍ଧକଦାତା: ଶ୍ରୀମତୀ ସୁଲୋଚନା ବିଶ୍ୱାଳ, ସ୍ୱାମୀ: ସନ୍ତୋଷ ବିଶ୍ୱାଳ, ମାର୍ଫତ: କେ. ଜ୍ୟୋତିବାଳା ପାତ୍ର, ପ୍ଲଟ୍ ନଂ. ୩୮/୪୦, ଜଗନ୍ନାଥ ବିହାର, ବରମୁଣ୍ଡା, ଭୁବନେଶ୍ୱର, ପିନ୍-୭୫୧୦୦୩ | ଟ.୪୨,୦୮,୨୫୬.୦୦ + ସୁଧ ଏବଂ ସେବାବଦ ଅନ୍ୟାନ୍ୟ ଦେୟ | ୦୪.୦୬.୨୦୨୫ / ୧୮.୦୮.୨୦୨୫ | ଶ୍ରୀମତୀ ସୁଲୋଚନା ବିଶ୍ୱାଳଙ୍କ ନାମରେ ଥିବା ଜମି ଆଦି ସମ୍ପତ୍ତିର ସମସ୍ତ ଅଂଶବିଶେଷ ଯାହାର ଖାତା ନଂ.: ୩୨୮୮/୨୬୮, ପ୍ଲଟ୍ ନଂ.: ୧୪୭୦/୨୯୭୧/୫୪୦୩, କ୍ଷେତ୍ର: |

ଏକର୦.୦୨୧ଡିସିମିଲି, କିସମ: ଘରବାରି, ମୌଜା: ନୟାପଲ୍ଲୀ, ଥାନା: ନିଉ କ୍ୟାପିଟାଲ, ତହସିଲ/ଏସ୍‌ଆରଓ: ଭୁବନେଶ୍ୱର, ଜିଲ୍ଲା: ଖୋର୍ଦ୍ଧା, ଓଡ଼ିଶା, ଏହାର ଚଉପାର୍ଶ୍ୱରେ- ଉତ୍ତର: ମନୋଜ କୁମାର ଷଡ଼ଙ୍ଗୀ, ଦକ୍ଷିଣ: ରାସ୍ତା, ପୂର୍ବ: ରେଭିନ୍ୟୁ ପ୍ଲଟ୍ ନଂ. ୨୨୦୧, ପଶ୍ଚିମ: ରେଭିନ୍ୟୁ ପ୍ଲଟ୍ ନଂ. ୩୬୧୬

ତାରିଖ: ୧୮.୦୮.୨୦୨୫
ସ୍ଥାନ : ଭୁବନେଶ୍ୱର
କ୍ଷମତାପ୍ରାପ୍ତ ଅଧିକାରୀ,
ବ୍ୟାଙ୍କ ଅଫ୍ ଇଣ୍ଡିଆ

**AFFIDAVIT**
By virtue of an affidavit sworn before Executive Magistrate, Bhubaneswar, Dated- 12.08.2025, **DINABANDHU JENA**, permanent resident of At-Janar, Po.- Gobardhanpur, Ps- Tamka, Via- JK Road, Dist.- Jajpur, Odisha- 755019 currently residing at Plot No.- 714/878/3407, Bijipur, Tamando, Bhubaneswar, Khordha, Odisha- 751028, declare that I have changed my Son's name from **NAVNEET KISHORE** (old name) to **NAVNEET KISHORE JENA** (new name), Henceforth, he shall be known as **NAVNEET KISHORE JENA** for all purposes.

**AFFIDAVIT**
By virtue of an affidavit sworn before Executive Magistrate, Bhubaneswar, Dtd:18/08/2025 I, KM REETA VERMA, Resident of Village- Patulisahi, P.O.- Kesharpur, P.S.- Sarankul, Dist: Nayagarh, Odisha, Pin:752079, declare that I have changed my name from Reeta Verma to KM Reeta Verma. Henceforth, I shall be known as **KM Reeta Verma** for all purposes.
**KM Reeta Verma**

**AFFIDAVIT**
By virtue of an affidavit sworn before Executive Magistrate, Bhubaneswar, Dated- 12.08.2025, **DINABANDHU JENA**, permanent resident of At-Janar, Po.- Gobardhanpur, Ps- Tamka, Via- JK Road, Dist.- Jajpur, Odisha- 755019 currently residing at Plot No.- 714/878/3407, Bijipur, Tamando, Bhubaneswar, Khordha, Odisha- 751028, declare that I have changed my Son's name from **DHEERANAND SAGAR (old name)** to **DHEERANAND SAGAR JENA (new name)**, Henceforth, he shall be known as **DHEERANAND SAGAR JENA** for all purposes.

**ପୂର୍ବ ତଟ ରେଳପଥ**
ଟେଣ୍ଡର ସଂ. ELOP-T-09-2025
**କାର୍ଯ୍ୟର ନାମ :** 02 ବର୍ଷ ଅବଧି ନିମନ୍ତେ ଦିନରାତି ଖୋର୍ଦ୍ଧା ରୋଡ଼ ମଣ୍ଡଳର ସମସ୍ତ କ୍ରୁ ଲବି (ଭୁବନେଶ୍ୱର ଓ ପୁରୀ ଭଳି କୋଚିଙ୍ଗ ଲବି ବ୍ୟତୀତ) ଠାରେ କ୍ରୁ ଏବଂ ଗାର୍ଡସ୍‌ଙ୍କୁ ୱାକି-ଟକି ସେଟ, ନିରାପତ୍ତା ସାମଗ୍ରୀ ଏବଂ କୁହୁଡ଼ି ସୁରକ୍ଷା ଉପକରଣ ଜାରି କରିବା
**ବିଜ୍ଞାପିତ ମୂଲ୍ୟ :** ₹ 1,87,65,292.40, EMD : ₹ 2,43,800/-, ଟେଣ୍ଡର ନଥିପତ୍ରର ମୂଲ୍ୟ : ₹ 5,900/-, ଶେଷ ହେବା ଅବଧି : 730 ଦିନ।
ବିଡ୍ ଆରମ୍ଭ ହେବା ତାରିଖ : ତା.20.08.2025ରିଖ
**ଟେଣ୍ଡର ବନ୍ଦ ହେବା ତାରିଖ ଓ ସମୟ :** ତା.03.09.2025ରିଖ 1600 ଘଟିକାରେ।
ଏହି ଟେଣ୍ଡର ନିମନ୍ତେ ମାନୁଆଲ ଅଫରଗୁଡ଼ିକୁ ଅନୁମତି ଦିଆଯିବ ନାହିଁ ଏବଂ ସେହିଭଳି ପ୍ରାପ୍ତ ଯେକୌଣସି ମାନୁଆଲ ପ୍ରସ୍ତାବକୁ ଗ୍ରହଣ କରାଯିବ ନାହିଁ।
ଇ-ଟେଣ୍ଡର ନଥିପତ୍ର ସହିତ ସଂପୂର୍ଣ୍ଣ ବିବରଣୀ ଏବଂ ଶୁଦ୍ଧିପତ୍ର ୱେବ୍‌ସାଇଟ୍ **www.ireps.gov.in**ରେ ଉପଲବ୍ଧ ଅଟେ।
ବରିଷ୍ଠ ମଣ୍ଡଳ ବିଦ୍ୟୁତ୍ ଯନ୍ତ୍ରୀ (OP), ଖୋର୍ଦ୍ଧା ରୋଡ଼
PR-488/Q/25-26

**AFFIDAVIT**
By virtue of an affidavit sworn before Executive Magistrate, Bhubaneswar, dated 12/08/2025, C.F No. 28/12.08.2025 I, Samali Das, At- Bajpayee Nagar, Po- RRL, Ps- Maitri Vihar, Bhubaneswar- 751013, Odisha, declare that I have changed my name from Shamoli Das to Samali Das. Henceforth, I shall be known as Samali Das for all purposes.
**Samali Das**

**AFFIDAVIT**
By virtue of an affidavit sworn before the Executive Magistrate, Bhubaneswar, dated 10/07/2025, CF No.- 69/10 July 2025. I, Bhuli Sahu W/O Sanjay Kumar Sahu, At- Tarini Nagar, Salia Sahi, Jayadev Vihar, Odisha, Pin- 751013, declare that I have changed the name of my daughter from Thubul Sahu to Tanmayee Sahu. Henceforth, she shall be known as new name Tanmayee Sahu for all purposes.
**Bhuli Sahu**

**AFFIDAVIT**
I Shaik Sammiulla H/o Rizwana Perween, Resident of Mundideuli, PO/PS-Kamakshyanagar, Dist-Dhenkanal, Odisha, PIN-759018, declare by this affidavit No.996 dtd 18.07.2025 that now onwards I shall be known as **SHEIKH SAMMI ULLA** for all future purposes.

**AFFIDAVIT**
By virtue of an affidavit sworn before the Executive Magistrate, Bhubaneswar dated 30/07/2025, C.F No. 93/30 July 2025. I, Sonali Sahu, W/O Laxmidhara Sahoo, At- Patapur, Patna, Po- Satapatna, Ps-Dasapalla, Nayagarh, Odisha, Pin- 752091, declare that I have changed my owned name Suneli Sahoo to Sonali Sahu. Henceforth, I shall be known as new name Sonali Sahu for all purposes.
**Sonali Sahu**

**AFFIDAVIT**
I Snehala Mallick, W/o Abhimanyu Nayak, Resident of Vill- Bankasahi, PO/ PS/DIST- Bhadrak, Odisha, PIN - 756100, declare by this affidavit No. 1567 dtd 12.08.2025 that now onwards I shall be known as **SNEHALATA MALLICK** for all future purposes.

**AFFIDAVIT**
By Virtue of an Affidavit swom Before Executive Magistrate Cuttack Date - 23.06.2025 I Bikramaditya sahoo S/O Laxman Charan Sahu. At- Niladri Vihar New Colony Po-Nayabazar Ps - Chauliaganj Dt - cuttack, Odisha - 753004. Declare that Now onwords My father's Name is Laxman Charan Sahoo For all Purposes.

**AFFIDAVIT**
By virtue of an affidavit sworn before the Notary public Bhubaneswar vide No.1558 dated 18.08.2025, I Vivek Varanasi S/o Varanasi Sitaram Sharma, presently residing at P 19/3, Coast Guard Officers Residential Area, Pokhariput, Bhubaneswar, Dist- Khordha, Odisha PIN-751020, declare that I have changed my name from Vivek Varanasi to Vivek Sitaram Varanasi. Henceforth, I shall be known as **VIVEK SITARAM VARANASI** for all future purposes.

**AFFIDAVIT**
By virtue of an affidavit (CF No. 03) sworn before The Executive Magistrate, Padampur, on dated- 18/08/2025. I, **Beauty Queen Tandi**, W/o- Kunal Nanda, permanent & current resident of At/Po- Ulba, Ps- Patnagarh, Dist- Balangir, PIN- 767041, Odisha declare that I have changed my name from **Beauty Queen Nanda** (old name) to **Beauty Queen Tandi** (new name). Henceforth, I shall be known as **Beauty Queen Tandi** (new name) for all future purposes.
**Beauty Queen Tandi**

**AFFIDAVIT**
I, Santosh Swain, S/o- Raghunath Swain, resident of Kalamitota Sahi, Lalsing, Bhanjanagar, Dist- Ganjam, PIN- 761125, Odisha declared by this affidavit No. 661, dtd- 16/08/2025 that now onwards I shall be known as **SANTOSH KUMAR SWAIN** for all future purposes.

# ୨୦୦ରୁ ଅଧିକ ଅସୁରକ୍ଷିତ କୋଠା ଭଙ୍ଗାଯିବ

## ହାଇକୋର୍ଟଙ୍କ ହସ୍ତକ୍ଷେପ ପରେ ଜିଲ୍ଲା ପ୍ରଶାସନ ତତ୍ପର

କଟକ, ୧୮।୮ (ସମିସ)

କଟକ ସହରରେ ଦୀର୍ଘ ବର୍ଷ ଧରି ୨୦୦ରୁ ଅଧିକ ବିପଦସଂକୁଳ କୋଠା ଦଣ୍ଡାୟମାନ ହୋଇ ରହିଥିଲେ ବି ଏ ପର୍ଯ୍ୟନ୍ତ ପ୍ରଶାସନ ପକ୍ଷରୁ ଆଖିଦୃଶିଆ ପଦକ୍ଷେପ ଗ୍ରହଣ କରାଯାଇ ନ ଥିଲା। ତେବେ ହାଇକୋର୍ଟଙ୍କ ହସ୍ତକ୍ଷେପ ପରେ ଏବେ ଜିଲ୍ଲା ପ୍ରଶାସନ ତତ୍ପର ହୋଇ ଉଠିଥିବା ଦେଖିବାକୁ ମିଳିଛି। ସହରରେ ସରକାରୀ ଓ ଘରୋଇ କୋଠା ବିପଦସଂକୁଳ ଥିଲେ ଏଗୁଡିକୁ ଭାଙ୍ଗିବା ଉପରେ ହାଇକୋର୍ଟ ନିକଟରେ ଗୁରୁତ୍ୱାରୋପ କରିଥିଲେ। ମିଳିଥିବା ସୂଚନାନୁସାରେ ବିଗତ ୫ବର୍ଷ ମଧ୍ୟରେ ଚିହ୍ନଟ ହୋଇଥିବା କୋଠାର ୧୦ ପ୍ରତିଶତ ଅସୁରକ୍ଷିତ କୋଠା ଭଙ୍ଗାଯାଇପାରି ନ ଥିବାର ପରିଲକ୍ଷିତ ହୋଇଛି। ବର୍ତ୍ତମାନ ସୁଦ୍ଧା ପ୍ରାୟ ୨୦୦ରୁ ଅଧିକ ଅସୁରକ୍ଷିତ କୋଠା ଗୁଡ଼ିକୁ ଭାଙ୍ଗିବା ପାଇଁ ପଦକ୍ଷେପ ଗ୍ରହଣ କରାଯାଇଛି। ଏଥିପାଇଁ ୧୫୨ ବିଏନଏସରେ ସମସ୍ତଙ୍କୁ ନୋଟିସ ଜାରି ହୋଇଛି। ଯୁଦ୍ଧକାଳୀନ ଭିତ୍ତିରେ ଘର ଗୁଡିକୁ ଖାଲି କରିବା ପାଇଁ କୁହାଯିବା ସହ ଭାଙ୍ଗିବା ପାଇଁ ନୋଟିସ ଜାରି ହୋଇଛି ବୋଲି କହିଛନ୍ତି ଜିଲ୍ଲାପାଳ ଦତ୍ତାତ୍ରୟ ଭାଉସାହେବ ଶିନ୍ଦେ। ସହରର ବିଭିନ୍ନ ଅଞ୍ଚଳରେ ରହିଥିବା ବିପଦସଂକୁଳ କୋଠା ମଧ୍ୟରେ ରହିଛି ସର୍ବାଧିକ ସରକାରୀ କ୍ୱାର୍ଟର, ଅଫିସ, ଅବ୍ୟବହୃତ ଗୋଦାମ ଘର। ଏହା ବ୍ୟତୀତ ଘରୋଇ କୋଠା, ମାର୍କେଟ କମ୍ପ୍ଲେକ୍ସ ଆଦି ରହିଛି। ପ୍ରକାଶଥାଉକି ୧୦ବର୍ଷ ତଳେ କଟକ ଜିଲ୍ଲା ପ୍ରଶାସନ, ମହାନଗର ନିଗମ, ପୂର୍ତ୍ତ ବିଭାଗ ସମେତ ବିଭିନ୍ନ ସରକାରୀ ବିଭାଗ ପକ୍ଷରୁ ସର୍ଭେ ହୋଇ ମହାନଗର ଅଞ୍ଚଳରେ ସେହି ସମୟରେ ୨୩୭ଟି ବିପଦସଂକୁଳ କୋଠା ଚିହ୍ନଟ କରାଯାଇଥିଲା। ତେବେ ଏହି କୋଠା ଗୁଡିକ ମଧ୍ୟରେ ପ୍ରାୟ ୧୯୨ଟି କୋଠା ସରକାରୀ ହୋଇଥିବାର ଦର୍ଶାଯାଇଥିଲା। ଏବେ ହାଇକୋର୍ଟରେ ପ୍ରଶାସନ ପକ୍ଷରୁ ଦାଖଲ ରିପୋର୍ଟରେ ୨୨୧ଟି କୋଠା ଅସୁରକ୍ଷିତ ଥିବା ଦର୍ଶାଯାଇଛି। ସହରରେ ଅନେକ ବ୍ରିଟିଶ ଅମଳର କୋଠା ରହିଛି। ଯାହା ବିପଦସଂକୁଳ ବିବେଚନା କରାଯାଉଛି। ବିଭିନ୍ନ କାରଣରୁ ବର୍ଷ ବର୍ଷ ଏହି କୋଠା ସବୁ ଭଙ୍ଗାଯିବା ସମ୍ଭବ ହୋଇପାରୁ ନ ଥିବାର ଜଣାପଡ଼ିଛି।

# ରାଜ୍ୟ ବେସରକାରୀ ଅଧ୍ୟାପକ ଓ କର୍ମଚାରୀ ସଂଘ ପକ୍ଷରୁ କାର୍ଯ୍ୟବନ୍ଦ ଆନ୍ଦୋଳନ



ତିଗିରିଆ, ୧୮।୮ (ସମିସ): ଓଡ଼ିଶା ରାଜ୍ୟ ବେସରକାରୀ ଅଧ୍ୟାପକ ଓ କର୍ମଚାରୀ ସଂଘ, ଓଡ଼ିଶା, ଭୁବନେଶ୍ୱର ରାଜ୍ୟ ସଂଘର ସଭାପତି ବିଶ୍ୱରଞ୍ଜନ ଦାସଙ୍କ ଆହ୍ୱାନକ୍ରମେ ଆଠଗଡ଼ ଖଣ୍ଡ ସଂଯୋଜକ ଜିତେନ୍ଦ୍ର ସ୍ୱାଇଁଙ୍କ ତତ୍ତ୍ୱାବଧାନରେ ଆଠଗଡ଼ ଖଣ୍ଡରେ ଥିବା ଗୋପବନ୍ଧୁ ବିଜ୍ଞାନ ମହାବିଦ୍ୟାଳୟ, ଗୋପବନ୍ଧୁ ସ୍ନାତକ ମହାବିଦ୍ୟାଳୟ, ଗୋପବନ୍ଧୁ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ, ଆଠଗଡ଼ର ବେସରକାରୀ ଅଧ୍ୟାପକ, ଅଧ୍ୟାପିକା ଓ କର୍ମଚାରୀ ସଂଘ ପକ୍ଷରୁ ଆଜି ଠାରୁ କାର୍ଯ୍ୟବନ୍ଦ ଆନ୍ଦୋଳନକୁ ଓହ୍ଲାଇଛନ୍ତି। ଦୀର୍ଘ ୧୫ ବର୍ଷ ଧରି ଶିକ୍ଷକ ଓ କର୍ମଚାରୀମାନେ କଲେଜରୁ ୨ ହଜାରରୁ ୫ ହଜାର ଭିତରେ ପାରିଶ୍ରମିକ ପାଇଁ କଲେଜର ସମସ୍ତ କାର୍ଯ୍ୟ କରିବା, ନିର୍ବାଚନ ଠାରୁ ଆରମ୍ଭ କରି କଲେଜର ରକ୍ଷଣାବେକ୍ଷଣ ଦାୟିତ୍ୱ ସମ୍ପାଦନ କରିଥାନ୍ତି। କିନ୍ତୁ ଦୁଃଖ ଓ ପରିତାପର ବିଷୟ ଭୁବନେଶ୍ୱର ଲୋୟାର ପିଏମଜୀଠାରେ ୪୯୭ ଦିନ ଅହୋରାତ୍ର ଧାରଣା ଦେବା ସହିତ ଲିଖିତ ଭାବେ ମୁଖ୍ୟମନ୍ତ୍ରୀଙ୍କ ଠାରୁ ଆରମ୍ଭ କରି ଶିକ୍ଷାମନ୍ତ୍ରୀ, ଅର୍ଥମନ୍ତ୍ରୀ ସମସ୍ତ ମନ୍ତ୍ରୀ ଏବଂ ବିଧାୟକମାନଙ୍କୁ ଦାବିପତ୍ର ପ୍ରଦାନ କରିଥିଲେ ମଧ୍ୟ କୌଣସି ସୁଫଳ ମିଳି ନାହିଁ। ସରକାର ପରିବର୍ତ୍ତନ ପରେ ବର୍ତ୍ତମାନ ସରକାରଙ୍କୁ ୧୨ ଥର ଦାବିପତ୍ର ଏବଂ ଶିକ୍ଷାମନ୍ତ୍ରୀଙ୍କଠାରୁ ଆରମ୍ଭ କରି ସମସ୍ତ ମନ୍ତ୍ରୀ ଏବଂ ବିଧାୟକଙ୍କୁ ଦାବିପତ୍ର ଦେଇଥିଲେ ତାହାର ସୁଫଳ ମିଳିନାହିଁ। ଚଳିତ ମାସ ୧୬ ତାରିଖରେ ହଜାର ହଜାର ଶିକ୍ଷକ ଲୋୟର ପିଏମଜୀ ଠାରେ ଏକାଠି ହୋଇ ମୁଖ୍ୟମନ୍ତ୍ରୀ ମୋହନ ମାଝୀଙ୍କୁ ଦେଖା କରିବାକୁ ଚାହିଁଥିଲେ ମଧ୍ୟ ନିରାଶ ହୋଇଥିଲେ। ଫଳରେ କେବଳ ଆଠଗଡ଼ ନୁହେଁ ସମଗ୍ର ରାଜ୍ୟରେ କାର୍ଯ୍ୟବନ୍ଦ ଆନ୍ଦୋଳନ କରାଯାଇଛି। ଏଥିରେ ଜିଲ୍ଲା ସଂଯୋଜକ କେଶବ ଚନ୍ଦ୍ର ସାହୁଙ୍କ ସମେତ ପ୍ରଶାନ୍ତ ନାଏକ, ଜ୍ୟୋତିପ୍ରକାଶ ପଟ୍ଟନାୟକ, ସୁଜାତାରାଣୀ ଦାସ, ସ୍ୱିତି ରଞ୍ଜନ ରାଉତ, ରଶ୍ମିରଞ୍ଜନ ରାଉତ, ସୁମନ୍ତ ବାରିକ, ସୂର୍ଯ୍ୟକାନ୍ତ ଭକ୍ତା, ରଶ୍ମିତା ପଣ୍ଡ, ଟ୍ୱିଙ୍କଲ ମିଶ୍ର, ସରିତା ଆଚାର୍ଯ୍ୟ, ଶୁଭସ୍ମିତା ଦାସ, ଅପରାଜିତା ଜେନାମଣି, ପ୍ରତିମା ଦାସ, ସୁଭଦ୍ରା ଭୋଳ, ରଞ୍ଜିତ ସ୍ୱାଇଁ, ସହଦେବ ନାୟକ, ନିର୍ଯ୍ୟାସୀ ବଳବନ୍ତରାୟ ଏବଂ ଅନ୍ୟାନ୍ୟ କର୍ମଚାରୀମାନେ ଯୋଗଦେଇଛନ୍ତି। ଆସନ୍ତା ଦିନରେ ସରକାର ୨୦୦୮ରୁ ୨୦୧୮ ନୂତନ ଜିଆଇଏ ବାହାର ନ କରନ୍ତି ତେବେ ଅନିର୍ଦ୍ଦିଷ୍ଟ କାଳ ପାଇଁ କାର୍ଯ୍ୟ ବନ୍ଦ କରିବା ପାଇଁ ସଂଘ ସରକାରଙ୍କୁ ଚେତାବନୀ ଦେଇଛି।

# ଷ୍ଟୁଆର୍ଟ ବିଜ୍ଞାନ ମହାବିଦ୍ୟାଳୟ ପକ୍ଷରୁ ହର୍ ଘର୍ ତ୍ରିରଙ୍ଗା ଶୋଭାଯାତ୍ରା



କଟକ, ୧୮।୮ (ସମିସ): ମିଶନ୍ ରୋଡ୍ ସ୍ଥିତ ଷ୍ଟୁଆର୍ଟ ବିଜ୍ଞାନ ମହାବିଦ୍ୟାଳୟ ପରିସରରେ ହର୍ ଘର୍ ତ୍ରିରଙ୍ଗା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଏହି କାର୍ଯ୍ୟକ୍ରମକୁ ମହାବିଦ୍ୟାଳୟର ଅଧ୍ୟକ୍ଷା ଡକ୍ଟର ଦୀପା ନାଗ୍ ଶୁଭାରମ୍ଭ କରିଥିଲେ। ମହାବିଦ୍ୟାଳୟରଶତାଧିକ ଛାତ୍ର ଛାତ୍ରୀ ସମାଜ ଅଫିସ ନିକଟରୁ ବାହାରି ବକ୍ସି ବଜାର, କ୍ୟାଣ୍ଟନମେଣ୍ଟ ରୋଡ୍, ବାରବାଟୀ ଷ୍ଟାଡିଅମ ଓ ଚଣ୍ଡୀ ମନ୍ଦିର ଦେଇ ଶେଖ ବଜାର ସ୍ଥିତ ଏକ ଅନାଥ ଆଶ୍ରମରେ ପହଞ୍ଚିଥିଲେ। ସେଠାରେ ଅନ୍ତେବାସୀଙ୍କୁ ଫଳ, ଓ ଖାଦ୍ୟ ବଣ୍ଟନ କରିଥିଲେ। ଏହି ଶୋଭାଯାତ୍ରାରେ ଜାତୀୟ ସେବା ଯୋଜନା, ଏନ୍‌ସିସି ଓ ଯୁବ ରେଡ୍ କ୍ରସ୍‌ର ଅଫିସର କ୍ୟାପଟେନ ଅକ୍ଷୟ କୁମାର ଦାଶ, ଡକ୍ଟର ସନ୍ଧ୍ୟା ସାୟନ୍ତିନି ମହାନ୍ତି, ଡକ୍ଟର ସସ୍ମିତା ପଟ୍ଟନାୟକ, ସୁମିତା ଦାସ, ଡକ୍ଟର ରାଗେଶ୍ରୀ ସ୍ୱାଇଁ ଯୋଗ ଦେଇଥିଲେ। ଏହା ପରେ ମହାବିଦ୍ୟାଳୟରେ ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଏହି କାର୍ଯ୍ୟକ୍ରମକୁ ବିଶ୍ୱରଞ୍ଜନ ମହାନ୍ତି, ଅଧ୍ୟାପିକା ସନ୍ଧ୍ୟା ସାୟନ୍ତିନି ମହାନ୍ତି, ପିଇଟି ସମରେସ ଦାସ ପରିଚାଳନା କରିଥିଲେ। ମହାବିଦ୍ୟାଳୟର ଅଧକ୍ଷା ଦୀପା ନାଗ୍ ସମସ୍ତ କର୍ମଚାରୀ ଓ ଛାତ୍ରଛାତ୍ରୀଙ୍କୁ ଧନ୍ୟବାଦ ଦେଇଥିଲେ।

# ୭ ପଞ୍ଚାୟତ ନିଶ୍ଚିନ୍ତକୋଇଲି ଥାନାରେ ମିଶିବା ନେଇ ଜନସ୍ୱାର୍ଥ ମାମଲା

ନିଶ୍ଚିନ୍ତକୋଇଲି, ୧୮।୮ (ସମିସ): ନିଶ୍ଚିନ୍ତକୋଇଲି ବ୍ଲକ ଅଧୀନରେ ଥିବା ୭ଟି ପଞ୍ଚାୟତ ଏବେ ସାଲେପୁର ଥାନା ଅଧୀନରେ ରହିଛି। ନିଶ୍ଚିନ୍ତକୋଇଲି ଫାଣ୍ଡି ଥାନା ହେବା ପରେ ଏହି ୭ଟି ପଞ୍ଚାୟତକୁ ସାଲେପୁର ଥାନା ଅଧୀନରୁ ଅଣାଯାଇ ନିଶ୍ଚିନ୍ତକୋଇଲି ଥାନାରେ ଅନ୍ତର୍ଭୁକ୍ତ କରିବା ପାଇଁ ୭ ପଞ୍ଚାୟତବାସୀ ବାରମ୍ବାର ଦାବି କରିଥିଲେ ମଧ୍ୟ ଏହାକୁ କେହି କର୍ଣ୍ଣପାତ କରୁନାହାଁନ୍ତି। ୭ ପଞ୍ଚାୟତବାସୀଙ୍କର ବିଭିନ୍ନ ସୁବିଧା ପାଇଁ ନିଶ୍ଚିନ୍ତକୋଇଲି ଅଞ୍ଚଳର ସମାଜସେବୀ ତଥା ଯୁବ ଆଇନଜୀବୀ ପ୍ରମୋଦ କୁମାର ରାଉତ(ଟୁଟୁ) ହାଇକୋର୍ଟରେ ଏକ ଜନସ୍ୱାର୍ଥ ମାମଲା ଦାଏର କରିଛନ୍ତି। କେସ୍ ନଂ ଡ଼ି.ଡବ୍ଲ୍ୟୁପି (ସି) ୩୩୧୩୫/୨୦୨୫ରେ ମାମଲାଟି ପଞ୍ଜିକୃତ ହୋଇଥିବା ଜଣାଯାଇଛି। ସୂଚନାରୁ ଜଣାଯାଏ ନିଶ୍ଚିନ୍ତକୋଇଲି ବ୍ଲକ ଅଧିନସ୍ଥ କୋଲଣପୁର, କେନ୍ଦୁପାଟଣା, ବରାଦୋ, ଜିଗ୍ନୀପୁର, ଫଗୋଳ, ଜୟରାମପୁର ଓ ରାମକୃଷ୍ଣପୁର ପଞ୍ଚାୟତ ଗୁଡ଼ିକୁ ସାଲେପୁର ଥାନା ଆଇନସେବା ଯୋଗାଇବା ପାଇଁ ଦାୟିତ୍ୱ ନେଇଛି। ହେଲେ ଭୌଗୋଳିକ ଦୃଷ୍ଟିକୋଣରୁ ଏହି ୭ଟି ପଞ୍ଚାୟତ ନିଶ୍ଚିନ୍ତକୋଇଲି ଥାନାର ନିକଟତର ହୋଇଥିବା ବେଳେ ସାଲେପୁର ଥାନାଠାରୁ ବହୁ ଦୂରରେ ରହିଛି। ଫଳରେ ବିଭିନ୍ନ ସମସ୍ୟା ସୃଷ୍ଟି ହେଲେ ସାଲେପୁର ପୁଲିସ ଠିକ୍ ସମୟରେ ପହଞ୍ଚି ଜନସାଧାରଣଙ୍କୁ ସଠିକ୍ ଆଇନ ସେବା ଯୋଗାଇ ପାରୁ ନ ଥିବା ଅଭିଯୋଗ ହେଉଛି। ଯାହାଦ୍ୱାରା ଏହି ୭ଟି ପଞ୍ଚାୟତର ଲୋକମାନେ ଥାନା ଦ୍ୱାରା ହେବାକୁ ଥିବା ବିଭିନ୍ନ କାର୍ଯ୍ୟ କରିବା ପାଇଁ ସମସ୍ୟା ଭୋଗୁଛନ୍ତି। ଏହାଛଡ଼ା ନିଶ୍ଚିନ୍ତକୋଇଲି ଥାନାଟି ଜିଗ୍ନୀପୁର ପଞ୍ଚାୟତ ମହାଜନପୁର ରାଜସ୍ୱ ଗ୍ରାମରେ ହୋଇଥିବା ବେଳେ ଏହି ଥାନାକୁ ଲାଗି କେନ୍ଦୁପାଟଣା ପଞ୍ଚାୟତ ମଧ୍ୟ ରହିଛି। ଏହାଛଡ଼ା ଅନ୍ୟ ପଞ୍ଚାୟତ ଗୁଡ଼ିକ ମଧ୍ୟ ନିଶ୍ଚିନ୍ତକୋଇଲି ପାଖାପାଖି ରହିଥିବା ଦୃଷ୍ଟିରୁ ଏହି ପଞ୍ଚାୟତ ଜନସାଧାରଣ ସବୁବେଳେ ଦୈନନ୍ଦିନ ଜୀବନରେ ନିଶ୍ଚିନ୍ତକୋଇଲି ଥାନା ଅଞ୍ଚଳରେ ଚଳପ୍ରଚଳ ହୋଇଥାନ୍ତି। ସୁବିଧା ଦୃଷ୍ଟିରୁ ଏହି ୭ଟି ପଞ୍ଚାୟତକୁ ସାଲେପୁର ଥାନାରୁ ଅନ୍ତର କରାଯାଇ ନିଶ୍ଚିନ୍ତକୋଇଲି ଥାନାରେ ଅନ୍ତର୍ଭୁକ୍ତ କରିବା ପାଇଁ ଆବଶ୍ୟକ ହୋଇପଡ଼ିଛି। ଏହି ପଞ୍ଚାୟତ ଗୁଡ଼ିକ ନିଶ୍ଚିନ୍ତକୋଇଲି ଥାନାରେ ଅନ୍ତର୍ଭୁକ୍ତ ହେଲେ ଲୋକମାନେ ସହଜ ଓ ସୁବିଧାରେ ପୁଲିସ ସେବା ପାଇପାରିବେ ବୋଲି ଜଣାଯାଇଛି।

● ବ୍ୟାଡମିଣ୍ଟନ କୋର୍ଟରେ ଚମକିଲା ଶ୍ରୀ ଶ୍ରୀ ବିଶ୍ୱବିଦ୍ୟାଳୟ

# ଅରିଜିତ, ରିଦ୍ଧିମା ଓ ଶ୍ରେୟାଙ୍କୁ ସ୍ୱର୍ଣ୍ଣ

କଟକ, ୧୮।୮ (ସମିସ): ନରାଜ ସ୍ଥିତ ଶ୍ରୀ ଶ୍ରୀ ବିଶ୍ୱବିଦ୍ୟାଳୟ ବ୍ୟାଡମିଣ୍ଟନ କ୍ରୀଡ଼ାରେ ନିଜର ଅଭୂତପୂର୍ବ କ୍ରୀଡ଼ା ଦକ୍ଷତା ଦ୍ୱାରା ସମସ୍ତଙ୍କ ଧ୍ୟାନ ଆକର୍ଷଣ କରିଛି। କଟକ ଜିଲ୍ଲା ବ୍ୟାଡମିଣ୍ଟନ ଆସୋସିଏସନ୍ ପକ୍ଷରୁ ଅଗଷ୍ଟ ୧୬ ଓ ୧୭ ତାରିଖ ଦୁଇଦିନ ଧରି ଖ୍ରୀଷ୍ଟ ମହାବିଦ୍ୟାଳୟ ଅନ୍ତର୍ଗତ ବିଜୁ ପଟ୍ଟନାୟକ ଇନ୍‌ଡୋର୍ ଷ୍ଟାଡିୟମରେ ହୋଇଥିବା ଆନ୍ତଃ ମହାବିଦ୍ୟାଳୟ ବ୍ୟାଡମିଣ୍ଟନ ଚାମ୍ପିଅନସିପ୍-୨୦୨୫ରେ, ଶ୍ରୀ ଶ୍ରୀ ବିଶ୍ୱବିଦ୍ୟାଳୟର ପୁରୁଷ ଓ ମହିଳା ଦଳ ସ୍ୱର୍ଣ୍ଣ ପଦକ ଜିତିଛନ୍ତି। ବିଶ୍ୱବିଦ୍ୟାଳୟର ପ୍ରତିଭାବାନ୍ ଖେଳାଳି ଅରିଜିତ ସାହୁ ରେଭେନ୍ସା ବିଶ୍ୱବିଦ୍ୟାଳୟ ଛାତ୍ର ଓମକାର ପଟେଲଙ୍କ ସହ ମିଶି ପୁରୁଷ ଡବଲ୍ସରେ ସ୍ୱର୍ଣ୍ଣ ପଦକ ଜିଣିଛନ୍ତି। ଖାଲି ସେତିକି ନୁହେଁ, ମହିଳା ଡବଲ୍ସରେ ମଧ୍ୟ ଶ୍ରୀ ଶ୍ରୀ ବିଶ୍ୱବିଦ୍ୟାଳୟ ଛାତ୍ରୀ ମିସ୍ ରିଦ୍ଧିମା ବନୱାଲେ ଓ ମିସ୍



ଶ୍ରେୟା ପଟେଲ ସ୍ୱର୍ଣ୍ଣ ପଦକ ଜିତି ବିଶ୍ୱବିଦ୍ୟାଳୟକୁ ଗୌରବାନ୍ୱିତ କରିଛନ୍ତି। ଏହି ବିଜୟ ସହ ବିଶ୍ୱବିଦ୍ୟାଳୟର ତିନି ଜଣ ଖେଳାଳି ବର୍ତ୍ତମାନ ରାଜ୍ୟସ୍ତରୀୟ ବ୍ୟାଡମିଣ୍ଟନ ଚ୍ୟାମ୍ପିଅନସିପରେ ଭାଗ ନେବାକୁ ଯୋଗ୍ୟତା ଅର୍ଜନ କରିଛନ୍ତି। ବିଶ୍ୱବିଦ୍ୟାଳୟ ସଭାପତି ପ୍ରଫେସର ରଜିତା କୁଲକର୍ଣ୍ଣୀ, କୁଳପତି ପ୍ରଫେସର ତେଜପ୍ରତାପ, କାର୍ମିକ ନିର୍ଦ୍ଦେଶକ ସ୍ୱାମୀ ସତ୍ୟଚୈତନ୍ୟ, କାର୍ଯ୍ୟନିର୍ବାହୀ କୁଳସଚିବ ପ୍ରଫେସର ଅନୀଲ ଶର୍ମା, ଛାତ୍ରକଲ୍ୟାଣ ବିଭାଗର ଡିନ୍ ପ୍ରଫେସର ଜୟପ୍ରକାଶ ଭଟ୍ଟ, ଡେପୁଟି ଡାଇରେକ୍ଟର (ଆଡମିଶନ୍) ଡ. ମଳୟ ମଲ୍ଲ ଏବଂ ଡେପୁଟି ଡାଇରେକ୍ଟର (ମାନବ ସମ୍ବଳ) ଜ୍ୟୋତିରଞ୍ଜନ ଗଡ଼ନାୟକ ପ୍ରମୁଖ ବିଜୟୀ ଖେଳାଳିଙ୍କୁ ହାର୍ଦ୍ଦିକ ଅଭିନନ୍ଦନ ଜଣାଇଛନ୍ତି। ଏଥିସହ ରାଜ୍ୟସ୍ତରୀୟ ପ୍ରତିଯୋଗିତାରେ ମଧ୍ୟ ଶ୍ରୀ ଶ୍ରୀ ବିଶ୍ୱବିଦ୍ୟାଳୟ ଏହି ସଫଳତା ବଜାୟ ରଖିବ ବୋଲି ଆଶା ପ୍ରକଟ କରିଛନ୍ତି। ଏହି ସଫଳତା ପ୍ରମାଣିତ କରିଛି ଯେ ଶ୍ରୀ ଶ୍ରୀ ବିଶ୍ୱବିଦ୍ୟାଳୟ କ୍ରୀଡ଼ା ଜଗତରେ ନିଜର ଏକ ଶକ୍ତିଶାଳୀ ପରିଚୟ ସୃଷ୍ଟି କରିପାରିଛି।

# ନବୀନ ପଟ୍ଟନାୟକଙ୍କ ସୁସ୍ଥତା କାମନା କରି ଦୀପଦାନ

କଟକ, ୧୮।୮ (ସମିସ): ରାଜ୍ୟ ବିଜୁ ଜନତା ଦଳ ସଭାପତି, ଓଡ଼ିଶା ବିଧାନସଭା ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକଙ୍କ ସମ୍ପୂର୍ଣ୍ଣ ସୁସ୍ଥତା କାମନା କରି ଆଜି ସନ୍ଧ୍ୟାରେ କଟକ ଗଡ଼ଗଡ଼ିଆ ସ୍ଥିତ ଗଡ଼ଗଡ଼େଶ୍ୱର ମହାଦେବ ମନ୍ଦିରରେ କଟକ ଜିଲ୍ଲା ବିଜୁ ଜନତା ଦଳ ସଭାପତି ପ୍ରଫୁଲ୍ଲ ସିଂହଙ୍କ ନେତୃତ୍ୱରେ ସମୂହ ଦୀପଦାନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି।




ଦୀପଦାନ କାର୍ଯ୍ୟକ୍ରମରେ ବରିଷ୍ଠ ନେତା ମଧୁସୂଦନ ସାହୁ, ମହମ୍ମଦ ସକିଲ, ପ୍ରଫୁଲ୍ଲ ବେହେରା, ପୂର୍ବତନ ମେୟର ଅନିତା ବେହେରା, ପୂର୍ଣ୍ଣିମା ସିଂହ, କର୍ପୋରେଟର ମୋନାଲିସା ଦାସ, ଚନ୍ଦନ ଜେନା, ଲକ୍ଷ୍ମୀପ୍ରିୟା ବେହେରା, ପ୍ରିୟମ୍ବଦା ସ୍ୱାଇଁ, ରିତାଞ୍ଜଳି ବେହେରା, ମମତା ନାୟକ, ବସନ୍ତ ବେହେରା, ପୁଷ୍ପିତା ମହାନ୍ତି, ଜିଲ୍ଲା ପରିଷଦ ସଭ୍ୟ ଆଶିଷ ସାହୁ, ନନ୍ଦଲାଲ ସିଂ, ପୂର୍ବତନ କର୍ପୋରେଟର ଦୁର୍ଗାଚରଣ ସାହୁ, ଇତିଶ୍ରୀ ବେହେରା, ନିରୁପମା ହାତୀ, ଅବଦୁଲ ମଲ୍ଲିକ, ବିଷ୍ଣୁ ସାହୁ, ରମଜାନ ଖାନ, ଦେବେନ୍ଦ୍ର କାହାଳି, ପ୍ରଦୀପ ସିଂ, ସୌମିତ ମିତ୍ର, ଲାଲା ପ୍ରତାପ ରାୟ, ଗଦାଧର ସାହୁ, ତାପସ ମହାନ୍ତି, ରାଜେନ୍ଦ୍ର ରାଣା, ଜ୍ଞାନଗିରି ଗୋସ୍ୱାମୀ, ସନ୍ତୋଷ ମହାପାତ୍ର, ସଙ୍ଗୀତା ଦାସ, ସୁମନ ବେହେରାଙ୍କ ସମ୍ପୂର୍ଣ୍ଣ ସୁସ୍ଥତା କାମନା କରିବା ସହିତ ସକ୍ରିୟ ରାଜନୀତିକୁ ଫେରି ଓଡ଼ିଶାବାସୀଙ୍କ ସେବା କରନ୍ତୁ ବୋଲି ପ୍ରାର୍ଥନା କରିଥିଲେ।

# କଟକ ରିଟେଲ ଡିଲର୍ସ ଆସୋସିଏସନ୍ ପକ୍ଷରୁ ଯୋଗାଣ ଅଧିକାରୀଙ୍କୁ ଦାବିପତ୍ର



କଟକ, ୧୮।୮ (ସମିସ): ଆଜି କଟକ ରିଟେଲ ଡିଲର୍ସ ଆସୋସିଏସନ୍ ପକ୍ଷରୁ କଟକ ମହାନଗର ନିଗମ ଅଞ୍ଚଳରେ କାର୍ଯ୍ୟରତ ଖୁଚୁରା ବିକ୍ରେତାଙ୍କ ବିଭିନ୍ନ ସମସ୍ୟା ସମ୍ବଳିତ ୫ ଦଫା ଦାବି ପତ୍ର ଆସୋସିଏସନ୍‌ର କାର୍ଯ୍ୟକାରୀ ସଭାପତି ତଥା ଓଡ଼ିଶା ଫେୟାର ପ୍ରାଇସ୍ ସପ୍ ଡିଲର୍ସ ଆସୋସିଏସନ୍‌ର ସାଧାରଣ ସମ୍ପାଦକ ସୈୟଦ୍ ଏକ୍ରାମ ହୁସେନଙ୍କ ନେତୃତ୍ୱରେ କଟକ ଜିଲ୍ଲା ଯୋଗାଣ କାର୍ଯ୍ୟାଳୟରେ ଯୋଗାଣ ଅଧିକାରୀ ଚନ୍ଦ୍ରଶେଖର ପାତ୍ରଙ୍କୁ ପ୍ରଦାନ କରାଯାଇଛି। ଏହି ଦାବି ପତ୍ରରେ କରୋନା ମହାମାରୀ ସମୟରୁ ସାମଗ୍ରୀ ବଣ୍ଟନ ବାବଦ ବକେୟା ରହିଥିବା ପାରିଶ୍ରମିକ ପ୍ରଦାନ ଘୋଷଣା ସତ୍ତ୍ୱେ ଦଶ ମାସ ବିତିଯାଇଥିଲେ ମଧ୍ୟ ଆଜି ଯାଏଁ ପ୍ରଦାନ କରାଯାଇ ନ ଥିବା ଏବଂ ତୁରନ୍ତ ପ୍ରଦାନ କରାଯିବାକୁ ଦାବି ରଖାଯାଇଥିବା ବିଷୟ ଉଲ୍ଲେଖ ରହିଛି। ସେହିପରି ଆଗକୁ ପ୍ରସିଦ୍ଧ ଦଶହରା ଆସୁଥିବାରୁ ଖୁଚୁରା ବିକ୍ରେତାଙ୍କୁ ବଣ୍ଟନ ବାବଦ ବକେୟା ସମସ୍ତ ପାରିଶ୍ରମିକ ଏକକାଳୀନ ଓ ସେପ୍ଟେମ୍ବର ଓ ଅକ୍ଟୋବର ମାସର ପାରିଶ୍ରମିକ ସାଧାରଣ ବଣ୍ଟନ ବ୍ୟବସ୍ଥା ନିୟମ ଅନୁଯାୟୀ ଅଗ୍ରୀମ ଭାବେ ଦେବା ପାଇଁ ଦାବି କରାଯାଇଛି। ସାମଗ୍ରୀ ପହଞ୍ଚାଣ ସମୟରେ ପରିବହନ ଠିକାଦାରଙ୍କ ଦ୍ୱାରା ହେଉଥିବା ବ୍ୟାପକ ବାଟମାରଣା ବନ୍ଦ କରି ପ୍ରତ୍ୟେକ ବସ୍ତା ଖୁଚୁରା ବିକ୍ରୟ କେନ୍ଦ୍ର ନିକଟରେ ଓଜନ ଦେଖାଇ ଦିଆଯିବା ନିୟମକୁ କଡ଼ାକଡ଼ି ପାଳନ କରିବା, ଦୁର୍ବଳ ନେଟୱାର୍କ ସମସ୍ୟା ଦୂର କରି ଏହାର ସ୍ଥାୟୀ ସମାଧାନ କରାଯିବା, ଇ-କେୱାଇସି ଓ ପଡ଼ି କାର୍ଡରେ ନାମ ସଂଯୋଗୀକରଣ ବାବଦରେ ଖୁଚୁରା ବିକ୍ରେତାଙ୍କୁ ପାରିଶ୍ରମିକ ପ୍ରଦାନ କରିବା, ଓ ୨ ଏ ଇ-ପି ଓ ଏସ ମେସିନ ବଦଳରେ ନୂତନ ୪ ଏ ଇ-ପିଓଏସ ମେସିନ ପ୍ରଦାନ କରିବାକୁ ଦାବି କରାଯାଇଛି। କଟକ ରିଟେଲ ଡିଲର୍ସ ଆସୋସିଏସନ୍‌ର ବରିଷ୍ଠ ଉପସଭାପତି ପୀତବାସ ଜେଠୀ, ତାପସ ମହାନ୍ତି, ସହସମ୍ପାଦକ ବିଜୟ ସାହୁ, ବିନୟ ବୈଶାଖ, ପ୍ରେମ ସେନ୍, ୱାର୍ଡ ପ୍ରତିନିଧି ଶିବ ସେଠୀ, ବିମଳ କୁମାର ସାହୁ, ଲାଲା ପ୍ରଦୀପ ରାୟ, ଇମରାନ ଖାଁ, ଅଶୋକ ହାଲଦାର, ଭଗବାନ ସାହୁ, ପ୍ରଦୀପ ବେହେରା, ପ୍ରଦୀପ ପ୍ରସାଦ ପ୍ରମୁଖ ଯୋଗଦେଇ ଥିଲେ।

# ଜିଲ୍ଲାପାଳଙ୍କ ଯୁଗ୍ମ ଜନଅଭିଯୋଗ ଶୁଣାଣି

କଟକ, ୧୮।୮ (ସମିସ): ନିର୍ଦ୍ଧାରିତ କାର୍ଯ୍ୟସୂଚୀ ଅନୁଯାୟୀ ଆଜି ପୂର୍ବାହ୍ନରେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସ୍ଥିତ ଓସ୍ୱାନ କକ୍ଷଠାରେ ଜିଲ୍ଲାପାଳଙ୍କ ଯୁଗ୍ମ ଜନ ଅଭିଯୋଗ ଶୁଣାଣି ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲାପାଳ ଓ ଜିଲ୍ଲା ମାଜିଷ୍ଟ୍ରେଟ ଦତ୍ତାତ୍ରୟ ଭାଉସାହେବ ଶିନ୍ଦେଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ଜନ ଅଭିଯୋଗ ଶୁଣାଣିରେ ସମୁଦାୟ ୬୨ଟି ଅଭିଯୋଗ ହସ୍ତଗତ ହୋଇଥିବାବେଳେ ତନ୍ମଧ୍ୟରେ ୫୦ଟି ବ୍ୟକ୍ତିଗତ ଅଭିଯୋଗ ଏବଂ ୧୨ଟି ସାମୁହିକ ଅଭିଯୋଗ ଶୁଣାଣି ହୋଇଥିଲା। ଅନୁଷ୍ଠିତ ଶିବିରରେ ୭ଟି ଅଭିଯୋଗର ତ୍ୱରିତ ସମାଧାନ ନିମନ୍ତେ ବିହିତ ପଦକ୍ଷେପ ସହ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଜିଲ୍ଲାପାଳ ସମ୍ପୃକ୍ତ ଅଧିକାରୀଙ୍କୁ ନିର୍ଦ୍ଦେଶ ଦେଇଥିଲେ। ଏଥି ସହ ୫ଜଣଙ୍କୁ ଭିନ୍ନକ୍ଷମ ଭତ୍ତା ପ୍ରଦାନ କରାଯାଇଥିଲା। ସୂଚନା ଥାଉକି ୭ଟି ଅଭିଯୋଗ ମଧ୍ୟରୁ ଭତ୍ତା, ରାସନ୍ କାର୍ଡ ତଥା ସ୍ୱାସ୍ଥ୍ୟ ଆଦି ସମ୍ପର୍କିତ ବିଭିନ୍ନ ପଞ୍ଜିକୃତ ଅଭିଯୋଗର ଶୁଣାଣି ହୋଇଥିଲା। ଆରକ୍ଷୀ ଅଧିକ୍ଷକ, (ଗ୍ରାମାଞ୍ଚଳ) ପ୍ରତୀକ ସିଂ, ଡିସିପି ରିଷିକେଶ ଖିଲାରୀ, ଅତିରିକ୍ତ ଜିଲ୍ଲାପାଳ ଶିବ ଟପୋଙ୍କ ସମେତ ସମସ୍ତ ବିଭାଗୀୟ ବରିଷ୍ଠ ଅଧିକାରୀ ଓ ଯନ୍ତ୍ରୀମାନେ ଉପସ୍ଥିତ ଥିଲେ।

■ ଏସିଏଫ୍ ଓ ଫରେଷ୍ଟ ରେଞ୍ଜର୍ ନିଯୁକ୍ତି ମାମଲା

# ରକ୍ତଚାପ ମାପ ଆଧାରରେ ନିଯୁକ୍ତି ପ୍ରକ୍ରିୟାରୁ ପ୍ରାର୍ଥୀଙ୍କୁ ବାଦ୍ ଦିଆଯିବା ବେଆଇନ: ହାଇକୋର୍ଟ

କଟକ, ୧୮।୮ (ସମିସ): ବନ ବିଭାଗର ଆସିଷ୍ଟାଣ୍ଟ କଞ୍ଜରଭେଟର୍ ଅଫ୍ ଫରେଷ୍ଟ (ଏସିଏଫ) ଓ ଫରେଷ୍ଟ ରେଞ୍ଜର୍ ପଦ ପାଇଁ ଲିଖିତ ପରୀକ୍ଷାରେ କୃତକାର୍ଯ୍ୟ ହୋଇଥିବା ପ୍ରାର୍ଥୀଙ୍କୁ ସେମାନଙ୍କ ରକ୍ତଚାପ ମାପ ଆଧାରରେ ଶାରୀରିକ ପରୀକ୍ଷା ପାଇଁ ଅନୁମତି ପ୍ରଦାନ କରାନଯିବା ବେଆଇନ ବୋଲି କହିଛନ୍ତି ହାଇକୋର୍ଟ। ଓପିଏସ୍‌ସିର ଏଭଳି ନିଷ୍ପତ୍ତିକୁ ହାଇକୋର୍ଟ ରଦ୍ଦ କରିବା ସହ ଆସନ୍ତା ଚାରି ସପ୍ତାହ ମଧ୍ୟରେ ଆବେଦନକାରୀଙ୍କ ପାଇଁ ସାନି ଶାରୀରିକ ପରୀକ୍ଷା ସମ୍ପାଦନ କରିବା ସହ ସେମାନଙ୍କ ପ୍ରଦର୍ଶନ ଆଧାରରେ ନିଯୁକ୍ତି ସଂକ୍ରାନ୍ତ ଚୂଡ଼ାନ୍ତ ନିଷ୍ପତ୍ତି ଗ୍ରହଣ କରିବା ପାଇଁ ହାଇକୋର୍ଟ ନିର୍ଦ୍ଦେଶ ଦେଇଛନ୍ତି। ସେହିଭଳି ଆବେଦନକାରୀମାନଙ୍କୁ ସେମାନଙ୍କ ରକ୍ତଚାପ ସ୍ୱାଭାବିକ ଥିବା ସମ୍ପର୍କିତ ପ୍ରମାଣପତ୍ର ପ୍ରଦାନ କରିବାକୁ ପଡ଼ିବ ବୋଲି ଅଦାଲତ କହିଛନ୍ତି। ଦେବାଶିଷ ଦାଶ ଓ ଅନ୍ୟମାନଙ୍କ ଆବେଦନର ଶୁଣାଣି କରି ଜଷ୍ଟିସ୍ ଆଦିତ୍ୟ କୁମାର ମହାପାତ୍ର ଏପରି ନିର୍ଦ୍ଦେଶ ପ୍ରଦାନ କରିଛନ୍ତି। ଆବେଦନକାରୀ ପ୍ରାର୍ଥୀମାନଙ୍କୁ ଅଯୋଗ୍ୟ ଘୋଷଣା ବେଳେ ଓପିଏସ୍‌ସି ପକ୍ଷରୁ ନିୟମ କିମ୍ବା ବିଜ୍ଞାପନର ସର୍ତ୍ତ ଅନୁସରଣ କରାଯାଇନାହିଁ ବୋଲି ମାମଲା ଶୁଣାଣି ବେଳେ ସ୍ପଷ୍ଟ ହୋଇଥିଲା।

● ସାଲେପୁରକୁ ଏନ୍‌ଏସି ମାନ୍ୟତା ପ୍ରଦାନ କରା ନ ଯିବା ପ୍ରତିବାଦ

# କଳିଙ୍ଗ ସେନା ପକ୍ଷରୁ ଆନ୍ଦୋଳନ



ସାଲେପୁର, ୧୮।୮ (ସମିସ): ସାଲେପୁର ସହରକୁ ଏନ୍‌ଏସି ମାନ୍ୟତା ପ୍ରଦାନ କରାଯାଇ ନ ଥିବା ପ୍ରତିବାଦରେ ଆଜି କଳିଙ୍ଗ ସେନା ପକ୍ଷରୁ ସାଲେପୁର ବନ୍ଦ ଡାକରା ଓ ଆନ୍ଦୋଳନ ଅନୁଷ୍ଠିତ ହୋଇଥିଲା। କଳିଙ୍ଗ ସେନାର ରାଜ୍ୟ ଅଧ୍ୟକ୍ଷ ହେମନ୍ତ ରଥଙ୍କ ନେତୃତ୍ୱରେ କଳିଙ୍ଗ ସେନାର ବହୁ ସଦସ୍ୟ କଟକ-ସାଲେପୁର ରାସ୍ତାର ତହସିଲ ଗେଟ୍ ପାଖରେ ରାସ୍ତା ଉପରେ ଆନ୍ଦୋଳନରେ ବସିଥିଲେ। ଫଳରେ କିଛି ସମୟ ପାଇଁ ଏହି ରାସ୍ତାରେ ଯାନବାହନ ଚଳାଚଳରେ ବ୍ୟାଘାତ ଉପୁଜିଥିଲା। ସାଲେପୁର ପୁଲିସ ଘଟଣାସ୍ଥଳରେ ପହଞ୍ଚି ଆନ୍ଦୋଳନକାରୀଙ୍କୁ ବୁଝାସୁଝା କଲା ପରେ ଆନ୍ଦୋଳନ ପ୍ରତ୍ୟାହୃତ ହୋଇଥିଲା। ଅପର ପକ୍ଷରେ କଳିଙ୍ଗ ସେନା ପକ୍ଷରୁ ସାଲେପୁର ବନ୍ଦ ଡାକରା ଦିଆଯାଇଥିବାବେଳେ ସାଲେପୁର ଅଞ୍ଚଳର ସମସ୍ତ ସରକାରୀ, ବେସରକାରୀ ଶିକ୍ଷାନୁଷ୍ଠାନ ବ୍ୟବସାୟ ପ୍ରତିଷ୍ଠାନ ଖୋଲା ରହିଥିବା ଦେଖାଯାଇଥିଲା। ସାଲେପୁର ସହର କଟକ ଜିଲ୍ଲାର ସର୍ବପୁରାତନ ସହର ହୋଇଥିଲେ ମଧ୍ୟ ଏହି ସହରକୁ ଏନ୍‌ଏସି ମାନ୍ୟତା ପ୍ରଦାନ ଦାବି ହୋଇଆସୁଥିଲେ ମଧ୍ୟ ରାଜ୍ୟ ସରକାର ନିକଟରେ ଘୋଷଣା କରିଥିବା ୧୨ଟି ଅଞ୍ଚଳକୁ ଏନ୍‌ଏସି ମାନ୍ୟତା ପାଇଥିବାବେଳେ ସାଲେପୁର ଅଞ୍ଚଳକୁ ଏନ୍‌ଏସି ମାନ୍ୟତା ପ୍ରଦାନ କରାଯାଇ ନ ଥିବାରୁ ଆଜି ଏହି ବନ୍ଦ ଡାକରା ଦିଆଯାଇଥିଲା।

## କମିଶନରେଟ୍ ପୁଲିସର ଗଣେଶ ପୂଜା ପ୍ରସ୍ତୁତି ବୈଠକ

# ଅତ୍ୟାଧୁନିକ ଅପେକ୍ଷା ଆଧ୍ୟାତ୍ମିକତାକୁ ଗୁରୁତ୍ୱ ଦେବାକୁ ପରାମର୍ଶ

କଟକ, ୧୮।୮ (ସମିସ)



ରୌପ୍ୟନଗରୀରେ ଆସନ୍ତା ୨୭ ତାରିଖରେ ଗଣେଶ ପୂଜା ଅନୁଷ୍ଠିତ ହେବ। କଟକ ସହରରେ ଗଣେଶ ପୂଜା ଓ ଭସାଣି ଉତ୍ସବକୁ ଶାନ୍ତିଶୃଙ୍ଖଳାର ସହ ସମ୍ପନ୍ନ ପାଇଁ କମିଶନରେଟ ପୁଲିସ ପକ୍ଷରୁ ବିଭିନ୍ନ ପୂଜା କମିଟିର କର୍ମକର୍ତ୍ତାଙ୍କୁ ନେଇ ସୋମବାର ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଥିଲା। ସାରଳା ଭବନରେ ଅନୁଷ୍ଠିତ ବୈଠକରେ ପୁ ଲିସ କମିଶନର ଏସ ଦେବଦତ୍ତସିଂହ ଅଧ୍ୟକ୍ଷତା କରିଥିଲେ। ଗଣେଶ ପୂଜାରୁ ପାର୍ବଣ ଋତୁ ଆରମ୍ଭ ହେଉଥିବାରୁ ପୂଜା କମିଟି କର୍ମକର୍ତ୍ତାମାନେ ପରସ୍ପର ମଧ୍ୟରେ ସମନ୍ୱୟ ରକ୍ଷା କରିବାକୁ ସିପି ପରାମର୍ଶ ଦେଇଛନ୍ତି।

ଏହି ବୈଠକରେ ପୂଜା ମଣ୍ଡପର ସୁରକ୍ଷା ବ୍ୟବସ୍ଥାକୁ ନେଇ ଆଲୋଚନା କରାଯାଇଥିଲା। ବହୁ ପୂଜା ମଣ୍ଡପ ପୁରୁଣା ତଥା ଛିଣ୍ଡା ତାରରେ ବିଦ୍ୟୁତ ସଂଯୋଗ କରୁଛନ୍ତି। ଏଥିଯୋଗୁଁ ଅଗ୍ନିକାଣ୍ଡ ଆଶଙ୍କା ରହୁଛି। ତେଣୁ ସବୁ ପୂଜା ମଣ୍ଡପରେ ନୂଆ ତାର ବ୍ୟବହାର କରିବାକୁ ପରାମର୍ଶ ଦିଆଯାଇଛି। ଏହାସହ ସବୁ ମଣ୍ଡପରେ ଅଗ୍ନି ନିର୍ବାପକ ଯନ୍ତ୍ର ରଖିବା ବାଧ୍ୟତାମୂଳକ। ପୂର୍ବ ବର୍ଷ ଭଳି ଚଳିତ ଥର ସବୁ କମିଟି ପୂଜା, ସାଂସ୍କୃତିକ କାର୍ଯ୍ୟକ୍ରମ ଓ ଭସାଣି ପାଇଁ ସ୍ଥାନୀୟ ଥାନାରୁ ଅନୁମତି ଆଣିବେ। କୌଣସି ପୂଜା ମଣ୍ଡପ ଗଣେଶଙ୍କ ପ୍ରତିମୂର୍ତ୍ତିକୁ କଦର୍ଯ୍ୟ କରି ଗଢିବେ ନାହିଁ। ପୌରାଣିକ ଦୃଶ୍ୟପଟକୁ ନେଇ ମୂର୍ତ୍ତି ଗଢାଯାଇପାରିବ। କୌଣସି ଜାତି, ବର୍ଗ କିମ୍ବା ଧର୍ମକୁ ଆକ୍ଷେପ କଲାଭଳି ପୂଜାରେ କିଛି ବି କରାଯିବନି। ରାତି ୧୦ ପର୍ଯ୍ୟନ୍ତ ସାଂସ୍କୃତିକ କାର୍ଯ୍ୟକ୍ରମ ଆୟୋଜିତ ହେବ। ଭସାଣିରେ ଯଥାସମ୍ଭବ ଶୋଭାଯାତ୍ରାକୁ ଛୋଟ ରଖାଯିବ। ସାମିଲ ହେଉଥିବା ବ୍ୟାଣ୍ଡ କିମ୍ବା ସାଉଣ୍ଡ ବକ୍ସରେ ଲିମିଟର ମେସିନ ଲାଗିବା ବାଧ୍ୟତାମୂଳକ। ଏହାକୁ କଡାକଡି ଭାବେ ଯାଞ୍ଚ କରାଯିବ। ଯଦି କେହି ବ୍ୟାଣ୍ଡ ପାର୍ଟି କିମ୍ବା ସାଉଣ୍ଡ ଗାଡି ଏହାକୁ ଅମାନ୍ୟ କରନ୍ତି ତାହାଲେ ସମ୍ପୃକ୍ତ ସଂସ୍ଥା ନାଁରେ ମାମଲା ରୁଜୁ ସହ ବ୍ୟାଣ୍ଡ ଏବଂ ସାଉଣ୍ଡକୁ ଜବତ କରାଯିବ। ପୂଜା କମିଟି ଗୁଡିକ ନିକଟସ୍ଥ ଅସ୍ଥାୟୀ ଜଳାଶୟରେ ପ୍ରତିମା ବିସର୍ଜିତ କରିବେ। ପୂଜାକୁ ଆଧୁନିକ ଅପେକ୍ଷା ପାରମ୍ପରିକ ଓ ଆଧ୍ୟାତ୍ମିକ ପରିବେଶ ଭିତରେ କରିବା ପାଇଁ ସିପି ପରାମର୍ଶ ଦେଇଛନ୍ତି। ଅନ୍ୟପକ୍ଷେ, କଟକରେ ଗଣେଶ ପୂଜା କମିଟି ଦିନକୁ ଦିନ ବଢ଼ିବଢ଼ି ଚାଲୁଛି। ତେଣୁ କଟକର ଭାଇଚାରକୁ ବଜାୟ ରଖି ପୂଜା ଓ ଭସାଣି ସାରିବାକୁ ସମସ୍ତେ ସଂକଳ୍ପ ନେବାକୁ ସିପି ପରାମର୍ଶ ଦେଇଛନ୍ତି। ଜୋରଜୁଲମ ଚାନ୍ଦା ଆଦାୟ, ଭସାଣି ଶୋଭାଯାତ୍ରାରେ ବିଶୃଙ୍ଖଳା କଲେ କଠୋର କାର୍ଯ୍ୟାନୁଷ୍ଠାନ ନିଆଯିବ ବୋଲି ଡିସିପି ଖିଲାରି ରିଷିକେଶ ଦ୍ୟାନଦେଓ କହିଛନ୍ତି।

### ୩ ରବିବାର ଭସାଣି; ବୁଢ଼ା ଗଣେଶ ଲାଗି ଚୂଡ଼ାନ୍ତ ହୋଇନି ତାରିଖ

ତେବେ ଗଣେଶ ପୂଜାର ଭସାଣିର ତାରିଖକୁ ନେଇ ଯେଉଁ ଦ୍ୱନ୍ଦ୍ୱ ରହିଥିଲା ତାହା ଦୂର ହୋଇଛି। ଗଣେଶ ପୂଜା ୨୭ ତାରିଖରେ ହେବା ପରେ ପରବର୍ତ୍ତୀ ୩୧ ତାରିଖ ରବିବାର ଦିନ ପ୍ରଥମ ପର୍ଯ୍ୟାୟ ଭସାଣି ହେବ। ଏହାର ପର ଦୁଇ ରବିବାର ଅର୍ଥାତ ସେପ୍ଟେମ୍ବର ୭ ଓ ୧୪ ତାରିଖରେ ଆଉ ଦୁଇ ପର୍ଯ୍ୟାୟରେ ଭସାଣି ସରିବ। ତେବେ ବୁଢା ଗଣେଶକୁ ନେଇ ଏକ ସ୍ୱତନ୍ତ୍ର ତାରିଖ ସ୍ଥିର କରାଯିବ ବୋଲି ସୂଚନା ଦିଆଯାଇଛି। କଟକ ମହାନଗର ପୂଜା କମିଟିର ସମ୍ପାଦକ ତଥା ପୂର୍ବତନ ବିଧାୟକ ପ୍ରଭାତ ତ୍ରିପାଠୀ ବୈଠକକୁ ପରିଚାଳନା କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ବିଧାୟକ ସୌଭିକ ବିଶ୍ୱାଳ, ମେୟର ସୁବାସ ସିଂହ, ସିଏମସି କମିଶନର କିରଣଦୀପ କୌର ସହୋତା, ନୟନ କିଶୋର ମହାନ୍ତି, ସୁରେଶ ମହାପାତ୍ର, ମହାନଗର ପୂଜା କମିଟି ସଭାପତି ଦେବେନ୍ଦ୍ର ସାହୁ, ସମ୍ପାଦକ ଭିକାରୀ ଦାସ, ମହାନଗର ପୂର୍ବାଞ୍ଚଳ ଶାନ୍ତି କମିଟି ସଭାପତି ବିଜୟ ସାହୁ, ସମ୍ପାଦକ ପ୍ରଫୁଲ୍ଲ ସାହୁ, ଅମରେନ୍ଦ୍ର ମହାନ୍ତି ପ୍ରମୁଖ ଉପସ୍ଥିତ ଥିଲେ। ବୈଠକରେ ଶତାଧିକ ପୂଜା କମିଟିର କର୍ମକର୍ତ୍ତା ସାମିଲ ହୋଇଥିଲେ।

**ମୁଦ୍ରା ବିନିମୟ ମୂଲ୍ୟ**



ମୁଦ୍ରା ବିନିମୟ ମୂଲ୍ୟ (ଟଙ୍କା ର)
- ଡଲାର ୮୭.୩୫ ● ପାଉଣ୍ଡ ୧୧୮.୫୧
- ୟୁରୋ ୧୦୨.୯୪ ● ୟେନ୍ ୦.୫୯

**ସୁନା, ରୁପା ଦର (ଟଙ୍କା ରେ)**




୧୦ ଗ୍ରାମ ପିଛା (୨୨ କ୍ୟାରେଟ୍)
- ସୁନା: ୯୨,୨୭୫ (ଭୁବନେଶ୍ୱର)
- ରୁପା : ୧,୦୧,୧୮୦ (କେଜି)




**ଷ୍ଟକ୍ ମାର୍କେଟ୍**

ବଜାର କାରବାର (ପଏଣ୍ଟ ର)
- ସେନ୍‌ସେକ୍ସ ୮୧,୨୭୩.୦୦
- ନିଫ୍ଟି ୨୪,୮୭୬.୦୦



**ପେଟ୍ରୋଲ-ଡିଜେଲ୍**

ଲିଟର ପିଛା (ଟଙ୍କା ର)
- ପେଟ୍ରୋଲ୍- ୧୦୧.୨୯ (ଭୁବନେଶ୍ୱର)
- ଡିଜେଲ୍ - ୯୨.୮୦



## ପ୍ରଧାନମନ୍ତ୍ରୀ ବିକାଶ ଭାରତ ରୋଜଗାର ଯୋଜନା ପୋର୍ଟାଲ୍ ଆରମ୍ଭ

ନୂଆଦିଲ୍ଲୀ,୧୮।୮ (ଏଜେନ୍ସି): ଆରମ୍ଭ ହୋଇଛି ପ୍ରଧାନମନ୍ତ୍ରୀ ବିକାଶ ଭାରତ ରୋଜଗାର ଯୋଜନା (ପିଏମ୍‌ଭିବିଆର୍‌ୱାଇ) ପୋର୍ଟାଲ୍। ଏ ନେଇ କେନ୍ଦ୍ର ଶ୍ରମ ଓ ନିଯୁକ୍ତି ମନ୍ତ୍ରୀ ମନସୁଖ ଲାଲ୍ ମାଣ୍ଡଭିୟ ସୋମବାର ସୂଚନା ଦେଇଛନ୍ତି। ଏଥିରେ ଉଭୟ ନିଯୁକ୍ତିଦାତା ଏବଂ ପ୍ରଥମ କର୍ମଚାରୀମାନଙ୍କୁ ୧ ଲକ୍ଷ କୋଟି ଟଙ୍କାର ଏହି କେନ୍ଦ୍ରୀୟ ଯୋଜନାର ଲାଭ ନେଇପାରିବେ। କେନ୍ଦ୍ର କ୍ୟାବିନେଟ ଜୁଲାଇ ପହିଲାରେ ଏହି ନିଯୁକ୍ତି ଭିତ୍ତିକ ପ୍ରୋତ୍ସାହନ ଯୋଜନାକୁ ଅନୁମୋଦନ ଦେଇଥିଲା। ପ୍ରାୟ ୧ ଲକ୍ଷ କୋଟି ଟଙ୍କା ବ୍ୟୟରେ ହୋଇଥିବା ଏହି କେନ୍ଦ୍ରୀୟ ଯୋଜନା ମାଧ୍ୟମରେ ଦେଶରେ ୨ ବର୍ଷ ମଧ୍ୟରେ ଦେଶରେ ୩.୫ କୋଟିରୁ ଅଧିକ ନିଯୁକ୍ତି ସୃଷ୍ଟିକୁ ପ୍ରୋତ୍ସାହିତ କରିବାକୁ ଲକ୍ଷ୍ୟ ରଖାଯାଇଛି। ଏହି ଯୋଜନା ମାଧ୍ୟମରେ ୧ ଅଗଷ୍ଟ, ୨୦୨୫ ରୁ ଆରମ୍ଭ ହୋଇ ୩୧ ଜୁଲାଇ, ୨୦୨୭ ପର୍ଯ୍ୟନ୍ତ ଏହି ପ୍ରୋତ୍ସାହନ ଦେବାକୁ ଲକ୍ଷ୍ୟ ରଖାଯାଇଥିବା କେନ୍ଦ୍ର ଶ୍ରମ ଏବଂ ନିଯୁକ୍ତି ମନ୍ତ୍ରୀ ମାଣ୍ଡଭିୟ କହିଛନ୍ତି।

## ବିଓଆଇ ପକ୍ଷରୁ ରି-କେୱାଇସି ପରିପୂର୍ତ୍ତି ଅଭିଯାନ



ଭୁବନେଶ୍ୱର,୧୮।୮ (ସମିସ): ବ୍ୟାଙ୍କ ଅଫ୍ ଇଣ୍ଡିଆ (ବିଓଆଇ), ଭୁବନେଶ୍ୱର ଅଞ୍ଚଳ ପକ୍ଷରୁ ବାଲିପଡା ପଞ୍ଚାୟତ, ଚନ୍ଦନପୁର,ପୁରୀଠାରେ ରି-କେୱାଇସି ପରିପୂର୍ତ୍ତି ଅଭିଯାନ ଶିବିର ଅନୁଷ୍ଠିତ ହୋଇଯାଇଛି। ଏହି ଅବସରରେ ରିଜର୍ଭ ବ୍ୟାଙ୍କ ଅଫ୍ ଇଣ୍ଡିଆର ମହାପ୍ରବନ୍ଧକ ଅନିତା ପଟ୍ଟନାୟକ, ବ୍ୟାଙ୍କର ଭୁବନେଶ୍ୱର ଅଞ୍ଚଳର ଆଞ୍ଚଳିକ ପ୍ରବନ୍ଧକ ବିଜୟ କୁମାର ମଲିକ ଏବଂ ବାଲିପଡା ପଞ୍ଚାୟତର ସରପଞ୍ଚ ନମିତା ମିଶ୍ର ପ୍ରମୁଖ ଉପସ୍ଥିତ ଥିଲେ। ଏହି କାର୍ଯ୍ୟକ୍ରମରେ ରି-କେୱାଇସି, ପିଏମ୍‌ଜେଜେୱାଇ, ପିଏମ୍‌ଏସ୍‌ବିୱାଇ, ଅଟଳ ପେନ୍‌ସନ୍ ଯୋଜନା ଏବଂ ଓମ୍ବୁଡ୍‌ସମ୍ୟାନ୍ ଯୋଜନା ସମ୍ପର୍କରେ ଲୋକମାନଙ୍କୁ ଅବଗତ କରାଇବା ଆଦି ଗୁରୁତ୍ୱପୂର୍ଣ୍ଣ ବିଷୟଗୁଡିକ ଉପରେ ସଚେତନତା ସୃଷ୍ଟି କରାଯାଇଥିଲା। ଆଞ୍ଚଳିକ ପ୍ରବନ୍ଧକ ଶ୍ରୀ ମଲିକ ସମାଜରେ ସାମାଜିକ ସୁରକ୍ଷା ଯୋଜନାର ପ୍ରଭାବ ଉପରେ ଗୁରୁତ୍ୱାରୋପ କରିଥିବା ସହ ଗ୍ରାମାଞ୍ଚଳରେ ବ୍ୟାଙ୍କିଙ୍ଗ୍ ସେବାର ପ୍ରବେଶ ଉପରେ ଗୁରୁତ୍ୱ ଦେଇଥିଲେ।

**ଅଗଷ୍ଟ ୨୦ରେ ମନ୍ତ୍ରୀ ଗୋଷ୍ଠୀ ବୈଠକ** | **ଜିଏସ୍‌ଟି ହାର ଉପରେ ହେବ ବଡ଼ ନିଷ୍ପତ୍ତି**

# ୧୮% ସ୍ଲାବ୍ ବର୍ଗରେ ୬୫% ସାମଗ୍ରୀ

ନୂଆଦିଲ୍ଲୀ,୧୮।୮ (ଏଜେନ୍ସି)

ଅଗଷ୍ଟ ୨୦ରେ କେନ୍ଦ୍ର ସରକାର ସାମଗ୍ରୀ ଏବଂ ସେବା ଟିକସ (ଜିଏସ୍‌ଟି) ଉପରେ ବଡ଼ ନିଷ୍ପତ୍ତି ନେଇପାରନ୍ତି। ଏହି ଦିନ ଅର୍ଥମନ୍ତ୍ରୀ ନିର୍ମଳା ସୀତାରମଣ ଜିଏସ୍‌ଟି ଉପରେ ଗଠିତ ମନ୍ତ୍ରୀ ଗୋଷ୍ଠୀ(ଜିଓଏମ୍)ର ଏକ ବୈଠକକୁ ସମ୍ବୋଧିତ କରିବେ। ଏହି ବୈଠକରେ ଜିଏସ୍‌ଟିର ନିୟମ ଉପରେ ଆଲୋଚନା ହେବ। ଏଥିରେ ଜିଏସ୍‌ଟି ହାରରେ ହ୍ରାସ କରାଯାଇ ସାଧାରଣ ଜନତାଙ୍କୁ ଆଶ୍ୱସ୍ତି ଦେବାକୁ ସରକାର ଚେଷ୍ଟା କରିବେ।

ଜିଏସ୍‌ଟି ହାର ସଂଶୋଧନ ପାଇଁ କେନ୍ଦ୍ର ସରକାରଙ୍କ ଦ୍ୱାରା ଗଠିତ ମନ୍ତ୍ରୀ ଗୋଷ୍ଠୀ ୫ ଏବଂ ୧୫% ଟିକସ ହାର ସହିତ ଜିଏସ୍‌ଟି ଏବଂ କିଛି ସାମଗ୍ରୀ ଉପରେ ୪୦% ସ୍ୱତନ୍ତ୍ର ହାର ଲାଗୁ କରିବାକୁ ପ୍ରସ୍ତାବ ଦେଇଛି। ଏହାସହିତ, ପ୍ରସ୍ତାବରେ ବର୍ତ୍ତମାନର ୧୨% ଏବଂ ୨୮% ଟିକସ ହାର ହଟାଇବା ବିଷୟରେ ମଧ୍ୟ କଥା ଉଠିଛି। ଏହି ପ୍ରସ୍ତାବ ଚଳିତମାସ ୨୦ ଏବଂ ୨୧ ଅଗଷ୍ଟରେ ଜିଓଏମ୍‌ସମ୍ମୁଖରେ ଉପସ୍ଥାପିତ ହେବ। ସରକାରଙ୍କ ଦ୍ୱାରା ଜିଏସ୍‌ଟି ସଂସ୍କାର ପ୍ରସ୍ତାବ ରଖାଯାଇଛି। ଏଥିରେ ମନ୍ତ୍ରୀ ଗୋଷ୍ଠୀର କୌଣସି ସଦସ୍ୟ ସାମିଲ ନାହାଁନ୍ତି, କିନ୍ତୁ ଅର୍ଥମନ୍ତ୍ରୀ ନିର୍ମଳା ସୀତାରମଣ ଏହି ବୈଠକରେ ଯୋଗଦେବେ ଏବଂ ଅର୍ଥମନ୍ତ୍ରୀମାନଙ୍କୁ ସମ୍ବୋଧିତ କରିବେ।

**● ୧୮% ଟିକସ ସ୍ଲାବ୍‌ରୁ ହିଁ ସବୁ ରାଜସ୍ୱ ସଂଗ୍ରହ କରିବାକୁ ଲକ୍ଷ୍ୟ**

ବିହାର ଉପମୁଖ୍ୟମନ୍ତ୍ରୀ ସମ୍ରାଟ ଚୌଧୁରୀ ଉକ୍ତ ବୈଠକର ସଂଯୋଜକ ରହିଛନ୍ତି। ଏହା ବ୍ୟତୀତ ଅନ୍ୟ ୬ ଜଣ ସଦସ୍ୟଙ୍କ ମଧ୍ୟରେ କେରଳ ଅର୍ଥମନ୍ତ୍ରୀ କେ.ଏନ୍. ବାଲଗୋପାଳ, ପଶ୍ଚିମବଙ୍ଗ ଅର୍ଥମନ୍ତ୍ରୀ ଚନ୍ଦ୍ରିକା ଭଟ୍ଟାଚାର୍ଯ୍ୟ, ରାଜସ୍ଥାନ ସ୍ୱାସ୍ଥ୍ୟମନ୍ତ୍ରୀ ଗଜେନ୍ଦ୍ର ସିଂହ, କର୍ଣ୍ଣାଟକ ରାଜସ୍ୱ ମନ୍ତ୍ରୀ କୃଷ୍ଣ ବାଏରେ ଗୌଡା ମଧ୍ୟ ସାମିଲ ଅଛନ୍ତି। କେନ୍ଦ୍ର ସରକାରଙ୍କ ପ୍ରସ୍ତାବକୁ ବର୍ତ୍ତମାନ ମନ୍ତ୍ରୀଗୋଷ୍ଠୀ ସମ୍ମୁଖରେ ରଖାଯିବ। ପରେ ଯଦି ଏହା ଗୃହୀତ ହୁଏ, ତେବେ ଏହାକୁ ଆସନ୍ତା ମାସରେ ରାଜ୍ୟ ଏବଂ କେନ୍ଦ୍ରଶାସିତ ଅଞ୍ଚଳଗୁଡ଼ିକର ଅର୍ଥମନ୍ତ୍ରୀମାନଙ୍କ ଆଗରେ ଉପସ୍ଥାପନ କରାଯିବ।

କେନ୍ଦ୍ର ସରକାର ଜିଏସ୍‌ଟି ଢାଞ୍ଚାରେ ୨ଟି ଟିକସ ସ୍ଲାବ୍ ଏବଂ ୪୦% ସ୍ୱତନ୍ତ୍ର ଟିକସ ହାର ଲାଗୁ କରିବାକୁ ପ୍ରସ୍ତାବ ଦେଇଛନ୍ତି। ଯଦି ଏହି ପ୍ରସ୍ତାବ କାର୍ଯ୍ୟକାରୀ ହୁଏ, ତେବେ ୧୮% ଟିକସ ସ୍ଲାବ୍ ଜିଏସ୍‌ଟି ରାଜସ୍ୱରେ ଏକ ପ୍ରମୁଖ ଯୋଗଦାନକାରୀ ହୋଇରହିବ। ବର୍ତ୍ତମାନ, ସାମଗ୍ରୀ ଏବଂ




ସେବା ଟିକସ (ଜିଏସ୍‌ଟି) ଢାଞ୍ଚାରେ ୪ଟି ଟିକସ ସ୍ଲାବ୍ ରହିଛି। ଏହି ଟିକସ ସ୍ଲାବ୍ ୫%,୧୨%,୧୮% ଏବଂ ୨୮%। ଖାଦ୍ୟ ଏବଂ ଅତ୍ୟାବଶ୍ୟକୀୟ ସାମଗ୍ରୀଗୁଡ଼ିକ କରମୁକ୍ତ କିମ୍ବା ୫% ଟିକସ ପରିସରରେ ରଖାଯାଏ, ଯେତେବେଳେ କି ବିଳାସପୂର୍ଣ୍ଣ ଏବଂ ହାନୀକାରକ ଉତ୍ପାଦଗୁଡ଼ିକ ସର୍ବୋଚ୍ଚ ୨୮% ହାରରେ ଟିକସ ଲଗାଯାଏ। ୫% ଟିକସ ସ୍ଲାବ୍ ମୋଟ ଜିଏସ୍‌ଟି ରାଜସ୍ୱରେ ପ୍ରାୟ ୭% ଯୋଗଦାନ ରଖୁଥିବାବେଳେ ୧୮% ସ୍ଲାବ୍ ଅଧୀନରେ ୬୫% ଯୋଗଦାନ ଦେଉଛି। କାରଣ ଜିଏସ୍‌ଟି ପରିସରଭୁକ୍ତ ୬୫% ସାମଗ୍ରୀ ୧୮% ସ୍ଲାବ୍ ଅଧୀନରେ ଆସୁଛି। ତେବେ ୧୨% ଏବଂ ୨୮% ସ୍ଲାବ୍ ଜିଏସ୍‌ଟି ସଂଗ୍ରହରେ ଯଥାକ୍ରମେ ପ୍ରାୟ ୫% ଏବଂ ୧୧% ସାମଗ୍ରୀ ଯୋଗଦାନ ରହୁଛି। କେନ୍ଦ୍ର ସରକାର ଜିଏସ୍‌ଟି ହାରକୁ ଯୁକ୍ତିଯୁକ୍ତ କରିବା ପାଇଁ ମନ୍ତ୍ରୀଗୋଷ୍ଠୀକୁ 'ମେରିଟ୍ ' ଏବଂ 'ଷ୍ଟାଣ୍ଡାର୍ଡ' ସାମଗ୍ରୀ ଏବଂ ସେବା ପାଇଁ ୫% ଏବଂ ୧୮% ହାରରେ ଏବଂ ପ୍ରାୟ ୫-୭ଟି ସାମଗ୍ରୀ ପାଇଁ ୪୦% ହାରରେ ଟିକସ ଆଦାୟ କରିବାକୁ ପ୍ରସ୍ତାବ ଦେଇଛନ୍ତି। ଏହି ପ୍ରସ୍ତାବ ଅନୁଯାୟୀ, ବିଦ୍ୟମାନ ୧୨% ଏବଂ ୨୮% ଟିକସ ସ୍ଲାବ୍ ଉଚ୍ଛେଦ କରାଯିବ। କେନ୍ଦ୍ରର ପ୍ରସ୍ତାବ ଅନୁଯାୟୀ, ୧୮% ଟିକସ ସ୍ଲାବ୍ ଜିଏସ୍‌ଟି ରାଜସ୍ୱରେ ସର୍ବାଧିକ ଯୋଗଦାନକାରୀ ହୋଇରହିବ।

ବସ୍ତୁ ଏବଂ ସେବାଗୁଡ଼ିକୁ 'ମେରିଟ୍ ' ଏବଂ 'ଷ୍ଟାଣ୍ଡାର୍ଡ' ଭାବରେ ବିଭକ୍ତ କରାଯିବା ପରେ, ୧୨% ବର୍ଗରେ ଆସୁଥିବା ୯୯% ସାମଗ୍ରୀ ଉପରେ ୫% ହାରରେ ଟିକସ ହାର ଲାଗୁ ହେବ। ଅବଶିଷ୍ଟ ସାମଗ୍ରୀ ଏବଂ ସେବା ଉପରେ ୧୮% ହାରରେ ଟିକସ ଲାଗୁ ହେବ। ଏହାବ୍ୟତୀତ, ୨୮% ବର୍ଗରେ ଆସୁଥିବା ୯୦% ସାମଗ୍ରୀ ଏବଂ ସେବା ଉପରେ ୧୮% ଟିକସ ଲାଗୁ ହେବ ଏବଂ କେବଳ ୫-୭ଟି ସାମଗ୍ରୀ ଉପରେ ୪୦% ଟିକସ ଲାଗୁ ହେବ। ହାରାହାରି ମାସିକ ଜିଏସ୍‌ଟି ସଂଗ୍ରହ ଆର୍ଥିକବର୍ଷ ୨୦୨୨ ରେ ୧.୫୧ ଲକ୍ଷ କୋଟି ଟଙ୍କାରୁ ବୃଦ୍ଧି ପାଇ ୨୦୨୫ ଆର୍ଥିକବର୍ଷରେ ୧.୮୪ ଲକ୍ଷ କୋଟି ଟଙ୍କାକୁ ବୃଦ୍ଧି ପାଇବାକୁ ସ୍ଥିର ହୋଇଛି। ୨୦୧୭ ଜୁଲାଇ ପହିଲାରେ ଜିଏସ୍‌ଟି କାର୍ଯ୍ୟକାରୀ ହୋଇଥିଲା। ଏଥିରେ ଏକ ଡଜନରୁ ଅଧିକ ସ୍ଥାନୀୟ ଶୁଳ୍କ ଏବଂ ସେସ୍ ଅନ୍ତର୍ଭୁକ୍ତ। ପଞ୍ଜିକୃତ କରଦାତାଙ୍କ ସଂଖ୍ୟା ୨୦୧୭ରେ ୬୫ ଲକ୍ଷରୁ ବୃଦ୍ଧି ପାଇ ୧.୫୧ କୋଟିରୁ ଅଧିକ ହୋଇଛି।

## ରଥଯାତ୍ରାରେ ଭରସାଯୋଗ୍ୟ ବିଦ୍ୟୁତ୍ ସରବରାହ ପାଇଁ ଟିପିସିଓଡିଏଲ ସମ୍ମାନିତ



ଭୁବନେଶ୍ୱର,୧୮।୮ (ସମିସ): ଟାଟା ପାୱାର ଏବଂ ଓଡ଼ିଶା ସରକାରଙ୍କ ଏକ ଯୌଥ ଉଦ୍ୟୋଗ ଟିପି ସେଣ୍ଟ୍ରାଲ ଓଡିଶା ଡିଷ୍ଟ୍ରିବ୍ୟୁସନ ଲିମିଟେଡ୍ (ଟିପିସିଓଡିଏଲ) ରଥଯାତ୍ରାରେ ଭରସାଯୋଗ୍ୟ ବିଦ୍ୟୁତ୍ ସରବରାହ ସୁନିଶ୍ଚିତ କରି 'ରଥସେବା ସମ୍ମାନ ୨୦୨୫'ରେ ସମ୍ମାନିତ ହୋଇଛି। ପୁରୀ ସାଂସଦ ସମ୍ବିତ ପାତ୍ର, ସମ୍ମାନିତ ଅତିଥି ଏବଂ ନାଗରିକ ପ୍ରତିନିଧିମାନେ ମହାପ୍ରଭୁ ଜଗନ୍ନାଥଙ୍କ ଏହି ଗୁରୁତ୍ୱପୂର୍ଣ୍ଣ ପର୍ବରେ ଟିପିସିଓଡିଏଲର ଅବିଶ୍ରାନ୍ତ ପ୍ରୟାସକୁ ପ୍ରଶଂସା କରିବା ସହ ଏହି ସମ୍ମାନ ପ୍ରଦାନ କରିଥିଲେ। ଟିପିସିଓଡିଏଲର ପୁରୀ ଡିଭିଜନାଲ ମ୍ୟାନେଜର ସ୍ମୃତିରଞ୍ଜନ ସ୍ୱାଇଁ ଏହି ସମ୍ମାନ ଗ୍ରହଣ କରିଥିଲେ। ଏହି ଅବସରରେ ଟିପିସିଓଡିଏଲର ସିଇଓ ଅରଭିନ୍ଦ ସିଂହ କହିଛନ୍ତି ଯେ, ମାନନୀୟ ସାଂସଦ ଏବଂ ପୁରୀ ବାସୀଙ୍କ ପକ୍ଷରୁ ଦିଆଯାଇଥିବା ଏହି ସମ୍ମାନ ଆମ ପାଇଁ ଅତ୍ୟନ୍ତ ଗର୍ବର ବିଷୟ। ଏହା ଆମ ଟିମର ଅବଦାନକୁ ପ୍ରତିଫଳିତ କରୁଛି ଯେଉଁମାନେ ଭକ୍ତଙ୍କ ପାଇଁ ଏକ ସୁରକ୍ଷିତ ରଥଯାତ୍ରା ଅନୁଭୂତି ନିଶ୍ଚିତ କରିବା ପାଇଁ ଦିନରାତି କାର୍ଯ୍ୟ କରିଥିଲେ।

**ରଘୁରାମ ରାଜନ୍‌ଙ୍କ ପରାମର୍ଶ**

## ଭାରତ ପାଇଁ ନୂତନ ପିଢ଼ିର ସଂସ୍କାର ଆବଶ୍ୟକ

ନୂଆଦିଲ୍ଲୀ,୧୮।୮ (ଏଜେନ୍ସି)

ଭାରତ ପାଇଁ ନୂତନ ପିଢ଼ିର ସଂସ୍କାର ଆବଶ୍ୟକ। କେବଳ ଏହିଗୁଡ଼ିକ ବଡ଼ ଆର୍ଥିକ ବିକାଶକୁ ତ୍ୱରାନ୍ୱିତ କରିପାରିବ। ଛୋଟ ପରିବର୍ତ୍ତନ ଭାରତକୁ ଆବଶ୍ୟକ ଗତି ଦେବନାହିଁ। ଭାରତରେ ଅମଲାତନ୍ତ୍ରର ରାଜୁତି ଅତ୍ୟଧିକ। ଏହା ନିବେଶକୁ ବନ୍ଦ କରୁଛି। ତେଣୁ ଲାଲ୍ ଫିତାର ରାଜୁତି ଆହୁରି ହ୍ରାସ କରିବା ଆବଶ୍ୟକ। ଉଭୟ ରାଜ୍ୟ ଏବଂ କେନ୍ଦ୍ର ସରକାରଙ୍କୁ ଏହା ଉପରେ କାମ କରିବାକୁ ପଡିବ। ଭାରତରେ ସଂସ୍କାରର ଗତି ଏ ପର୍ଯ୍ୟନ୍ତ ଯଥେଷ୍ଟ ନୁହେଁ ବୋଲି ଭାରତୀୟ ରିଜର୍ଭ ବ୍ୟାଙ୍କ (ଆର୍‌ବିଆଇ) ର ପୂର୍ବତନ ଗଭର୍ଣ୍ଣର ରଘୁରାମ ରାଜନ୍ କହିଛନ୍ତି।

ଏକ ସାକ୍ଷାତକାରରେ କେନ୍ଦ୍ର ସରକାରଙ୍କୁ ଚେତାଇ ଦେଇ ରାଜନ୍ କହିଛନ୍ତି ଯେ ଭାରତର ଯୁବ ଜନସଂଖ୍ୟା ଦେଶର ସବୁଠାରୁ ବଡ଼ ଶକ୍ତି। ଯଦି ଆମେ ଯୁବପିଢ଼ିଙ୍କୁ ତାଲିମ ଦେଇପାରିବା ଏବଂ ସେମାନଙ୍କୁ ଉତ୍ତମ ଦକ୍ଷତା ପ୍ରଦାନ କରିପାରିବା, ତେବେ ଆମ ପାଖରେ ଆଗକୁ ବଢ଼ିବା ପାଇଁ ଆବଶ୍ୟକ କଞ୍ଚାମାଲ ଅଛି। ସେ କହିଛନ୍ତି ଯେ ଆମ ପାଖରେ ସତ୍ୟ ନାଦେଲା କିମ୍ବା ଜେଭି ରାମକୃଷ୍ଣ କିମ୍ବା ଅଭିଜିତ ବାନାର୍ଜୀଙ୍କ ଭଳି ଲୋକ ଅଛନ୍ତି। କିନ୍ତୁ, ଆମକୁ ଅଧିକ ଭାରତୀୟଙ୍କୁ ଏପରି ଶିକ୍ଷା ପ୍ରଦାନ କରିବାକୁ ପଡିବ ଯାହା ସେମାନଙ୍କୁ ଏପରି କ୍ୟାରିଅର



**● ଆମେରିକା, ଚୀନ୍‌ଠାରୁ ବହୁ ପଛରେ ଭାରତ**
**● ଛୋଟ ମୋଟ ପରିବର୍ତ୍ତନରେ କାମ ଚଳିବନି**
**● ଏବେ ଯୁବବର୍ଗଙ୍କୁ ପ୍ରଶିକ୍ଷିତ କରିବା ବଡ଼ କାମ**

ପାଇଁ ପ୍ରସ୍ତୁତ କରିବ। ଏଥିପାଇଁ କେବଳ ଉଚ୍ଚଶିକ୍ଷା ନୁହେଁ, ପ୍ରାଥମିକ ଶିକ୍ଷା, ସ୍ୱାସ୍ଥ୍ୟସେବା ଏବଂ ଆର୍ଥିକ ସେବାର ଉନ୍ନତ ପ୍ରବେଶ ଉପରେ ମଧ୍ୟ କାମ କରିବାର ଆବଶ୍ୟକତା ରହିଛି। ରାଜନ୍ କହିଛନ୍ତି ଯେ ଭାରତ ଏକ ୪ ଟ୍ରିଲିୟନ ଡଲାର ଅର୍ଥନୀତି। ଏହା ୬.୫% ହାରରେ ଆଗକୁ ବଢ଼ୁଛି। ଏହା ଖୁବ୍ ଶୀଘ୍ର ଜାପାନ ଏବଂ ଜର୍ମାନୀକୁ ପଛରେ ପକାଇବ। ତଥାପି, ଆକାର ଦୃଷ୍ଟିରୁ ଏହା ଏବେ ବି ଚୀନ୍ ଏବଂ ଆମେରିକାଠାରୁ ବହୁତ ପଛରେ ଅଛି। ସେ ଆକଳନ କରିଛନ୍ତି ଯେ ଭାରତ ୨୦୪୭ ସୁଦ୍ଧା ୫୦ ଟ୍ରିଲିୟନ ଡଲାରରେ ପହଞ୍ଚିପାରେ। ରାଜନ କହିଥିଲେ ଯେ ଭାରତକୁ ପୁରୁଣା ହେବା ପୂର୍ବରୁ ଏହା କରିବାକୁ ପଡିବ। ଆଗାମୀ କିଛି ବର୍ଷ ମଧ୍ୟରେ ଭାରତ ପାଇଁ ସବୁଠାରୁ ବଡ଼ ଆହ୍ୱାନ ହେଉଛି ଶ୍ରମଶକ୍ତିରେ ଆସୁଥିବା ଯୁବକମାନଙ୍କୁ କିପରି ନିଯୁକ୍ତି ଯୋଗାଇ ଦିଆଯିବ। ରାଜନଙ୍କ ଅନୁସାରେ, ୧୯୯୧ ମସିହାରୁ ଭାରତରେ ସଂସ୍କାର ପ୍ରକ୍ରିୟା ନିରନ୍ତର ଚାଲିଛି। କିନ୍ତୁ, ଏହା ଏ ପର୍ଯ୍ୟନ୍ତ ଯଥେଷ୍ଟ ନୁହେଁ। ଅଭିବୃଦ୍ଧିକୁ ବଢ଼ାଇବା ପାଇଁ ଆମକୁ ନୂତନ ପିଢ଼ିର ସଂସ୍କାର ଆବଶ୍ୟକ। ଛୋଟ ପରିବର୍ତ୍ତନ ଆମକୁ ଆବଶ୍ୟକ ୨.୫% ଅତିରିକ୍ତ ଅଭିବୃଦ୍ଧି ଦେଇପାରିବନାହିଁ। ସେ ଭିତ୍ତିଭୂମି ଉପରେ ଖର୍ଚ୍ଚକୁ ପ୍ରଶଂସା କରିଥିଲେ। କିନ୍ତୁ, କହିଛନ୍ତି ଯେ ଘରୋଇ କ୍ଷେତ୍ରର ନିବେଶକୁ ମଧ୍ୟ ବୃଦ୍ଧି କରିବାକୁ ପଡିବ। ରାଜ୍ୟ ହେଉ କି କେନ୍ଦ୍ର, ଭିତ୍ତିଭୂମି ଉପରେ ବହୁତ ଅର୍ଥ ଖର୍ଚ୍ଚ କରୁଛନ୍ତି।

## ଆଇଆର୍‌ଇଏଲ୍‌ର ୭୫ତମ ବାର୍ଷିକୀ



ଭୁବନେଶ୍ୱର,୧୮।୮ (ସମିସ): ଆଇଆର୍‌ଇଏଲ୍ (ଇଣ୍ଡିଆ) ଲିମିଟେଡ ପ୍ରତିଷ୍ଠାର ୭୫ତମ ବାର୍ଷିକୀ ଭୁବନେଶ୍ୱରଠାରେ ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବରେ ଯୋଗଦେଇ ଓଡ଼ିଶା ସରକାରଙ୍କ ଶିଳ୍ପ ବିଭାଗ ଅତିରିକ୍ତ ମୁଖ୍ୟ ସଚିବ ହେମନ୍ତ ଶର୍ମା ଉପସ୍ଥିତ ରହି ସମ୍ମାନିତ ହୋଇଥିଲେ। ଏହି କାର୍ଯ୍ୟକ୍ରମକୁ ଆଇଆର୍‌ଇଏଲ୍ (ଇଣ୍ଡିଆ) ଲିମିଟେଡର ଅଧ୍ୟକ୍ଷ ଏବଂ ପରିଚାଳନା ନିର୍ଦ୍ଦେଶକ ଏବଂ ନିର୍ଦ୍ଦେଶକ (ଅର୍ଥ) ଆରଏ ଖାଲେ, ନିର୍ଦ୍ଦେଶକ (ମାର୍କେଟିଂ) ଏବଂ ଅନୁତ୍ତମ ମିଶ୍ର, ନିର୍ଦ୍ଦେଶକ (ବୈଷୟିକ) ପ୍ରମୁଖ ପରିଚାଳନା କରିଥିଲେ। ଏହି କାର୍ଯ୍ୟକ୍ରମର ମୁଖ୍ୟ ଆକର୍ଷଣ ଥିଲା ଏହାର ପୂର୍ବତନ ସିଏମ୍‌ଡି ଏବଂ ନିର୍ଦ୍ଦେଶକମାନଙ୍କୁ ଏବଂ ଏହାର ଘରୋଇ ଓ ବିଦେଶୀ ଗ୍ରାହକମାନଙ୍କୁ ସମ୍ମାନିତ କରିବା। ଭାରତ ସରକାରଙ୍କ ବୀକ୍ଷିତ ଭାରତ ଲକ୍ଷ୍ୟ ଅନୁଯାୟୀ ଶ୍ରୀ ଶର୍ମା ୭୫ତମ ବାର୍ଷିକୀରେ ପହଞ୍ଚିବା ପାଇଁ ଆଇଆର୍‌ଇଏଲ୍‌କୁ ହାର୍ଦ୍ଦିକ ଅଭିନନ୍ଦନ ଜଣାଇଥିଲେ। ଓଡ଼ିଶାରେ ରେୟାର ଆର୍ଥ ଶିଳ୍ପକୁ ଆଗକୁ ବଢ଼ାଇବା ପାଇଁ ସବ୍‌ସିଡି ଭୂମି, ବିଦ୍ୟୁତ୍ ଏବଂ ଜଳ ଯୋଗାଣ, ରାସ୍ତା ଏବଂ ଅନ୍ୟାନ୍ୟ ଭିତ୍ତିଭୂମି ସହାୟତା କ୍ଷେତ୍ରରେ ଆଗାମୀ ୨୫ ବର୍ଷ ପାଇଁ ସମ୍ପୂର୍ଣ୍ଣ ସମର୍ଥନ ଏବଂ ସହାୟତା ପ୍ରତିଶ୍ରୁତି ଦେଇଥିଲେ।

# ରାଜ୍ୟ ଖବର

**■ ୧୦ ଟନ୍ ବିସ୍ଫୋରକ ଜବତ ଘଟଣା**

## ମାଓବାଦୀଙ୍କ ସହିତ ରହିଛି ଖଣି କମ୍ପାନୀଙ୍କ ସମ୍ପର୍କ: ଏଡିଜି

ଭୁବନେଶ୍ୱର,୧୮।୮ (ସମିସ): କନ୍ଧମାଳ ଜିଲ୍ଲା ତୁମୁଡିବନ୍ଧ ପୁଲିସ ୧୦ ଟନ୍ ବିସ୍ଫୋରକ ଜବତ ଘଟଣାରେ ମିଳିଛି ସାଂଘାତିକ ତଥ୍ୟ। ଗୁଇନ୍ଦା ଖବର ଆଧାରରେ ସୂଚନା ମିଳିଛି ଯେ,ମାଓବାଦୀଙ୍କ ସହିତ ରହିଛି ଖଣି କମ୍ପାନୀଙ୍କ ସମ୍ପର୍କ। ଏଭଳି ବିସ୍ଫୋରକ ସୂଚନା ଦେଇଛନ୍ତି ଅତିରିକ୍ତ ପୁଲିସ ମହାନିର୍ଦ୍ଦେଶକ (ଏଡିଜି, ଅପରେସନ) ସଞ୍ଜୀବ ପଣ୍ଡା। ସେ କହିଛନ୍ତି, ଜବତ ହୋଇଥିବା ୧୦ ଟନ ବିସ୍ଫୋରକକୁ ନେଇ ଖୋଳତାଡ଼ କରିବା ପରେ ଏଭଳି ଉଦବେଗଜନକ ତଥ୍ୟ ମିଳିଛି।

**■ ନକ୍ସଲ ଓ ପଥର ମାଫିଆ ସମ୍ପର୍କ ନେଇ ମିଳିଛି ସୁରାକ**
**■ ଆନ୍ଧ୍ରପ୍ରଦେଶ ପର୍ଯ୍ୟନ୍ତ ଲମ୍ବିଛି ମାଫିଆଙ୍କ ଚେର**

ଆଜି ଏଠାରେ ଏକ ସାମ୍ବାଦିକ ସମ୍ମିଳନୀରେ ଏଡିଜି କହିଲେ ଯେ ଜବତ ହୋଇଥିବା ଜିଲୋଟିନରୁ ଜଣାପଡ଼ିଥିଲା ଯେ ଏହାର ମାଲିକ ହେଉଛି ଗୋଟିଏ ଖଣି କମ୍ପାନୀ। ଏହି କଂପାନୀ ମାଓବାଦୀଙ୍କୁ ବିସ୍ଫୋରକ ଯୋଗାଣ ନେଇ ସନ୍ଦେହ ବୃଦ୍ଧି ପାଇଛି। ଏବେ ଗୁଇନ୍ଦା ସ୍କାନରରେ ପଥର ଖଣିଗୁଡ଼ିକ ରହିଛି। କାରଣ ପଥର ଖଣି ପାଇଁ ବ୍ୟବହାର ହେଉଥିବା ବିସ୍ଫୋରକକୁ ମାଲିକମାନେ ଟଙ୍କା ନେଇ ମାଓବାଦୀଙ୍କୁ ବିକ୍ରି କରୁଛନ୍ତି। ଆନ୍ଧ୍ରପ୍ରଦେଶରୁ ଗଞ୍ଜାମ ପର୍ଯ୍ୟନ୍ତ ଏହାର ଚେର ଲମ୍ବିଛି। ଖୁବଶୀଘ୍ର ମାଷ୍ଟରମାଇଣ୍ଡକୁ ପୁଲିସ ଧରିବ ବୋଲି ସେ କହିଛନ୍ତି। ପ୍ରାଥମିକ ତଦନ୍ତ ପରେ ଏକ ପିକ୍‌ଅପ ଭ୍ୟାନକୁ ଜବତ କରାଯିବା ସହିତ ସୋରଡା ଥାନା ତଳଦାନ୍ତଲିଙ୍ଗୀ ଗ୍ରାମର ଆଲୋକ ପାତ୍ର, ଗୋପାଳପୁର ଆମ୍ବପୁଆର ହେମନ୍ତ ସେଠୀ, ଭବାନୀପାଟଣା ମନ୍ଦିରପାଟଣାର ଶକ୍ତିରଞ୍ଜନ ଦାସଙ୍କୁ ଗିରଫ କରାଯାଇଛି। ମାଓବାଦୀଙ୍କ ସହ ସେମାନଙ୍କର ସଂପର୍କ ରହିଥିବାର ପ୍ରମାଣ ମିଳିବା ପରେ ଆରମ୍ଭ ହୋଇଛି ଖୋଳତାଡ଼। କଳାହାଣ୍ଡି ସୀମାନ୍ତ ତୁମୁଡିବନ୍ଧ ଓ କୋଟଗଡ ଅଞ୍ଚଳରେ କେକେବିଏନ ମାଓ ସଂଗଠନ ସକ୍ରିୟ ଥିବାରୁ ଏହି ବିସ୍ଫୋରକ ସେମାନଙ୍କୁ ଯୋଗାଇ ଦିଆଯାଉଥିବା ସନ୍ଦେହ କରାଯାଉଛି। ଜବତ ଜିଲୋଟିନ କମ୍ପାନୀ ମାଲିକଙ୍କୁ ମଧ୍ୟ ସ୍କାନରକୁ ନିଆଯାଇଛି। ପଥର ମାଫିଆଙ୍କୁ ଖୁବଶୀଘ୍ର ଜେରା ହେବ।

ଏଭଳି ଖବର ମିଳିବା ପରେ ଆକ୍ସନ ମୋଡ଼କୁ ଆସିଛି ଗୁଇନ୍ଦା ବିଭାଗ। ସମ୍ପୃକ୍ତ ଏସ୍‌ପିମାନଙ୍କୁ ଏନେଇ ଦାୟିତ୍ୱ ମଧ୍ୟ ଦିଆଯାଇଛି। ଖୁବଶୀଘ୍ର ଏ ଆନ୍ତରାଜ୍ୟ ସିଣ୍ଡିକେଟର ପର୍ଦ୍ଦାଫାସ ହେବ ବୋଲି ସୂଚନା ଦେଇଛନ୍ତି ସଞ୍ଜିବ ପଣ୍ଡା। ୨୦୨୬ ସୁଦ୍ଧା ଓଡିଶାରୁ ମାଓ କାର୍ଯ୍ୟକଳାପକୁ ଲୋପ କରିବା ପାଇଁ ଲକ୍ଷ୍ୟ ଧାର୍ଯ୍ୟ କରାଯାଇଥିବା ବେଳେ ଖଣି ମାଫିଆ ଓ ମାଓ ମଧୁଚନ୍ଦ୍ରିକା ଏବେ ପୁଲିସ ପାଇଁ ପାଲଟିଛି ବଡ଼ ଚ୍ୟାଲେଞ୍ଜ।

## ୩ ଇନ୍ସପେକ୍ଟରଙ୍କ ବଦଳି

ଭୁବନେଶ୍ୱର, ୧୮।୮ (ସମିସ): ରାଜ୍ୟ ପୁଲିସରେ କାର୍ଯ୍ୟରତ ୩ ଜଣ ଇନ୍ସପେକ୍ଟରଙ୍କ ବଦଳି ହୋଇଛି। କମିସନରେଟ ପୁଲିସ ତଥା ଏୟାରଫିଲ୍ଡ ଥାନା ଅଧିକାରୀଙ୍କୁ କନ୍ଧମାଳ ପୁଲିସ ଜିଲ୍ଲାକୁ ବଦଳି କରାଯାଇଛି। ସେହିପରି କନ୍ଧମାଳ ପୁଲିସ ଜିଲ୍ଲା ମୁଖ୍ୟାଳୟରେ କାର୍ଯ୍ୟରତ ରାଜେନ୍ଦ୍ର ନାରାୟଣ ପଟ୍ଟନାୟକ ଓ ଦୀପିକା ଦେବୀ ରାୟଙ୍କୁ କମିସନରେଟ ପୁଲିସକୁ ବଦଳି ହୋଇଛି। ଏନେଇ ଆଜି ରାଜ୍ୟ ପୁଲିସ ମୁଖ୍ୟାଳୟ ପକ୍ଷରୁ ନିର୍ଦ୍ଦେଶନାମା ପ୍ରକାଶ ପାଇଛି।

## ତ୍ରୁଟିପୂର୍ଣ୍ଣ ନିଷ୍ପତ୍ତି; ୫ ଲକ୍ଷ ଚାଷୀ ପଞ୍ଜୀକରଣରୁ ବଞ୍ଚିତ

ଭୁବନେଶ୍ୱର,୧୮।୮ (ସମିସ): ସରକାର ଖରିଫ୍ ଧାନ ବିକ୍ରି ପାଇଁ ଚାଷୀ ପଞ୍ଜୀକରଣ ଅବଧି ଅଗଷ୍ଟ ୨୦ ପର୍ଯ୍ୟନ୍ତ ସ୍ଥିର କରିଥିଲେ। କିନ୍ତୁ ତ୍ରୁଟିପୂର୍ଣ୍ଣ ନିଷ୍ପତ୍ତି ଯୋଗୁଁ ରାଜ୍ୟର ୫ ଲକ୍ଷରୁ ଊର୍ଦ୍ଧ୍ୱ ଚାଷୀ ଅଦ୍ୟାବଧି ସେମାନଙ୍କର ନାମ ପଞ୍ଜୀକରଣ କରିପାରି ନାହାନ୍ତି। ବିଭିନ୍ନ ଆଡ଼ୁ ଦାବି ପରେ ସରକାର ପଞ୍ଜୀକରଣ ଅବଧିକୁ ଆଉ ମାତ୍ର ୫ ଦିନ ବଢ଼ାଇଛନ୍ତି। ଇତିମଧ୍ୟରେ ଚାଷୀ ଅଗଷ୍ଟ ୨୫ ତାରିଖ ସୁଦ୍ଧା ସମବାୟ ସମିତିରେ ଫର୍ମ ଦାଖଲ କରିବା ସମ୍ଭବପର ନୁହେଁ। ତେଣୁ ଏହି ଅବଧିକୁ ସେପ୍ଟେମ୍ବର ୧୫ ପର୍ଯ୍ୟନ୍ତ ବୃଦ୍ଧି କରିବାକୁ ରାଜ୍ୟ କିଷାନ କଂଗ୍ରେସ ଦାବି କରିଛି।

**ପଞ୍ଜୀକରଣ ଅବଧି ସେପ୍ଟେମ୍ବର ୧୫ ପର୍ଯ୍ୟନ୍ତ ବୃଦ୍ଧି ଦାବି**

ଅଖିଳ ଭାରତ କିଷାନ କଂଗ୍ରେସ ରାଷ୍ଟ୍ରୀୟ ସଂଯୋଜକ ଅମିୟ କୁମାର ପଟ୍ଟନାୟକ ଅଭିଯୋଗ କରିଛନ୍ତି ଯେ ଆଗରୁ ବିଧିବଦ୍ଧ ନିଷ୍ପତ୍ତି ନ ନେଇ ଯେଉଁ ଇ-କେୱାଇସି ବ୍ୟବସ୍ଥା କରାଗଲା, ଏହାଦ୍ୱାରା ଚାଷୀ ଅକଥନୀୟ ଦୁର୍ଦ୍ଦଶାର ସମ୍ମୁଖୀନ ହେଉଛନ୍ତି। ଚାଷୀ ନାମ ପଞ୍ଜୀକରଣରେ ଯେଉଁ ସମସ୍ୟାର ସମ୍ମୁଖୀନ ହେଉଛନ୍ତି ସେ ଦିଗରେ ସରକାର ସମୀକ୍ଷା କରିବା ପରିବର୍ତ୍ତେ ସମସ୍ୟାର ସମାଧାନ ପାଇଁ ଯଥୋଚିତ ପଦକ୍ଷେପ ନ ନେବା ଅତ୍ୟନ୍ତ ଦୁର୍ଭାଗ୍ୟର ବିଷୟ। ବିଜୁଳିକାଟ, ଜମିଜମା ରେକର୍ଡପତ୍ର, ବଂଶାନୁବଳୀ ପ୍ରମାଣପତ୍ର ପ୍ରଭୃତି ଜଟିଳ ସମସ୍ୟା ହୋଇବାରୁ ରାଜ୍ୟର ଆଉ ୪୦ ପ୍ରତିଶତ ଚାଷୀ ସେମାନଙ୍କ ଧାନ ବିକିବା ପାଇଁ ପଞ୍ଜୀକରଣ କରିପାରି ନାହାନ୍ତି। ସରକାର ବର୍ତ୍ତମାନ ଏହି ପ୍ରକ୍ରିୟାକୁ ସରଳୀକରଣ କରିଥିଲେ ମଧ୍ୟ ଅନେକ ସ୍ଥାନରେ ଚାଷୀଙ୍କୁ ଉପଯୁକ୍ତ ସହଯୋଗ ମିଳୁନାହିଁ। ସମବାୟ ସମିତିରେ ସଂପାଦକ ଠିକଣା ଢଙ୍ଗରେ ଚାଷୀଙ୍କୁ ସହଯୋଗ କରୁ ନ ଥିବାର ଅଭିଯୋଗ ହେଉଛି। ତେଣୁ ଏହାର ସୁ-ସମାଧାନ ପାଇଁ ଧାନ ବିକ୍ରି ପଞ୍ଜୀକରଣ ଅବଧିକୁ ସେପ୍ଟେମ୍ବର ୧୫ ତାରିଖ ପର୍ଯ୍ୟନ୍ତ ବୃଦ୍ଧି କରିବାକୁ ସେ ଦାବି କରିଛନ୍ତି।

## ଇଗ୍ନୋ ଡିଇସିଇ ପାଠ୍ୟକ୍ରମର ଓଡ଼ିଆ ପୁସ୍ତକ ଉନ୍ମୋଚିତ

ଭୁବନେଶ୍ୱର,୧୮।୮ (ସମିସ): ଇନ୍ଦିରା ଗାନ୍ଧୀ ରାଷ୍ଟ୍ରୀୟ ମୁକ୍ତ ବିଶ୍ୱବିଦ୍ୟାଳୟ (ଇଗ୍ନୋ) ପକ୍ଷରୁ 'ପ୍ରାରମ୍ଭିକ ଶିଶୁଯତ୍ନ ଏବଂ ଶିକ୍ଷାରେ ଡିପ୍ଲୋମା (ଡିଇସିଇ)' ପାଠ୍ୟକ୍ରମର ଓଡ଼ିଆ ଭାଷାରେ ଅନୁବାଦ ପୁସ୍ତକ ଉନ୍ମୋଚିତ ହୋଇଛି। ଉପ-ମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା ଓ ଉଚ୍ଚଶିକ୍ଷା ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ଏହାକୁ ଉନ୍ମୋଚନ କରିଛନ୍ତି। ଏହା ପୂର୍ବରୁ ଇଂରାଜୀ, ହିନ୍ଦୀ ଓ ତାମିଲ ଭାଷାରେ ଏହି ପାଠ୍ୟକ୍ରମ ଶିକ୍ଷାଦାନ କରାଯାଉଥିଲା। ସମ୍ପ୍ରତି ଓଡ଼ିଆରେ ମଧ୍ୟ ଶିକ୍ଷାଦାନ ପାଇପାରିବେ ଛାତ୍ରଛାତ୍ରୀ। ଏହା ଏକ ବର୍ଷିକିଆ ପାଠ୍ୟକ୍ରମ ଏବଂ +୨ ଉତ୍ତୀର୍ଣ୍ଣ ହେଉଥିବା ଛାତ୍ରଛାତ୍ରୀମାନେ ନାମ ଲେଖାଇପାରିବେ। ଶିଶୁଙ୍କ ପ୍ରାରମ୍ଭିକ ଶିକ୍ଷା, ସ୍ୱାସ୍ଥ୍ୟ ଓ ପୋଷଣ ଉପରେ ଶିକ୍ଷାଦାନ କରାଯିବ। ପାଠ୍ୟପୁସ୍ତକ ସହ ଅଡିଓ କ୍ୟାସେଟ୍ ଏବଂ ଭିଡିଓ ମାଧ୍ୟମରେ ମଧ୍ୟ ଛାତ୍ରଛାତ୍ରୀମାନେ ଶିକ୍ଷା ଗ୍ରହଣ କରିପାରିବେ।



ଉପ-ମୁଖ୍ୟମନ୍ତ୍ରୀ ଶ୍ରୀମତୀ ପରିଡ଼ା ମୁଖ୍ୟ ଅତିଥି ଭାବେ ଯୋଗଦେଇ କହିଛନ୍ତି ଯେ ଓଡ଼ିଆ ଭାଷାରେ ଶିକ୍ଷାଦାନ ନିଷ୍ପତ୍ତି ଏକ ସ୍ୱାଗତଯୋଗ୍ୟ ପଦକ୍ଷେପ। ବିଶେଷକରି ଶିଶୁବାଟିକା ଏବଂ ଅଙ୍ଗନବାଡିରେ କାର୍ଯ୍ୟରତ କର୍ମଚାରୀମାନେ ଏହି ପାଠ୍ୟକ୍ରମରେ ଉପକୃତ ହୋଇପାରିବେ। ଉଚ୍ଚଶିକ୍ଷା ମନ୍ତ୍ରୀ ଶ୍ରୀ ସୂରଜ କହିଛନ୍ତି ଯେ ପ୍ରାରମ୍ଭିକ ଶିକ୍ଷାକୁ ସୁଦୃଢ଼ କଲେ ସମ୍ପୂର୍ଣ୍ଣ ଶିକ୍ଷା ବ୍ୟବସ୍ଥା ସୁଦୃଢ଼ ହୋଇପାରିବ। ଇଗ୍ନୋର ଏହି ପାଠ୍ୟକ୍ରମ ପ୍ରାରମ୍ଭିକ ଶିକ୍ଷା ବ୍ୟବସ୍ଥା ସହ ଜଡ଼ିତ କର୍ମଚାରୀଙ୍କ ଦକ୍ଷତା ବିକାଶ କରିପାରିବ ବୋଲି ସେ ଆଶାବ୍ୟକ୍ତ କରିଛନ୍ତି। ମାତୃଭାଷାରେ ଶିକ୍ଷା ଲାଭ ଫଳରେ ଛାତ୍ରଛାତ୍ରୀଙ୍କର ସୃଜନଶୀଳତାର ବିକାଶ ହେବା ସହ ତୃଣମୂଳସ୍ତରରୁ ଶିକ୍ଷା ବ୍ୟବସ୍ଥା ସୁଦୃଢ଼ ହୋଇପାରିବ। କାର୍ଯ୍ୟକ୍ରମରେ ଇଗ୍ନୋ କୁଳପତି ପ୍ରଫେସର ଉମା କାଞ୍ଜିଲାଲଙ୍କ ସମେତ ଉଚ୍ଚଶିକ୍ଷା ବିଭାଗ ସଚିବ ଅରବିନ୍ଦ ଅଗ୍ରୱାଲ, ମହିଳା ଓ ଶିଶୁ ବିକାଶ ବିଭାଗର ନିର୍ଦ୍ଦେଶକ ମନୀଷା ବାନାର୍ଜୀ ଓ ବହୁ ବରିଷ୍ଠ କର୍ମଚାରୀ ଉପସ୍ଥିତ ଥିଲେ। ସୂଚନାଯୋଗ୍ୟ, ଇଗ୍ନୋର ବିଭିନ୍ନ ପାଠ୍ୟକ୍ରମକୁ ଓଡ଼ିଆରେ ପ୍ରଚଳନ କରିବା ପାଇଁ ଜୁନ୍ ୯ ତାରିଖରେ ଉଚ୍ଚଶିକ୍ଷା ବିଭାଗ ଓ ଇଗ୍ନୋ ମଧ୍ୟରେ ବୁଝାମଣାପତ୍ର ସ୍ୱାକ୍ଷରିତ ହୋଇଥିଲା।

# ଏନ୍‌ଏଚ୍‌ଏଆଇକୁ ସୁପ୍ରିମକୋର୍ଟଙ୍କ ପ୍ରଶ୍ନ: ୧୨ ଘଣ୍ଟା ରାସ୍ତା ଜାମ୍ ହେଲେ ଟୋଲ୍ କାହିଁକି




ନୂଆଦିଲ୍ଲୀ, ୧୮।୮ (ଏଜେନ୍ସି): ସୁପ୍ରିମକୋର୍ଟ ଆଜି ନ୍ୟାସନାଲ ହାଇୱେ ଅଥରିଟି ଅଫ୍ ଇଣ୍ଡିଆ (ଏନ୍‌ଏଚ୍‌ଏଆଇ)କୁ ତୀବ୍ର ସମାଲୋଚନା କରିଛନ୍ତି। ଜାତୀୟ ରାଜପଥରେ ଦୀର୍ଘ ସମୟ ପର୍ଯ୍ୟନ୍ତ ଲାଗି ରହୁଥିବା ଜାମ୍‌କୁ ନେଇ ପ୍ରଶ୍ନ କରିଛନ୍ତି। ଘଣ୍ଟାଏ ବାଟ ଯିବା ପାଇଁ ୧୨ ଘଣ୍ଟା ଲାଗିଲେ ଲୋକେ କାହିଁକି ଟୋଲ୍ ଦେବେ ବୋଲି ପ୍ରଧାନ ବିଚାରପତି (ସିଜେଆଇ) ବିଆର ଗଭାଇଙ୍କ ନେତୃତ୍ୱାଧୀନ ଜଷ୍ଟିସ ବିନୋଦ ଚନ୍ଦ୍ରନ ଏବଂ ଏନ ଭି ଅଞ୍ଜାରିଆଙ୍କ ଖଣ୍ଡପୀଠ ଏନ୍‌ଏଚଆଇକୁ ପ୍ରଶ୍ନ କରିଛନ୍ତି। କେରଳ ହାଇକୋର୍ଟଙ୍କ ରାୟ ବିରୋଧରେ ଦାଏର ମାମଲାର ଶୁଣାଣି କରି କୋର୍ଟ ଏହି ଟିପ୍ପଣୀ ଦେଇଛନ୍ତି। ତ୍ରିଶୁର ଜିଲ୍ଲା ପାଲିୟେକାରାରେ ଥିବା ଟୋଲ୍ ଗେଟ୍‌ରୁ ଦେୟ ଆଦାୟ ନ କରିବା ପାଇଁ ହାଇକୋର୍ଟ ନିର୍ଦ୍ଦେଶ ଦେଇଥିଲେ। କାରଣ ଏନ୍‌ଏଚ୍-୫୪୪ରେ ପଡୁଥିବା ଏହି ମାନୁଥି-ଏଡାପଲ୍ଲି ରାସ୍ତା ଅତି ଖରାପ ଥିଲା ଏବଂ ଗହଳି ଲାଗି ରହୁଥିଲା।

ଶୁଣାଣି ସମୟରେ ସୁପ୍ରିମକୋର୍ଟ କହିଥିଲେ ଯେ ଯଦି ଟ୍ରାଫିକ ନ ଥିବ ତେବେ ୬୫ କିମିର ଏହି ରାସ୍ତା ଅତିକ୍ରମ କରିବା ପାଇଁ ଅତିବେଶିରେ ଘଣ୍ଟାଏ ଲାଗିଥାଏ। ଯଦି ଟ୍ରାଫିକରେ ଭିଡ଼ ରହେ ତେବେ ଅତିବେଶିରେ ତିନି ଘଣ୍ଟା ଲାଗିବ। କିନ୍ତୁ ସହରର ଗୋଟିଏ ପାର୍ଶ୍ୱରୁ ଅନ୍ୟ ପାର୍ଶ୍ୱକୁ ଯିବା ପାଇଁ ଯଦି ୧୨ ଘଣ୍ଟା ଲାଗିବ ତେବେ ଟୋଲ ବାବଦକୁ ୧୫୦ ଟଙ୍କା କାହିଁକି ଦିଆଯିବ? ଜାମ୍ ପାଇଁ ଘଣ୍ଟାଏ ବଦଳରେ ଲୋକଙ୍କୁ



୧୧ ଘଣ୍ଟା ଅଧିକ ଲାଗୁଛି ଏବଂ ଏଥିପାଇଁ ତାଙ୍କୁ ଟୋଲ୍ ମଧ୍ୟ ଦେବାକୁ ପଡୁଛି। ଏ ବିଷୟରେ ଜଷ୍ଟିସ ଚନ୍ଦ୍ରନ ପ୍ରଶ୍ନ କରିବାରୁ ଏନ୍‌ଏଚଏଆଇ ପକ୍ଷରୁ ସଲିସିଟର ଜେନେରାଲ ତୁଷାର ମେହେଟା କହିଥିଲେ ଯେ ରାସ୍ତାରେ ଟ୍ରକ୍ ଖସି ପଡ଼ିବା ଈଶ୍ୱର କୃତ। ଏହାଉପରେ ଜଷ୍ଟିସ ଚନ୍ଦ୍ରନ କହିଥିଲେ ଯେ ଆପେ ଆପେ ଟ୍ରକ୍ ଖସିପଡ଼ି ନାହିଁ। ଖାଲରେ ପଡ଼ିଯିବାରୁ ଏହା ଦୁର୍ଘଟଣାର ଶିକାର ହୋଇଥିଲା। ଜବାବରେ ଏସ୍‌ଜି କହିଥିଲେ ଯେ ମୌସୁମୀ ବର୍ଷା ଯୋଗୁଁ ଅଣ୍ଡର ପାସ୍ ନିର୍ମାଣ କାର୍ଯ୍ୟ ଉପରେ ପ୍ରଭାବ ପଡ଼ିଛି। ଟୋଲ ହଟାଇବା ପରିବର୍ତ୍ତେ ହ୍ରାସ କରିବାକୁ ପରାମର୍ଶ ଦେଇଛନ୍ତି।

# ଜୟଶଙ୍କରଙ୍କୁ ଭେଟିଲେ ଚୀନ୍ ବିଦେଶ ମନ୍ତ୍ରୀ



ନୂଆଦିଲ୍ଲୀ, ୧୮।୮(ଏଜେନ୍ସି): ଆମେରିକାର ଶୁଳ୍କ ଧମକ ମଧ୍ୟରେ ଚୀନ ବୈଦେଶିକ ମନ୍ତ୍ରୀ ୱାଙ୍ଗ ୟି ସୋମବାର ଭାରତ ଗସ୍ତରେ ଆସିଛନ୍ତି। ସେ ନୂଆଦିଲ୍ଲୀରେ ବୈଦେଶିକ ମନ୍ତ୍ରୀ ଏସ୍ ଜୟଶଙ୍କରଙ୍କୁ ଭେଟିଛନ୍ତି। ଉଭୟେ ସୀମା ବିବାଦ, ଦ୍ୱିପାକ୍ଷିକ ସମ୍ପର୍କରେ ଉନ୍ନତି ନେଇ ଚର୍ଚ୍ଚା କରିଥିଲେ। ଜୟଶଙ୍କର କହିଥିଲେ ଯେ ଦୁଇ ଦେଶର ସମ୍ବନ୍ଧ ପାରସ୍ପରିକ ସମ୍ମାନ, ସ୍ୱାର୍ଥ ଏବଂ ସମ୍ବେଦନଶୀଳତା ଉପରେ ଆଧାରିତ ହେବା ଉଚିତ। ରାଷ୍ଟ୍ର ମଧ୍ୟରେ ଥିବା ମତପାର୍ଥକ୍ୟକୁ ବିବାଦର ରୂପ ଦିଆଯିବା ଉଚିତ ନୁହେଁ। । ଦୁଇଦେଶର ସମ୍ପର୍କ ଖରାପ ସମୟ ଦେଇ ଗତି କରିଥିଲା। ଏବେ ଆଗକୁ ବଢ଼ିବାର ସମୟ ଆସିଯାଇଛି। ଏଥିପାଇଁ ଉଭୟ ପକ୍ଷରୁ ସ୍ପଷ୍ଟ ଏବଂ ଗଠନମୂଳକ ଆଭିମୁଖ୍ୟର ଆବଶ୍ୟକତା ରହିଛି। ଆତଙ୍କବାଦକୁ ନେଇ ମଧ୍ୟ ଜୟଶଙ୍କର ଚିନ୍ତା ପ୍ରକଟ କରିଥିଲେ। ସମସ୍ତ ପ୍ରକାର ଆତଙ୍କବାଦ ବିରୋଧରେ ଲଢେଇକୁ ପ୍ରାଧାନ୍ୟ ଦିଆଯିବା ଉଚିତ। ବୈଶ୍ୱିକ ସ୍ଥିତି ଏବଂ ପାରସ୍ପରିକ ସ୍ୱାର୍ଥ ଉପରା ଆଲୋଚନା କରି ଦ୍ୱିପାକ୍ଷିକ ସମ୍ବନ୍ଧର ସମୀକ୍ଷା ପାଇଁ ଏହି ବୈଠକ ଏକ ସୁଯୋଗ ଆଣିଛି ବୋଲି ଜୟଶଙ୍କର କହିଥିଲେ। ସେହିପରି ସୀମାବର୍ତ୍ତୀ ଅଞ୍ଚଳରେ ଆମେ ଶାନ୍ତି ଓ ସୌହାର୍ଦ୍ଦ ବଜାୟ ରଖିବାକୁ ଚାହୁଁଛୁ ବୋଲି ୱାଙ୍ଗ କହିଥିଲେ। ସହଯୋଗ ବୃଦ୍ଧିକୁ ଗୁରୁତ୍ୱ ଦିଆଯିବ। କୈଳାସ ମାନସରୋବର ଯାତ୍ରା ପୁଣି ଆରମ୍ଭ ହୋଇଛି ବୋଲି ୱାଙ୍ଗ କହିଥିଲେ। ଚୀନ୍‌ରେ ଆୟୋଜନ ହେବାକୁ ଯାଉଥିବା ଏସ୍‌ସିଓ ସମ୍ମିଳନୀ ପୂର୍ବରୁ ଏହି ବୈଠକକୁ ବେଶ୍ ଗୁରୁତ୍ୱ ଦିଆଯାଉଛି। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଓ ଜାତୀୟ ସୁରକ୍ଷା ପରାମର୍ଶଦାତା (ଏନ୍‌ଏସ୍‌ଏ) କୁ ମଧ୍ୟ ୱାଙ୍ଗ ସାକ୍ଷାତ କରିବାର କାର୍ଯ୍ୟକ୍ରମ ରହିଛି।

## ସୁରତରେ ୨୫ କୋଟିର ହୀରା ଚୋରି

ସୁରତ, ୧୮।୮(ଏଜେନ୍ସି): ଗୁଜରାଟ ସୁରତର କାପୋଦରା ଅଞ୍ଚଳରେ ଡିକେ ଆଣ୍ଡ ସନ୍ସ ଡାଇମଣ୍ଡ କମ୍ପାନୀରୁ ପାଖାପାଖି ୨୫ କୋଟି ଟଙ୍କାର ହୀରା ଚୋରି ହୋଇଛି। ସୂଚନା ପାଇ ସ୍ଥାନୀୟ ପୁଲିସ ଓ କ୍ରାଇମ ବ୍ରାଞ୍ଚ୍ ଟିମ୍ ଘଟଣାସ୍ଥଳରେ ପହଞ୍ଚିଥିଲା। କଟରରେ ଲକର୍ କାଟି ଲୁଟେରାମାନେ ହୀରା ଓ ନଗଦ ଟଙ୍କା ଲୁଟି ଏବଂ ପ୍ରମାଣ ନଷ୍ଟ କରି ପଳାଇ ଥିଲେ। ସିସିଟିଭି କ୍ୟାମେରା ଭାଙ୍ଗିବା ସହ ଡିଭିଆର ମଧ୍ୟ ନେଇ ଯାଇଥିଲେ। ପୁଲିସ ଅନ୍ୟ ସିସିଟିଭି ଫୁଟେଜକୁ ନେଇ ଯାଞ୍ଚ କରୁଛି। ଅଗଷ୍ଟ ୧୫, ଜନ୍ମାଷ୍ଟମୀ ଓ ରବିବାର ବଜାର ବନ୍ଦ ରଥିବାର ସୁଯୋଗ ନେଇ ଲୁଟେରା ଏହି କାଣ୍ଡ ଘଟାଇ ଥିଲେ। ଲକ୍‌ରରେ ପ୍ରାୟ ୩୦ କୋଟି ଟଙ୍କାର ଜିନିଷ ଥିଲା ବୋଲି ମାଲିକ ଦେବେନ୍ଦ୍ର ଚୌଧୁରୀ କହିଛନ୍ତି।

## ଦିଲ୍ଲୀରେ ୩ ସ୍କୁଲକୁ ବୋମା ଧମକ

ନୂଆଦିଲ୍ଲୀ, ୧୮।୮(ଏଜେନ୍ସି): ଦିଲ୍ଲୀର ୩ଟି ସ୍କୁଲକୁ ସୋମବାର ବୋମା ଧମକ ମିଳିଛି। ସତର୍କତା ଦୃଷ୍ଟିରୁ ଦିଲ୍ଲୀ ପବ୍ଲିକ ସ୍କୁଲ ଦ୍ୱାରକା, ମର୍ଡନ କନଭେଣ୍ଟ ଓ ଶ୍ରୀରାମ ସ୍କୁଲ୍‌କୁ ଖାଲି କରାଯାଇ ଯାଞ୍ଚ କରାଯାଇଛି। ସକାଳେ ୭ଟାରେ ସ୍କୁଲରେ ବିସ୍ଫୋରକ ଥିବାର ସୂଚନା ମିଳିଥିଲା ବୋଲି ଦମକଳ ବିଭାଗ ଅଧିକାରୀମାନେ କହିଛନ୍ତି। ଏହାପରେ ଦିଲ୍ଲୀ ପୁଲିସ, ବୋମା ନିଷ୍କ୍ରିୟକାରୀ ଦଳ ଓ ଡଗ୍ ସ୍କ୍ୱାଡ ପହଞ୍ଚି ଖୋଜାଖୋଜି କରିଥିଲେ ବି କୌଣସି ବିସ୍ଫୋରକ ସାମଗ୍ରୀ ପାଇ ନ ଥିଲେ।

## ମାସକରେ ଆସାମରେ ସପ୍ତମ ଭୂକମ୍ପ

ଗୌହାଟୀ, ୧୮।୮(ଏଜେନ୍ସି): ଆସାମର ନାଗାଓଁରେ ସୋମବାର ଭୂକମ୍ପ ଅନୁଭୂତ ହୋଇଛି। ଏହାକୁ ମିଶାଇ ଆସାମରେ ମାସକେ ସପ୍ତମ ଓ ନାଗାଓଁ ଜିଲ୍ଲାରେ ତୃତୀୟ ଭୂକମ୍ପ ଅନୁଭୂତ ହୋଇଛି। ଏଥିରେ କୌଣସି କ୍ଷୟକ୍ଷତିର ସୂଚନା ମିଳିନାହିଁ ବୋଲି ଜିଲ୍ଲା ପ୍ରଶାସନ ପକ୍ଷରୁ କୁହାଯାଇଛି। ରିଚର ସ୍କେଲ୍‌ରେ ଏହି ଭୂକମ୍ପର ତୀବ୍ରତା ୪.୩ ଥିଲା ବୋଲି ନ୍ୟାସନାଲ ସେଣ୍ଟର ଫର ସିସମୋଲୋଜି ପକ୍ଷରୁ କୁହାଯାଇଛି। ଅପରାହ୍ଣ ୧୨.୦୯ ରେ ୩୫ କିମି ଗଭୀରରେ ଏହା ରେକର୍ଡ ହୋଇଥିଲା। ଏହି ଜିଲ୍ଲାରେ ପୂର୍ବରୁ ଗତ ୭ରେ ୩.୮ ଓ ୮ ତାରିଖରେ ୨.୮ ତୀବ୍ରତାର ଭୂକମ୍ପ ହୋଇଥିଲା। ଚଳିତ ମାସ ଆସାମରେ ଅନୁଭୂତ ହୋଇଥିବା ୭ଟି ଯାକ ଭୂକମ୍ପର ତୀବ୍ରତା ୨.୮ ରୁ ୪.୩ ଥିଲା।

## ଟୋଲ୍ ପ୍ଲାଜାରେ ସେନା ଯବାନଙ୍କୁ ମାଡ଼

ମିରଟ, ୧୮।୮ (ଏଜେନ୍ସି): ଉତ୍ତରପ୍ରଦେଶର ମିରଟ୍‌ରେ କର୍ଣ୍ଣାଲ ରାଜପଥରେ ଥିବା ଭୁନି ଟୋଲ ପ୍ଲାଜାରେ ରବିବାର ରାତିରେ ସେନା ଯବା କପିଲ କଭଦଙ୍କୁ ମାଡ ମରାଯାଇଛି। ଏହାକୁ ନେଇ ସ୍ଥାନୀୟ ଗାଁ ଲୋକେ ସେଠାରେ ଭଙ୍ଗାରୁଜା କରିଛନ୍ତି। ଯବାନ ଜମ୍ମୁ- କଶ୍ମୀରରେ ନିୟୋଜିତ ଅଛନ୍ତି। ସେ ନିଜ ସମ୍ପର୍କୀୟ ଭାଇଙ୍କ ସହ ଦିଲ୍ଲୀ ବିମାନ ବନ୍ଦର ଯାଉଥିବାବେଳେ ଟୋଲ ଫି ଓ ସେଠାରେ ହେଉଥିବା ଜାମ୍ ନେଇ ଟୋଲ କର୍ମଚାରୀଙ୍କ ସହ ତାଙ୍କର ଯୁକ୍ତିତର୍କ ହୋଇଥିଲା। ଫଳରେ ଟୋଲ କର୍ମଚାରୀମାନେ ତାଙ୍କୁ ଗୋଇଠା, ବିଧା, ଚାପୁଡା ମାରିବା ସହ ଗାଳିଗୁଲଜ କରିଥିଲେ। ଏହାର ଭିଡିଓ ସାମାଜିକ ଗଣମାଧ୍ୟମରେ ଭାଇରାଲ ହୋଇଥିଲା। ଏହି ମାମଲାରେ ୬ ଜଣଙ୍କୁ ପୁଲିସ ଗିରଫ କରିଛି।

## ତେଜପ୍ରତାପଙ୍କ ନୂଆ 'ଜନଶକ୍ତି ଜନତା ଦଳ'

ପାଟନା, ୧୮।୮(ଏଜେନ୍ସି): ଆରଜେଡି ସୁପ୍ରିମୋ ଲାଲୁ ପ୍ରସାଦ ଯାଦବଙ୍କ ବଡ଼ ପୁଅ ତେଜପ୍ରତାପ ନୂଆ ପାର୍ଟି 'ଜନଶକ୍ତି ଜନତା ଦଳ' ଗଢ଼ିଛନ୍ତି। ତେଜପ୍ରତାପଙ୍କ ଅନୁଗତ ବାଲେନ୍ଦ୍ର ଦାସ ୨୦୨୪ରେ ଏହି ଦଳରୁ ଲୋକସଭା ନିର୍ବାଚନ ଲଢିଥିଲେ। ସେତେବେଳେ ଦଳର ନିର୍ବାଚନ୍ନ ଚିହ୍ନ ବଂଶୀ ଥିଲା। ଏବେ ଏହି ପାର୍ଟିକୁ ତେଜପ୍ରତାପ ନିଜ ନାମରେ କରାଇଛନ୍ତି ବୋଲି ନିର୍ବାଚନ କମିସନର ଜଣେ ଅଧିକାରୀ କହିଛନ୍ତି।

# ହ୍ୱାଇଟ୍ ହାଉସ ଉପରେ ବିଶ୍ୱର ନଜର

## ଟ୍ରମ୍ପଙ୍କୁ ଭେଟିବେ ଜେଲେଁସ୍କି, ୟୁରୋପୀୟ ନେତା

ୱାସିଂଟନ , ୧୮।୮(ଏଜେନ୍ସି): ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ରୁଷିଆ ରାଷ୍ଟ୍ରପତି ଭ୍ଲାଦିମିର ପୁତିନଙ୍କୁ ଭେଟିବା ପରେ ୟୁକ୍ରେନ ରାଷ୍ଟ୍ରପତି ଭୋଲୋଡାମିର ଜେଲେଁସ୍କିଙ୍କୁ ଆଜି ଭେଟିବାର କାର୍ଯ୍ୟକ୍ରମ ରହିଛି। ରୁଷ ଓ ୟୁକ୍ରେନ ମଧ୍ୟରେ ଯୁଦ୍ଧକୁ ରୋକିବା ହିଁ ଏହି ବୈଠକର ମୂଳ ଲକ୍ଷ୍ୟ ବୋଲି କୁହାଯାଉଛି। ବୈଠକରେ ଜେଲେଁସ୍କିଙ୍କୁ ବାଦ୍ ଦେଲେ ୟୁରୋପୀୟ ରାଷ୍ଟ୍ର ସଂଘର ଅଧ୍ୟକ୍ଷ ଉର୍ସୁଲା ଭୋନ୍ ଡେର ଲେୟେନ, ନାଟୋ ମହାସଚିବ ମାର୍କ ରୁଟ୍, ବ୍ରିଟେନ ପ୍ରଧାନମନ୍ତ୍ରୀ କିର ଷ୍ଟାରମର, ଜର୍ମାନୀ ଚାନ୍ସଲର ଫ୍ରେଡେରିକ ମର୍ଜ, ଇଟାଲୀ ପ୍ରଧାନମନ୍ତ୍ରୀ ଜର୍ଜିଆ ମେଲୋନୀ ଓ ଫ୍ରାନ୍ସ ରାଷ୍ଟ୍ରପତି ଇମାନୁଏଲ ମାକ୍ରୋନଙ୍କ ଭଳି ୟୁରୋପୀୟ ନେତା ମଧ୍ୟ ଉପସ୍ଥିତ ରହିବେ। ହ୍ୱାଇଟ ହାଉସରେ ହେବାକୁ ଥିବାଏହି ବୈଠକ ଉପରେ ସାରା ବିଶ୍ୱର ନଜର ରହିଛି।

ଗତ ୭ ମାସ ମଧ୍ୟରେ ଟ୍ରମ୍ପ ଓ ଜେଲେଁସ୍କି ତୃତୀୟଥର ପାଇଁ ପରସ୍ପରକୁ ଭେଟିବାକୁ ଯାଉଛନ୍ତି। ଗତ ବୈଠକରେ ଟ୍ରମ୍ପ ଓ ଜେଲେଁସ୍କିଙ୍କ ମଧ୍ୟରେ ଜୋରଦାର୍ ଯୁକ୍ତିତର୍କ ହୋଇଥିଲା। ଆମେରିକାଠାରୁ ସାହାଯ୍ୟ ପାଇଥିଲେ ମଧ୍ୟ ଜେଲେଁସ୍କି କୃତଜ୍ଞ ନୁହଁ ବୋଲି ଟ୍ରମ୍ପ କହିଥିଲେ। ଖାସ ଏହି କାରଣରୁ ଦୁଇ ଦେଶ ମଧ୍ୟରେ ଖଣିଜ ପଦାର୍ଥକୁ ନେଇ କୌଣସି ଚୁକ୍ତି ହୋଇପାରି ନଥିଲା। ଏହାପରେ ଦୁହେଁ ଗତ ଏପ୍ରିଲ ୨୬ରେ ରୋମ୍‌ରେ ପୋପ୍‌ଙ୍କ ଅନ୍ତିମ ସଂସ୍କାରରେ ପରସ୍ପରକୁ ଭେଟିଥିଲେ। ଏଥର ବୈଠକରେ ଏଭଳି ସ୍ଥିତି ସୃଷ୍ଟି ହେବ ନାହିଁ ବୋଲି ଆଶା କରାଯାଉଛି। ବୈଠକରେ ଯୋଗ ଦେବାକୁ ଜେଲେଁସ୍କି ଇତିମଧ୍ୟରେ ୱାସିଂଟନରେ ପହଞ୍ଚି ସାରିଛନ୍ତି। ଉଲ୍ଲେଖଥାଉ କି, ୩ ଦିନ ତଳେ ୟୁକ୍ରେନ ଯୁଦ୍ଧକୁ ନେଇ ପୁତିନ

### ନାଟୋରେ ସାମିଲ ହେବନି ୟୁକ୍ରେନ, କ୍ରିମିଆ ବି ମିଳିବ ନାହିଁ: ଟ୍ରମ୍ପ

ଓ ଟ୍ରମ୍ପ ଆଲସ୍କାରେ ଏକ ହାଇପ୍ରୋଫାଇଲ ବୈଠକରେ ମିଳିତ ହୋଇଥିଲେ। ୩ ଘଣ୍ଟାର ଏହି ବୈଠକରେ କୌଣସି ନିଷ୍କର୍ଷ ବାହାରି ପାରି ନ ଥିଲା। ଯୁଦ୍ଧ ଅବସରରେ ରୁଷିଆ ୟୁକ୍ରେନର ୨୦ ପ୍ରତିଶତ ଅଞ୍ଚଳ ଅର୍ଥାତ ପାଖାପାଖି ୧ ଲକ୍ଷ ୪୦ ହଜାର ୫୦୦ ବର୍ଗ କିମି ଅଞ୍ଚଳ ଦଖଲକୁ ଆଣିଛି ଓ ଏହାକୁ ଛାଡିବାକୁ ମନା କରିଛି। ବିନା କୌଣସି ସର୍ତ୍ତରେ ଅସ୍ତ୍ରବିରତି ହେଉ ବୋଲି ଜେଲେଁସ୍କି କହିଛନ୍ତି। ଏବେ ଏହି ବୈଠକ ଉପରେ ସାରା ବିଶ୍ୱର ନଜର ରହିଛି।

ୟୁକ୍ରେନ୍‌କୁ ସାମରିକ ସଂଗଠନ ନାଟୋରେ ସାମିଲ କରାଯିବ ନାହିଁ ବୋଲି ରାଷ୍ଟ୍ରପତି ଟ୍ରମ୍ପ ବୈଠକ ପୂର୍ବରୁ ସ୍ପଷ୍ଟ କରିଛନ୍ତି। କେବଳ ସେତିକି ନୁହଁ, ୨୦୧୪ରୁ ରୁଷିଆ ଅକ୍ତିଆର କରିଥିବା କ୍ରିମିଆ ଅଞ୍ଚଳ ମଧ୍ୟ ୟୁକ୍ରେନ୍‌କୁ ମିଳିବନି ବୋଲି କହିଛନ୍ତି। ଏବେ ୟୁକ୍ରେନ ରାଷ୍ଟ୍ରପତି ଜେଲେଁସ୍କିଙ୍କ



ଉପରେ ସବୁକିଛି ନିର୍ଭର କରୁଛି। ସେ ଚାହିଁଲେ ରୁଷିଆ ବିପକ୍ଷରେ ଯୁଦ୍ଧକୁ ରୋକି ପାରିବେ। ସେ ଯୁଦ୍ଧ ଜାରି ରଖିବେ ନା ଶାନ୍ତି ପାଇଁ ରାସ୍ତା ଖୋଜିବେ ସବୁକିଛି ଜେଲେଁସ୍କିଙ୍କ ଉପରେ ନିର୍ଭର କରୁଛି ବୋଲି ଟ୍ରମ୍ପ କହିଛନ୍ତି। ୧୨ ବର୍ଷ ପୂର୍ବେ ସେତେବେଳର ଆମେରିକା ରାଷ୍ଟ୍ରପତି ବାରାକା ଓବାମାଙ୍କ ଗସ୍ତ ବେଳେ ବିନା ଗୁଳି ଚାଳନାରେ ରୁଷିଆକୁ କ୍ରିମିଆ ଦିଆଯାଇଥିଲା ଓ ୟୁକ୍ରେନ ବି ନାଟୋରେ ସାମିଲ ହୋଇ ନ ଥିଲା। ତେଣୁ କିଛି ଜିନିଷ କେବେବି ବଦଳିବ ନାହିଁ ବୋଲି ଟ୍ରମ୍ପ କହିଛନ୍ତି।

ଅନ୍ୟପଟେ ରୁଷିଆ ରାଷ୍ଟ୍ରପତି ପୁତିନ ୟୁକ୍ରେନକୁ ସୁରକ୍ଷା ପ୍ରତିଶ୍ରୁତି ଦେବେ ବୋଲି ଟ୍ରମ୍ପଙ୍କର ଜଣେ ବିଶେଷ ଦୂତ ଷ୍ଟିଭ ୱିଟ୍‌କଫ କହିଛନ୍ତି। ରୁଷିଆ ୟୁକ୍ରେନକୁ ନାଟୋ ଭଳି ସୁରକ୍ଷା ଦେବାକୁ ରାଜି। ଏ ନେଇ ଟ୍ରମ୍ପ ଓ ପୁତିନ ଆଲାସ୍କା ବୈଠକରେ ସହମତି ପ୍ରକାଶ କରିଥିଲେ। ତେବେ ୟୁକ୍ରେନ୍‌କୁ ନାଟୋର ସଦସ୍ୟତା ଦେବା ନେଇ ରୁଷିଆ କେବେ ରାଜି ହେବ ନାହିଁ ବୋଲି ପୁତିନ ସ୍ପଷ୍ଟ କରିଥିଲେ। ଆମେରିକା ଓ ୟୁରୋପୀୟ ରାଷ୍ଟ୍ରଗୁଡିକ ୟୁକ୍ରେନ୍‌କୁ ନାଟୋର ଧାରା-୫ ଭଳି ସୁରକ୍ଷା ବ୍ୟବସ୍ଥା ଦେବାକୁ ପ୍ରତିଶ୍ରୁତି ଦେଇଛନ୍ତି ଓ ପ୍ରସ୍ତାବିତ ଚୁକ୍ତିରେ ଏହା ଉଲ୍ଲେଖ କରାଯାଇଛି। ଉଲ୍ଲେଖଥାଉ କି, ନାଟୋର ଧାରା- ୫ ଅନୁସାରେ କୌଣସି ଗୋଟିଏ ରାଷ୍ଟ୍ର ଉପରେ ଆକ୍ରମଣ ହେଲେ ତାହା ସମସ୍ତଙ୍କ ଉପରେ ଆକ୍ରମଣ ବୋଲି ଧରି ନିଆଯିବ। ସେହିପରି ଆମେରିକା ୟୁକ୍ରେନ୍‌କୁ ସୁରକ୍ଷା ଗ୍ୟାରେଣ୍ଟି ଦେଇଥିବାରୁ ଜେଲେଁସ୍କି କୃତଜ୍ଞତା ଜଣାଇଛନ୍ତି। ଏହା ଏକ ଐତିହାସିକ ନିଷ୍ପତ୍ତି ସେ କହିଛନ୍ତି। ତେବେ ଏହା କେବଳ କାଗଜ କଲମରେ ନୁହେଁ ବାସ୍ତବରେ ହେବା ଉଚିତ ଓ ଏଥିରେ ୟୁରୋପୀୟ ରାଷ୍ଟ୍ରଗୁଡିକର ସକ୍ରିୟ ଭୂମିକା ରହିବା ନିହାତି ଜରୁରୀ ବୋଲି ଜେଲେଁସ୍କି ସ୍ପଷ୍ଟ କରିଛନ୍ତି।



## ମୋଦୀଙ୍କୁ ଫୋନ୍ କଲେ ପୁତିନ, ଆଲାସ୍କା କଥା କହିଲେ

ନୂଆଦିଲ୍ଲୀ, ୧୮।୮ (ଏଜେନ୍ସି): ରୁଷ୍ ରାଷ୍ଟ୍ରପତି ଭ୍ଲାଦିମିର ପୁତିନ ସୋମବାର ସନ୍ଧ୍ୟାରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କୁ ଫୋନ୍ କରିଛନ୍ତି। ଗତ ସପ୍ତାହରେ ଆଲାସ୍କାରେ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ସହ ହୋଇଥିବା ଚର୍ଚ୍ଚା ବିଷୟରେ ମୋଦୀଙ୍କୁ ସୂଚନା ଦେଇଛନ୍ତି। ଆଲୋଚନା ମାଧ୍ୟମରେ ୟୁକ୍ରେନ ଯୁଦ୍ଧର ଶାନ୍ତିପୂର୍ଣ୍ଣ ସମାଧାନ ପାଇଁ ମୋଦୀ କହିଛନ୍ତି। ଭାରତ ଏ ସମ୍ବନ୍ଧରେ ସମସ୍ତ ପ୍ରୟାସକୁ ସମର୍ଥନ କରୁଛି ବୋଲି ସେ ଉଲ୍ଲେଖ କରିଛନ୍ତି। ଆଲାସ୍କାରେ ଟ୍ରମ୍ପଙ୍କ ସହ ବୈଠକ ବିଷୟରେ ସୂଚନା ଦେଇଥିବାରୁ ପୁତିନଙ୍କୁ ମୋଦୀ ଧନ୍ୟବାଦ ଦେଇଛନ୍ତି। ଉଭୟ ନେତା ଦୁଇ ରାଷ୍ଟ୍ର ମଧ୍ୟରେ ରଣନୈତିକ ସହଯୋଗକୁ ଅଧିକ ମଜବୁତ କରିବା ପାଇଁ ମଧ୍ୟ ଚର୍ଚ୍ଚା କରିଛନ୍ତି। ସୂଚନାଯୋଗ୍ୟ ଯେ ରୁଷ୍ ରାଷ୍ଟ୍ରପତି ଭ୍ଲାଦିମିର ପୁତିନ ଏବଂ ଟ୍ରମ୍ପ ଗତ ୧୫ ତାରିଖରେ ଆଲାସ୍କାରେ ସାକ୍ଷାତ ଆଲୋଚନା କରିଥିଲେ। ଉଭୟେ ତିନି ଘଣ୍ଟା ପର୍ଯ୍ୟନ୍ତ ଚର୍ଚ୍ଚାକରିଥିଲେ। ତେବେ ଏହା ଫଳାଫଳଶୂନ୍‌ରହିଥିଲା। ୟୁକ୍ରେନ ରାଷ୍ଟ୍ରପତି ଭୋଲ୍‌ଡାମିର ଜେଲେଁସ୍କିଙ୍କ ଉପରେ ଶାନ୍ତି ପ୍ରକ୍ରିୟା ନିର୍ଭର କରୁଛି ବୋଲି ଟ୍ରମ୍ପ କହିଥିଲେ। ସେ ଏହି ବୈଠକ ସଫଳ ରହିଥିବା ଉଲ୍ଲେଖ କରିଥିଲେ। ସେହିପରି ଦେଶର ସୁରକ୍ଷା ସବୁଠୁ ଜରୁରୀ ବୋଲି ପୁତିନ କହିଥିଲେ। ସେ ପରବର୍ତ୍ତୀ ବୈଠକ ମସ୍କୋରେ କରାଇବାକୁ ପ୍ରସ୍ତାବ ଦେଇଥିଲେ।

ସୂଚନାଯୋଗ୍ୟ ଯେ ରୁଷ୍‌ଠାରୁ ତୈଳ କ୍ରୟକୁ ନେଇ ଆମେରିକା ଭାରତ ଉପରେ ଅତିରିକ୍ତ ୫୦ ପ୍ରତିଶତ ଶୁଳ୍କ ଲଗାଇଛି। ଭାରତ ଏହାକୁ ବେଆଇନ ବୋଲି କହିଛି।

# ମୁମ୍ବାଇରେ ପ୍ରବଳ ବର୍ଷା, ସ୍କୁଲ-କଲେଜ ଛୁଟି

ମୁମ୍ବଇ, ୧୮।୮(ଏଜେନ୍ସି): ମୁମ୍ବଇ ଓ ଆଖପାଖ ଅଞ୍ଚଳରେ ସୋମବାର ସକାଳୁ ପ୍ରବଳ ବର୍ଷା ଜାରି ରହିଛି। ଫଳରେ ଜନଜୀବନ ଅସ୍ତବ୍ୟସ୍ତ ହୋଇ ପଡ଼ିଛି। କେତେକ ଅଞ୍ଚଳରେ ପାଣି ଭରି ରହିଛି। ଏଥିପାଇଁ ସଡକରେ ଟ୍ରାଫିକ ଜାମ୍ ହୋଇଛି। ଗତ ୨୪ ଘଣ୍ଟା ମଧ୍ୟରେ ମୁମ୍ବାଇରେ ୫୪ ମିଲିମିଟର ବର୍ଷା ହୋଇଛି ବୋଲି ସ୍ଥାନୀୟ ପାଣିପାଗ ବିଭାଗ ସୂଚନା ଦେଇଛି। ବୃହନ ମୁମ୍ବଇ ମ୍ୟୁନିସିପାଲ କର୍ପୋରେସନ (ବିଏମ୍‌ସି) ମୁମ୍ବଇର ସବୁ ସ୍କୁଲ ଓ କଲେଜ ଛୁଟି ଘୋଷଣା କରିଛନ୍ତି। ଅତିଆବଶ୍ୟକ ନ ହେଲେ ଲୋକଙ୍କୁ ଘରୁ ବାହାରକୁ ଯିବାକୁ ମନା କରାଯାଇଛି। ଆଗାମୀ କିଛି ଘଣ୍ଟାରେ ମୁମ୍ବାଇରେ ପ୍ରବଳ ବର୍ଷା ହେବ ବୋଲି ପାଣିପାଗ କାର୍ଯ୍ୟାଳୟ ତରଫରୁ ସତର୍କତା ଜାରି କରାଯାଇଛି। ମୁମ୍ବଇ ଭଳି ଥାନେ, ପାଲଘର ଓ ରାଇଘରରେ ମଧ୍ୟ ପ୍ରବଳ ବର୍ଷା ହେବାର ସମ୍ଭାବନା ରହିଛି। ବର୍ଷା କାରଣରୁ ମୁମ୍ବଇ ବିମାନ ବନ୍ଦରରେ କେତୋଟି ବିମାନ ଉଡାଣ

### ଲୋକାଲ ଟ୍ରେନ୍ ଓ ବିମାନ ବିଳମ୍ବିତ

ବିଳମ୍ବିତ ହୋଇଛି। ତେବେ କେତେ ସଂଖ୍ୟାରେ ବିମାନ ଉଡାଣ ବିଳମ୍ବିତ ହୋଇଛି ସେ ନେଇ ବିମାନ ବନ୍ଦର କର୍ତ୍ତୃପକ୍ଷ କୌଣସି ସୂଚନା ଦେଇ ନାହାନ୍ତି। ବିମାନର ଉଡାଣ ହାରାହାରି ୫୪ ମିନିଟ୍ ବିଳମ୍ବିତ ହୋଇଛି ବୋଲି କୁହାଯାଇଛି। ସେହିପରି ଲୋକାଲ ଟ୍ରେନ୍‌ଗୁଡିକ ୧୫ରୁ ୨୦ ମିନିଟ୍ ବିଳମ୍ବରେ ଚାଲୁଛି। ଉତ୍ତରାଖଣ୍ଡ, ହିମାଚଳ ପ୍ରଦେଶ ଓ



ଜମ୍ମୁ-କଶ୍ମୀରରେ ଗତ କେତେଦିନ ହେବ ପ୍ରବଳ ବର୍ଷା ଜାରି ରହିଛି। ଗତ ୩ ଦିନ ହେବ ହିମାଚଳରେ ବର୍ଷା ଜାରି ରହିଥିବାରୁ ଜନଜୀବନ ଅସ୍ତବ୍ୟସ୍ତ ହୋଇପଡ଼ିଛି। ଚଣ୍ଡିଗଡ଼-ମନାଲୀ ଚାରି ଲେନ ସମେତ ୩ଟି ଜାତୀୟ ରାଜପଥ ଓ ହିମାଚଳରେ ୪୦୦ ସଡ଼କ ବନ୍ଦ ରହିଛି। ଉତ୍ତରାଖଣ୍ଡରେ ଗଙ୍ଗୋତ୍ରୀ ଓ ଯମୁନୋତ୍ରୀ ରାଜପଥ ବର୍ଷା ଯୋଗୁଁ ଭାଙ୍ଗି ଯାଇଛି।

### କେନ୍ଦ୍ରକୁ ସୁପ୍ରିମକୋର୍ଟଙ୍କ ନିର୍ଦ୍ଦେଶ

## ପ୍ରଶିକ୍ଷଣ ସମୟରେ ଶାରୀରିକ ଅକ୍ଷମ ଯବାନଙ୍କ ଯତ୍ନ ନିଅ

ନୂଆଦିଲ୍ଲୀ, ୧୮।୮ (ଏଜେନ୍ସି): ସୁପ୍ରିମକୋର୍ଟ ସୋମବାର ସେନା ପ୍ରଶିକ୍ଷଣ ସମୟରେ ଶାରୀରିକ ଅକ୍ଷମ ହୋଇଥିବା ଯବାନଙ୍କ ଯତ୍ନ ନେବାକୁ କହିଛନ୍ତି। ଗୁରୁତର ଆହତ କିମ୍ବା ଦିବ୍ୟାଙ୍ଗ ହୋଇଯିବା କାରଣରୁ ମେଡିକାଲ ଆଧାରରେ ବାହାର କରିଦିଆଯାଇଥିବା କ୍ୟାଡେଟ (ଯବାନ)ଙ୍କ ତଥ୍ୟ ଦେବାକୁ ମଧ୍ୟ କେନ୍ଦ୍ର ସରକାର ଏବଂ ସେନାକୁ ନିର୍ଦ୍ଦେଶ ଦେଇଛନ୍ତି। ଏହି ଯୁବ କ୍ୟାଡେଟଙ୍କ ସ୍ଥିତି ଅତ୍ୟନ୍ତ ଚିନ୍ତାଜନକ। ଏଭଳି ଯବାନଙ୍କୁ ବୀମା କରାଇବାକୁ କେନ୍ଦ୍ର ସରକାରଙ୍କୁ ଜଷ୍ଟିସ ବିଭି ନାଗରତ୍ନା ଏବଂ ଆର ମହାଦେବନଙ୍କ ଖଣ୍ଡପୀଠ ନିର୍ଦ୍ଦେଶ ଦେଇଛନ୍ତି। ସୁପ୍ରିମକୋର୍ଟ କହିଛନ୍ତି ଯେ ଏହି ସାହସୀ ଯୁବକ ସେନାରେ ରୁହନ୍ତୁ ବୋଲି ଆମେ ଚାହୁଁଛୁ। ଆହତ କିମ୍ବା ଦିବ୍ୟାଙ୍ଗତା ବାହାର କରିବାର କୌଣସି କାରଣ ହୋଇ ନ ପାରେ। ଅନେକ ପ୍ରତିଯୋଗିତାମୂଳକ ପରୀକ୍ଷା ଦେଇ ସେମାନେ ସେନାରେ ସାମିଲ ହୋଇଥିଲେ। ବୀମା ହେବା ଦ୍ୱାରା ସେମାନଙ୍କୁ ଆର୍ଥିକ ସମସ୍ୟାର ସମ୍ମୁଖୀନ ହେବାକୁ ପଡ଼ିବ ନାହିଁ। ପ୍ରତ୍ୟେକ ପ୍ରଶିକ୍ଷଣ ନେଉଥିବା ଯବାନଙ୍କ ବୀମା ରହିବା ଉଚିତ। ଟ୍ରେନିଂ ସମୟରେ ଆହତ ଯବାନଙ୍କୁ ମିଳୁଥିବା ୪୦ ହଜାର ଟଙ୍କାର ରାଶିକୁ ବୃଦ୍ଧି କରିବାକୁ ମଧ୍ୟ ସୁପ୍ରିମକୋର୍ଟ ନିର୍ଦ୍ଦେଶ ଦେଇଛନ୍ତି।

# ଏସ୍‌ଆଇଆର୍‌କୁ ନେଇ ସଂସଦରେ ବିରୋଧୀଙ୍କ ହଙ୍ଗାମା ଜାରି

ନୂଆଦିଲ୍ଲୀ, ୧୮।୮ (ଏଜେନ୍ସି): ସଂସଦର ଉଭୟ ଗୃହରେ ଅଚଳାବସ୍ଥା ଜାରି ରହିଛି। ବିରୋଧୀ ଦଳଗୁଡିକ ବିହାରର ସ୍ୱତନ୍ତ୍ର ଭୋଟର ତାଲିକା ଯାଞ୍ଚ (ଏସ୍‌ଆଇଆର)କୁ ବିରୋଧ କରି ଆଜି ମଧ୍ୟ ହଙ୍ଗାମା ଜାରି ରଖିଛନ୍ତି। ନିର୍ବାଚନ କମିସନଙ୍କ ବିରୋଧରେ ସ୍ଲୋଗାନ ଦେଇଛନ୍ତି। ଏସଆଇଆର ପ୍ରକ୍ରିୟା ରଦ୍ଦ ଏବଂ ଏହା ଉପରେ ଚର୍ଚ୍ଚା ଦାବି କରୁଛନ୍ତି। କିନ୍ତୁ ସରକାର ବିରୋଧୀଙ୍କ ଦାବି ଶୁଣୁ ନାହାନ୍ତି। ବିରୋଧୀଙ୍କ ହୋହାଲ୍ଲା ଯୋଗୁଁ ଗୃହକୁ ବାରମ୍ବାର ମୁଲତବୀ ରଖିବାକୁ ପଡ଼ିଥିଲା। ବାଚସ୍ପତି ଓମ୍ ବିର୍ଲାଙ୍କ ଚେତାବନୀ ସତ୍ତ୍ୱେ ଲୋକସଭାରେ ବିରୋଧୀ ଶାନ୍ତ ପଡ଼ି ନ ଥିଲେ। ଗୃହର ମଧ୍ୟଭାଗରେ ଏକାଠି ହୋଇ ପ୍ଲାକାର୍ଡ ଧରି ବିରୋଧ ପ୍ରଦର୍ଶନ କରିଥିଲେ। ସରକାର ଏବଂ ନିର୍ବାଚନ କମିସନ ଭୋଟ ଚୋରି କରୁଥିବା ଅଭିଯୋଗ ଲଗାଇଥିଲେ। ଏହାକୁ ନେଇ ବାଚସ୍ପତି କହିଥିଲେ ଯେ ସରକାରୀ ସମ୍ପତ୍ତି ନଷ୍ଟ ପାଇଁ ସାଂସଦଙ୍କୁ ଲୋକେ ନିର୍ବାଚିତ କରିନାହାନ୍ତି। ଯଦି ନିୟମ ପାଳନ ନ କରିବେ ତେବେ କଡ଼ା କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ। କଠୋର ନିଷ୍ପତ୍ତି ନେବାକୁ ପଡ଼ିବ। ଦେଶବାସୀ ମଧ୍ୟ ଆପଣଙ୍କୁ ଦେଖୁଛନ୍ତି। ତେଣୁ ସରକାରୀ ସମ୍ପତ୍ତି ନଷ୍ଟ ନ କରିବାକୁ ପୁଣିଥରେ ଚେତାବନୀ ସହିତ ଅନୁରୋଧ କରି ସଂସଦକୁ କିଛି ସମୟ ପାଇଁ ସେ ମୁଲତବୀ କରିଦେଇଥିଲେ।

### କାର୍ଯ୍ୟାନୁଷ୍ଠାନ ପାଇଁ ଲୋକସଭାରେ ବାଚସ୍ପତିଙ୍କ ଚେତାବନୀ

ଲୋକସଭା କାର୍ଯ୍ୟ ପୁଣି ଆରମ୍ଭ ହେବା ପରେ ଅପରାହ୍ଣ ୨ଟାରେ ଭାରତୀୟ ବାୟୁସେନାର ଗ୍ରୁପ୍ କ୍ୟାପଟେନ ଶୁଭାଂଶୁ ଶୁକ୍ଲାଙ୍କ ସଫଳ ମହାକାଶ ଯାତ୍ରା ଉପରେ ଚର୍ଚ୍ଚା ଆରମ୍ଭ ହୋଇଥିଲା। ଏହି ସମୟରେ ବିରୋଧୀ କକ୍ଷତ୍ୟାଗ କରିଥିଲେ। ଏହାକୁ ପ୍ରତିରକ୍ଷାମନ୍ତ୍ରୀ ରାଜନାଥ ସିଂହ ଦୁର୍ଭାଗ୍ୟ ଏବଂ ନିରାଶଜନକ କହିଥିଲେ। ମହାକାଶ ଭଳି କ୍ଷେତ୍ରକୁ ରାଜନୀତିଠାରୁ ଊର୍ଦ୍ଧ୍ୱରେ ରଖିବା ଉଚିତ ବୋଲି କହିଥିଲେ। ଏହି ଚର୍ଚ୍ଚାରେ ସାମିଲ ହୋଇ ବିରୋଧୀ ଗଠନମୂଳକ ପ୍ରସ୍ତାବ ଦେବାର ଥିଲା।

ଅନ୍ୟପକ୍ଷରେ ରାଜ୍ୟସଭାରେ ମଧ୍ୟ ବିରୋଧୀ ସଭ୍ୟ ହଙ୍ଗାମା ଜାରି ରଖିଥିଲେ। ଏଥିଯୋଗୁଁ ପ୍ରଥମେ ଗୃହକୁ ୨ଟା ପର୍ଯ୍ୟନ୍ତ ମୁଲତବୀ କରାଯାଇଥିଲା। କାର୍ଯ୍ୟାରମ୍ଭ ହେବା ପରେ ଏସ୍‌ଆଇଆର ଉପରେ ଚର୍ଚ୍ଚା ଦାବି କରି ବିରୋଧୀ କକ୍ଷତ୍ୟାଗ କରିଥିଲେ। ବିରୋଧୀ ସଦସ୍ୟଙ୍କ ଅନୁପସ୍ଥିତିରେ ଚର୍ଚ୍ଚା କରି ଭାରତୀୟ ବନ୍ଦର ବିଲ୍ ପାରିତ କରାଯାଇଥିଲା। ଏହା ପରେ ଗୃହକୁ ମୁଲତବୀ କରାଯାଇଥିଲା। ତେବେ ବଙ୍ଗଳା ଭାଷା ବିବାଦକୁ ନେଇ ଟିଏମ୍‌ସି ସାଂସଦ କଲ୍ୟାଣ ବାନାର୍ଜୀ ଏବଂ ମହୁଆ ମୋଇତ୍ର ସଂସଦ ବାହାରେ ବିକ୍ଷୋଭ ପ୍ରଦର୍ଶନ କରିଥିଲେ।






# ଡାଲିଜାତୀୟ ଫସଲରେ ରୋଗ ନିୟନ୍ତ୍ରଣ

**ଆମେ ଖାଉଥିବା ଖାଦ୍ୟର ଏକ ମୁଖ୍ୟ ଅଂଶ ହେଉଛି ଡାଲି । ଡାଲିରେ ବହୁତ ପରିମାଣର ପୁଷ୍ଟିସାର ରହିଛି । ଓଡ଼ିଶାରେ ଡାଲିଜାତୀୟ ଫସଲ ମଧ୍ୟରେ ହରଡ଼, ମୁଗ ଓ ବିରି ଆଦି ଚାଷ କରାଯାଏ । ତେବେ ବର୍ଷାଯୋଗୁଁ ଜମିରେ ପାଣି ଜମି ବିଭିନ୍ନ ରୋଗ ସୃଷ୍ଟି ହୋଇଥାଏ । ତନ୍ମଧ୍ୟରୁ ଚେରପଚା ଓ କାଣ୍ଡପଚା, ପତ୍ରଚିତ୍ରା ଓ ପତ୍ରପୋଡ଼ା ରୋଗ, ବୀଜାଣୁ ଜନିତ ପତ୍ରପୋଡ଼ା, ଝାଉଁଳା ଆଦି ପ୍ରମୁଖ ରୋଗ ଦେଖାଯାଇଥାଏ । ତେଣୁ ଏହି ରୋଗର ପ୍ରାଥମିକ ଲକ୍ଷଣକୁ ଦେଖି ନିୟନ୍ତ୍ରଣ କରିବା ଆବଶ୍ୟକ ।**

ଅଧିକ ପାଣି ଜମି ହରଡ଼ରେ ପତ୍ର ଝାଉଁଳା ସମସ୍ୟା ଦେଖାଯାଏ । ଫଳରେ ଅମଳ ବାଧାପ୍ରାପ୍ତ ହୋଇଥାଏ । ଏଥିପାଇଁ କୃଷି ବିଶେଷଜ୍ଞଙ୍କ ପରାମର୍ଶ ନେଇ ଫସଲରେ କୀଟନାଶକ ସିଞ୍ଚିବା ଜରୁରି ।

**ପତ୍ରଚିତା ଓ ପତ୍ରପୋଡ଼ା ରୋଗ:** ମୁଗ ଓ ବିରିରେ ଏହି ରୋଗ ଦେଖାଯାଇଥାଏ । ଗୋଲାକାରରୁ ଅଣ୍ଡାକୃତି ଏବଂ ଅନିୟମିତ କଳାବାଇଗଣି ରଙ୍ଗର ଚିହ୍ନ ପତ୍ରର ଉଭୟ ପାର୍ଶ୍ୱରେ ଦେଖାଯାଇଥାଏ । ଏହା କ୍ରମଶଃ ହଳଦିଆ ପଡ଼ି ଶୁଖି ଶେଷକୁ ଖସିପଡ଼େ । ତେଣୁ ଏହାର ପରିଚାଳନା ପାଇଁ କାର୍ବୋକ୍ସିନ ୩୭.୫% + ଥିରାମ ୩୭.୫% ଡିଏସ ପ୍ରତି କିଗ୍ରା ବିହନରେ ୨ ଗ୍ରାମ୍ ହିସାବରେ ମିଶାଇ ବିହନ ବିଶୋଧନ କରାଯିବା ଆବଶ୍ୟକ । ମାନକୋଜେବ ୭୫% ଡବ୍ଲ୍ୟୁପି ପ୍ରତି ଲିଟର ପାଣିରେ ୨ ଗ୍ରାମ୍ ଲେଖାଏଁ ମିଶାଇ ୫୦୦ ଲିଟର ଘୋଳ ହେକ୍ଟର ପ୍ରତି ପ୍ରୟୋଗ କରାଯାଏ ।

**ଚେରପଚା ଓ କାଣ୍ଡ ପଚା ରୋଗ:** ମାଟି ଯଥେଷ୍ଟ ଓଦାଥିଲେ ଗଛର ଚେର ଅଗ୍ରଭାଗରୁ ପଚିଯାଇ ଏହି ରୋଗ ହୋଇଥାଏ । ମାଟିର ଠିକ୍ ଉପରକୁ ମୂଳ ପାଖରେ ପଚିଯାଏ, ସଢ଼ା ମୂଳଟି କଳା ଦେଖାଯାଏ । ଶେଷରେ ଗଛଟି ମରିଯାଏ । ଏଥିପାଇଁ ଜମିରେ ଜଳ ନିଷ୍କାସନ ବ୍ୟବସ୍ଥା କରିବା ଆବଶ୍ୟକ । ଏହାର ପରିଚାଳନା ପାଇଁ କୃଷି ବିଶେଷଜ୍ଞଙ୍କ ପରାମର୍ଶ କ୍ରମେ ଫିମ୍ପିନାଶକ ଔଷଧ ଏକର ପିଛା ୪୦୦ ଗ୍ରାମ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରିପାରିବେ । ସେହିପରି ମୂଳଭାଗକୁ ପ୍ରତି ଲିଟର ପାଣିରେ ୨.୫ ଗ୍ରାମ ମେଟାଲାକ୍ସିଲ (୮%) + ମାନକୋଜେବ (୬୪%) ଡବ୍ଲୁପି କିମ୍ବା ୨ ଗ୍ରାମ କାର୍ବେଣ୍ଡାଜିମ୍ (୮%) + ମାନକୋଜେବ (୬୩%) ଏକ ଲିଟର ପାଣିରେ ୫୦୦ ଲିଟର ଘୋଳ ହେକ୍ଟର ପ୍ରତି ପ୍ରୟୋଗ କରିବା ଆବଶ୍ୟକ ।

ହେକ୍ଟର ପିଛା ୨୫୦ କିଗ୍ରା ନିମ୍ବ ପିଡ଼ିଆ ଶେଷ ଓଡ଼ ଚାଷ ପୂର୍ବରୁ ମାଟିରେ ପକାଇ ଚାଷ କରି ମାଟିରେ ମିଶାଇ ଦେଲେ ଏହି ରୋଗରୁ ରକ୍ଷା ମିଳିଥାଏ । ଏକ ହେକ୍ଟରକୁ ୫୦ କିଗ୍ରା ଖତସାର ସହିତ ୫ କିଗ୍ରା ଟ୍ରାଇକୋଡର୍ମା ଭିରିଡ଼ି କିମ୍ବା ଟ୍ରାଇକୋଡର୍ମା ହାର୍ଜିଆନମ୍ ମୁଖ୍ୟ ଚାଷ ଜମିରେ ପ୍ରୟୋଗ କରନ୍ତୁ ।

**ବୀଜାଣୁ ଜନିତ ପତ୍ରପୋଡା ରୋଗ:** ଏହି ରୋଗରେ ପତ୍ରରେ ହଳଦିଆ ବଳୟ ମଝିରେ ମାଟିର ଦାଗ ସହିତ ଫଳ ଓ କାଣ୍ଡରେ ନାଲି ଯାଦୁଆ ରଙ୍ଗ ଦେଖାଯାଏ । ଏହାର ପରିଚାଳନା ପାଇଁ ନିରୋଗ ବିହନ ସଂଗ୍ରହ କରି ପ୍ରତି ୧୦ ଲିଟର ପାଣିରେ ୧ ଗ୍ରାମ ଷ୍ଟ୍ରେପ୍ଟୋସାଇକ୍ଲିନ୍ କିମ୍ବା ୧୨୦ ଗ୍ରାମ୍ ପ୍ଲାଣ୍ଟୋମାଇସିନ୍ ମିଶାଇ ଦ୍ରବଣ ପ୍ରସ୍ତୁତ କରି ସେଥିରେ ଲଗାଇବା ପୂର୍ବରୁ ମଞ୍ଜିକୁ ୪ ଘଣ୍ଟା ବତୁରାଇ ବିଶୋଧନ କରାଯାଏ ।

**ସାହେବୀ ରୋଗ:** ମୁଖ୍ୟତଃ ଏହି ରୋଗ ହେଲେ, ପତ୍ରରେ ହଳଦିଆ ସବୁଜ ଛାପା ଛାପା ଦାଗ ଦେଖାଯାଇଥାଏ । ଏହା ଏକ ଭୂତାଣୁ ଜନିତ ରୋଗ । ଧଳାମାଛି ହେଉଛି ଏହି ରୋଗର ବାହକ । ଏହି ରୋଗ ହେଲେ, ଫଳଗୁଡିକ ଛୋଟ ଓ ନଷ୍ଟ ହୋଇଥାଏ । ତେଣୁ ଆକ୍ରାନ୍ତ ଗଛକୁ ଜମିରୁ ଉପାଡ଼ି ଜମିଠୁ ଦୂରକୁ ଫିଙ୍ଗି ଦେବା ଭଲ । ସବୁଠୁ ଗୁରୁତ୍ୱପୂର୍ଣ୍ଣ କଥା ହେଉଛି, କାର୍ବେଣ୍ଡାଜିମ୍ ତଥା ଜୈବିକ ଉପାୟରେ ବିହନ ବିଶୋଧନ କରିବା ସହିତ ଫସଲ ଚକ୍ର ଉପରେ ଧ୍ୟାନ ଦେବା ଦ୍ୱାରା ରୋଗ ନିୟନ୍ତ୍ରଣ ହୋଇଥାଏ ।



# ବାଲ୍‌କୋନି ବଗିଚା ପାଇଁ ସ୍ମାର୍ଟ ଟିପ୍‌ସ

**ଅଧିକାଂଶ ଲୋକଙ୍କର ବଗିଚା କରିବାର ସଉକ ଥାଏ । ହେଲେ ଦ୍ରୁତ ସହରୀକରଣ ଯୋଗୁଁ ଗଛ ଲଗାଇବା ପାଇଁ ସ୍ଥାନାଭାବ ଦେଖାଯାଏ । ଏହାର ସମାଧାନ ସ୍ୱରୂପ ଲୋକେ ଏବେ ବାଲ୍‌କୋନି ବଗିଚା ଟ୍ରେଣ୍ଡକୁ ଆପଣାଇଛନ୍ତି । ଏଥିପାଇଁ କିଛି ସ୍ମାର୍ଟ ଟିପ୍ସ ଆପଣାଇ ପାରିବେ ।**

ବାଲ୍‌କୋନିରେ ଗୋଲାପ, ଗେଣ୍ଡୁ, ରଙ୍ଗଣୀ, ଜରବେରା, ମନ୍ଦାର, ମଲ୍ଲୀ ଆଦି ଫୁଲ ଗଛ, ପତ୍ରଯୁକ୍ତ ଗଛ, ପନିପରିବା ଲଗାଇପାରିବେ । ସପ୍ତାହକୁ ଥରେ ଗଛ ମୂଳରେ ଜୈବିକ ଖତ ପ୍ରୟୋଗ ଦ୍ୱାରା ଗଛ ବୃଦ୍ଧି ହୋଇ ଫୁଲ ଶୀଘ୍ର ଆସିଥାଏ । ସେହିପରି ସମସ୍ତ କୁଣ୍ଡକୁ କିପରି ସୂର୍ଯ୍ୟକିରଣ ପଡ଼ିପାରିବ ସେନେଇ ଧ୍ୟାନ ଦେବା ଆବଶ୍ୟକ । କୁଣ୍ଡରେ କେବେ ବି ଅଧିକ ପାଣି ଦିଅନ୍ତୁନି, ଏହା ଦ୍ୱାରା ମୂଳ ପଚିଯାଇପାରେ । ବାଲ୍‌କୋନିର ରଙ୍ଗବେରଙ୍ଗ ଫୁଲ ବଗିଚାର ସୌନ୍ଦର୍ଯ୍ୟକୁ ଦ୍ୱିଗୁଣିତ କରେ ।

**ତୁଳସୀ ମନିପ୍ଲାଣ୍ଟ :** କାନ୍ଥ ପାଖେ ଛାଇ ତଥା କମ୍ ସୂର୍ଯ୍ୟକିରଣ ଆବଶ୍ୟକ କରୁଥିବା ଗଛ ଲଗାନ୍ତୁ । ଫର୍ଣ୍ଣ, ସ୍ପାଇଡର ପ୍ଲାଣ୍ଟ, ସ୍ନେକ ପ୍ଲାଣ୍ଟ, ହାର୍ଡି ଜେରେନିୟମ ପରି ଗଛ ଲଗାଇବା ଉପଯୁକ୍ତ । ଏହାର ଦେଖାଶୁଣା କରିବା ସହଜ ହୋଇଥାଏ । ବାଲକୋନିରେ ତୁଳସୀ, ମନିପ୍ଲାଣ୍ଟ, ଜେଡ ଜେନ୍, ଟେବୁଲ ଗୋଲାପ, ଏରେକା ପାମ ଗଛ ଲଗାଇପାରିବେ । ଲେମ୍ବୁଗଛ ଲଗାଇବା ଦ୍ୱାରା ସୁଗନ୍ଧ ପରିବେଶରେ ସକାରାତ୍ମକ ଶକ୍ତି ପ୍ରଦାନ କରେ ।

**ଓହଳା ବାସ୍କେଟ:** ବାଲ୍‌କୋନିରେ କମ୍ ସ୍ଥାନ ଥିଲେ, କାନ୍ଥରେ ଭର୍ଟିକାଲ ପ୍ଲାଣ୍ଟରରେ ଗଛ ଲଗାଇପାରିବେ । ରେଲିଂରେ ଓହଳା ବାସ୍କେଟ୍ ଟାଙ୍ଗି ସେଥିରେ ଚେରି ଟମାଟୋ, ପୁଦିନା, ଧଣିଆ ଆଦି ଗଛ ଲଗାଇବା ଭଲ । ଭାରି କୁଣ୍ଡ ବଦଳରେ ହାଲୁକା ପ୍ଲାଷ୍ଟିକ କୁଣ୍ଡ ବ୍ୟବହାର ଜରୁରି । ଟେରାକୋଟା କୁଣ୍ଡ ବା କଣ୍ଟେନର ବ୍ୟବହାର କରିପାରିବେ । ଖତ ମିଶା ମାଟିରେ ଅଳ୍ପ କୋକୋପିଟ୍ ଓ ବାଲି ମିଶାଇ ଗଛ ଲଗାଇବା ଦ୍ୱାରା ଗଛର ବିକାଶ ଭଲ ହୁଏ ।



**ଟେବୁଲରେ ସଜାନ୍ତୁ:** ବାଲ୍‌କୋନିର ଆକାର ଛୋଟ ଥିଲେ ର୍‌ୟାକ୍ ବନାଇ ସେଥିରେ ଗଛ ଲଗାଇ ପାରିବେ । ନତୁବା ବାଲକୋନି ମଝିରେ ଗୋଟିଏ ଛୋଟ କଫି ଟେବୁଲ ରଖି ସେଥିରେ ଛୋଟ କୁଣ୍ଡରେ ଅଳଙ୍କାରିକ ଗଛ ଲଗାଇପାରିବେ । ଏହା ବାଲ୍‌କୋନିର ସୌନ୍ଦର୍ଯ୍ୟ ବୃଦ୍ଧି କରାଏ ।

**ବୋତଲ ଓ ପାଇପ୍‌ର ଉପଯୋଗ:** ବଡ଼ ପାଇପ୍‌ର ଦୁଇ ପାର୍ଶ୍ୱରେ ରସି ବାନ୍ଧି କାନ୍ଥ କିମ୍ବା ବାଲକୋନିରେ ଓହଳାଇ ପାରିବେ । ପାଇପ୍ ମଝି ଅଂଶକୁ କାଟି ଶୁଖିଲା ଖତ ଓ ମାଟି ଦେଇ ସେଥିରେ ବିଭିନ୍ନ ପ୍ରକାର ଫୁଲ ଓ ଫଳ ଗଛ ଧାଡି ଧାଡି କରି ଲଗାଇପାରିବେ ।

**ପ୍ଲାଣ୍ଟ ସ୍କ୍ରିନ୍‌ର ସାହାଯ୍ୟ ନିଅନ୍ତୁ:** ବାଲ୍‌କୋନିକୁ ଅଧିକ ଆକର୍ଷଣୀୟ କରିବାକୁ ବାଉଁଶ ନିର୍ମିତ ସ୍କ୍ରିନ୍ କିମ୍ବା ସବୁଜ ସ୍କ୍ରିନ୍‌କୁ ବାଲକୋନିର ଏକ କୋଣକୁ ଢ଼ାଙ୍କି ପାରିବେ । ବାଲକୋନି ବଗିଚା ପାଇଁ ପରିବାଚୋପା, ଛଡ଼ାଫୁଲ, ତୁଳସୀ, ବେଲପତ୍ର ଆଦିକୁ ସଢ଼ାଇ ସେଥିରେ ଗୋବର, ଗୋମୂତ୍ର ସୋରିଷପିଡିଆ ଆଦି ମିଶାଇ ଖତ କରିପାରିବେ ।

# ଚାଷୀଙ୍କ ଶ୍ରମ ଲାଘବ କରିବ କୃଷିବଟ୍

**ଫସଲରେ ରୋଗ ପୋକ ନିୟନ୍ତ୍ରଣ କରିବାକୁ ଚାଷୀ ବିଭିନ୍ନ ଉପାୟ ଆପଣାନ୍ତି । କୀଟନାଶକ ସିଞ୍ଚନ କରିବାକୁ ଚାଷୀ କୀଟନାଶକ ଯନ୍ତ୍ରକୁ ବୋହି ବୋହି ଅଧିକ ଯନ୍ତ୍ରଣା ସହିଥାନ୍ତି । ଏଥିପାଇଁ ସମୟ ଓ ଖର୍ଚ୍ଚ ମଧ୍ୟ ବଢ଼ିଯାଏ । ତେଣୁ ନିଜ ଦାଦାଙ୍କୁ ଅଙ୍ଗୁର ଚାଷରେ ଏପରି କାମ କରି ଥକି ପଡୁଥିବା ଦେଖି ମହାରାଷ୍ଟ୍ର, ନାସିକ ଜିଲ୍ଲା, ୱାନ୍‌ଖେଡେର ୧୭ ବର୍ଷୀୟ ଆଦିତ୍ୟ ପିଙ୍ଗଲେ କୃଷିବଟ୍ ନାମକ ଏକ ମୋବାଇଲ ନିୟନ୍ତ୍ରିତ ରୋବଟ୍ ବିକଶିତ କରିଛନ୍ତି ।**

କୀଟନାଶକ ସିଞ୍ଚନରୁ ହେଉଥିବା ଚାଷୀଙ୍କ ଶାରୀରିକ ଶ୍ରମ କମ୍ କରିବା ଏହି ରୋବଟ୍‌ର ମୁଖ୍ୟ ଉଦ୍ଦେଶ୍ୟ । ବେକାର ତଥା ବର୍ଜ୍ୟ ସାମଗ୍ରୀ ଯଥା- ପୁରୁଣା ଟାୟାର, ୧୨ ଭୋଲ୍ଟ ଖେଳନା ଗାଡିରୁ ବାହାରିଥିବା ବ୍ୟାଟେରୀରୁ କୃଷିବଟ୍ ତିଆରି କରାଯାଇଛି । ଏହି ରୋବଟ୍‌ଟି ମୋବାଇଲ୍ - ନିୟନ୍ତ୍ରିତ ତଥା ୧୨ ଭୋଲ୍ଟ ରିଚାର୍ଜେବୁଲ ବ୍ୟାଟେରୀ ଚାଳିତ । ୱାଇ-ଫାଇ ସକ୍ଷମ ମାଇକ୍ରୋକଣ୍ଟ୍ରୋଲର ଥିବାରୁ ଏହା ମୋବାଇଲ୍ ଫୋନ୍ ସହିତ ଜଡିତ ହୋଇଥାଏ । ଯାହାକୁ ସହଜରେ ନିୟନ୍ତ୍ରଣ କରାଯାଇଥାଏ । ତେଣୁ ଚାଷୀଙ୍କୁ ଆଉ ଭାରି ଉପକରଣ ନେଇ କ୍ଷେତକୁ ଯିବାକୁ ପଡ଼େନାହିଁ । ଏଥିପାଇଁ ଆଦିତ୍ୟ ନବମ ଶ୍ରେଣୀରେ ପଢ଼ିବା ବେଳେ ମୋବାଇଲ ମରାମତି କାର୍ଯ୍ୟର ଏକ କୋର୍ସ ଶେଷ କରିଥିଲେ । ଏଥିପାଇଁ ତାଙ୍କୁ ସଲାମ ବମ୍ବେର ସହଯୋଗ ମିଳିଥିଲା । ବନ୍ଧୁ ପରାଶରାମ ପିଙ୍ଗଲ ଏବଂ ଅଭିଜିତ ପାୱାରଙ୍କ ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିଛି । ତେଣୁ ଏହି କୃଷିବଟକୁ ଫୋନ୍ ଜରିଆରେ ଯେକୌଣସି ଦିଗକୁ ବୁଲାଇ ହୁଏ । ସ୍ପ୍ରେୟରକୁ ନିୟନ୍ତ୍ରିତ କରାଯାଇପାରେ । ଗୋଟିଏ ସ୍ଥାନରେ ବସି ବସି କମ୍ ସମୟରେ ଜମିରେ କୀଟନାଶକ ସିଞ୍ଚନ କରିବାରେ ସାହାଯ୍ୟ କରିଥାଏ । ଏହି ରୋବଟ୍‌ରେ ୩୬୦ ଡିଗ୍ରୀର



ଏକ କ୍ୟାମେରା ମଧ୍ୟ ଲଗାଯାଇଛି । ଯାହାଦ୍ୱାରା ଚାଷୀଙ୍କୁ ଚାଷ ଜମିର ବାସ୍ତବ ଦୃଶ୍ୟ ଦେଖିବାକୁ ସୁଯୋଗ ମିଳିପାରିବ । ଏହି ଉପକରଣରେ ନଟ୍ ଭୋଲ୍ଟ ଯନ୍ତ୍ର ଲଗାଇଥିବାରୁ ଫସଲର ଉଚ୍ଚତା ଆଧାରରେ ଏହି ସିଞ୍ଚନକୁ ଉପର ତଳ କରାଯାଇପାରିବ । ଏଥିପାଇଁ ସେ ପ୍ରଥମେ ଅଙ୍ଗୁର ଏବଂ ପୁଦିନା ଜମିରେ ଏହି ଉପକରଣର ପରୀକ୍ଷଣ କରିଥିଲେ । ଏଥିରେ ସଫଳ ହୋଇଥିଲେ । ଏହି ଉପକରଣରେ ସିଞ୍ଚନ କରିବାରେ ଅଧିକ ସମୟ ଲାଗି ନ ଥାଏ । ଶାରୀରିକ ପରିଶ୍ରମ କମ୍ କରିବା ସହ ଖର୍ଚ୍ଚ ମଧ୍ୟ କମ୍ କରିଥାଏ । ଏହା ହାଲୁକା, କମ୍ପାକ୍ଟ ହୋଇଥିବାରୁ ଯେକୌଣସି ସ୍ଥାନକୁ ଅତି ସହଜରେ ନେଇ ହୁଏ । ଆଗାମୀ ଦିନରେ ଆଦିତ୍ୟ ଏପରି ଏକ ରୋବଟ ବନାଇବାକୁ ଚାହୁଁଛନ୍ତି ଯାହା ଫସଲରେ କୀଟ ନିୟନ୍ତ୍ରଣ କରିବା ସହ ଘାସ କାଟିବା ସହିତ ପୁରା ଜମିର ଦେଖାଶୁଣା କରିପାରିବ ।

# ବର୍ଷାଦିନେ କୁକୁଡ଼ାଙ୍କ ଯତ୍ନ

**ବାଡ଼ି ଅଗଣାରେ କୁକୁଡ଼ା ଚାଷ କରି ଆମ ରାଜ୍ୟର ଚାଷୀଭାଇମାନେ ସ୍ୱାବଲମ୍ବୀ ହୋଇପାରୁଛନ୍ତି । ତେବେ ବର୍ଷାଦିନରେ ଅଗଣା, ବାଡ଼ି ଓଦା ଓ କାଦୁଅ ହୋଇଥାଏ । ଓଦା ପରିବେଶରେ ପୋକ, ମାଛି, ଫିମ୍ପି ବୃଦ୍ଧି ପାଉଥିବାବେଳେ ସେଠାରେ କୁକୁଡ଼ା ଚରିବା ଦ୍ୱାରା ସେମାନଙ୍କଠାରେ ଅନେକ ରୋଗ ସୃଷ୍ଟି ହୋଇଥାଏ । ତନ୍ମଧ୍ୟରୁ ବସନ୍ତ, ପତଳାଝାଡ଼ା, କୃମିଜନିତ ସମସ୍ୟା, ଘୁମା ରୋଗ ଦେଖାଦେଇଥାଏ । ତେଣୁ ଏହି ଦିନେ କିପରି କୁକୁଡ଼ାଙ୍କ ଯତ୍ନ ନେବେ ଜାଣି ରଖନ୍ତୁ ।**

ଏହି ଦିନେ ସେମାନଙ୍କ ରହିବା ସ୍ଥାନକୁ ସଫା ଓ ଶୁଖିଲା ରଖିବା ଜରୁରି । ପାଣି ଜମିବାକୁ ଦିଅନ୍ତୁନି । ବର୍ଷାଦିନେ ସେମାନଙ୍କ ଶରୀରର ଶକ୍ତି ବୃଦ୍ଧି ପାଇଁ ପୌଷ୍ଟିକ ଖାଦ୍ୟ ଦେବା ଆବଶ୍ୟକ । ସଫା ପାଣି ପିଇବାକୁ ବନ୍ଦୋବସ୍ତ କରିବା ସହ ଶୁଖିଲା ଦାନା ଖାଇବାକୁ ଦେବା ଆବଶ୍ୟକ । ସାଧାରଣତଃ ବର୍ଷାଦିନେ ବସନ୍ତ ରୋଗ ହେବା ଦ୍ୱାରା କୁକୁଡ଼ାଙ୍କ ଆଖି ମୁହଁରେ ଫୋଟକା ସୃଷ୍ଟି ହୋଇଥାଏ । ଏଥିଯୋଗୁଁ କୁକୁଡା ଭଲ ଭାବେ ଦେଖିପାରନ୍ତିନି । ତେଣୁ ଚିକିତ୍ସକଙ୍କ ପରାମର୍ଶ ଅନୁଯାୟୀ ଫାଉଲପକ୍ସ ନାମକ ବସନ୍ତ ଟିକା କୁକୁଡ଼ାକୁ ଦେବା ଜରୁରି । ମଛାମାଶିରୁ ସୁରକ୍ଷା ଦେବାକୁ ଫାର୍ମରେ ଜାଲି ଲଗାଇପାରିବେ । ଆଖପାଖରେ ପାଣି ଜମିବାକୁ ଦିଅନ୍ତୁନି । ନିମ୍ବ ଧୂଆଁ କିମ୍ବା ହର୍ବାଲ ସିଞ୍ଚନ କରିପାରିବେ । ଫାର୍ମରେ ଲାଇଟ୍ ଲଗାଇବା ଭଲ ବିକଳ୍ପ । ସେହିପରି ଓଦା ଦାନା, କାଠିକୁଟା, କୀଟ ଖାଇବା ଦ୍ୱାରା କୁକୁଡ଼ାଙ୍କୁ ପତଳାଝାଡ଼ା ହୋଇପାରେ । ଏହି ଲକ୍ଷଣ ଦେଖିଲେ ଆଲବେଣ୍ଡାଜଲ ସିରାପ୍‌କୁ ଗୋଟିଏ ଠିପା ଆଖିରେ ପକାଇପାରିବେ । କୁକୁଡ଼ାଙ୍କ ମୁଣ୍ଡବୁଲାଇବା ସମସ୍ୟା ତଥା ଘୁମାରୋଗ ଯୋଗୁଁ କୁକୁଡ଼ା ମୃତ୍ୟୁମୁଖରେ ପଡ଼ିଥାନ୍ତି । ଏନେଇ ପ୍ରାଣୀ ଚିକିତ୍ସକଙ୍କ ପରାମର୍ଶ କରନ୍ତୁ । ସେହିପରି କୁକୁଡ଼ାଙ୍କ କୃମିଜନିତ ସମସ୍ୟା ଲାଗି ବର୍ଷକୁ ୪ଥର କୃମିନାଶକ ବଟିକା ଦିଅନ୍ତୁ ।



# ଆଖୁ ପତ୍ର କଳା ପଡୁଥିଲେ

ଆଖୁ ଏକ ଅର୍ଥକାରୀ ଫସଲ । ଚିନି ଗୁଡ଼ ପ୍ରସ୍ତୁତି ପାଇଁ ଆଖୁର ବ୍ୟବହାର କରାଯାଏ । ଆଖୁ ଚାଷୀଙ୍କ ପାଇଁ ଅଗଷ୍ଟ ମାସ ବହୁତ ଗୁରୁତ୍ୱପୂର୍ଣ୍ଣ ହୋଇଥାଏ । ଏହି ସମୟଟି ଗଛ ବଢ଼ିବାର ସମୟ । ତା ସହିତ ଆଖୁରେ ଇଣ୍ଟରନୋଡ ତଥା ପବ ଛାଡ଼ିବା ପ୍ରକ୍ରିୟା ଆରମ୍ଭ ହୋଇଯାଇଥାଏ । ସାଧାରଣତଃ ବର୍ଷାଦିନେ ଆଖୁ ଫସଲରେ ବିଭିନ୍ନ ପୋକ ଲାଗିବାର ଆଶଙ୍କା ବୃଦ୍ଧି ପାଇଥାଏ । ତନ୍ମଧ୍ୟରୁ ପତ୍ରଖିଆ ପୋକ, ଜଉପୋକ ଫସଲକୁ ଅଧିକ ପ୍ରଭାବିତ କରିଥାନ୍ତି । ପତ୍ରରୁ ରସ ଶୋଷି ନେଇଥାନ୍ତି । ଆଖୁ ପତ୍ରଗୁଡ଼ିକ ଧୀରେ ଧୀରେ କଳା ରଙ୍ଗ ହୋଇଯାଇଥାଏ । ଏହା ଗଛ ବୃଦ୍ଧିରେ ସମସ୍ୟା ସୃଷ୍ଟି କରିଥାଏ । ତେଣୁ କୃଷି ବିଶେଷଜ୍ଞଙ୍କ ପରାମର୍ଶ କ୍ରମେ ପତ୍ରରୁ ରସ ଶୋଷିନେଉଥିବା ଶୋଷକ କୀଟର ନିୟନ୍ତ୍ରଣ ପାଇଁ ୫ ଲିଟର କ୍ଲୋରୋପାଇରିଫସ୍ ୨୦% ଇସି ଘୋଳ କରି ଏକ ହେକ୍ଟରରେ ସିଞ୍ଚନ କରିପାରିବେ । ବର୍ଷା ବଦଳରେ ଲଗାତାର ଖରାଟିଆ ପାଗ ରହିଲେ ଆଖୁ ଫସଲରେ ଦହିଆ ପୋକ ଲାଗିବାର ଆଶଙ୍କା ଅଧିକ ଦେଖାଯାଏ । ଏହି ପୋକ ଲାଗିଲେ ଗଛରେ ମେଞ୍ଚା ମେଞ୍ଚା ଦହି ଛିଞ୍ଚିହେବା ପରି ଲାଗିଥାଏ । ତେଣୁ ଏହାର ନିୟନ୍ତ୍ରଣ ପାଇଁ ଅନୁମୋଦିତ ହାରରେ ଇମିଡାକ୍ଲୋପ୍ରିଡ କୀଟନାଶକ ସିଞ୍ଚନ କରିବା ଆବଶ୍ୟକ । ଯଦି ଚାହିଁବେ ଫସଲରେ ଜୈବିକ ଖତ ତଥା କୀଟନାଶକ ଅନୁମୋଦିତ ହାରରେ ପ୍ରୟୋଗ କରିପାରିବେ । ବର୍ଷା ସମୟରେ କୀଟନାଶକ ପ୍ରୟୋଗ କରିବା ଅନୁଚିତ । ଔଷଧ ସିଞ୍ଚନ ପରେ ଯଦି ବର୍ଷା ହୋଇଯାଏ କିମ୍ବା ପୋକ ଫସଲରେ ପୁଣି ଦୃଶ୍ୟମାନ ହୁଅନ୍ତି, ୨୦ରୁ ୨୫ ଦିନ ଅନ୍ତରରେ ଉପରୋକ୍ତ କୌଣସି ଏକ କୀଟନାଶକ ସିଞ୍ଚନ କରିପାରିବେ ।



# ଚାକିରି ଛାଡ଼ି ପାଣିରେ ଚାଷ

**ଅଧୁନା ଲୋକମାନେ ଆଧୁନିକ କୌଶଳରେ ଚାଷ କରୁଛନ୍ତି । ଏଥିରେ ହାଇଡ୍ରୋପୋନିକ ଚାଷ ଅନ୍ତର୍ଭୁକ୍ତ । ଏହି କୌଶଳରେ ଚାଷୀମାନେ ଭଲ ଟଙ୍କା ରୋଜଗାର କରୁଛନ୍ତି । ତେଣୁ ଚାଷର ଚାହିଦା ଦେଖି ବିହାର, କଙ୍କଡବାଗ ଅଞ୍ଚଳର ମହମ୍ମଦ ଜାଭେଦ ସରକାରି ଚାକିରି ଛାଡି ହାଇଡ୍ରୋପୋନିକ କୌଶଳରେ ନର୍ସରୀ ଚଳାଉଛନ୍ତି । ଏହାସହିତ ବିଦ୍ୟାର୍ଥୀଙ୍କୁ ପ୍ରଶିକ୍ଷଣ ଦେଉଛନ୍ତି ।**

୧୯୯୩ ମସିହାରେ ପାଟଣା କୃଷି ବିଜ୍ଞାନ କେନ୍ଦ୍ରରେ ସେ କାର୍ଯ୍ୟରତ ଥିଲେ । ପରବର୍ତ୍ତୀ ସମୟରେ ହାଇଡ୍ରୋପୋନିକ କୌଶଳ ସହିତ ଜଡିତ ଜ୍ଞାନ ତାଙ୍କୁ ପ୍ରଭାବିତ କରିଥିଲା । ତେଣୁ ସେ ବିନା ମାଟିରେ ପନିପରିବା ସହିତ ଘରର ସୌନ୍ଦର୍ଯ୍ୟ ବୃଦ୍ଧି ପାଇଁ ଇନଡୋର ଏବଂ ଆଉଟଡୋର ଗଛକୁ ପାଣିରେ ଲଗାଇଲେ । ୨୦୨୦ ମସିହାରେ ସେ ଘରେ ହାଇଡ୍ରୋପୋନିକ କୌଶଳରେ ଇନଡୋର ଏବଂ ଆଉଟଡୋର ଗଛର ଏକ ଦୋକାନ ମଧ୍ୟ ଖୋଲିଥିଲେ । ଏଠାରେ ୧୦୦ଟଙ୍କାରୁ ନେଇ ୧୦୦୦ଟଙ୍କାର ଗଛ ଉପଲବ୍ଧ ଥିଲା । ଅବଶ୍ୟ ଏହି କାମ ପାଇଁ ସେ ଚାରିଜଣଙ୍କୁ ରୋଜଗାର ଦେଇଥିଲେ । ହାଇଡ୍ରୋପୋନିକ କୌଶଳରେ ବ୍ୟବସାୟ ସହିତ ଘର, ଛାତ, ବାଲ୍‌କୋନି ସବୁଠି ଫଳ ପନିପରିବା ଫଳାଇଛନ୍ତି । ସମନ୍ୱିତ କୃଷି ପ୍ରଣାଳୀରେ ସେ ଘର ଛାତରେ କୁକୁଡ଼ା, ସ୍ୱତନ୍ତ୍ର ପକ୍ଷୀ, ମାଛ ପାଳନ କରୁଛନ୍ତି । ବର୍ତ୍ତମାନ ତାଙ୍କ ପାଖେ ୩୦୦ରୁ ଅଧିକ ଗଛ ରହିଛି । ତନ୍ମଧ୍ୟରୁ ବାଇଗଣ, ଜହ୍ନି, ଟମାଟୋ, ଲଙ୍କା, ଲାଉ ସହିତ ଅନେକ ପନିପରିବା, ଫଳ, ଅଳଙ୍କାରିକ ଗଛ ଆଦି ସାମିଲ ରହିଛି । ସବୁଠୁ ବଡ଼ କଥା ହେଉଛି, ବର୍ଷା ଜଳ ସଂରକ୍ଷଣ ପ୍ରଣାଳୀରେ ସେ ଭୂଜଳସ୍ତର ସମନ୍ୱୟ ରଖିବାରେ ଯୋଗଦାନ ଦେଉଛନ୍ତି ।

ବିଦ୍ୟାର୍ଥୀଙ୍କୁ ସେ ଏ ସମ୍ବନ୍ଧୀୟ ଶିକ୍ଷା ମଧ୍ୟ





ଦେଉଛନ୍ତି । ତାଙ୍କ କହିବାନୁସାରେ, ହାଇଡ୍ରୋପୋନିକ କୌଶଳରେ ଗଛର ମୂଳର ସଂରଚନା ସ୍ପଷ୍ଟ ରୂପେ ଦେଖାଯାଇଥାଏ । ଯାହାକି ମାଟିରେ ସମ୍ଭବ ହୁଏ ନାହିଁ । କେବଳ ପାଣି ବ୍ୟବହାର କରି ଏହି ଚାଷ କରିବା ସମ୍ଭବ । ଏନେଇ ସେ ହାଇଡ୍ରୋପୋନିକ୍ ଚାଷ ଉପରେ ୧୧ଟି ବହି ଲେଖିଛନ୍ତି । ଏଥିରେ ବିଭିନ୍ନ ପଦ୍ଧତିରେ ଗଛର ଦେଖାରଖା, ସହରରେ ଚାଷ ପଦ୍ଧତି ବିଷୟରେ ବିସ୍ତୃତ ଭାବେ ଲେଖିଛନ୍ତି । ଭବିଷ୍ୟତରେ ହାଇଡ୍ରୋପୋନିକ ଚାଷର ଆଦର ବଢ଼ିବ । ଏଥିରେ କମ୍ ପାଣି ଏବଂ ଅଳ୍ପ ସମୟ ଲାଗିଥାଏ । ଏଥିରେ ମାଟିର ଆବଶ୍ୟକତା ନ ଥିବାରୁ ଘରେ ଜଳବାୟୁ ନିୟନ୍ତ୍ରଣ କରି ଚାଷ କରାଯାଏ । କେବଳ ନିର୍ଦ୍ଦିଷ୍ଟ ବ୍ୟବଧାନରେ ଗଛରେ ତରଳ ସାର ପ୍ରୟୋଗ କରାଯାଏ । ବର୍ତ୍ତମାନ ସେ ପାଣି ସାହାଯ୍ୟରେ ହାଇଡ୍ରୋପୋନିକ ପଦ୍ଧତିରେ ଗହମ ଉତ୍ପାଦନ କରୁଛନ୍ତି । ଏଥିରେ ଯଦି ସଫଳ ହୁଅନ୍ତି ଭବିଷ୍ୟତରେ ଏହା କୃଷି କ୍ଷେତ୍ରରେ ବୈପ୍ଳବିକ ପରିବର୍ତ୍ତନ ଆଣିବ ।

# କୃଷି ପାଣିପାଗ

## ଏ ସପ୍ତାହ ପାଇଁ କେତେକ ପରାମର୍ଶ...

- ବୁଣାଧାନରେ ଘାସମରା ଔଷଧ ପ୍ରୟୋଗ କରି ନ ଥିଲେ ଧାନ ବୁଣିବାର ୨୫ରୁ ୩୦ ଦିନ ପରେ ବେଉଷଣ କରିଦିଅନ୍ତୁ ।
- ମକା, ଚିନାବାଦାମ ଓ ଶସ୍ୟ ଜାତୀୟ ଫସଲରେ ଶୋଷକ କୀଟ ଯଥା ଜଉ, ଉକୁଣିଆ, ପତ୍ରଡିଆଁ ଦହିଆ ଓ ଧଳାମାଛି ଭଳି ପୋକର ନିରୀକ୍ଷଣ ଓ ନିୟନ୍ତ୍ରଣ ପାଇଁ ଏକର ପିଛା ୮ ଟି ଅଠାଲାଗିଥିବା ହଳଦିଆ ଯନ୍ତାକୁ ଜମିରେ ଲଗାନ୍ତୁ ।
- ଶସ୍ୟଜାତୀୟ ଫସଲ, ମକା, ଚିନାବାଦାମ ଏବଂ ପନିପରିବା ଆଦି ଚାଷ ହେଉଥିବା ଜମିରୁ ବଳକା ପାଣି ନିଷ୍କାସନର ବ୍ୟବସ୍ଥା କରନ୍ତୁ ।
- ଏବେ ଆଫ୍ରିକୀୟ ଗେଣ୍ଡୁ ଲଗାଯାଇପାରିବ ।



ସକାଳ
THE SAKALA
www.sakalaepaper.com

# ଏସିଆ କପ୍ ଲାଗି ଭାରତୀୟ ଦଳ ଚୟନ ଆଜି

- ସେପ୍ଟେମ୍ବର ୯ ରୁ ଆରମ୍ଭ ଏସିଆ କପ୍
- ୧୪ରେ ଭାରତ-ପାକିସ୍ତାନ ମୁକାବିଲା
- ସାମିଲ ହୋଇ ନ ପାରନ୍ତି କିଛି ପ୍ରମୁଖ ଖେଳାଳି



ମୁମ୍ବଇ, ୧୮।୮ (ଏଜେନ୍ସି): ଟେଷ୍ଟ କ୍ରିକେଟରେ ହିରୋର ପ୍ରଦର୍ଶନ। ଇଂଲଣ୍ଡ ବିପକ୍ଷ ସିରିଜ୍‌ରେ ୭୫୦ ରନ୍ ସଂଗ୍ରହ ଓ ଗତ ଆଇପିଏଲ୍‌ରେ ଗୁଜରାଟ ଟାଇଟାନ୍ସର ନେତୃତ୍ୱ ନେଇ ୬୫୦ରୁ ଉର୍ଦ୍ଧ୍ୱ ରନ୍ ସଂଗ୍ରହ କରିଥିବା ଭାରତୀୟ ଟେଷ୍ଟ ଅଧିନାୟକ ଶୁବମନ ଗିଲ୍‌ଙ୍କୁ ଏସିଆ କପ୍ ଲାଗି ଭାରତୀୟ ଦଳରେ ସ୍ଥାନ ମିଳିବା ନେଇ ଆଶଙ୍କା ସୃଷ୍ଟି ହୋଇଛି। ୟୁଏଇରେ ସେପ୍ଟେମ୍ବର ୯ରୁ ୨୮ ତାରିଖଯାଏ ଖେଳାଯିବ ଏସିଆ କପ୍। ଏହି ଟୁର୍ଣ୍ଣାମେଣ୍ଟ ଟି-୨୦ ଫର୍ମାଟରେ ଖେଳାଯାଉଥିବାରୁ ଗତ ୩ଟି ସିରିଜ୍‌ରେ ଚମତ୍କାର ପ୍ରଦର୍ଶନ କରିଥିବା ଖେଳାଳିମାନଙ୍କୁ ଅଣଦେଖା କରାଯାଇ ପାରିବ ନାହିଁ। ଇଂଲଣ୍ଡ, ଦକ୍ଷିଣ ଆଫ୍ରିକା ଓ ବାଂଲାଦେଶ ବିପକ୍ଷରେ ଯେଉଁ ଖେଳାଳିମାନେ ମ୍ୟାଚ୍ ଜିତାଇଛନ୍ତି, ସେମାନଙ୍କୁ ବାଦ୍ ଦେବାକୁ ଅଜିତ ଅଗରକରଙ୍କ ନେତୃତ୍ୱରେ ଗଠିତ ବିସିସିଆଇ ସିନିୟର ସିଲେକ୍ସନ କମିଟି ଆଦୌ ଚାହୁଁ ନାହିଁ। ଚୟନ କମିଟି ଯଦି ତାହାର ଚିନ୍ତାଧାରାରେ ତିଷ୍ଠି ରୁହେ, ତେବେ ଫର୍ମରେ ଥିବା ଦୁଇ ଖେଳାଳି ଶୁବମନ ଗିଲ୍ ଓ ଇଂଲଣ୍ଡରେ ଧମାକାଦାର ଖେଳ ପ୍ରଦର୍ଶନ କରିଥିବା ଫାଷ୍ଟ ବୋଲର ମହମ୍ମଦ୍ ସିରାଜଙ୍କୁ ଏସିଆ କପ୍ ଟିମ୍‌ରେ ସ୍ଥାନ ମିଳି ନ ପାରେ। ଏହା ମଧ୍ୟରେ ଫିଟ୍‌ନେସ୍ ଟେଷ୍ଟରେ ପାସ୍ ହୋଇ ସୂର୍ଯ୍ୟକୁମାର ଯାଦବ ମୁମ୍ବଇରେ ପହଞ୍ଚିଛନ୍ତି। ସେ ଆସନ୍ତାକାଲି ହେବାକୁ ଥିବା ବୈଠକରେ ଉପସ୍ଥିତ ରହିବେ ବୋଲି ସୂଚନା ମିଳିଛି। ଏହାର ଅର୍ଥ ସ୍ୱଷ୍ଟ ଯେ ସୂର୍ଯ୍ୟକୁମାର ଯାଦବ ପୂର୍ବପରି ଦଳର ଅଧିନାୟକ ରହିବେ। ସେ ଚାହୁଁଥିବା ଖେଳାଳିଙ୍କୁ ନିଶ୍ଚିତ ଦଳରେ ସୁଯୋଗ ମିଳିବ ବୋଲି ଆଶା କରିବା ସ୍ୱାଭାବିକ୍।

ଚୟନ କମିଟିର ସବୁଠାରୁ ବଡ଼ ଚିନ୍ତା ଶୁବମନ ଗିଲ୍‌ଙ୍କୁ ନେଇ। ଏବେ ଦଳରେ ସଞ୍ଜୁ ସାମସନ ଓ ଅଭିଷେକ ଶର୍ମା ଓପନର ଭାବେ ଖେଳୁଛନ୍ତି। ଇଂଲଣ୍ଡ ବିପକ୍ଷରେ ୫୪ ବଲ୍‌ରୁ ୧୫୫ ରନ୍ ସଂଗ୍ରହ କରିବା ପରେ ଅଭିଷେକ ବିଶ୍ୱର ନଂ-୧ କିମ୍ବା ୨ ନମ୍ବର ବ୍ୟାଟର ଭାବେ ଆଇସିସି ର୍‌ୟାଙ୍କିଂରେ ସ୍ଥାନ ପାଇଆସିଛନ୍ତି। ଦକ୍ଷିଣ ଆଫ୍ରିକା ବିପକ୍ଷରେ ୨ଟି ଓ ବାଂଲାଦେଶ ବିପକ୍ଷରେ ଗୋଟିଏ ଶତକ ହାସଲ କରିବା ପରେ ତିଳକ ବର୍ମାଙ୍କୁ ନଂ-୩ରୁ ହଟାଇବାକୁ ଚୟନ କମିଟି ସାହସ କରିବ ନାହିଁ। ଏପରି ସ୍ଥଳେ ସାମସନ, ଶର୍ମା ଓ ବର୍ମାଙ୍କ ସ୍ଥାନ ପ୍ରଥମ ୩ଟି ପୋଜିସନରେ ସୁରକ୍ଷିତ। ଏଣୁ ଦ୍ୱିତୀୟ ଓପନର ଭାବେ ଗିଲ୍‌ଙ୍କ ପରି ବ୍ୟାଟରଙ୍କୁ ଦଳରେ ସାମିଲ କରି ନ ଖେଳାଇବା ଟିମ୍ ଉପରେ ଖରାପ ପ୍ରଭାବ ପକାଇବ। ଗିଲ୍ ଏବେ କ୍ୱାଲିଟୀ ଓ ସଫଳତା ଦୃଷ୍ଟିରୁ ବିରାଟ କୋହଲିଙ୍କ ସହ ସମକକ୍ଷ ହେଉଛନ୍ତି। ଏଣୁ ଗୌତମ ଗମ୍ଭୀରଙ୍କ ସୁପାରିସ୍ ବିନା ଗିଲ୍ ଯେ ଦଳରେ ସ୍ଥାନ ପାଇବେ ନାହିଁ ଏହା ନିଃସନ୍ଦେହରେ କୁହାଯାଇପାରେ। କିନ୍ତୁ ଯୁବ ଖେଳାଳି ଯଶସ୍ୱୀ ଜୟସ୍ୱାଲଙ୍କୁ ଦଳରେ ନିଆଗଲେ କୌଣସି ଅସୁବିଧା ହେବ ନାହିଁ ବୋଲି କୁହାଯାଉଛି। ଗତ ଟି-୨୦ ବିଶ୍ୱକପ୍‌ରେ ଭାରତ ଚାମ୍ପିଅନ ହୋଇଥିଲାବେଳେ ଗିଲ୍‌ଙ୍କୁ ଦଳରେ ଷ୍ଟାଣ୍ଡବାଇ ଖେଳାଳିଭାବେ ନିଆଯାଇଥିଲା। ଏହା ପରେ ଜିମ୍ବାୱେ ବିପକ୍ଷ ସିରିଜ୍‌ରେ ଅଧିନାୟକ ଓ ଶ୍ରୀଲଙ୍କା ବିପକ୍ଷ ସିରିଜ୍‌ରେ ଉପଅଧିନାୟକ ଦାୟିତ୍ୱ ଦିଆଯାଇଥିଲା। ଏଭଳି ସ୍ଥିତିରେ ତାଙ୍କୁ ଦଳରେ ସାମିଲ କରାଗଲେ କେଉଁ ପୋଜିସନରେ ଖେଳାଇବେ ତାହାକୁ ନେଇ ଚିନ୍ତା। ଏବେ ନଂ-୪ରେ ସୂର୍ଯ୍ୟକୁମାର ଯାଦବ, ଆବଶ୍ୟକ ହେଲେ ଶ୍ରେୟସ ଆୟର, ହାର୍ଦ୍ଦିକ ପାଣ୍ଡ୍ୟା ଓ ରିଙ୍କୁ ସିଂ ଏମାନଙ୍କ ପଛରେ ବ୍ୟାଟିଂ କରିବାକୁ ଆସିବେ। ଗିଲ୍‌ଙ୍କ ଭଳି ଆୟର ମଧ୍ୟ ଦଳରେ ସ୍ଥାନ ପାଇବାର ଆଶା କମ୍। ଏଣୁ ଦୁଇ ସଫଳ ଖେଳାଳିଙ୍କୁ କିପରି ବାଦ୍ ଦିଆଯିବ, ଏହାର ପ୍ରଭାବ ଦଳ ଓ ଖେଳାଳିଙ୍କ ଉପରେ କିପରି ପଡ଼ିବ ତାହାକୁ ନେଇ ଏବେ ଚୟନ କମିଟି ଚିନ୍ତାରେ ରହିଛି।

ୱିକେଟକିପର ଭାବେ ସଞ୍ଜୁ ସାମସନ ରହିଥିଲାବେଳେ ଦ୍ୱିତୀୟ କିପର ଭାବେ ଜିତେଶ ଶର୍ମା ସ୍ଥାନ ପାଇବେ। ସ୍ପିନର ଭାବେ ଅକ୍ଷର ପଟେଲ, ବରୁଣ ଚକ୍ରବର୍ତ୍ତୀ, ୱାଶିଂଟନ ସୁନ୍ଦରଙ୍କ ସ୍ଥାନ ଏକପ୍ରକାର ନିଶ୍ଚିତ। କିନ୍ତୁ କୁଲଦୀପ ଯାଦବଙ୍କୁ ଯଦି ଦଳରେ ନେବାକୁ ସ୍ଥିର କରାଯାଏ ତେବେ ଏମାନଙ୍କ ସ୍ଥାନରେ କିଛି ପରିବର୍ତ୍ତନ ହେବାର ସମ୍ଭାବନା ରହିଛି। ଏପରିକି ରବି ବିଷ୍ଣୋଇଙ୍କୁ ମଧ୍ୟ ସ୍ଥାନ ମିଳିଲେ ଆଶ୍ଚର୍ଯ୍ୟ ହେବାର କିଛି ନାହିଁ। ସେହିପରି ଏହି ଟୁର୍ଣ୍ଣାମେଣ୍ଟ ଲାଗି ଯଶପ୍ରୀତ୍ ବୁମ୍‌ରା ଫିଟ ଥିବାରୁ ସେ ନଂ-୧ ପେସ୍ ବୋଲର ଭାବେ ରହିବେ।

ନିକଟରେ ଶେଷ ହୋଇଥିବା ଆଣ୍ଡରସନ-ତେନ୍ଦୁଲକର ଟ୍ରଫିରେ ସର୍ବାଧିକ ୧୪ଟି ୱିକେଟ ନେବା ଓ ଉତ୍ସାହଜନକ ଖେଳି ଭାରତକୁ ସିରିଜ୍ ବରାବର କରାଇଥିବା ମହମ୍ମଦ୍ ସିରାଜଙ୍କୁ ଏହି ଟିମ୍‌ରେ ସ୍ଥାନ ହାସଲ କରିବାକୁ ସଂଘର୍ଷ କରିପାରନ୍ତି। ଅର୍ଶଦୀପ ସିଂହ, ପ୍ରସିଦ୍ଧ କ୍ରିଷ୍ଣା ଓ ହର୍ଷିତ ରାଣାଙ୍କ ଯୋଡିକୁ ଅଲଗା କରାଯିବ ନାହିଁ। ପାଣ୍ଡ୍ୟା ମଧ୍ୟ ପେସ୍ ବୋଲିଂ କରିବେ। ଶିବମ ଦୁବେଙ୍କ ନା ମଧ୍ୟ ଚର୍ଚ୍ଚାରେ ରହିଛି। ଭାରତ ୪ଜଣ ଅଲରାଉଣ୍ଡରଙ୍କୁ ସାମିଲ କଲେ ପାଣ୍ଡ୍ୟା, ଦୁବେ, ସୁନ୍ଦର ଓ ଉପଅଧିନାୟକ ପଟେଲଙ୍କୁ ଦଳରେ ସ୍ଥାନ ମିଳିବ। ଏଠାରେ ସୂଚନାଯୋଗ୍ୟ ଏସିଆ କପ୍ ଲାଗି ୧୫ଜଣ ଖେଳାଳିଙ୍କୁ ସାମିଲ କରାଯିବ। ଏଣୁ ଚୟନ କମିଟି କିଛି କଡ଼ା ନିଷ୍ପତ୍ତି ନେବା ନିଶ୍ଚିତ। କାରଣ ଭଲ ଖେଳୁଥିଲେ ମଧ୍ୟ ସମସ୍ତଙ୍କୁ ୧୫ଜଣଙ୍କ ମଧ୍ୟରେ ସାମିଲ କରିବା କଷ୍ଟକର। ଆସନ୍ତାକାଲି ବା ମଙ୍ଗଳବାର ହେବାକୁ ଥିବା ବୈଠକରେ ଏହା ଚୂଡାନ୍ତ ହେବ।

## ପେରୁ ପାରା ବ୍ୟାଡ୍‌ମିଣ୍ଟନରେ ଦୀପ୍‌ରଞ୍ଜନ, ଶୁଭ୍ରଜିତ୍‌ଙ୍କ ଚମକ

ଭୁବନେଶ୍ୱର, ୧୮।୮ (ସମିସ): ପେରୁରେ ଅନୁଷ୍ଠିତ ପେରୁ ବ୍ୟାଡ୍‌ମିଣ୍ଟନ ଇଣ୍ଟରନ୍ୟାସନାଲ ଲେଭଲ-୨ ଟୁର୍ଣ୍ଣାମେଣ୍ଟରେ ଓଡ଼ିଆ ଖେଳାଳିଙ୍କ ଚମକ ଦେଖିବାକୁ ମିଳିଛି। ଭାରତୀୟ ଦଳ ପକ୍ଷରୁ ପ୍ରତିନିଧିତ୍ୱ କରି ଓଡ଼ିଶାର ଦୀପ୍‌ରଞ୍ଜନ ବିଶୋୟୀ ଓ ଶୁଭ୍ରଜିତ ମହାରଣା ପଦକ ସଫଳତା ପାଇଛନ୍ତି। ପୁରୁଷ ଡବଲ୍ସ ଏସ୍‌ଏଲସ୍ ୩- ଏସ୍‌ୟୁ ୪ କାଟାଗୋରୀରେ



ଦୀପରଞ୍ଜନ ସ୍ୱର୍ଣ୍ଣ ପଦକ ବିଜୟୀ ହୋଇଥିଲେ। ସେ ମନୋଜ ସରକାରଙ୍କୁ ସାଥୀ କରି କୋର୍ଟକୁ ଅବତୀର୍ଣ୍ଣ ହୋଇଥିଲେ। ସେହିଭଳି ଏହି କାଟାଗୋରୀରେ ଓଡ଼ିଶାର ଶୁଭ୍ରଜିତ ଓ ତାଙ୍କ ପାର୍ଟନର ମହମ୍ମଦ ଅରୱାଜ ଅନସାରୀ ଯୋଡ଼ି ୩ୟ ସ୍ଥାନରେ ରହି କାଂସ୍ୟ ପଦକ ପାଇଛନ୍ତି। ଫଳରେ ଓଡ଼ିଶା ଖେଳାଳିମାନେ ମୋଟ୍ ଉପରେ ୩ଟି ପଦକ ବିଜୟୀ ହୋଇଛନ୍ତି। ଏହି ସଫଳତା ଲାଗି ଦୀପ୍‌ରଞ୍ଜନ ଓ ଶୁଭ୍ରଜିତ୍‌ଙ୍କ ନିକଟକୁ ଶୁଭେଚ୍ଛାର ସୁଅ ଛୁଟିଛି।

- ଜାତୀୟ ଜୁନିଅର ହକି ଚାମ୍ପିଅନସିପ୍

## ଅପରାଜେୟ ସହ କ୍ୱାର୍ଟରରେ ଓଡ଼ିଶା



ଭୁବନେଶ୍ୱର, ୧୮।୮ (ସମିସ): ହକି ଇଣ୍ଡିଆ ଆନୁକୂଲ୍ୟରେ ପଞ୍ଜାବରେ ଚାଲିଥିବା ଜାତୀୟ ଜୁନିଅର ପୁରୁଷ ହକି ଚାମ୍ପିଅନସିପ୍‌ରେ ଓଡ଼ିଶା କ୍ୱାର୍ଟର ଫାଇନାଲରେ ପ୍ରବେଶ କରିଛି। ସୋମବାର ଓଡ଼ିଶା ଖେଳିଥିବା ଏହାର ୨ୟ ପୁଲ୍ ମ୍ୟାଚରେ ଆନ୍ଧ୍ର ପ୍ରଦେଶକୁ ଏକପାଖିଆ ଭାବେ ୧୦-୦ ଗୋଲରେ ପରାସ୍ତ କରିଛି। ବିଜୟୀ ଓଡ଼ିଶା ପକ୍ଷରୁ ପ୍ରଦୀପ ମଣ୍ଡଳ, କରଣ ଲାକ୍ରା, ଦୀପକ ପ୍ରଧାନ ଓ ବିଲକାନ ଓରାମ ୨ଟି ଲେଖାଏ ଗୋଲ୍ ଦେଇଥିଲେ। ପୂର୍ବରୁ ଓଡ଼ିଶା ପ୍ରଥମ ମ୍ୟାଚରେ ୨-୧ ଗୋଲରେ କର୍ଣ୍ଣାଟକକୁ ମାତ୍ ଦେଇଥିଲା। ଫଳରେ ଦୁଇଟି ମ୍ୟାଚରୁ ୨ ବିଜୟ ସହ ୬ ପଏଣ୍ଟ ପାଇ ଓଡ଼ିଶା ପୁଲ୍-ଡି'ରେ ଅପରାଜେୟ ରହି କ୍ୱାର୍ଟର ଫାଇନାଲ ଟିକଟ୍ ହାସଲ କରିଛି। ବୁଧବାର ଖେଳାଯିବାକୁ ଥିବା କ୍ୱାର୍ଟର ଫାଇନାଲରେ ଓଡ଼ିଶାର ମୁକାବିଲା ମଣିପୁର ସହ ହେବ।

- ରାଜ୍ୟ ଜୁନିଅର ଓ ସବଜୁନିଅର ପେଙ୍କାକ ସିଲାଟ

## ଝାରସୁଗୁଡ଼ା ଚାମ୍ପିଅନ



ଭୁବନେଶ୍ୱର, ୧୮।୮ (ସମିସ): ଝାରସୁଗୁଡ଼ାର ପୌର ପରିଷଦ ସ୍ପୋର୍ଟ୍ସ କମ୍ପ୍ଲେକ୍ସ ଅଡିଟୋରିୟମରେ ରାଜ୍ୟ ଜୁନିଅର ଓ ସବ୍‌ଜୁନିଅର ପେଙ୍କାକ ସିଲାଟ ଚାମ୍ପିଅନସିପର ୮ମ ସଂସ୍କରଣ ଅନୁଷ୍ଠିତ ହୋଇଯାଇଛି। ଓଡ଼ିଶା ପେଙ୍କାକ ସିଲାଟ ସଂଘ ଆନୁକୂଲ୍ୟରେ ଆୟୋଜିତ ଏହି ଇଣ୍ଡୋନେସିଆ ମାର୍ଶାଲ ଆର୍ଟ ପ୍ରତିଯୋଗିତାରେ ଝାରସୁଗୁଡ଼ା ଚାମ୍ପିଅନ ହୋଇଛି। ସେହିଭଳି ସୁନ୍ଦରଗଡ଼ ୨ୟ ଓ ଖୋର୍ଦ୍ଧା ୩ୟ ସ୍ଥାନ ହାସଲ କରିଛି। ଦୁଇଦିନିଆ ପ୍ରତିଯୋଗିତାରେ ରାଜ୍ୟର ୩୫୦ରୁ ଊର୍ଦ୍ଧ୍ୱ ଖେଳାଳି ଅଂଶଗ୍ରହଣ କରିଥିଲେ। ଉଦଯାପନୀ ଉତ୍ସବରେ ପ୍ରସାଦ ତାମଙ୍ଗ, ବିଜୟ ବେହେରା, ବିଜୟ ଦାସ, କ୍ୟାପଟେନ ମାନସ ଆଚାର୍ଯ୍ୟ ଅତିଥିଭାବେ ଯୋଗଦେଇ କୃତୀ ପ୍ରତିଯୋଗୀଙ୍କୁ ପୁରସ୍କାର ପ୍ରଦାନ କରିଥିଲେ। ଏହି ଅବସରରେ ରାଜ୍ୟ ସଂଘର ସଭାପତି ତାପସ କୁମାର ରାୟଚୌଧୁରୀ, ସମ୍ପାଦକ ପ୍ରେମ ସିଂ ଥାପ୍ପା, କୋଷାଧ୍ୟକ୍ଷ ଭବାନୀ ସାହୁ, ଉପସଭାପତି ମନୋରଞ୍ଜନ ଭଞ୍ଜ, ଭାରତୀୟ ମହାସଂଘର ଆଇଟି ଡାଇରେକ୍ଟର ଆଦିଲ ମଞ୍ଜୁର ପ୍ରମୁଖ ଉପସ୍ଥିତ ଥିଲେ।

## ସାଫ୍ ଚାମ୍ପିଅନସିପ୍ ଭାରତୀୟ ଦଳରେ ରୀତୁ



କଟକ, ୧୮।୮ (ସମିସ): ଭୁଟାନରେ ଖେଳାଯିବାକୁ ଥିବା ଆଗାମୀ ସାଫ୍ ଚାମ୍ପିଅନସିପ୍ ଲାଗି ୧୭ ବର୍ଷରୁ କମ୍ ଭାରତୀୟ ମହିଳା ଫୁଟବଲ୍ ଦଳ ଘୋଷଣା କରାଯାଇଛି। ସର୍ବଭାରତୀୟ ଫୁଟବଲ୍ ମହାସଂଘ (ଏଆଇଏଫ୍‌ଏଫ୍) ପକ୍ଷରୁ ଘୋଷିତ ୨୩ ଜଣିଆ ଦଳରେ ଓଡ଼ିଶାର ରୀତୁ ବଡ଼ାଇକ ସ୍ଥାନ ପାଇଛନ୍ତି। ଅଗଷ୍ଟ ୨୦ରେ ନେପାଳ ବିପକ୍ଷରେ ଖେଳି ଭାରତ ସାଫ୍ ଚାମ୍ପିଅନସିପରେ ଅଭିଯାନ ଆରମ୍ଭ କରିବ। ଏହାପରେ ଅଗଷ୍ଟ ୨୨ରେ ବାଂଲାଦେଶ, ୨୪ରେ ଭୁଟାନ, ୨୭ରେ ଭୁଟାନ, ୨୯ରେ ନେପାଳ ଓ ୩୧ରେ ବାଂଲାଦେଶ ସହ ଖେଳିବାର କାର୍ଯ୍ୟସୂଚୀ ରହିଛି। ଅଂଶଗ୍ରହଣକାରୀ ପ୍ରତି ଦଳ ପରସ୍ପର ବିପକ୍ଷରେ ୨ଥର ଲେଖାଏ ଖେଳିବେ। ଭାରତୀୟ ଦଳରେ ସ୍ଥାନ ପାଇଥିବାରୁ ରୀତୁଙ୍କୁ ଫୁଟ୍‌ବଲ ଆସୋସିଏସନ ଅଫ୍ ଓଡ଼ିଶା (ଫାଓ) ପକ୍ଷରୁ ସଭାପତି ଟଙ୍କଧର ତ୍ରିପାଠୀ, ସମ୍ପାଦକ ଆଶୀର୍ବାଦ ବେହେରା ଓ ଅନ୍ୟ କର୍ମକର୍ତ୍ତା ଅଭିନନ୍ଦନ ଜଣାଇଛନ୍ତି।

## ଅଶୋକ ପଟ୍ଟନାୟକ ସ୍ମାରକୀ ବନ୍ଧୁକଚାଳନା ଓ ବାହୁକୁସ୍ତି

ଭୁବନେଶ୍ୱର, ୧୮।୮ (ସମିସ): ଓଡ଼ିଶା କ୍ରୀଡ଼ା ସାମ୍ବାଦିକ ସଂଘ (ଓସ୍‌ଜା) ଓ ଉତ୍କଳ କରାଟେ ସ୍କୁଲର ମିଳିତ ଆନୁକୂଲ୍ୟରେ ସୋମବାର ଡ. ଅଶୋକ ପଟ୍ଟନାୟକଙ୍କ ୨୭ତମ ଶ୍ରାଦ୍ଧବାର୍ଷିକୀ ପାଳିତ ହୋଇଯାଇଛି। ସ୍ଥାନୀୟ ଉତ୍କଳ କରାଟେ ସ୍କୁଲ ପରିସରରେ ଆୟୋଜିତ ଏହି କାର୍ଯ୍ୟକ୍ରମ ପ୍ରାରମ୍ଭରେ ଓସ୍‌ଜାର ବରିଷ୍ଠ ଉପସଭାପତି ସମୀକ୍ଷା ପଟ୍ଟନାୟକ ଶ୍ରଦ୍ଧାସୁମନ ଜଣାଇଥିଲେ। ସେହିଭଳି ଯୁଗ୍ମ ସମ୍ପାଦକ ସଞ୍ଜୀବ ବିଶ୍ୱାଳ କ୍ରୀଡ଼ା ସାମ୍ବାଦିକ ଅଶୋକ ପଟ୍ଟନାୟକଙ୍କ ସ୍ମୃତି ଚାରଣ କରିଥିଲେ। ଏହି ଅବସରରେ ଓସ୍‌ଜାର କର୍ମକର୍ତ୍ତାଙ୍କ ମଧ୍ୟରେ ସୌଖିନ ବନ୍ଧୁକ ଚାଳନା ଓ ବାହୁକୁସ୍ତି ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା।

ବାହୁ କୁସ୍ତି ୨ଟି ଓଜନ ବର୍ଗରେ ହୋଇଥିଲା। ୭୫ କିଗ୍ରାରୁ କମ୍ ବର୍ଗରେ ତୁଷାର ସେନାପତି, ଶକ୍ତିପ୍ରସାଦ ନନ୍ଦ ଓ ରଞ୍ଜନ ରାୟ ଯଥାକ୍ରମେ ସ୍ୱର୍ଣ୍ଣ, ରୌପ୍ୟ ଓ କାଂସ୍ୟ ପଦକ ବିଜୟୀ ହୋଇଥିଲେ। ସେହିଭଳି ୭୫ କିଗ୍ରାରୁ ଊର୍ଦ୍ଧ୍ୱ ବିଭାଗରେ ସନ୍ଦୀପ ମିଶ୍ର, ଅନାଦି କର ଓ ସଞ୍ଜୀବ ବିଶ୍ୱାଳ କ୍ରମାନ୍ୱୟରେ ପ୍ରଥମ ୩ଟି ସ୍ଥାନରେ ରହି ସ୍ୱର୍ଣ୍ଣ, ରୌପ୍ୟ ଓ କାଂସ୍ୟ ପଦକ ହାସଲ କରିଥିଲେ। ଅପରପକ୍ଷରେ ସୁଟିଂ ଇଭେଣ୍ଟ ୩ଟି ବୟସ କାଟାଗୋରୀକୁ ନେଇ ଆୟୋଜିତ ହୋଇଥିଲା। ୪୫ ବର୍ଷରୁ କମ୍ ବର୍ଗରେ ଦେବୀ ପାଣିଗ୍ରାହୀ ସ୍ୱର୍ଣ୍ଣ, ଚକ୍ରଧର ମାଝୀ ରୌପ୍ୟ ଓ ତୁଷାର ସେନାପତି କାଂସ୍ୟ ପଦକ ପାଇଥିଲେ। ୪୫ରୁ ୫୫ ବର୍ଷ ବର୍ଗରେ ସର୍ବେଶ୍ୱର ମହାନ୍ତି, ତପନ ସ୍ୱାଇଁ ଓ ରଞ୍ଜନ ରାୟ ଏବଂ ୫୫ ବର୍ଷରୁ ଊର୍ଦ୍ଧ୍ୱ ବର୍ଗରେ ସୁଜିତ ଦାସ, ସୁରେଶ ସ୍ୱାଇଁ ଓ ରଜନୀକାନ୍ତ ଶତ୍ରୁସଲ୍ୟ ପୋଡିୟମର ପ୍ରଥମ ୩ଟି ସ୍ଥାନରେ ରହିଥିଲେ। ଉଭୟ ପ୍ରତିଯୋଗିତାର ମହିଳାବର୍ଗରେ ମନ୍ଦାକିନୀ ମିଶ୍ର ଶ୍ରେଷ୍ଠ ହୋଇଥିଲେ। ଓସ୍‌ଜାର ଅନ୍ୟ ସଦସ୍ୟଙ୍କ ମଧ୍ୟରେ ବେଣୁଧର ଦାସ, ବିମଳ ରାଉଳ, ମନୋରଞ୍ଜନ ଦାସ, ଅନିରୁଦ୍ଧ ମିଶ୍ର, ପ୍ରଫୁଲ୍ଲ କିଶୋର ସାହୁ, ସନ୍ତୋଷ କୁମାର ମହାନ୍ତି, ସୁଶାନ୍ତ ସାହୁ ପ୍ରମୁଖ ଉପସ୍ଥିତ ରହିଥିଲେ। ଉତ୍କଳ କରାଟେ ସ୍କୁଲର ମୁଖ୍ୟ ଡ. ହରି ପ୍ରସାଦ ପଟ୍ଟନାୟକଙ୍କ ପ୍ରତ୍ୟେକ୍ଷ ତତ୍ତ୍ୱାବଧାନରେ ଉଭୟ ପ୍ରତିଯୋଗିତା ଆୟୋଜିତ ହୋଇଥିଲା। ପୀୟୂଷ ମହାନ୍ତି, ବଳଭଦ୍ର ଦାସ, ସାଗର ନାୟକ, କୁନୁ ମୁଖୀ, ହିମାଂଶୁ ଶେଖର ଦାସ, ସତ୍ୟଜିତ ପ୍ରଧାନ, ରାକେଶ ମହାନ୍ତି, ଶ୍ରୀଜିତା ବରାଳ, ଭବିଷ୍ୟା ପତି, ଅନୁପମା ସ୍ୱାଇଁ, ସନ୍ଦୀପ ଦାସ ପ୍ରମୁଖ କାର୍ଯ୍ୟକ୍ରମରେ ସହଯୋଗ କରିଥିଲେ।




## ପଣ୍ଡା ଭଉଣୀଙ୍କୁ ଶୁଭେଚ୍ଛା ଜଣାଇଲେ ମୁଖ୍ୟମନ୍ତ୍ରୀ



ଭୁବନେଶ୍ୱର,୧୮।୮ (ସମିସ): ଓଡ଼ିଶାରୁ ଅନ୍ତର୍ଜାତୀୟ ବ୍ୟାଡ୍‌ମିଣ୍ଟନ ଖେଳୁଥିବା ଦୁଇ ଭଉଣୀ ଋତୁପର୍ଣ୍ଣା ଓ ଶ୍ୱେତପର୍ଣ୍ଣା ପଣ୍ଡାଙ୍କୁ ଶୁଭେଚ୍ଛା ଜଣାଇଛନ୍ତି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ। ଆଜି ଲୋକସେବା ଭବନ ପରିସରରେ ପଣ୍ଡା ଭଉଣୀ ମୁଖ୍ୟମନ୍ତ୍ରୀ ଶ୍ରୀ ମାଝୀଙ୍କ ଆଶୀର୍ବାଦ ଲୋଡିଥିଲେ। ଅଗଷ୍ଟ ୨୫ରୁ ୩୧ ତାରିଖଯାଏ ପ୍ୟାରିସ୍‌ରେ ୱାର୍ଲ୍ଡ ବ୍ୟାଡମିଣ୍ଟନ ପ୍ରତିଯୋଗିତା ଆୟୋଜିତ ହେବ। ଏହି ପ୍ରତିଯୋଗିତା ପୂର୍ବରୁ ମୁଖ୍ୟମନ୍ତ୍ରୀ ଶ୍ରୀ ମାଝୀ ଉଭୟଙ୍କୁ ଆଶୀର୍ବାଦ ଦେବା ସହ ସେମାନଙ୍କର ସଫଳତା କାମନା କରିଥିଲେ। ସୂଚନାଯୋଗ୍ୟ ନବୀନ ପଟ୍ଟନାୟକଙ୍କ ସରକାରଙ୍କ ଅମଳରେ ଅନ୍ତର୍ଜାତୀୟ କ୍ରୀଡ଼ାରେ ଭାଗନେଉଥିବା ଓଡ଼ିଶାର ସମସ୍ତ ପ୍ରତିଯୋଗୀଙ୍କୁ ସରକାର ସମସ୍ତପ୍ରକାର ସହାୟତା ଯୋଗାଇଦେଇ ଆସୁଛନ୍ତି।

ବୁଚି ବାବୁ କ୍ରିକେଟ୍

## ଓଡ଼ିଶା ବିପକ୍ଷରେ ନିତ୍ୟଙ୍କ ଶତକ

କଟକ,୧୮।୮ (ସମିସ): ବେଙ୍ଗାଲୁରୁରେ ବୁଚି ବାବୁ ଆମନ୍ତ୍ରଣୀୟ କ୍ରିକେଟ ଟୁର୍ଣ୍ଣାମେଣ୍ଟ ସୋମବାରଠାରୁ ଆରମ୍ଭ ହୋଇଛି। ସିପିଟି ଟର୍ଫ ଗ୍ରାଉଣ୍ଡରେ ଟୁର୍ଣ୍ଣାମେଣ୍ଟର ପ୍ରଥମ ମୁକାବିଲାରେ ଭ୍ରମଣକାରୀ ଓଡ଼ିଶା ଦଳ ବରୋଦାକୁ ଭେଟିଛି। ଟସ୍ ଜିତି ବ୍ୟାଟିଂ କରିଥିବା ବରୋଦା ପ୍ରଥମ ଦିବସ ଖେଳ ଶେଷ ସୁଦ୍ଧା ୬ ୱିକେଟ ହରାଇ ଦଳ ୩୮୧ ରନ ସଂଗ୍ରହ କରିଛି। ତେବେ ନିୟମ ମୁତାବକ ପ୍ରତ୍ୟେକ ଦଳ ପ୍ରଥମ ଇନିଂସ୍‌ରେ ସର୍ବାଧିକ ୯୦ ଓଭର ଓ ଦ୍ୱିତୀୟ ଇନିଂସ୍‌ରେ ସର୍ବାଧିକ ୪୫ ଓଭର ଖେଳି ପାରିବେ। ଏଣୁ ତ୍ରିଦିବସୀୟ ଏହି ମ୍ୟାଚ୍‌ରେ ମଙ୍ଗଳବାର ସକାଳୁ ସ୍ୱସ୍ତିକ ସାମଲଙ୍କ ନେତୃତ୍ୱାଧୀନ ଓଡ଼ିଶା ବ୍ୟାଟିଂ ଆରମ୍ଭ କରିବ।

ବରୋଦା ଅଧିନାୟକ ଅଭିମନ୍ୟୁ ସିଂହ ରାଜପୁତ ଟସ୍ ଜିତି ପ୍ରଥମେ ବ୍ୟାଟିଂ ନିଷ୍ପତ୍ତି ନେଇଥିଲେ। ଓପନିଂ ଭାଗୀଦାରିରେ ଦଳ ୭୩ ରନ ସଂଗ୍ରହ କରିଥିଲା। ଓପନର ହର୍ଷ ଦେଶାଇଙ୍କୁ ଏଲବିଡବ୍ଲ୍ୟୁ କରି ଓଡ଼ିଶାକୁ ପ୍ରଥମ ବ୍ରେକ ଥ୍ରୁ ଦେଇଥିଲେ ବାମହାତୀ ସ୍ପିନର ସୁମିତ ଶର୍ମା। ଦ୍ୱିତୀୟ ୱିକେଟରେ ଓପନର ନିତ୍ୟ ପାଣ୍ଡ୍ୟା ଏବଂ ସୁକୀର୍ତ୍ତି ପାଣ୍ଡେଙ୍କ ୧୧୪ ରନର ଭାଗୀଦାରୀ ବରୋଦାକୁ ଦୃଢ଼ ସ୍ଥିତିରେ ପହଞ୍ଚାଇଥିଲା। ନିତ୍ୟ ୧୭୫ ବଲରୁ ୧୦୨ ରନ ସଂଗ୍ରହ କରି ତରଣୀ ସ'ଙ୍କ ବଲରେ ଆଉଟ ହୋଇ ପ୍ୟାଭିଲିୟନ ଫେରିଥିଲେ। ସୁକୀର୍ତ୍ତି ୮୫ ରନର ପାଳି ଖେଳିଥିଲେ। ମଧ୍ୟକ୍ରମରେ ପାର୍ଥ କୋହଲି ୪୮, ମୋହିତ ମୋଙ୍ଗିଆ ୨୨, ଅଧିନାୟକ ଅଭିମନ୍ୟୁ ଦ୍ରୁତ ୫୧ ରନ ସଂଗ୍ରହ କରିଥିଲେ। ଷ୍ଟମ୍ପ ଅପସାରଣବେଳକୁ ୱିକେଟକିପର ଅକ୍ଷୟ ମୋରେ ୨୦ ଏବଂ ପ୍ରଦୀପ ଯାଦବ ୧୪ ରନରେ ଅପରାଜିତ ଥିଲେ। ଓଡ଼ିଶା ନିମନ୍ତେ ସୁନୀଲ କୁମାର ରାଉଳ ୨ଟି ଏବଂ ତରଣୀ ସ, ସମ୍ବିତ ବରାଳ, ସୁମିତ ଶର୍ମା ଏବଂ ବାଦଲ ବିଶ୍ୱାଳଙ୍କୁ ଗୋଟିଏ ଲେଖାଏ ୱିକେଟ ମିଳିଥିଲା।

### ଦୁଲୀପ ଟ୍ରଫି: ଇଶାନଙ୍କ ସ୍ଥାନରେ ଅଭିମନ୍ୟୁ ପୂର୍ବାଞ୍ଚଳ ଅଧିନାୟକ

କୋଲକାତା,୧୮।୮ (ଏଜେନ୍ସି): ଆହତ ସମସ୍ୟାରୁ ମୁକୁଳି ପାରି ନ ଥିବାରୁ ଇଶାନ କିସାନ ଅଗଷ୍ଟ ୨୮ରୁ ଉତ୍ତରାଞ୍ଚଳ ଓ ପୂର୍ବାଞ୍ଚଳ ମଧ୍ୟରେ ଖେଳାଯିବାକୁ ଥିବା ଦୁଲୀପ ଟ୍ରଫିର ମ୍ୟାଚ୍ ଖେଳିପାରିବେ ନାହିଁ। କିସାନ ଏବେ ସୁଦ୍ଧା ପୂରା ଫିଟ୍ ହୋଇନାହାନ୍ତି। ଏଣୁ ଏନ୍‌ସିଏରୁ ଫିଟ୍‌ନେସ ସାର୍ଟିଫିକେଟ ପାଇବା ପରେ ତାଙ୍କୁ ଦଳରେ ସାମିଲ କରାଯିବ। ସେହିପରି ଆକାଶ ଦୀପ୍‌ଙ୍କୁ ବିଶ୍ରାମ ନେବାକୁ କୁହାଯାଇଛି। ଯାହା ଫଳରେ ତାଙ୍କୁ ମଧ୍ୟ ଦଳରୁ ବାଦ୍ ଦିଆଯାଇଛି। ଇଂଲଣ୍ଡ ବିପକ୍ଷ ୫ ମ୍ୟାଚ୍ ବିଶିଷ୍ଟ ଟେଷ୍ଟ ସିରିଜ୍‌ରେ ସେ ୪ଟି ମ୍ୟାଚ୍ ଖେଳିଥିଲେ। ଆଘାତ ଯୋଗୁଁ ସେ ଚତୁର୍ଥ ଟେଷ୍ଟରେ ଖେଳି ପାରି ନ ଥିଲେ। ଏହି ଦୁଇଟି ପରିବର୍ତ୍ତନ ଫଳରେ ବେଙ୍ଗଲର ଅଭିମନ୍ୟୁ ଈଶ୍ୱରନଙ୍କୁ ପୂର୍ବାଞ୍ଚଳ ଦଳର ନେତୃତ୍ୱ ପ୍ରଦାନ କରାଯାଇଛି। ତାଙ୍କ ସ୍ଥାନରେ ରିୟାନ ପରାଗଙ୍କୁ ଉପଅଧିନାୟକ ଦାୟିତ୍ୱ ମିଳିଛି। ଇଶାନଙ୍କ ସ୍ଥାନରେ ଓଡ଼ିଶାର ୱିକେଟରକ୍ଷକ ଆଶୀର୍ବାଦ ସ୍ୱାଇଁ ଓ ଆକାଶଦୀପଙ୍କ ସ୍ଥାନରେ ଆସାମର ପେସ୍ ବୋଲର ମୁକ୍ତାର ହୁସେନଙ୍କୁ ୧୫ଜଣିଆ ଦଳରେ ସାମିଲ କରାଯାଇଛି।

## ଦଳ କିଣିବ ମହାପାତ୍ର ୟୁନିଭର୍ସାଲ ଲିମିଟେଡ

କଟକ,୧୮।୮(ସମିସ): ଆଗାମୀ ଦିନରେ ହେବାକୁ ଥିବା ଓଡ଼ିଶା ପ୍ରୋ ଟି-୨୦ ଲିଗ୍‌କୁ ପ୍ରଥମ ଫ୍ରାଞ୍ଚାଇଜ୍ ମିଳିଛି। ମହାପାତ୍ର ୟୁନିଭର୍ସାଲ ଲିମିଟେଡ୍ ଫ୍ରାଞ୍ଚାଇଜ ଘୋଷିତ ହେବା ସହ ଏହା ଦଳ କିଣିବ ବୋଲି ଆଜି ଓଡ଼ିଶା କ୍ରିକେଟ ଆସୋସିଏସନ(ଓସିଏ) ପକ୍ଷରୁ ବିଧିବଦ୍ଧ ଭାବେ ଘୋଷଣା କରାଯାଇଛି। ଓସିଏର ଅଫିସିଆଲ ୱେବସାଇଟ୍‌ରେ ଫ୍ରାଞ୍ଚାଇଜ୍ ଆଶାୟୀଙ୍କ ନିମନ୍ତେ ଇଓଆଇ ଡକ୍ୟୁମେଣ୍ଟ ଉପଲବ୍ଧ କରାଯାଇଥିଲା। ଏହି କ୍ରମରେ ସମସ୍ତ ମାନଦଣ୍ଡକୁ ପୂରଣ କରି ମହାପାତ୍ର ୟୁନିଭର୍ସାଲ ଲିମିଟେଡ୍ ପ୍ରଥମ ଫ୍ରାଞ୍ଚାଇଜ ହୋଇପାରିଛି। ପ୍ରକାଶଯୋଗ୍ୟ, ଓଡ଼ିଶା ପ୍ରୋ ଟି-୨୦ ଲିଗ୍(ଓପିଟିଏଲ) ର ପ୍ରଥମ ସଂସ୍କରଣ ଆୟୋଜନ ନିମନ୍ତେ ଓଡ଼ିଶା କ୍ରିକେଟ ଆସୋସିଏସନ(ଓସିଏ) ପ୍ରାକ୍ ପ୍ରସ୍ତୁତି ଚଳାଇଛି। ସେପ୍ଟେମ୍ବର ୧୪ରୁ ବାରବାଟୀ ଷ୍ଟାଡିୟମରେ ଲିଗ୍ ଖେଳାଯିବ। ସମ୍ପୂର୍ଣ୍ଣ ନୂଆ ଢ଼ାଞ୍ଚା ଓ ନୂଆ ଫର୍ମାଟରେ ଲିଗ୍ ଦେଖିବାକୁ ପାଇବେ ଓଡ଼ିଶାର ଅଗଣିତ କ୍ରିକେଟପ୍ରେମୀ। ଷ୍ଟାରସ୍ପୋର୍ଟସ କିମ୍ବା ସୋନୀ ନେଟୱର୍କରେ ପ୍ରତ୍ୟେକ ମ୍ୟାଚ୍‌ର ସିଧାପ୍ରସାରଣ କରାଯିବ ବୋଲି ଯୋଜନା ଚାଲିଛି। ଏପରିକି ଓଟିଟି ପ୍ଲାଟଫର୍ମ ଜିଓ ହଟଷ୍ଟାରରେ ମଧ୍ୟ ମ୍ୟାଚ୍ ଦେଖିବାର ସୁଯୋଗ ମିଳିପାରେ।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS